

ଭଉଣୀ ଖୋଲିଲେ ଗୁମର

ସୁଜେନ ନେଇ ନାହାନ୍ତି ୪୦୦ କୋଟି

▶ପୃଷ୍ଠା ୧୧ ଦେଖନ୍ତୁ...

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 44 ◆ISSUE-13 ◆TUESDAY ◆07 JULY 2026 ◆PAGE-12 ◆₹ 7.00 | BHUBANESWAR | ◆ବର୍ଷ-୪୪ ◆ସଂଖ୍ୟା-୧୩ ◆ମଙ୍ଗଳବାର ◆୦୭ ଜୁଲାଇ ୨୦୨୬ ◆ପୃଷ୍ଠା-୧୨ ◆ଟ.୭.୦୦


## ଶ୍ରୀଲଙ୍କା ଜେଲ୍‌ରେ କଏଦୀଙ୍କ ମଧ୍ୟରେ ହଣାକଟା; ୨୫ ମୃତ



■ କଲମ୍ବୋ, ୬।୭ (ଏଜେନ୍ସି): ଶ୍ରୀଲଙ୍କାର ପଶ୍ଚିମ ଉପକୂଳ ସହର ନେଗୋମ୍ବୋ ଜେଲ୍‌ରେ ବନ୍ଦୀମାନଙ୍କ ମଧ୍ୟରେ ଭୟଙ୍କର ସଂଘର୍ଷରେ ୨୫ ଜଣ କଏଦୀ ପ୍ରାଣ ହରାଇଛନ୍ତି ଏବଂ ୧୦୦ରୁ ଅଧିକ ବନ୍ଦୀ ଓ ଅନ୍ୟମାନେ ଆହତ ହୋଇଛନ୍ତି। ଅତ୍ୟଧିକ ଭିଡ଼ ଥିବା ଏହି ଜେଲରେ ଗତକାଲି ଦୁଇ ଗୋଷ୍ଠୀ ମଧ୍ୟରେ ସଂଘର୍ଷ ଆରମ୍ଭ ହୋଇଥିଲା। ପରେ ପରିସ୍ଥିତି ଅଧିକ ଉଗ୍ର ହୋଇ ବନ୍ଦୀମାନେ କାରାଗାରରୁ ଅସ୍ତ୍ର ଛଡ଼ାଇ ନେଇଥିଲେ ଏବଂ ପରସ୍ପର ଉପରେ ଆକ୍ରମଣ ଆରମ୍ଭ କରିଦେଇଥିଲେ।

ଜେଲ ଭିତରେ ଚାଲିଥିବା ବେଆଇନ ମାଦକ କାରବାରକୁ ସମର୍ଥନ କରୁଥିବା ଏକ ଗୋଷ୍ଠୀ ଓ ଏହାକୁ ବିରୋଧ କରୁଥିବା ଅନ୍ୟ ଗୋଷ୍ଠୀ ମଧ୍ୟରେ ବିବାଦରୁ ହିଂସା ଆରମ୍ଭ ହୋଇଥିଲା। ପରିସ୍ଥିତିକୁ ନିୟନ୍ତ୍ରଣକୁ ଆଣିବା ପାଇଁ ପୁଲିସ ସ୍ପେଶାଲ ଟାସ୍କ ଫୋର୍ସ ଏବଂ ଦଙ୍ଗା ନିୟନ୍ତ୍ରଣ ବାହିନୀକୁ ମୁତୟନ କରାଯାଇଛି। ଅଧିକ ହିଂସା ରୋକିବା ପାଇଁ ଅନେକ ବନ୍ଦୀଙ୍କୁ ପାଲାନସେନା କାରାଶିବିରକୁ ସ୍ଥାନାନ୍ତର କରାଯାଇଛି। କାରାଗାର ବିଭାଗର ମୁଖପାତ୍ର ଏସି ଗଜନାୟକେ କହିଛନ୍ତି ଯେ, ଘଟଣାର କାରଣ ଓ ପରିସ୍ଥିତିର ତଦନ୍ତ ପାଇଁ ସ୍ୱତନ୍ତ୍ର ଟିମ୍ ଗଠନ କରାଯାଇଛି।

## ଆବେଦନ ଖାରଜ; ନୀରବ ମୋଦୀଙ୍କ ପ୍ରତ୍ୟର୍ପଣ ଶୀଘ୍ର



■ ନୂଆଦିଲ୍ଲୀ, ୬।୭(ଏଜେନ୍ସି): ପଞ୍ଜାବ ନ୍ୟାସନାଲ ବ୍ୟାଙ୍କ (ପିଏନବି) ମହାଘୋଟାଲା ଏବଂ ଅର୍ଥ ହେରଫେର ମାମଲାରେ ଅଭିଯୁକ୍ତ ହୀରା ବ୍ୟବସାୟୀ ନୀରବ ମୋଦୀଙ୍କୁ ଭାରତକୁ ପ୍ରତ୍ୟର୍ପଣ ହେବା ବର୍ତ୍ତମାନ ସୁନିଶ୍ଚିତ ହୋଇଯାଇଛି। ଫ୍ରାନ୍ସର ଷ୍ଟ୍ରାସବର୍ଗସ୍ଥିତ ୟୁରୋପୀୟ ମାନବାଧିକାର ଅଦାଲତ (ଇସିଏଚଆର)ରେ ନୀରବ ମୋଦୀ କରିଥିବା ଶେଷ ଆଇନଗତ ଅପିଲ୍ ଖାରଜ ହୋଇଯାଇଛି। ବ୍ରିଟେନରେ ତାଙ୍କ ପାଇଁ ଥିବା ସମସ୍ତ ଆଇନଗତ ବିକଳ୍ପ ଏବେ ଶେଷ ହୋଇଛି ଏବଂ ବ୍ରିଟେନ ସରକାର ବର୍ତ୍ତମାନ ତାଙ୍କ ପ୍ରତ୍ୟର୍ପଣ ପ୍ରକ୍ରିୟାକୁ ଆଗକୁ ବଢ଼ାଇ ପାରିବେ।

୨୦୧୯ ମାର୍ଚ୍ଚ ମାସରୁ ଲଣ୍ଡନର ୱାଣ୍ଡସୱର୍ଥ କାରାଗାରରେ ବନ୍ଦୀ ଥିବା ନୀରବ ମୋଦୀଙ୍କୁ ଭାରତ ଆଣିବା ପାଇଁ କେନ୍ଦ୍ରୀୟ ତଦନ୍ତ ବ୍ୟୁରୋ (ସିବିଆଇ) ଏବଂ ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) କ୍ରମାଗତ ଭାବେ ପ୍ରୟାସ କରୁଛନ୍ତି। ପୂର୍ବରୁ ବ୍ରିଟେନ ହାଇକୋର୍ଟ ମଧ୍ୟ ଭାରତର ଜେଲ୍ ସ୍ଥିତି ଏବଂ ସୁରକ୍ଷା ବ୍ୟବସ୍ଥାକୁ ଉପଯୁକ୍ତ ଦର୍ଶାଇ ପ୍ରତ୍ୟାର୍ପଣକୁ ଅନୁମତି ଦେଇଥିଲେ। ଏହା ବିରୋଧରେ ନୀରବ ମୋଦୀ ଗତ ଏପ୍ରିଲ ୨୦୨୬ରେ ଇସିଏଚଆରର ଦ୍ୱାରସ୍ଥ ହୋଇଥିଲେ। ମାତ୍ର ସେଠାରୁ ମଧ୍ୟ ତାଙ୍କୁ କୌଣସି ଆଶ୍ୱସ୍ତି ମିଳିନାହିଁ। ଗତ ମାର୍ଚ୍ଚ ମାସରେ ଲଣ୍ଡନର କିଙ୍ଗସ୍ ବେଞ୍ଚ ▶ପୃଷ୍ଠା-୧୦

# ବଢୁଛି ଏସ୍ଆଇଆର୍ ଅଡୁଆ

## କର୍ଣ୍ଣାଟକରେ ସିଇଓଙ୍କୁ ଭେଟିଲେ ତିନି କେନ୍ଦ୍ର ମନ୍ତ୍ରୀ



■ ବେଙ୍ଗାଲୁରୁ, ୬।୭(ଏଜେନ୍ସି): ଭୋଟର ତାଲିକାରେ ସ୍ୱତନ୍ତ୍ର ସଂଶୋଧନ ବା ଏସ୍ଆଇଆରକୁ ନେଇ ବିରୋଧୀ ମେଣ୍ଟ ନିର୍ବାଚନ କମିସନଙ୍କ ଠାରୁ ଆରମ୍ଭ କରି ସୁପ୍ରିମ କୋର୍ଟ ପର୍ଯ୍ୟନ୍ତ ଯାଇ ଗୁହାରି କରିବାରେ ଲାଗିଛନ୍ତି। ଏହି ପ୍ରକ୍ରିୟାରେ ବ୍ୟାପକ ଅନିୟମିତତା ହେଉଛି ଏବଂ ନିର୍ଦ୍ଦିଷ୍ଟ ଗୋଷ୍ଠୀକୁ ଟାର୍ଗେଟ କରାଯାଉଛି ବୋଲି ସେମାନେ ଅଭିଯୋଗ କରିଛନ୍ତି। ଏହି ଏସ୍ଆଇଆର ଯୋଗୁଁ ପଶ୍ଚିମ ବଙ୍ଗରେ ମମତା ସରକାର କ୍ଷମତାଚ୍ୟୁତ ହେଲେ ବୋଲି ଟିଏମସି ଅଭିଯୋଗ କରିବା ସହିତ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଛି। ଏହି ସବୁ ଅଭିଯୋଗକୁ ଖଣ୍ଡନ କରି ଚାଲିଥିବା ବିଜେପି ଆଜି ପ୍ରଥମ ଥର ଲାଗି ଏସ୍ଆଇଆର୍‌କୁ ନେଇ ଆପତ୍ତି ଉଠାଇଛି। କର୍ଣ୍ଣାଟକରେ ଏହି ଘଟଣା ସାମନାକୁ ଆସିଛି। ଭୋଟର ତାଲିକା ସଂଶୋଧନ (ଏସ୍ଆଇଆର୍) ପ୍ରକ୍ରିୟାରେ ବ୍ୟାପକ ଅନିୟମିତତା ହୋଇଥିବା ଅଭିଯୋଗ ଆଣି ବିଜେପି ନେତୃତ୍ୱରେ ଏନଡିଏର ଏକ ପ୍ରତିନିଧି ଦଳ ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କୁ ଭେଟିଛି। ଏହି ପ୍ରତିନିଧି ଦଳରେ ତିନି ଜଣ କେନ୍ଦ୍ର ମନ୍ତ୍ରୀ ରହିଥିଲେ। ସେମାନେ ହେଲେ ଏଚ୍‌ଡି କୁମାରସ୍ୱାମୀ, ପ୍ରହ୍ଲାଦ ଯୋଶୀ ଏବଂ ଶୋଭା କରନ୍ଦଲାଜେ। ସେମାନେ ଅଭିଯୋଗ କରିଛନ୍ତି ଯେ ବୁଥ୍‌ସ୍ତରୀୟ ଅଧିକାରୀ (ବିଏଲ୍‌ଓ) ମାନେ ଲୋକଙ୍କ ଘରକୁ ଘର ଯାଇ ଭୋଟର ତାଲିକା ଯାଞ୍ଚ ▶ପୃଷ୍ଠା-୧୦

## ଓଡ଼ିଶାରେ ନିର୍ବାଚନମଣ୍ଡଳୀ ପିଛା ହାରାହାରି ୧୩,୬୯୧ ଭୋଟର ବାଦ୍

> ଗଞ୍ଜାମରୁ ୨.୭୬ ଲକ୍ଷ, କଟକରୁ ୧.୫୫ ଲକ୍ଷ ଭୋଟର କଟିଛନ୍ତି
>
> ଯାଜପୁରରେ କଟିଲେ ୧.୦୫ ଲକ୍ଷ, ମୟୂରଭଞ୍ଜରେ ୧.୧୧ ଲକ୍ଷ
>
> ଚିଠାରେ ଦୁଇ ପୁଅ, ସ୍ତ୍ରୀଙ୍କର ନାମ; ଜୀବିତ ସ୍ୱାମୀଙ୍କ ନାମ ନାହିଁ

■ ଭୁବନେଶ୍ୱର,୬।୭ (ସମିସ): ରାଜ୍ୟରେ ସ୍ୱତନ୍ତ୍ର ସଘନ ସଂଶୋଧନ ପ୍ରକ୍ରିୟା ଶେଷ ହୋଇଥିବା ବେଳେ ରବିବାର ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀ ଚିଠା ଭୋଟର ତାଲିକା ପ୍ରକାଶ କରିଛନ୍ତି। ରାଜ୍ୟରେ ମୋଟ ୨୦ ଲକ୍ଷ ୧୨ ହଜାରରୁ ଅଧିକ ଭୋଟର ବାଦ୍ ପଡ଼ିଥିବା ସମୟରେ କେବଳ ଚିଠା ତାଲିକାରେ ଗଞ୍ଜାମ ଜିଲ୍ଲାରେ ସର୍ବାଧିକ ୨ ଲକ୍ଷ ୭ ହଜର ୬୨୪ ଜଣ ଲୋକଙ୍କ ନାମ ବାଦ ପଡ଼ିଛନ୍ତି। ଅନ୍ୟପକ୍ଷରେ ଦେବଗଡ଼ରେ ସର୍ବନିମ୍ନ ୧୧୦୦୪ ଜଣ ଲୋକଙ୍କ ନାମ କଟିଥିବା ସୂଚନା ମିଳିଛି। ସାଧାରଣ ଭାବରେ ଦେଖିଲେ ନିର୍ବାଚନମଣ୍ଡଳୀ ପିଛା ହାରାହାରି ୧୩୬୯୧ ନାମ ବାଦ ଦିଆଯାଇଛି। ମିଳିଥିବା ସୂଚନା ଅନୁସାରେ କଟକରେ ଦ୍ୱିତୀୟ ସର୍ବାଧିକ ୧ ଲକ୍ଷ ୫୫ ହଜାର ୧୬୪ ଜଣ ଲୋକଙ୍କ ନାମ କଟିଛି। ସେହିପରି ମୟୂରଭଞ୍ଜରେ ୧୧୧୨୬୭, ▶ପୃଷ୍ଠା-୧୦

### ରାମ ମନ୍ଦିର ଚାନ୍ଦା ଚୋରି

## ହଟିଲେ ଚମ୍ପତ ରାୟ, ଅନିଲ ମିଶ୍ର



ଚମ୍ପତ ରାୟ | କ୍ରିଷ୍ଣ ମୋହନ

> କ୍ରିଷ୍ଣ ମୋହନଙ୍କୁ ଟ୍ରଷ୍ଟର ଅସ୍ଥାୟୀ ଦାୟିତ୍ୱ

■ ଅଯୋଧ୍ୟା, ୬।୭ (ଏଜେନ୍ସି): ଅଯୋଧ୍ୟା ରାମ ମନ୍ଦିର ଚାନ୍ଦା ଚୋରି ମାମଲାରେ ଫିସିଥିବା ମନ୍ଦିର ଟ୍ରଷ୍ଟର ସଂପାଦକ ଚମ୍ପତ ରାୟଙ୍କ ଇସ୍ତଫାକୁ ଶେଷରେ ଗ୍ରହଣ କରି ନିଆଯାଇଛି। ଆଜି ଏଠାରେ ଅନୁଷ୍ଠିତ ରାମ ମନ୍ଦିର ଟ୍ରଷ୍ଟ ବୈଠକରେ ଅନ୍ୟତମ ଟ୍ରଷ୍ଟି ଅନିଲ ମିଶ୍ରଙ୍କ ଇସ୍ତଫାକୁ ମଧ୍ୟ ଗ୍ରହଣ କରି ନିଆଯାଇଛି। ଚମ୍ପତ ରାୟଙ୍କ ସ୍ଥାନରେ ବର୍ତ୍ତମାନ ପାଇଁ କ୍ରିଷ୍ଣା ମୋହନଙ୍କୁ ଅସ୍ଥାୟୀ ଦାୟିତ୍ୱ ଦିଆଯାଇଛି। ଟ୍ରଷ୍ଟ ପକ୍ଷରୁ କୁହାଯାଇଛି ଯେ ଚାନ୍ଦା ଚୋରି ମାମଲାରେ ଯେତେ ବଡ଼ ଲୋକ ଜଡ଼ିତ ଥିଲେ ମଧ୍ୟ ସେମାନଙ୍କ ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ଏଥିପାଇଁ ସରକାରଙ୍କୁ ପରାମର୍ଶ ଦିଆଯାଇଛି।

ଟ୍ରଷ୍ଟର ଏଭଳି ଆଭିମୁଖ୍ୟ ପରେ ଉଭୟ ଚମ୍ପତ ରାୟ ଏବଂ ଅନିଲ ମିଶ୍ରଙ୍କ ପାଇଁ ଅଡୁଆ ବଢ଼ିଯାଇଛି। ଚାନ୍ଦା ଚୋରି ମାମଲାରେ ଏହି ଦୁଇ ନେତାଙ୍କ ଭୂମିକା ସନ୍ଦେହ ଘେରରେ ରହିଛି। ଏହି ମାମଲାରେ ଯେଉଁମାନେ ଗିରଫ ହୋଇଛନ୍ତି ସେମାନେ ସମସ୍ତେ ଚମ୍ପତ ଓ ଅନିଲଙ୍କ ଅତି ଘନିଷ୍ଠ ରୂପେ ପରିଚିତ। ସେମାନେ ଚୋରି କରୁଥିବା ନେଇ ଚମ୍ପତ ଜାଣିଥିଲେ ମଧ୍ୟ ଏହାକୁ ଘୋଡ଼ାଇବାକୁ ଉଦ୍ୟମ ଚଳାଇଥିଲେ। ସେମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନକୁ ଅନିଲ ମିଶ୍ର ମଧ୍ୟ ଅଟକାଇଥିଲେ ବୋଲି କୁହାଯାଉଛି। ଏହି ଦୁଇ କର୍ମକର୍ତ୍ତାଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ପାଇଁ ଚାରିଆଡୁ ଚାପ ପଡୁଛି। ଉଭୟ ଚମ୍ପତ ଓ ଅନିଲଙ୍କୁ ଏସ୍ଆଇଟି ପଚରାଉଚରା କରିଥିଲେ ମଧ୍ୟ ସେମାନଙ୍କ ବିରୋଧରେ କୌଣସି ଏଫ୍ଆଇଆର ହୋଇନାହିଁ। ଟ୍ରଷ୍ଟର କଠୋର ଆଭିମୁଖ୍ୟ ▶ପୃଷ୍ଠା-୧୦

### ତ୍ରୁଟିଶୂନ୍ୟ ରଥଯାତ୍ରାକୁ ମୁଖ୍ୟମନ୍ତ୍ରୀଙ୍କ ଗୁରୁତ୍ୱ

## କେବଳ ଅଧିକୃତ ସେବକଙ୍କୁ ଭିତର କର୍ଡନ ପାସ୍



■ ପୁରୀ, ୬।୭ (ସମିସ): ବିଶ୍ୱପ୍ରସିଦ୍ଧ ରଥଯାତ୍ରା ଆମ ସଂସ୍କୃତିର ସବୁଠାରୁ ଗୌରବମୟ ପରିଚୟ। କୋଟି କୋଟି ଲୋକଙ୍କ ଭାବାବେଗ ଏଥିରେ ଜଡ଼ିତ। ରଥଯାତ୍ରାର ସୁପରିଚାଳନା ଆମ ସମସ୍ତଙ୍କର ଦାୟିତ୍ୱ। ଏଥିପାଇଁ ବିଭିନ୍ନ ବିଭାଗର ଅଧିକାରୀ ଓ କର୍ମଚାରୀଙ୍କ ମଧ୍ୟରେ ସମନ୍ୱୟ ରକ୍ଷା ସବୁଠୁ ଗୁରୁତ୍ୱପୂର୍ଣ୍ଣ ବୋଲି କହିଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ। ସୋମବାର ଟାଉନ ହଲ୍ ପରିସରରେ ଅନୁଷ୍ଠିତ ହୋଇଥିଲା ରଥଯାତ୍ରାର ସ୍ୱତନ୍ତ୍ର ସମୀକ୍ଷା ବୈଠକ। ଏଥିରେ ଅଧକ୍ଷତା କରି ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ କହିଛନ୍ତି, ମହାପ୍ରଭୁଙ୍କ ଆଶୀର୍ବାଦ ନେଇ ଆମର ବୁଦ୍ଧି, ଜ୍ଞାନ, ଦକ୍ଷତା ଓ ଅଭିଜ୍ଞତା- ଏସବୁକୁ ଏକାଠି କରି ସମର୍ପଣ ମନୋଭାବ ନେଇ ସମସ୍ତ ସମ୍ପୃକ୍ତ ବଭାଗର ଅଧିକାରୀ ଓ କର୍ମଚାରୀ ତଥା ସେବକମାନେ ରଥଯାତ୍ରା ପରିଚାଳନା କରିବା ଆବଶ୍ୟକ। ଏହାଦ୍ୱାରା ରଥଯାତ୍ରା ତ୍ରୁଟିଶୂନ୍ୟ ଭାବେ ସମ୍ପନ୍ନ ହୋଇପାରିବ।

ଗତବର୍ଷ ରଥଟଣାରେ ଢେର୍ ବିଳମ୍ବ ହୋଇଥିଲା। ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ନନ୍ଦିଘୋଷ ରଥ କେବଳ ଚକେ ଗଡ଼ିଥିଲେ। ବଳଗଣ୍ଡିରେ ତାଳଧ୍ୱଜ ଏବଂ ମରିଚୀକୋଟ ଛକ ପର୍ଯ୍ୟନ୍ତ ଗଡ଼ିଥିଲା ଦେବୀ ସୁଭଦ୍ରାଙ୍କ ଦର୍ପଦଳନ ରଥ। ରଥଟଣା ବିଳମ୍ବ ପାଇଁ କର୍ଡନ ପାସ୍‌କୁ ଦାୟୀ କରିଥିଲେ ସମସ୍ତେ। ଅତ୍ୟଧିକ କର୍ଡନ ପାସ୍ ବଣ୍ଟାଯାଇଥିବାରୁ ଭିତରେ ବିଶୃଙ୍ଖଳା ହେଲା, ଯେଉଁଥିପାଇଁ ରଥଟଣାରେ ସମସ୍ୟା ହେଲା ବୋଲି କୁହାଗଲା। ତେଣୁ ଏ ବର୍ଷ ଯେପରି କର୍ଡନ ପାସ୍ ମନଇଚ୍ଛା ବଣ୍ଟା ନ ଯାଏ ତା' ଉପରେ ଗୁରୁତ୍ୱାରୋପ କରିଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ। ରଥଯାତ୍ରା କର୍ଡନ ପାସ୍ ସଂକ୍ରାନ୍ତରେ ଜିଲ୍ଲାପାଳଙ୍କୁ କଡ଼ା ନିର୍ଦ୍ଦେଶ ଦେଇଛନ୍ତି। ନିୟମ ଅନୁସାରେ ଗୋଟିଏ ବି ଅଧିକ କର୍ଡନ ପାସ୍ ଇସ୍ୟୁ ନ କରିବାକୁ କହିଛନ୍ତି। କେବଳ ଶ୍ରୀମନ୍ଦିର ନୀତିକାନ୍ତି ସହ ଜଡ଼ିତ ▶ପୃଷ୍ଠା-୧୦

### ବିପର୍ଯ୍ୟୟ ପରିଚାଳନା

## ପାଣ୍ଡିଆନଙ୍କ ସହଯୋଗ ଲୋଡ଼ିଲା ଭେନେଜୁଏଲା

### ନବୀନଙ୍କ ବିପର୍ଯ୍ୟୟ ପରିଚାଳନା ସ୍ୱୀକୃତିରେ ଆଉ ଏକ ସ୍ୱାକ୍ଷର

> ଭେନେଜୁଏଲା ରାଷ୍ଟ୍ରପତିଙ୍କ ଆଗ୍ରହ କ୍ରମେ ପହଞ୍ଚିଲେ ପାଣ୍ଡିଆନ
>
> ରାଷ୍ଟ୍ରପତିଙ୍କ ସହ ଉଦ୍ଧାର ଓ ପୁନର୍ବାସ ସମ୍ପର୍କରେ ଆଲୋଚନା
>
> ବିପର୍ଯ୍ୟୟ ପ୍ରବଣରୁ ବିପର୍ଯ୍ୟୟ ପରିଚାଳନାରେ ପ୍ରବୀଣ ହୋଇଛି ଓଡ଼ିଶା



■ ଭୁବନେଶ୍ୱର, ୬।୭ (ସମିସ): ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ବିପର୍ଯ୍ୟୟ ପରିଚାଳନା ମଡେଲ ଏକଦା ଅନ୍ତର୍ଜାତୀୟ ସ୍ତରରେ ତଥା ଜାତିସଂଘ ଦ୍ୱାରା ପ୍ରଶଂସିତ ହୋଇଥିଲା। ଅନ୍ତର୍ଜାତୀୟ ଗଣମାଧ୍ୟମରେ ମଧ୍ୟ ନବୀନ ସରକାରଙ୍କ ବିପର୍ଯ୍ୟୟ ପରିଚାଳନା ନୀତି ପ୍ରଥମ ପୃଷ୍ଠାରେ ପ୍ରକାଶ ପାଇଥିଲା। ବିପର୍ଯ୍ୟୟ ପ୍ରବଣ ଓଡ଼ିଶାକୁ ବିପର୍ଯ୍ୟୟ ପରିଚାଳନାରେ ପ୍ରବୀଣ କରିବାରେ ସକ୍ଷମ ହୋଇଥିବା ନବୀନଙ୍କ ନକ୍ସା କେବଳ ଭାରତ ନୁହେଁ; ଅନ୍ତର୍ଜାତୀୟ ସ୍ତରରେ ବି ଗ୍ରହଣୀୟ ହୋଇଥିଲା। ସେହି ନକ୍ସା ଆଧାରରେ ଏବେ ରାଜ୍ୟ ଓ ଦେଶରେ ବିପର୍ଯ୍ୟୟ ପରିଚାଳନା ନୀତି ପ୍ରସ୍ତୁତ ହେଉଛି। ତେବେ ସଦ୍ୟ ଭୂକମ୍ପ ପ୍ରଭାବିତ ଭେନେଜୁଏଲା ସମ୍ପ୍ରତି ବିପର୍ଯ୍ୟୟ ମୁକାବିଲା ଓ ପରିଚାଳନା ପାଇଁ ତତ୍କାଳୀନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ସହଯୋଗୀ ତଥା ତତ୍କାଳୀନ '୫-ଟି' ଅଧ୍ୟକ୍ଷ ଭି.କେ. ପାଣ୍ଡିଆନଙ୍କ ସହଯୋଗ ଲୋଡ଼ିବା ଓଡ଼ିଶାର ସମ୍ମାନ ପୁଣିଥରେ ଅନ୍ତର୍ଜାତୀୟ ମଞ୍ଚରେ ବୃଦ୍ଧି କରିଛି। ଭେନେଜୁଏଲାର କାମଚଳା ରାଷ୍ଟ୍ରପତି ଡେଲ୍‌ସି ରୋଡ୍ରିଗେସ୍‌ଙ୍କ ଆଗ୍ରହ ଓ ନିମନ୍ତ୍ରଣ କ୍ରମେ ଶ୍ରୀ ପାଣ୍ଡିଆନ ଭେନେଜୁଏଲା ଗସ୍ତ କରିଛନ୍ତି। ସେଠାରେ ସେ ଭୂକମ୍ପ ପୀଡ଼ିତଙ୍କ ଉଦ୍ଧାର ଓ ପୁନର୍ବାସ ସମ୍ପର୍କରେ ଭେନଜୁଏଲା ରାଷ୍ଟ୍ରପତିଙ୍କ ସହ ଆଲୋଚନା କରିଛନ୍ତି।

ସୂଚନାଯୋଗ୍ୟ, ଭୟାବହ ଭୂମିକମ୍ପରେ ଭେନେଜୁଏଲା ଏକପ୍ରକାର ଧ୍ୱସ୍ତବିଧ୍ୱସ୍ତ ହୋଇଛ। ୩୦୦୦ରୁ ଉର୍ଦ୍ଧ୍ୱ ମୃତ୍ୟୁବରଣ କରିଛନ୍ତି ଓ ୫୦ ହଜାରରୁ ଉର୍ଦ୍ଧ୍ୱ ନିଖୋଜ ଅଛନ୍ତି। ଏବେ ବି ଧ୍ୱଂସସ୍ତୁପ ତଳୁ ଲୋକମାନଙ୍କୁ ଉଦ୍ଧାର କରାଯାଉଛି। ଏହି କ୍ରମରେ ବିପର୍ଯ୍ୟୟ ▶ପୃଷ୍ଠା-୧୦

### ବିବାଦରେ ଓଇଆର୍‌ସି ଅଧ୍ୟକ୍ଷ ନିଯୁକ୍ତି ପ୍ରକ୍ରିୟା

## ମାନଦଣ୍ଡ କୋହଳ କରିବାକୁ ଫନ୍ଦି !

> ଅନଭିଜ୍ଞଙ୍କୁ ଅଧ୍ୟକ୍ଷ ପଦ ପ୍ରଦାନ ଲାଗି ମସୁଧା
>
> ମୁଖ୍ୟମନ୍ତ୍ରୀଙ୍କ ହସ୍ତକ୍ଷେପ ଲୋଡ଼ିଲେ ଶକ୍ତି ସମୀକ୍ଷକ

■ ଭୁବନେଶ୍ୱର, ୬।୭ (ସମିସ): ଗତ ଜୁନ୍ ୨୫ ତାରିଖରେ ଓଡ଼ିଶା ବିଦ୍ୟୁତ୍ ନିୟାମକ ଆୟୋଗ(ଓଇଆରସି) ଅଧ୍ୟକ୍ଷ ପଦରୁ ପ୍ରଦୀପ ଜେନା ଇସ୍ତଫା ଦେବା ପରେ ଏହି ଗୁରୁତ୍ୱପୂର୍ଣ୍ଣ ପଦବୀ ଖାଲି ପଡ଼ିଛି। ଓଇଆରସି ଅଧ୍ୟକ୍ଷ ପଦବୀ ପରି ଗୁରୁତ୍ୱପୂର୍ଣ୍ଣ ପଦ ଖାଲି ପଡ଼ିଥିବାରୁ ରାଜ୍ୟରେ ବିଦ୍ୟୁତ୍ କ୍ଷେତ୍ରରେ ଆବଶ୍ୟକୀୟ ସୁଧାର ଅଟକି ରହିଛି। ତେଣୁ ପ୍ରାଥମିକତାର ସହ ପଦ ପୂରଣ ପାଇଁ ସାଧାରଣରେ ଦାବି ହେଉଥିବା ବେଳେ ଏକ ଆଶ୍ଚର୍ଯ୍ୟଜନକ ଖବର ସାମ୍ନାକୁ ଆସିଛି। ଓଇଆରସି ଅଧ୍ୟକ୍ଷ ପଦରେ ନିଜ ମନ ପସନ୍ଦର ତଥା କୋଟେରୀ ଅଧିକାରୀଙ୍କୁ ଥଇଥାନ କରିବାକୁ ଶକ୍ତି ବିଭାଗ ଉଦ୍ୟମ ଚଳାଇଥିବା ଅଭିଯୋଗ ହୋଇଛି। ଏପରିକି ପୂର୍ବରୁ ଥିବା ଯୋଗ୍ୟତା ମାନଦଣ୍ଡରେ କୋହଳ କରିବାକୁ ବିଭାଗୀୟ ସ୍ତରରେ ମସୁଧା ଚାଲିଥିବା କୁହାଯାଉଛି।

ସୂଚନା ଅନୁଯାୟୀ ଓଇଆରସି ଅଧ୍ୟକ୍ଷ ପଦ ପାଇଁ ଏକାଧିକ ମାନଦଣ୍ଡ ରହିଛି। ତନ୍ମଧ୍ୟରୁ ଶକ୍ତି କ୍ଷେତ୍ର କିମ୍ବା ସମ୍ପୃକ୍ତ ବିଷୟରେ ଶିକ୍ଷାଗତ ଯୋଗ୍ୟତା ତଥା ଅଭିଜ୍ଞତାକୁ ସର୍ବାଧିକ ପ୍ରାଥମିକତା ଦିଆଯାଇଥାଏ। ଏହି ମାନଦଣ୍ଡ ଅନିବାର୍ଯ୍ୟ ହୋଇଥିବା ବେଳେ ପ୍ରଶାସନିକ ଅଭିଜ୍ଞତାସମ୍ପନ୍ନ ବ୍ୟକ୍ତିବିଶେଷଙ୍କୁ ନିଯୁକ୍ତି ବେଳେ ଅଗ୍ରାଧିକାର ଦିଆଯାଇଥାଏ। ପୂର୍ବରୁ ଅବସରପ୍ରାପ୍ତ ମୁଖ୍ୟ ସଚିବ ସୁରେଶ ମହାପାତ୍ର, ପ୍ରଦୀପ କୁମାର ଜେନା ପ୍ରମୁଖ ଶକ୍ତି ବିଭାଗରେ ସଚିବ ଭାବେ କାର୍ଯ୍ୟ କରିଥିଲେ। ସେହିପରି ଉପେନ୍ଦ୍ର ନାଥ ବେହେରା ମଧ୍ୟ ଓଇଆରସି ଅଧ୍ୟକ୍ଷ ପଦରେ କାର୍ଯ୍ୟ କରିବା ପୂର୍ବରୁ ଓରେଡାରେ କାର୍ଯ୍ୟ କରିବାର ଅଭିଜ୍ଞତା ▶ପୃଷ୍ଠା-୧୦

### କ୍ଷମତା ଅଳିନ୍ଦରେ ଆଲୋଡ଼ନ

## ଭୁବନେଶ୍ୱର ଡିସିପିଙ୍କ ଅଚାନକ ଇସ୍ତଫା



> ବିଭାଗ ହଜମ କରିପାରୁନି 'ବ୍ୟକ୍ତିଗତ' କାରଣ

■ ଭୁବନେଶ୍ୱର, ୬।୭ (ସମିସ): ଇସ୍ତଫା ଦେଇଛନ୍ତି ଭୁବନେଶ୍ୱର ଡିସିପି ଜଗମୋହନ ମୀନା। ତାଙ୍କ ଇସ୍ତଫା ଦେବା ଖବର ଏବେ କ୍ଷମତା ଅଳିନ୍ଦରେ ଆଲୋଡ଼ନ ସୃଷ୍ଟି କରିଛି। କେଉଁ କାରଣରୁ ସେ ଇସ୍ତଫା ଦେଲେ ତାହା ବାହାରର ଲୋକ ତ ଦୂରର କଥା, ତାଙ୍କ ବିରାଦରୀ ଆଇପିଏସ୍‌ମାନେ ଓ ତାଙ୍କ ସହ କାମ କରୁଥିବା ପୁଲିସ ଅଧିକାରୀମାନେ ବି ବୁଝି ପାରୁନାହାନ୍ତି। 'ବ୍ୟକ୍ତିଗତ' କାରଣରୁ ସେ ଇସ୍ତଫା ଦେଇଥିବା କୁହାଯାଉଥିଲେ ହେଁ ବିଭାଗ ଏହି ସଂକ୍ଷିପ୍ତ ଓ ସହଜ କାରଣକୁ ହଜମ କରିପାରୁ ନାହିଁ। ୨୫ ଦିନ ତଳେ ଇସ୍ତଫାପତ୍ର ରାଜ୍ୟ ସରକାରଙ୍କୁ ପ୍ରଦାନ କରିଥିଲେ ହେଁ ଏହାର ସୁରାକ କେହି ପାଇ ନ ଥିଲେ। ଏବେ ୨୫ ଦିନ ପରେ ତାହା ଲୋକଲୋଚନକୁ ଆସିଛି। ନିଜ ପରିବାର, ସମ୍ପର୍କୀୟ ଓ ବନ୍ଧୁମାନଙ୍କ ସହ ଆଲୋଚନା କରି ସେ ଏପରି ନିଷ୍ପତ୍ତି ନେଇଥିବା ଓ ଆଇପିଏସ୍ ଛାଡ଼ି ଘରୋଇ କ୍ଷେତ୍ରରେ କାର୍ଯ୍ୟ କରିବାକୁ ସେ ମନସ୍ଥ କରିଥିବା ନିଜେ ଶ୍ରୀ ମୀନା କହିଛନ୍ତି। ଏହା ସହ ତାଙ୍କ ଇସ୍ତଫା ସହ କୌଣସି ଘଟଣା ସହ ନ ଯୋଡ଼ିବାକୁ ଶ୍ରୀ ମୀନାଙ୍କ ଟିପ୍ପଣୀ ଅନେକ ଦିଗକୁ ଇଙ୍ଗିତ କରିଛି। ସମ୍ଭବତଃ କୌଣସି (!) ଘଟଣା ହିଁ ତାଙ୍କ ଇସ୍ତଫା ପଛର କାରଣ ହୋଇଥାଇପାରେ ବୋଲି ଅନେକ ମନେ କରୁଛନ୍ତି।

ଶ୍ରୀ ମୀନା ୨୦୧୩ ବ୍ୟାଚର ଓଡ଼ିଶା କ୍ୟାଡ଼ର ଆଇପିଏସ୍। ଗଞ୍ଜାମରୁ ▶ପୃଷ୍ଠା-୧୦

# ଟ୍ରମ୍ପଙ୍କ ଭୟରେ ଖାମେନେଇଙ୍କ ଅନ୍ତ୍ୟେଷ୍ଟିରୁ ଓହରିଲେ ୧୩ଟି ଦେଶ



ନୂଆଦିଲ୍ଲୀ, ୬।୭(ଏଜେନ୍ସି): ଇରାନର ସର୍ବୋଚ୍ଚ ନେତା ଆୟାତୋଲ୍ଲା ଅଲି ଖାମେନେଇଙ୍କ ଅନ୍ତ୍ୟେଷ୍ଟି କ୍ରିୟାରେ ସାମିଲ ନହେବା ପାଇଁ ଆମେରିକା ବିଶ୍ୱର ବିଭିନ୍ନ ଦେଶ ଉପରେ କୂଟନୈତିକ ଚାପ ପ୍ରୟୋଗ କରିଥିବା ଅଭିଯୋଗ ହୋଇଛି। ଇରାନ ଗଣମାଧ୍ୟମ 'ତସନିମ୍ ନ୍ୟୁଜ୍ ଏଜେନ୍ସି'ର ରିପୋର୍ଟ ଅନୁସାରେ, ଆମେରିକାର ଏହି ଚେତାବନୀ ପରେ ଅତିକମରେ ୧୩ଟି ଦେଶ ତେହେରାନରେ ଆୟୋଜିତ ଏହି କାର୍ଯ୍ୟକ୍ରମରୁ ନିଜର ପ୍ରତିନିଧିତ୍ୱ ପ୍ରତ୍ୟାହାର କରିଛନ୍ତି କିମ୍ବା ଅଂଶଗ୍ରହଣ ସୀମିତ କରିଦେଇଛନ୍ତି। ଆମେରିକାର ବୈଦେଶିକ ସଚିବ ମାର୍କୋ ରୁବିଓ ଏବଂ ବିଶ୍ୱବ୍ୟାପୀ ଥିବା ଆମେରିକୀୟ ଦୂତମାନେ ଏହି କୂଟନୈତିକ ଅଭିଯାନର ନେତୃତ୍ୱ ନେଇଥିଲେ। ଏହି ଶୋକସଭାରେ ଯୋଗଦେବାକୁ 'ବନ୍ଧୁତ୍ୱହୀନ କାର୍ଯ୍ୟ' ଭାବେ ଗ୍ରହଣ କରାଯିବ ଏବଂ ଏହା ଦ୍ୱିପାକ୍ଷିକ ସମ୍ପର୍କକୁ ପ୍ରଭାବିତ କରିବ ବୋଲି ଆମେରିକା ପକ୍ଷରୁ ସ୍ପଷ୍ଟ ଚେତାବନୀ ଦିଆଯାଇଥିଲା। ବିଶେଷ କରି ଆଫ୍ରିକୀୟ ଦେଶଗୁଡ଼ିକୁ ଆମେରିକା ତରଫରୁ ଦିଆଯାଉଥିବା ଆର୍ଥିକ ଅନୁଦାନ ବନ୍ଦ କରିବାକୁ ଧମକ ଦିଆଯାଇଥିବା ବେଳେ ପ୍ରାୟ ୫ଟି ଆରବ ଦେଶକୁ ମଧ୍ୟ ସିଧାସଳଖ ସତର୍କ କରାଯାଇଥିଲା। ଏହି ଚାପ ଯୋଗୁଁ ପୂର୍ବ ୟୁରୋପର ୩ଟି, ଆଫ୍ରିକାର ୫ଟି, ପାରସ୍ୟ ଉପସାଗରୀୟ ଅଞ୍ଚଳର ୨ଟି ଏବଂ ପୂର୍ବ ଏସିଆର ୨ଟି ପ୍ରମୁଖ ଦେଶ ଏହି କାର୍ଯ୍ୟକ୍ରମରୁ ଓହରି ଯାଇଛନ୍ତି। ଅପରପକ୍ଷରେ, ଆମେରିକାର ଏହି କଟକଣା ଓ ଚାପ ସତ୍ତ୍ୱେ ତେହେରାନର ଇମାମ ଖୋମେନି ମସଜିଦ ସମ୍ମୁଖରେ ଲକ୍ଷ ଲକ୍ଷ ଲୋକ ଏକତ୍ରିତ ହୋଇ ଶୋକ ସନ୍ତପ୍ତ ପରିବେଶରେ ଖାମେନେଇଙ୍କୁ ଶେଷ ବିଦାୟ ଜଣାଇଛନ୍ତି। ଗତ ଫେବ୍ରୁଆରୀ ୨୮ ଆକ୍ରମଣରେ ପ୍ରାଣ ହରାଇଥିବା ୮୬ ବର୍ଷୀୟ ଏହି ଜନନାୟକଙ୍କ ସ୍ମୃତି ଚାରଣ କରିବା ସହ ସେଠାରେ ଉପସ୍ଥିତ ଜନତା ଆମେରିକା ଓ ଇସ୍ରାଏଲ ବିରୋଧରେ ପ୍ରତିଶୋଧମୂଳକ ସ୍ଲୋଗାନ ଦେଇ ପ୍ରଦର୍ଶନ କରିଛନ୍ତି।

## ଭାରତକୁ ଇରାନର ଧନ୍ୟବାଦ

ତେହେରାନ/ନୂଆଦିଲ୍ଲୀ: ଇରାନର ସର୍ବୋଚ୍ଚ ନେତା ଆୟାତୋଲ୍ଲା ସୟଦ ଅଲି ଖାମେନେଇଙ୍କ ରାଜକୀୟ ଶେଷକୃତ୍ୟରେ ଭାରତର ଅଂଶଗ୍ରହଣ ପାଇଁ ଇରାନ ଭାରତ ସରକାର ଓ ଜନସାଧାରଣଙ୍କୁ ହୃଦୟରୁ ଧନ୍ୟବାଦ ଜଣାଇଛି। ଭାରତସ୍ଥିତ ଇରାନ ଦୂତାବାସ ସାମାଜିକ ଗଣମାଧ୍ୟମ ଏକ୍ସ'ରେ ଏକ ବାର୍ତ୍ତା ପୋଷ୍ଟ କରି କୃତଜ୍ଞତା ପ୍ରକାଶ କରିଛି। ଭାରତ ସରକାରଙ୍କ ପକ୍ଷରୁ ଏକ ଉଚ୍ଚସ୍ତରୀୟ ପ୍ରତିନିଧି ଦଳ ଶେଷକୃତ୍ୟରେ ଯୋଗ ଦେଇଥିଲା। ଏଥିରେ ବିହାରର ରାଜ୍ୟପାଳ ଲେଫ୍ଟନାଣ୍ଟ ଜେନେରାଲ୍ (ଅବସରପ୍ରାପ୍ତ) ସୟଦ ଅତା ହସନୈନ୍, ବୈଦେଶିକ ବ୍ୟାପାର ରାଷ୍ଟ୍ରମନ୍ତ୍ରୀ ପବିତ୍ର ମାର୍ଗେରିଟା ଉପସ୍ଥିତ ରହି ଖାମେନେଇଙ୍କୁ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। କଂଗ୍ରେସ ନେତା ସଲମାନ ଖୁର୍ଶିଦ, ପିଡିପି ନେତ୍ରୀ ମେହବୁବା ମୁଫ୍ତି, ଏବଂ ଭାରତର ଶିଖ, ହିନ୍ଦୁ, ମୁସଲିମ, ଖ୍ରୀଷ୍ଟିଆନ୍ ଧର୍ମଗୁରୁମାନେ ମଧ୍ୟ ଶେଷକୃତ୍ୟରେ ଯୋଗଦେଇ ଶ୍ରଦ୍ଧାଞ୍ଜଳି ଜଣାଇଥିଲେ।

# ରୁଷର ମିସାଇଲ୍ ମାଡ଼; କିଭ୍‌ରେ ୮ ମୃତ

କିଭ୍, ୬।୭(ଏଜେନ୍ସି): ତୁର୍କୀରେ ଆୟୋଜିତ ହେବାକୁ ଥିବା ନାଟୋ ସମ୍ମିଳନୀର ଠିକ୍ ପୂର୍ବରୁ ରୁଷ ପକ୍ଷରୁ ୟୁକ୍ରେନର ରାଜଧାନୀ କିଭ୍ ଏବଂ ଏହାର ଆଖପାଖ ଅଞ୍ଚଳ ଉପରେ ସୋମବାର ବାଲିଷ୍ଟିକ୍ ମିସାଇଲ୍ ଦ୍ୱାରା ପ୍ରବଳ ଆକ୍ରମଣ କରାଯାଇଛି। ଏହି ଭୟାବହ ଆକ୍ରମଣରେ ଅତିକମରେ ୮ ଜଣ ସାଧାରଣ ନାଗରିକଙ୍କ ମୃତ୍ୟୁ ଘଟିଥିବା ବେଳେ ୩୪ରୁ ଅଧିକ ଲୋକ ଗୁରୁତର ଭାବେ ଆହତ ହୋଇଛନ୍ତି। ଗୋଟିଏ ସପ୍ତାହ ମଧ୍ୟରେ ୟୁକ୍ରେନ ରାଜଧାନୀ ଉପରେ ଏହା ରୁଷର ଦ୍ୱିତୀୟ ବଡ଼ ଆକ୍ରମଣ, ଯାହା ଚାରି ବର୍ଷରୁ ଅଧିକ ସମୟଧରି ଚାଲିଥିବା ଏହି ଯୁଦ୍ଧର ଭୟାବହତାକୁ ଆହୁରି ବଢ଼ାଇ ଦେଇଛି। କିଭ୍‌ର ସ୍ଥାନୀୟ ପ୍ରଶାସନ ଅନୁସାରେ, ରୁଷର ଏହି କ୍ଷେପଣାସ୍ତ୍ର ମାଡ଼ ଯୋଗୁଁ ସହରର ୪ଟି ଆବାସିକ ବିଲ୍ଡିଂରେ ନିଆଁ ଲାଗିଯାଇଥିଲା, ଯେଉଁ ସମୟରେ ଲୋକମାନେ ଶୋଇଥିଲେ। ମୃତକଙ୍କ ମଧ୍ୟରୁ ୭ ଜଣ କିଭ୍‌ର ଏବଂ ଜଣେ ବୁଚା ଜିଲ୍ଲାର ବୋଲି ଜଣାପଡ଼ିଛି। କିଭ୍ ମେୟର ବିଟାଲି କ୍ଲିଟ୍‌କୋ ସହରରେ ଆକାଶମାର୍ଗୀୟ ପ୍ରତିରକ୍ଷା ପ୍ରଣାଳୀ (ଏୟାର ଡିଫେନ୍ସ) ସକ୍ରିୟ ଥିବା ସୂଚନା ଦେବା ସହ ଜନସାଧାରଣଙ୍କୁ ସୁରକ୍ଷିତ ଆଶ୍ରୟସ୍ଥଳରେ ରହିବାକୁ ଅନୁରୋଧ କରିଛନ୍ତି। ଅପରପକ୍ଷରେ, ୟୁକ୍ରେନ ପକ୍ଷରୁ ମଧ୍ୟ ରୁଷ ନିୟନ୍ତ୍ରିତ କ୍ରିମିଆର ସେଭାସ୍ତୋପୋଲ୍ ଶକ୍ତି ପ୍ରକଳ୍ପ ଏବଂ ମସ୍କୋ ଉପରେ ଡ୍ରୋନ୍ ମାଡ଼ କରାଯାଇଥିବା ଦାବି କରାଯାଇଛି। ଏହି ସାମରିକ ଉତ୍ତେଜନା ମଧ୍ୟରେ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଏବଂ ୟୁକ୍ରେନ ରାଷ୍ଟ୍ରପତି ଭୋଲୋଦିମିର ଜେଲେନସ୍କିଙ୍କ ମଧ୍ୟରେ ଆସନ୍ତା ବୁଧବାର ତୁର୍କୀର ରାଜଧାନୀ ଅଙ୍କାରାରେ ଏକ ଗୁରୁତ୍ୱପୂର୍ଣ୍ଣ ବୈଠକ ଅନୁଷ୍ଠିତ ହେବାକୁ ଯାଉଛି। ଏହି ବୈଠକରେ ଦୁଇ ନେତା ଯୁଦ୍ଧର ସମାପ୍ତି ଏବଂ ଶାନ୍ତି ପ୍ରକ୍ରିୟା ଉପରେ ଆଲୋଚନା କରିବେ। ଏହାପରେ ଟ୍ରମ୍ପ ରୁଷର ନେତା ଭ୍ଲାଦିମିର ପୁଟିନଙ୍କ ସହ ମଧ୍ୟ କଥା ହେବାର କାର୍ଯ୍ୟକ୍ରମ ରହିଛି।

# ପହଲଗାମ୍ ଆତଙ୍କବାଦୀ ଆକ୍ରମଣ; ହାଫିଜ୍ ସୟିଦ୍ ବିରୋଧରେ ଏନ୍‌ଆଇଏର ଚାର୍ଜସିଟ୍



ନୂଆଦିଲ୍ଲୀ, ୬।୭(ଏଜେନ୍ସି): ପହଲଗାମ୍ ଆତଙ୍କବାଦୀ ଆକ୍ରମଣ ମାମଲାରେ ଜାତୀୟ ତଦନ୍ତକାରୀ ସଂସ୍ଥା (ଏନଆଇଏ) ସୋମବାର ଜମ୍ମୁର ସ୍ୱତନ୍ତ୍ର ଅଦାଲତରେ ଏକ ଅତିରିକ୍ତ ଚାର୍ଜସିଟ୍ ଦାଖଲ କରିଛି। ଏଥିରେ ପାକିସ୍ତାନ ସ୍ଥିତ ଆତଙ୍କବାଦୀ ସଂଗଠନ ଲସ୍କର-ଇ-ତୋଏବା (ଏଲଇଟି) ଏବଂ ଏହାର ପ୍ରକ୍ସି ସଂଗଠନ 'ଦି ରେଜିଷ୍ଟାନ୍ସ ଫ୍ରଣ୍ଟ' (ଟିଆର୍‌ଏଫ)ର ମୁଖ୍ୟ ହାଫିଜ୍ ସୟିଦ୍‌କୁ ମୁଖ୍ୟ ଅଭିଯୁକ୍ତ ଭାବେ ନାମିତ କରାଯାଇଛି। ସୀମା ପାର୍ଶ୍ୱରୁ ଭାରତ ବିରୋଧରେ ଯୁଦ୍ଧ ଘୋଷଣା ଏବଂ ଆତଙ୍କବାଦୀ ଷଡ଼ଯନ୍ତ୍ର ରଚିବା ଅଭିଯୋଗରେ ଏନଆଇଏ ତା' ବିରୋଧରେ ଭାରତୀୟ ନ୍ୟାୟ ସଂହିତା (ବିଏନ୍‌ଏସ) ଏବଂ ବେଆଇନ କାର୍ଯ୍ୟକଳାପ ନିରୋଧୀ ଆଇନ (ୟୁଏପିଏ)ର ବିଭିନ୍ନ ଧାରା ଲଗାଇଛି। ଗତ ବର୍ଷ ଡିସେମ୍ବର ମାସରେ ଦାଖଲ ହୋଇଥିବା ୧, ୫୯୭ ପୃଷ୍ଠାର ମୂଳ ଚାର୍ଜସିଟ୍‌ରେ ୭ ଜଣଙ୍କୁ ଅଭିଯୁକ୍ତ କରାଯାଇଥିଲା। ଡିଜିଟାଲ୍ ପ୍ଲାଟଫର୍ମରେ ଆକ୍ରମଣର ଦାୟିତ୍ୱ ନେଇଥିବା ବାର୍ତ୍ତାଗୁଡ଼ିକର ଉତ୍ସ ପାକିସ୍ତାନ ବୋଲି ବୈଜ୍ଞାନିକ ଅନୁସନ୍ଧାନରୁ ସ୍ପଷ୍ଟ ହେବା ପରେ ଏଥିରେ ହାଫିଜ୍ ସୟିଦ୍‌ର ସମ୍ପୃକ୍ତି ପ୍ରମାଣିତ ହୋଇଛି। ଏହି ମାମଲାଟି ୨୦୨୫ ଏପ୍ରିଲ ୨୨ ତାରିଖରେ ପହଲଗାମର ବୈସାରନ ଉପତ୍ୟକାରେ ପର୍ଯ୍ୟଟକମାନଙ୍କ ଉପରେ ହୋଇଥିବା ଆକ୍ରମଣ ସହ ଜଡ଼ିତ, ଯେଉଁଥିରେ ୨୬ ଜଣ ସାଧାରଣ ନାଗରିକ ପ୍ରାଣ ହରାଇଥିଲେ। ଏହି ଆତଙ୍କବାଦୀ ଆକ୍ରମଣର ଜବାବରେ ଭାରତୀୟ ସେନା ପକ୍ଷରୁ ୨୦୨୫ ମେ ୭ ତାରିଖରେ 'ଅପରେସନ ସିନ୍ଦୂର' ଆରମ୍ଭ କରାଯାଇଥିଲା। ଏହି ଅପରେସନ ଅଧୀନରେ ପାକିସ୍ତାନ ଏବଂ ପାକିସ୍ତାନ ଅଧିକୃତ କାଶ୍ମୀରରେ ଥିବା ଆତଙ୍କବାଦୀ ସଂଗଠନଗୁଡ଼ିକର ୯ଟି ପ୍ରମୁଖ ଘାଟିକୁ ସେନା ଧ୍ୱଂସ କରିଦେଇଥିଲା। ଏହା ସହିତ ଭାରତ ସରକାର ସିନ୍ଧୁ ଜଳ ଚୁକ୍ତିକୁ ସ୍ଥଗିତ ରଖିବା ସହ ପାକିସ୍ତାନୀ ନାଗରିକଙ୍କ ପାଇଁ ଭିସା ସେବା ମଧ୍ୟ ବନ୍ଦ କରିଦେଇଥିଲେ। ଆଗାମୀ ଦିନରେ ଏହି ଆତଙ୍କବାଦୀ ନେଟୱର୍କର ସମୂଳ ବିନାଶ ପାଇଁ ଏନଆଇଏ ନିଜର ତଦନ୍ତ ଜାରି ରଖିଛି।

# ଭେନେଜୁଏଲାରେ ଏବେ ବି ୫୦ ହଜାର ନିଖୋଜ



କାରାକାସ, ୬।୭(ଏଜେନ୍ସି): ଭେନେଜୁଏଲାରେ ଗତ ଜୁନ୍ ୨୪ରେ ଆସିଥିବା ଦୁଇଟି ପ୍ରଳୟଙ୍କରୀ ଭୂକମ୍ପ ଯୋଗୁଁ ମୃତ୍ୟୁ ସଂଖ୍ୟା ୩, ୩୪୨କୁ ବୃଦ୍ଧି ପାଇଛି। ଏହି ବିପର୍ଯ୍ୟୟର ୧୧ ଦିନ ପରେ ବିଲ୍ଡିଂ ଧ୍ୱଂସାବଶେଷ ତଳୁ ମିଳୁଥିବା ଅଜ୍ଞାତ ଶବଗୁଡ଼ିକୁ ପ୍ରଶାସନ ପକ୍ଷରୁ ଗଣସମାଧି ଦିଆଯାଉଛି। ଏହି ଭୂକମ୍ପରେ ପ୍ରାୟ ୧୬, ୭୦୦ ଲୋକ ଗୁରୁତର ଭାବେ ଆହତ ହୋଇଥିବା ବେଳେ ଜାତିସଂଘର ଆକଳନ ଅନୁସାରେ ଦେଶରେ ଏବେ ମଧ୍ୟ ପ୍ରାୟ ୫୦, ୦୦୦ ଲୋକ ନିଖୋଜ ଅଛନ୍ତି। ଲା ଗୁଏରା ଉପକୂଳ ଅଞ୍ଚଳରେ ଶତାଧିକ ବହୁତଳ ପ୍ରାସାଦ ସମ୍ପୂର୍ଣ୍ଣ ଭୁଶୁଡ଼ି ପଡ଼ିଛି। ସ୍ଥାନୀୟ ପ୍ରଶାସନ ଏବଂ ସ୍ୱେଚ୍ଛାସେବୀମାନେ ଚିହ୍ନଟ ହୋଇପାରିନଥିବା ୧୫୦ରୁ ଅଧିକ ମୃତଦେହକୁ ଲା ଇସପେରାଞ୍ଜା ଶ୍ମଶାନରେ ସମ୍ମାନର ସହ ସମାଧି ଦେଇଛନ୍ତି। ଭୂକମ୍ପ ଯୋଗୁଁ ୨୦୦ରୁ ଅଧିକ ବଡ଼ ବିଲ୍ଡିଂ ସମ୍ପୂର୍ଣ୍ଣ ଧ୍ୱଂସ ହୋଇଯାଇଥିବାରୁ ୧୭, ୦୦୦ରୁ ଅଧିକ ଲୋକ ବେଘର ହୋଇ ଅସ୍ଥାୟୀ ଶିବିରରେ ଆଶ୍ରୟ ନେଇଛନ୍ତି।

# ନୌସେନାରେ ସାମିଲ ହେବ ଯୁଦ୍ଧପୋତ 'ମହେନ୍ଦ୍ରଗିରି'

ନୂଆଦିଲ୍ଲୀ, ୬।୭(ଏଜେନ୍ସି): ଭାରତୀୟ ନୌସେନାର ଶକ୍ତି ବୃଦ୍ଧି କରିବା ପାଇଁ ଆସନ୍ତା ଶନିବାର (ଜୁଲାଇ ୧୧) ବିଶାଖାପାଟଣାଠାରେ ସ୍ୱଦେଶୀ ଜ୍ଞାନକୌଶଳରେ ନିର୍ମିତ ପ୍ରକଳ୍ପ ୧୭ଏ ଶ୍ରେଣୀର ଷଷ୍ଠ ଷ୍ଟିଲ୍‌ଥ୍ ଯୁଦ୍ଧପୋତ (ଫ୍ରିଗେଟ୍) 'ମହେନ୍ଦ୍ରଗିରି' (ଏଫ୩୮) ଆନୁଷ୍ଠାନିକ ଭାବେ ନୌସେନାରେ ସାମିଲ ହେବାକୁ ଯାଉଛି। ଓଡ଼ିଶାର ପୂର୍ବଘାଟ ପର୍ବତମାଳାର ଗୌରବ 'ମହେନ୍ଦ୍ରଗିରି' ପର୍ବତ ଶୃଙ୍ଗ ଅନୁସାରେ ଏହାର ନାମକରଣ କରାଯାଇଛି। ଏହି ଯୁଦ୍ଧପୋତର ନକ୍ସା ଭାରତୀୟ ନୌସେନାର 'ୱାରସିପ୍ ଡିଜାଇନ୍ ବ୍ୟୁରୋ' ପ୍ରସ୍ତୁତ କରିଥିବା ବେଳେ ଏହାକୁ ମୁମ୍ବାଇର 'ମାଝାଗାଓଁ ଡକ୍ ସିପ୍‌ବିଲ୍ଡର୍ସ ଲିମିଟେଡ୍' ନିର୍ମାଣ କରିଛି। ଏହି ଅତ୍ୟାଧୁନିକ ଯୁଦ୍ଧପୋତରେ ଭାରତୀୟ ପ୍ରତିରକ୍ଷା ଶିଳ୍ପ ଦ୍ୱାରା ନିର୍ମିତ ଶକ୍ତିଶାଳୀ ବ୍ରହ୍ମୋସ ସୁପରସୋନିକ କ୍ରୁଜ୍ ମିସାଇଲ୍ ଏବଂ ବାରାକ-୮ ଭୂପୃଷ୍ଠରୁ ଆକାଶକୁ ମାଡ଼ କରାଯାଇପାରୁଥିବା କ୍ଷେପଣାସ୍ତ୍ର ପ୍ରଣାଳୀ ଖଞ୍ଜାଯାଇଛି। ଏହାଫଳରେ ଏହି ଯୁଦ୍ଧପୋତ ଶତ୍ରୁପକ୍ଷର ଜାହାଜ, ଡ୍ରୋନ୍, ମିସାଇଲ୍ ଏବଂ ସ୍ଥଳଭାଗର ଲକ୍ଷ୍ୟଭେଦକୁ ଦୂରରୁ ଧ୍ୱଂସ କରିପାରିବ। ଏହା ବ୍ୟତୀତ ବୁଡ଼ାଜାହାଜ ବିରୋଧୀ ଅଭିଯାନ ପାଇଁ ଏଥିରେ ଟର୍ପିଡୋ, ରକେଟ୍ ଲଞ୍ଚର୍ ଏବଂ ଶତ୍ରୁର ଆକ୍ରମଣକୁ ପ୍ରତିହତ କରିବା ପାଇଁ ଶକ୍ତିଶାଳୀ ଏଇଏସଏ ରାଡାର୍ ବ୍ୟବସ୍ଥା ରହିଛି।

# ସ୍ତ୍ରୀକୁ ଗୁଳି କରି ହତ୍ୟା: ସ୍ୱାମୀ, ପ୍ରେମିକା ଗିରଫ

ଗୁରୁଗ୍ରାମ, ୬।୭(ଏଜେନ୍ସି): ହରିଆଣାର ଗୁରୁଗ୍ରାମ ଅନ୍ତର୍ଗତ ମାନେସର ଅଞ୍ଚଳରେ ଏକ ଚାଞ୍ଚଲ୍ୟକର ହତ୍ୟାକାଣ୍ଡ ସାମ୍ନାକୁ ଆସିଛି। ଜଣେ ୨୫ ବର୍ଷୀୟ ଯୁବକ ନିଜ ପ୍ରେମିକା ସହ ମିଶି ବିବାହର ମାତ୍ର ୩ ମାସ ପରେ ନିଜ ସ୍ତ୍ରୀକୁ ଗୁଳି କରି ହତ୍ୟା କରିଛି। ପୁଲିସ ଏହି ମାମଲାରେ ଅଭିଯୁକ୍ତ ସ୍ୱାମୀ ଅଙ୍କିତ ଏବଂ ତାଙ୍କର ୩୮ ବର୍ଷୀୟା ପ୍ରେମିକା ରଜନୀ ଦେବୀଙ୍କୁ ଗିରଫ କରିଛି। ଗତ ୩ ବର୍ଷ ଧରି ଚାଲିଥିବା ପ୍ରେମ ସମ୍ପର୍କକୁ ଆଗକୁ ବଢ଼ାଇବା ପାଇଁ ଦୁହେଁ ମିଶି ଏହି ହତ୍ୟାକାଣ୍ଡର ଷଡ଼ଯନ୍ତ୍ର ରଚିଥିଲେ। ଗତ ମେ ୨୧ ତାରିଖରେ ୨୨ ବର୍ଷୀୟା ପୀଡ଼ିତା ନିଖୋଜ ହେବା ନେଇ ତାଙ୍କ ମା' ଥାନାରେ ଅଭିଯୋଗ କରିଥିଲେ। ପରଦିନ ମେ ୨୨ରେ ପ୍ରେମିକାର ଭଡ଼ା ଘରୁ ମହିଳାଙ୍କ ଗୁଳିବିଦ୍ଧ ମୃତଦେହ ଉଦ୍ଧାର କରାଯାଇଥିଲା। ଅଙ୍କିତ ନିଜ ସ୍ତ୍ରୀକୁ ପ୍ରେମିକାର ଘରକୁ ନେଇ ସେଠାରେ ଦୁହେଁ ମିଶି ତାଙ୍କୁ ଗୁଳି କରି ହତ୍ୟା କରିଥିଲେ। ଏଥିପାଇଁ ଦୁଇ ମାସ ପୂର୍ବରୁ ଉତ୍ତର ପ୍ରଦେଶରୁ ଏକ ବେଆଇନ ପିସ୍ତଲ କିଣାଯାଇଥିଲା। ହତ୍ୟା ପରେ ଦୁହେଁ ହରିଦ୍ୱାର ଦେଇ ନେପାଳ ଫେରାର ହୋଇଯାଇଥିଲେ। ଜୁନ୍ ୩୦ରେ ଭାରତ ଫେରିବା ପରେ କ୍ରାଇମ ବ୍ରାଞ୍ଚ ସେମାନଙ୍କୁ ଗିରଫ କରି ୫ ଦିନିଆ ପୁଲିସ ହେପାଜତକୁ ନେଇ ଅଧିକ ତଦନ୍ତ ଜାରି ରଖିଛି।

## ଟିସିଏସ ଯୌନ ନିର୍ଯାତନା, ଧର୍ମାନ୍ତରୀକରଣ ମାମଲା
# ମୁଖ୍ୟ ମହିଳା ଅଭିଯୁକ୍ତଙ୍କୁ ମିଳିଲା ଜାମିନ

ନାସିକ, ୬।୭(ଏଜେନ୍ସି): ନାସିକସ୍ଥିତ ଟାଟା କନସଲଟେନ୍ସି ସର୍ଭିସେସ (ଟିସିଏସ) ଶାଖାରେ ଜଣେ ମହିଳା କର୍ମଚାରୀଙ୍କୁ ଯୌନ ନିର୍ଯାତନା ଏବଂ ଜବରଦସ୍ତ ଧର୍ମାନ୍ତରୀକରଣ ଉଦ୍ୟମ ଅଭିଯୋଗ ମାମଲାରେ ସ୍ଥାନୀୟ ଅଦାଲତ ମୁଖ୍ୟ ମହିଳା ଅଭିଯୁକ୍ତଙ୍କୁ ଜାମିନ ପ୍ରଦାନ କରିଛନ୍ତି। ନାସିକ ରୋଡ୍ କୋର୍ଟର ଅତିରିକ୍ତ ଜିଲ୍ଲା ଓ ଦୌରା ଜଜ୍ କେଜି ଜୋଶୀ ମହିଳାଙ୍କ ଗର୍ଭାବସ୍ଥା ଆଧାରରେ ତାଙ୍କର ଜାମିନ ଆବେଦନ ମଞ୍ଜୁର କରିଥିବା ବେଳେ ଏହି ମାମଲାର ସହ-ଅଭିଯୁକ୍ତଙ୍କ ଜାମିନ ନାମଞ୍ଜୁର କରିଛନ୍ତି। ଏହି ଘଟଣାରେ ଦେଓଲାଲି କ୍ୟାମ୍ପ ଥାନାରେ ଭାରତୀୟ ନ୍ୟାୟ ସଂହିତା (ବିଏନଏସ) ଏବଂ ଏସସି-ଏସଟି ଅତ୍ୟାଚାର ନିରୋଧୀ ଆଇନର ବିଭିନ୍ନ ଧାରା ଅଧୀନରେ ମାମଲା ରୁଜୁ ହୋଇଛି। ନାସିକ ପୋଲିସର ଏକ ସ୍ୱତନ୍ତ୍ର ତଦନ୍ତକାରୀ ଦଳ (ଏସଆଇଟି) ଏହି ଟିସିଏସ ୟୁନିଟ୍‌ରେ ମହିଳା କର୍ମଚାରୀଙ୍କ ଉପରେ ହୋଇଥିବା ମାନସିକ ଓ ଶାରୀରିକ ନିର୍ଯାତନା ସମ୍ପର୍କିତ ପ୍ରାୟ ୯ଟି ମାମଲାର ଯାଞ୍ଚ କରୁଛି।



# ପ୍ରବଳ ବର୍ଷା: ମୁମ୍ବାଇରେ ରେଡ୍ ଆଲର୍ଟ

- ଟ୍ରେନ ଓ ବିମାନ ସେବା ପ୍ରଭାବିତ
- ମୁମ୍ବାଇ-ପୁଣେ ଏକ୍ସପ୍ରେସୱେ 'ମିସିଂ ଲିଙ୍କ୍' ବନ୍ଦ
- ମହାବଳେଶ୍ୱରରେ ପୋଲ ଭୁଶୁଡ଼ିଲା

ମୁମ୍ବାଇ, ୬।୭(ଏଜେନ୍ସି): ଭାରତୀୟ ପାଣିପାଗ ବିଭାଗ ପକ୍ଷରୁ ମୁମ୍ବାଇ ଏବଂ ଏହାର ଆଖପାଖ ଅଞ୍ଚଳ ପାଇଁ ରେଡ ଆଲର୍ଟ ଜାରି କରାଯାଇଛି। ଆରବ ସାଗରରୁ ସୃଷ୍ଟି ହୋଇଥିବା ପ୍ରବଳ ମୌସୁମୀ ବାୟୁ ପ୍ରଭାବରେ ମୁମ୍ବାଇ ମହାନଗର ସମେତ ଥାଣେ, ପାଲଘର ଏବଂ ରାୟଗଡ଼ରେ ପ୍ରବଳରୁ ଅତି ପ୍ରବଳ ବର୍ଷା ସହ ଜୋରଦାର ପବନ ବୋହିବା ନେଇ ଆଶଙ୍କା ପ୍ରକାଶ ପାଇଛି। ଏହା ସହିତ ସମୁଦ୍ରରେ ବଡ଼ ଜୁଆର ଆସିବା କାରଣରୁ ତଳିଆ ଅଞ୍ଚଳଗୁଡ଼ିକରେ ଜଳବନ୍ଦୀ ସମସ୍ୟା ଅଧିକ ଗମ୍ଭୀର ହେବାର ସମ୍ଭାବନା ରହିଛି। ବିପର୍ଯ୍ୟସ୍ତ ପାଣିପାଗକୁ ଦୃଷ୍ଟିରେ ରଖି ମହାନଗର ନିଗମ ପକ୍ଷରୁ ସମସ୍ତ ସରକାରୀ କାର୍ଯ୍ୟାଳୟ, ବିଦ୍ୟାଳୟ ଏବଂ ମହାବିଦ୍ୟାଳୟଗୁଡ଼ିକୁ ଛୁଟି ଘୋଷଣା କରାଯାଇଛି। ପ୍ରଶାସନ ତରଫରୁ ଲୋକଙ୍କୁ ଅତି ଜରୁରୀ କାମ ନଥିଲେ ଘରୁ ବାହାରକୁ ନବାହାରିବା ପାଇଁ ପରାମର୍ଶ ଦିଆଯାଇଛି। ଲଗାତାର ବର୍ଷା ଯୋଗୁଁ ସହରର ବିଭିନ୍ନ ମୁଖ୍ୟ ରାସ୍ତା ବୁଡ଼ିଯାଇଛି, ସ୍ଥାନୀୟ ରେଳ ସେବା ବାଧାପ୍ରାପ୍ତ ହୋଇଛି ଏବଂ ଅନେକ ବିମାନ ଯାତ୍ରାରେ ବିଳମ୍ବ ଘଟିଛି। ଏହା ସହିତ ମୁମ୍ବାଇ-ପୁଣେ ରେଳପଥରେ ଭୂସ୍ଖଳନ ଘଟିବା ସହ ଅନେକ ସ୍ଥାନରେ ବଡ଼ ବଡ଼ ଗଛ ଉପୁଡ଼ି ପଡ଼ିଛି। ଏହି ବର୍ଷା ଜନିତ ଦୁର୍ଘଟଣାରେ ଏପର୍ଯ୍ୟନ୍ତ ୩ ଜଣ ପ୍ରାଣ ହରାଇଥିବା ସୂଚନା ମିଳିଛି। ପ୍ରବଳ ବର୍ଷା ଯୋଗୁଁ ମୁମ୍ବାଇ-ପୁଣେ ଏକ୍ସପ୍ରେସୱେର ନୂତନ ଭାବେ ଉଦ୍ଘାଟିତ 'ମିସିଂ ଲିଙ୍କ୍'ରେ ଭୂସ୍ଖଳନ ହେବା ଫଳରେ ପୁଣେରୁ ମୁମ୍ବାଇ ଯାଉଥିବା ରାସ୍ତାକୁ ସୋମବାର ସକାଳୁ ବନ୍ଦ କରି ଦିଆଯାଇଛି। ମହାରାଷ୍ଟ୍ର ରାଜ୍ୟ ସଡ଼କ ପରିବହନ ନିଗମ ଏବଂ ମାର୍ଗ ସୁରକ୍ଷା ପୁଲିସ ମିଳିତ ଭାବେ ଯାତ୍ରୀଙ୍କ ସୁରକ୍ଷାକୁ ଦୃଷ୍ଟିରେ ରଖି ସକାଳ ୪ଟାରୁ ଗାଡ଼ିଗୁଡ଼ିକୁ ଅନ୍ୟ ପଥ ଦେଇ ଯିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଏହି କାରଣରୁ ଯାତ୍ରୀମାନେ ଘଣ୍ଟା ଘଣ୍ଟା ଧରି ଟ୍ରାଫିକ୍ ଜାମରେ ଫସି ରହିଛନ୍ତି। ମିଳିଥିବା ସୂଚନା ଅନୁସାରେ, ଏହି ଏକ୍ସପ୍ରେସୱେର ଦ୍ୱିତୀୟ ସୁଡ଼ଙ୍ଗ ନିକଟରେ ମାଟି ଅତଡ଼ା ଖସିବା ସହ ଖଣ୍ଡାଲା ଘାଟି ଅଞ୍ଚଳରେ ପାଣି ଜମି ରହିବା ଯୋଗୁଁ ପରିବହନ ବ୍ୟବସ୍ଥା ସମ୍ପୂର୍ଣ୍ଣ ବିପର୍ଯ୍ୟସ୍ତ ହୋଇପଡ଼ିଛି। ଲଗାତାର ବର୍ଷା ଯୋଗୁଁ ମୁମ୍ବାଇ ଏବଂ ପୁଣେ ମଧ୍ୟରେ ରେଳ ସେବା ମଧ୍ୟ ଗୁରୁତର ଭାବେ ପ୍ରଭାବିତ ହୋଇଛି। ପ୍ରାୟ ୧୬ଟି ଟ୍ରେନ ବାତିଲ କରାଯାଇଥିବା ବେଳେ ୯ଟି ଟ୍ରେନର ଗତିପଥ ବଦଳାଯାଇଛି। ପାଣିପାଗ ବିଭାଗ ପକ୍ଷରୁ ମୁମ୍ବାଇ ପାଇଁ ଅରେଞ୍ଜ ଆଲର୍ଟ ଏବଂ ପୁଣେ ପାଇଁ ରେଡ୍ ଆଲର୍ଟ ଜାରି କରାଯାଇଛି। ମହାରାଷ୍ଟ୍ରର ପ୍ରସିଦ୍ଧ ପର୍ଯ୍ୟଟନ ସ୍ଥଳୀ ମହାବଳେଶ୍ୱରରେ ବର୍ଷା ଯୋଗୁଁ ଏକ ପୋଲ ଭୁଶୁଡ଼ି ପଡ଼ିଛି, ଯେଉଁଥିପାଇଁ ସେଠାରେ ଅନେକ ପର୍ଯ୍ୟଟକ ଫସି ରହିଥିଲେ। ସେହିପରି ମୁମ୍ବାଇରେ ପ୍ରବଳ ବର୍ଷା ଯୋଗୁଁ ବିମାନ ବନ୍ଦରର ରନୱେ କାର୍ଯ୍ୟ ପ୍ରାୟ ଏକ ଘଣ୍ଟା ପାଇଁ ବନ୍ଦ ରହିଥିଲା। ସହରର କେତେକ ସ୍ଥାନରେ ଗତ ୨୪ ଘଣ୍ଟା ମଧ୍ୟରେ ୨୦୦ ରୁ ୩୦୦ ମିଲିମିଟର ପର୍ଯ୍ୟନ୍ତ ବର୍ଷା ରେକର୍ଡ କରାଯାଇଛି।

# ଜଳୁଛି ପିଓକେ; ଭାରତର ସାହାଯ୍ୟ ଲୋଡ଼ିଲେ ନେତା

ନୂଆଦିଲ୍ଲୀ, ୬।୭(ଏଜେନ୍ସି): ପିଓକେରେ ପ୍ରଶାସନର ଦମନଲୀଳା ଓ ଅତ୍ୟାଚାର ଚରମ ସୀମାରେ ପହଞ୍ଚିଛି। ପିଓକେର ଜନତା ଏବେ ପାକିସ୍ତାନ ବିରୋଧରେ ମେଳି ବାନ୍ଧିବା ସହ ଭାରତର ସହାୟତା ଲୋଡ଼ିଛନ୍ତି। ମିଳିତ ଆୱାମୀ ଆକ୍ସନ କମିଟିର ପ୍ରମୁଖ ନେତା ସର୍ଦ୍ଦାର ଅମାନ ଖାନ ସୋସିଆଲ ମିଡିଆରେ ଏକ ଭିଡିଓ ବାର୍ତ୍ତା ଜରିଆରେ ନୂଆଦିଲ୍ଲୀକୁ ମାନବୀୟ ସହାୟତା ଯୋଗାଇଦେବା ସହ ନିୟନ୍ତ୍ରଣ ରେଖା ବା ଏଲଓସି ସୀମାକୁ ଖୋଲିବା ପାଇଁ ନିବେଦନ କରିଛନ୍ତି। ପିଓକେରେ ଆନ୍ଦୋଳନକୁ ଦବାଇବା ପାଇଁ ପାକିସ୍ତାନୀ ସୁରକ୍ଷା ବଳ ପକ୍ଷରୁ କରାଯାଇଥିବା କାର୍ଯ୍ୟାନୁଷ୍ଠାନରେ ଅନେକ ଲୋକ ପ୍ରାଣ ହରାଇଛନ୍ତି। ପାକିସ୍ତାନ ସରକାର ଏହି ଅଞ୍ଚଳରେ ଆର୍ଥିକ ଅବରୋଧ ଲଗାଇଥିବାରୁ ଏବେ ସେଠାରେ ଖାଦ୍ୟ ସାମଗ୍ରୀ, ଚାଉଳ ଏବଂ ଔଷଧର ଘୋର ଅଭାବ ଦେଖାଦେଇଛି। ରାୱାଲାକୋଟର ଏକ ବିଶାଳ ଜନସଭାକୁ ସମ୍ବୋଧିତ କରି ଅମାନ ଖାନ କହିଛନ୍ତି ଯେ ଯଦି ପାକିସ୍ତାନୀ ପ୍ରଶାସନ ଜନତାଙ୍କ ଦାବିକୁ ଗୁଳିରେ ଉଡ଼ାଇବାକୁ ଚେଷ୍ଟା କରିବ, ତେବେ ସେମାନଙ୍କ ପାଖରେ ଅନ୍ୟ ରାସ୍ତା ମଧ୍ୟ ରହିଛି। ସେ ସେଠାକାର



ନାଗରିକମାନଙ୍କୁ ଭାରତ ସୀମା ଆଡ଼କୁ ଅଗ୍ରସର ହେବା ପାଇଁ ଆହ୍ୱାନ ଦେଇଛନ୍ତି। ତ ଜୁନ୍ ୫ ତାରିଖରେ ପାକିସ୍ତାନ ସରକାର ଏହି ଜନ ଆନ୍ଦୋଳନର ନେତୃତ୍ୱ ନେଉଥିବା ସଂଗଠନକୁ ଏକ ସନ୍ତ୍ରାସବାଦୀ ସଂଗଠନ ବୋଲି ଘୋଷଣା କରି ପ୍ରତିବନ୍ଧକ ଲଗାଇଥିଲେ। ଏହା ପରେ ସ୍ଥିତି ଆହୁରି ବିଗିଡ଼ିବାରେ ଲାଗିଛି।

## ୨ ଆସାମ ରାଇଫଲ୍ସ ଯବାନ ସହିଦ

ଇମ୍ଫାଲ, ୬।୭(ଏଜେନ୍ସି): ମଣିପୁରର ଉଖ୍ରୁଲ୍ ଜିଲ୍ଲାରେ ସୋମବାର ଆତଙ୍କବାଦୀଙ୍କ ଦ୍ୱାରା ହୋଇଥିବା ଗରିଲା ଆକ୍ରମଣରେ ଆସାମ ରାଇଫଲ୍ସର ଦୁଇ ଜଣ ଯବାନ ସହିଦ ହୋଇଛନ୍ତି। ଏହି ସନ୍ତ୍ରାସବାଦୀ ଆକ୍ରମଣରେ ଅନ୍ୟ କେତେକ ଯବାନ ମଧ୍ୟ ଗୁରୁତର ଭାବେ ଆହତ ହୋଇଛନ୍ତି। ଯବାନମାନେ ନିୟମିତ ପାଟ୍ରୋଲିଂ କରୁଥିବା ସମୟରେ ପୂର୍ବରୁ ଛପି ରହିଥିବା ଉଗ୍ରବାଦୀମାନେ ସେମାନଙ୍କ ଉପରକୁ ଅତର୍କିତ ଗୁଳିବର୍ଷଣ କରିଥିଲେ। ମଣିପୁର ରାଜ୍ୟପାଳ ଏହି ବର୍ବରୋଚିତ ହିଂସାକାଣ୍ଡକୁ ତୀବ୍ର ନିନ୍ଦା କରିଛନ୍ତି।

# ପ୍ରବଳ ବର୍ଷାରେ ସୁଧୁରିଲା ନିଅଣ୍ଟିଆ ସ୍ଥିତି; ୪୫ରୁ ୨୮%କୁ ହ୍ରାସ

ନୂଆଦିଲ୍ଲୀ, ୬।୭(ଏଜେନ୍ସି): ଦେଶରେ ଦକ୍ଷିଣ-ପଶ୍ଚିମ ମୌସୁମୀ ବାୟୁ ପୁଣି ଥରେ ସକ୍ରିୟ ହୋଇଉଠିଛି। ବିଗତ କିଛି ସପ୍ତାହର ମନ୍ଥର ଗତି ପରେ ସମଗ୍ର ଭାରତର ବିଭିନ୍ନ ପ୍ରାନ୍ତରେ ପ୍ରବଳ ବର୍ଷା ଜାରି ରହିଛି। ଏହା ଫଳରେ ଦେଶରେ ଦେଖାଦେଇଥିବା ଋତୁଭିତ୍ତିକ ନିଅଣ୍ଟିଆ ବର୍ଷାର ପରିମାଣରେ ବଡ଼ ହ୍ରାସ ଘଟିଛି। ପାଣିପାଗ ବିଭାଗର ସଦ୍ୟତମ ତଥ୍ୟ ଅନୁଯାୟୀ, ବର୍ଷାର ନିଅଣ୍ଟ ପରିମାଣ ୪୫ ପ୍ରତିଶତରୁ କମି ଏବେ ୨୮ ପ୍ରତିଶତରେ ପହଞ୍ଚିଛି, ଯାହା ଚାଷ କାର୍ଯ୍ୟ ପାଇଁ ଏକ ଶୁଭ ସଙ୍କେତ ଆଣିଦେଇଛି। କିଛି ଦିନର ଶୁଷ୍କ ପାଗ ପରେ ଉପଗ୍ରହ ଚିତ୍ରରୁ ଜଣାପଡ଼ିଛି ଯେ




ପଶ୍ଚିମ, କେନ୍ଦ୍ରୀୟ ଏବଂ ପୂର୍ବ ଭାରତରେ ଘନ ମେଘମାଳା ସୃଷ୍ଟି ହୋଇଛି। ଆରବ ସାଗର ଓ ବଙ୍ଗୋପସାଗରରୁ ଆସୁଥିବା ପ୍ରଚୁର ଜଳୀୟବାଷ୍ପ ପୂର୍ଣ୍ଣ ବାୟୁ ଯୋଗୁଁ ଓଡ଼ିଶା, ମହାରାଷ୍ଟ୍ର, ଗୁଜରାଟ, ମଧ୍ୟପ୍ରଦେଶ, ଛତିଶଗଡ଼ ଏବଂ ତେଲେଙ୍ଗାନାରେ ବ୍ୟାପକ ବର୍ଷା ରେକର୍ଡ କରାଯାଇଛି। ।ଦିଲ୍ଲୀ, ଉତ୍ତର ପ୍ରଦେଶ, ବିହାର, ଗୁଜରାଟ ଏବଂ ପଞ୍ଜାବ ପରି ରାଜ୍ୟରେ ଏବେ ମଧ୍ୟ ସ୍ୱାଭାବିକ ଠାରୁ ବହୁତ କମ୍ ବର୍ଷା ହୋଇଛି। ସବୁଠାରୁ ଚିନ୍ତାଜନକ ସ୍ଥିତି ପୂର୍ବୋତ୍ତର ଭାରତର ମେଘାଳୟ, ଆସାମ ଏବଂ ଅରୁଣାଚଳ ପ୍ରଦେଶରେ ଦେଖାଦେଇଛି, ଯେଉଁଠାରେ ବର୍ଷାର ଅଭାବ ଅଧିକ ରହିଛି। ଅପରପକ୍ଷରେ ରାଜସ୍ଥାନ, ମଧ୍ୟପ୍ରଦେଶ, ପଶ୍ଚିମବଙ୍ଗ, ତାମିଲନାଡୁ ଏବଂ ଜମ୍ମୁ-କାଶ୍ମୀରରେ ସ୍ୱାଭାବିକ କିମ୍ବା ଅଧିକ ବର୍ଷା ହୋଇଥିବା ଜଣାପଡ଼ିଛି।



## ବାରୁଇପୁରରେ ଉତ୍ତେଜନା
# ନାବାଳିକାକୁ ଦୁଷ୍କର୍ମ କରି ନଦୀରେ ଫିଙ୍ଗିଦେଇଥିଲେ

- ଅଭିଯୁକ୍ତକୁ ଧରାଇଲା ସିସିସିଟିଭି ଫୁଟେଜ
- ବିଜେପି-ଟିଏମ୍‌ସି ମୁହାଁମୁହିଁ

କୋଲକାତା, ୬।୭(ଏଜେନ୍ସି): ପଶ୍ଚିମବଙ୍ଗର ଦକ୍ଷିଣ ୨୪ ପ୍ରଗଣା ଜିଲ୍ଲାର ବାରୁଇପୁରଠାରେ ଜଣେ ୧୧ ବର୍ଷର ନାବାଳିକାକୁ ଦୁଷ୍କର୍ମ ଓ ହତ୍ୟା ଅଭିଯୋଗକୁ କେନ୍ଦ୍ର କରି ଉତ୍ତେଜନା ପ୍ରକାଶ ପାଇଛି। ଏହି ମାମଲାରେ ପୁଲିସ ୩ ଜଣଙ୍କୁ ଗିରଫ କରିଛି। ଅପରପକ୍ଷରେ, ଏହି ଘଟଣାରେ ସମ୍ପୃକ୍ତି ଥିବା ସନ୍ଦେହରେ ରବିବାର ଏକ ଉତ୍ତ୍ୟକ୍ତ ଜନତା ସମୂହ ଜଣେ ବ୍ୟକ୍ତିଙ୍କୁ ପିଟିପିଟି ହତ୍ୟା କରିଛନ୍ତି। ମୁଖ୍ୟମନ୍ତ୍ରୀ ଶୁଭେନ୍ଦୁ ଅଧିକାରୀ ଏହି ଘଟଣା ନେଇ ଦୁଃଖ ପ୍ରକାଶ କରିବା ସହ ପୀଡ଼ିତାଙ୍କ ପରିବାରକୁ ନ୍ୟାୟ ପ୍ରଦାନ ଏବଂ ଦୋଷୀମାନଙ୍କୁ ଫାଶୀ ଦଣ୍ଡ ଦେବା ପାଇଁ ଉଦ୍ୟମ କରିବେ ବୋଲି କହିଛନ୍ତି। ଏହା ସହିତ ଘଟଣାକୁ ସାମ୍ପ୍ରଦାୟିକ ରୂପ ନ ଦେବାକୁ ସେ ବିରୋଧୀଙ୍କୁ କହିଛନ୍ତି। ମୁଖ୍ୟମନ୍ତ୍ରୀ ମଙ୍ଗଳବାର ପୀଡ଼ିତାଙ୍କ ପରିବାରକୁ ଭେଟିବେ। ମାମଲାରେ ପୁଲିସର ଦୃଢ଼ କାର୍ଯ୍ୟାନୁଷ୍ଠାନ ପାଇଁ



ମୁଖ୍ୟମନ୍ତ୍ରୀ ପ୍ରତିଶ୍ରୁତି ଦେଇଛନ୍ତି। ଶନିବାରରୁ ନିଖୋଜ ଥିବା ନାବାଳିକାର ମୃତଦେହ ରବିବାର ଏକ ପୋଖରୀରୁ ମିଳିଥିଲା। ଫଳର ସ୍ଥାନୀୟ ଲୋକେ ଉତ୍ତ୍ୟକ୍ତ ହୋଇ ପୁଲିସ ଗାଡ଼ି ଜାଳିଦେବା ସହ ରେଳପଥ ଅବରୋଧ କରିଥିଲେ। ପରିସ୍ଥିତିକୁ ନିୟନ୍ତ୍ରଣ କରିବା ପାଇଁ ବାରୁଇପୁର ସମେତ ସୋନାରପୁର ଏବଂ ନରେନ୍ଦ୍ରପୁର ଅଞ୍ଚଳରେ ୧୪୪ ଧାରା ଜାରି କରାଯାଇ କେନ୍ଦ୍ରୀୟ ସୁରକ୍ଷା ବଳ ମୁତୟନ କରାଯାଇଛି। ପୁଲିସ ଏହି ଘଟଣାରେ ଜଣେ ବିଜେପି କର୍ମୀଙ୍କୁ ଗିରଫ କରିବା ସହିତ ପ୍ରଭାଷ ମଣ୍ଡଳ, ଦିବାକର ସର୍ଦ୍ଦାର ଏବଂ ମୁଖ୍ୟ ଅଭିଯୁକ୍ତ ଆନନ୍ଦ ସରକାରଙ୍କୁ ଗିରଫ କରିଛି। ସିସିଟିଭି ଫୁଟେଜରୁ ଅଭିଯୁକ୍ତଙ୍କ ସନ୍ଧାନ ମିଳିଥିବା ଜଣାପଡ଼ିଛି। ଏବେ ଏସ୍‌ଆଇଟି ଦଳ ପକ୍ସୋ ଆଇନରେ ମାମଲାର ଯାଞ୍ଚ କରୁଛି। ତୃଣମୂଳ କଂଗ୍ରେସ ଓ ସିପିଏମ୍ ଭଳି ବିରୋଧୀ ଦଳର ନେତାମାନେ ପୀଡ଼ିତାଙ୍କ ପରିବାରକୁ ଭେଟି ସମବେଦନା ଜଣାଇଛନ୍ତି। ଏହି ଘଟଣା ବଙ୍ଗଳା ରାଜନୀତିର ତାତିକୁ ହାୱା ଦେଇଛି। ବିରୋଧୀ ଏହି ଘଟଣାରୁ ଫାଇଦା ଉଠାଇବା ଲକ୍ଷ୍ୟରେ ରହିଥିବା ବେଳେ ସରକାର ଅଭିଯୁକ୍ତଙ୍କ ଉପରେ କଠୋର କାର୍ଯ୍ୟାନୁଷ୍ଠାନ ପାଇଁ ତତ୍ପର ହୋଇଛି।


ନବୀନ ସରକାରଙ୍କ ସମୟର '୫-ଟି' ସଚିବ ଭି.କେ ପାଣ୍ଡିଆନ ଭୂକମ୍ପ ପୀଡ଼ିତ ଭେନେଜୁଏଲାରେ ଉଦ୍ଧାର ଓ ପୁନର୍ବାସ କାର୍ଯ୍ୟ ସମ୍ପର୍କରେ ସେଠାକାର ରାଷ୍ଟ୍ରପତିଙ୍କ ସହ ଆଲୋଚନା କରୁଛନ୍ତି

### ପୁରୀ-କୋରାପୁଟ ଏକ୍ସପ୍ରେସର ଶୁଭାରମ୍ଭ

## ଶ୍ରୀକ୍ଷେତ୍ର ସହ ଯୋଡ଼ିହେଲା ଶାବର ଶ୍ରୀକ୍ଷେତ୍ର

ପୁରୀ,୬।୭(ସମିସ): ଶ୍ରୀକ୍ଷେତ୍ର ସହ ଯୋଡ଼ି ହୋଇଛି ଶାବର ଶ୍ରୀକ୍ଷେତ୍ର। ପୂର୍ବରୁ ଶାବର ଶ୍ରୀକ୍ଷେତ୍ର ବା କୋରାପୁଟକୁ ଭୁବନେଶ୍ୱରରୁ ଗୋଟିଏ ଟ୍ରେନ୍ ଚଳାଚଳ କରୁଥିଲା। ବିଶ୍ୱପ୍ରସିଦ୍ଧ ରଥଯାତ୍ରା ପୂର୍ବରୁ ସୋମବାର ପୁରୀରୁ କୋରାପୁଟ ଗଡ଼ିଛି ନୂଆ ଟ୍ରେନ୍। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଓ କେନ୍ଦ୍ର ରେଳ ମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବ ସବୁଜ ପତାକା ଦେଖାଇ ଏହି ଟ୍ରେନ୍‌ର ଶୁଭାରମ୍ଭ କରିଥିଲେ। ଏହି ଅବସରରେ ସୂଚନା ଦେଇ କେନ୍ଦ୍ର ରେଳମନ୍ତ୍ରୀ ଶ୍ରୀ ବୈଷ୍ଣବ କହିଥିଲେ, ରେଳ ବିଭାଗ ଉପକୂଳ ଓଡ଼ିଶାରୁ ପଶ୍ଚିମ ଓ ଦକ୍ଷିଣ ଓଡ଼ିଶାକୁ ଯୋଡ଼ିବ। ରାଜ୍ୟର ସମସ୍ତ ୩୦ଟି ଜିଲ୍ଲାକୁ ଟ୍ରେନ୍ ଚଳାଚଳ କରିବ। ଓଡ଼ିଶାର ରେଳ ସଂଯୋଗକୁ ଆହୁରି ସୁଦୃଢ଼ କରିବା ପାଇଁ ଓଡ଼ିଶାରେ ବର୍ତ୍ତମାନ ସୁଦ୍ଧା ୯୭ ହଜାର କୋଟି ଟଙ୍କା ଖର୍ଚ୍ଚ କରାଯାଉଛି। ପୁରୀ ବିଶ୍ୱସ୍ତରୀୟ ରେଳ ଷ୍ଟେସନରେ ପରିଣତ ହୋଇଛି। ରାଜ୍ୟରେ ୫୦ଟି ଷ୍ଟେସନର ପୁନଃନିର୍ମାଣ ଓ ନବୀକରଣ କରାଯାଉଛି। ସେ ପୁରୀ ରେଳ ଷ୍ଟେସନ ସହ ନବୀକରଣ ଓ ପୁନଃନିର୍ମିତ ହେବାକୁ ଥିବା ରାଜ୍ୟର ପ୍ରମୁଖ ଷ୍ଟେସନଗୁଡ଼ିକର ଫଟୋଚିତ୍ର ଦେଖାଇଥିଲେ। ଓଡ଼ିଶାରେ ଅଧିକ ରେଳ ଲାଇନ୍ କରାଯାଉଛି। ଏହା ଫଳରେ ଓଡ଼ିଶାର ରେଳ



ମ୍ୟାପ୍ ସମ୍ପୂର୍ଣ୍ଣ ପରିବର୍ତ୍ତିତ ହେବ। ମୁଖ୍ୟମନ୍ତ୍ରୀ ଉତ୍ତର ଓଡ଼ିଶାକୁ ଯୋଗାଯୋଗ କରିବା ପାଇଁ ଏକ ଟ୍ରେନ୍ ଚଳାଚଳ କରିବା ଲାଗି ପ୍ରସ୍ତାବ ଦେଇଥିଲେ। କେନ୍ଦ୍ର ରେଳ ମନ୍ତ୍ରୀ ତୁରନ୍ତ ଏହି ପ୍ରସ୍ତାବ ଗ୍ରହଣ କରି ଉତ୍ତର ଓଡ଼ିଶାକୁ ମଧ ଖୁବ୍‌ଶୀଘ୍ର ରେଳ ଚଳାଚଳ କରିବ ବୋଲି ଘୋଷଣା କରିଥିଲେ। ପୁରୀ-କୋରାପୁଟ ଏକ୍ସପ୍ରେସ ଶୁଭାରମ୍ଭ ପରେ ମୁଖ୍ୟମନ୍ତ୍ରୀ ଓ କେନ୍ଦ୍ର ରେଳମନ୍ତ୍ରୀ ଏକ ସ୍ୱତନ୍ତ୍ର ଟ୍ରେନ୍ ଯୋଗେ ବ୍ରହ୍ମପୁର ଯାତ୍ରା କରିଥିଲେ। ଏହି ନୂତନ ଟ୍ରେନ୍ ଶୁଭାରମ୍ଭ ଉତ୍ସବରେ କଳାହାଣ୍ଡି ସାଂସଦ ମାଳବିକା ଦେବୀ, ପୁରୀ ସାଂସଦ ଡ. ସମ୍ବିତ୍ ପାତ୍ର, ସତ୍ୟବାଦୀ, ବ୍ରହ୍ମଗିରି ଓ ପିପିଲି ବିଧାୟକଙ୍କ ସହ ପୂର୍ବତଟ ରେଳବାଇ ଜେନେରାଲ ମ୍ୟାନେଜର, ଡିଭିଜନାଲ୍ ମ୍ୟାନେଜର ପ୍ରମୁଖ ଉପସ୍ଥିତ ଥିଲେ।

ସୂଚନାଥାଉ କି, ପୁରୀ-କୋରାପୁଟ ଏକ୍ସପ୍ରେସ୍ ପୁରୀ, ଖୋର୍ଦ୍ଧା ରୋଡ୍, ଭୁବନେଶ୍ୱର, ଅନୁଗୋଳ, ସମ୍ବଲପୁର, ବଲାଙ୍ଗୀର, ଟିଟିଲାଗଡ଼, ରାୟଗଡ଼ା ଓ ଦାମନଯୋଡ଼ି ଦେଇ କୋରାପୁଟକୁ ସଂଯୋଗ କରିବ। ଏହି ନୂତନ ରେଳ ସେବା ଦକ୍ଷିଣ ଓ ପଶ୍ଚିମ ଓଡ଼ିଶାର ଯାତ୍ରୀ, ପର୍ଯ୍ୟଟକ, ଛାତ୍ରଛାତ୍ରୀ, ବ୍ୟବସାୟୀ ଓ ରୋଗୀମାନଙ୍କ ପାଇଁ ବେଶ୍ ଉପକାରୀ ହେବ ବୋଲି ଆଶା କରାଯାଉଛି।

## ବର୍ଷା ଧରାଇଦେଲା ସାର ସଙ୍କଟ

### ପ୍ରଭାବିତ ହେବ ଖରିଫ୍ ଫସଲ

ଭୁବନେଶ୍ୱର,୬।୭(ସମିସ): ଓଡ଼ିଶାରେ ବର୍ଷକୁ ପ୍ରାୟ ୧୨ ଲକ୍ଷ ଟନ୍ ସାର ଆବଶ୍ୟକ। ପୂର୍ବ ବର୍ଷର ଗଚ୍ଛିତ ସାରକୁ ମିଶାଇ ଏବର୍ଷର ଖରିଫ୍ ପାଇଁ ସରକାର ସାର ଯୋଗାଇବାକୁ ଲକ୍ଷ୍ୟ ଧାର୍ଯ୍ୟ କରିଛନ୍ତି। ଏହା ସତ୍ତ୍ୱେ ଏବେ ସୁଦ୍ଧା ରାଜ୍ୟରେ ଆବଶ୍ୟକ ସାରର ଚାରି ଭାଗରୁ ଭାଗେ ମଧ ମହଜୁଦ୍ ନାହିଁ। ପୂର୍ବରୁ ଦୁର୍ବଳ ମୌସୁମୀ ଚାଷୀଙ୍କ ପାଇଁ ଚିନ୍ତା ବଢ଼ାଇଥିବା ବେଳେ ଏବେ ଲଘୁଚାପ ଜନିତ ବର୍ଷା ଆସିଥିବାରୁ ଚାଷ ଆରମ୍ଭ ପାଇଁ ଅନୁକୂଳ ସ୍ଥିତି ସୃଷ୍ଟି ହୋଇଛି। ଚାଷ ଆରମ୍ଭ କରିବାକୁ ଚାଷୀ ବ୍ୟାକୁଳ ଥିବା ବେଳେ ରାଜ୍ୟରେ ସାରଅଭାବ ଚାଷୀଙ୍କ ପାଇଁ ଚିନ୍ତା ବଢ଼ାଇଛି। ଚାଷର ପ୍ରାରମ୍ଭିକ କାର୍ଯ୍ୟରେ ଡିଏପି ଓ ଗ୍ରୋମର ସାରର ଆବଶ୍ୟକତା ଅତ୍ୟନ୍ତ ଜରୁରୀ। ଏହି ସାର ଏବେ ସରକାର ଯୋଗାଇ ଦେଇ ପାରୁନାହାନ୍ତି। ବର୍ଷାକୁ ଆଧାର କରି ଚାଷୀ ଜମି ହଳ କରିବା ସହ ଧାନ ତଳି ପ୍ରସ୍ତୁତ କଲେଣି। ଏହି ସମୟରେ ତଳି ରୁଆ ଓ ବୁଣା କାର୍ଯ୍ୟପାଇଁ ସାରର ଜରୁରୀ ଆବଶ୍ୟକତା ରହିଛି। କିନ୍ତୁ ରାଜ୍ୟର ବିଭିନ୍ନ ବ୍ଲକସ୍ତରରେ ଥିବା ପ୍ୟାକ୍ସ ଓ ଲ୍ୟାମ୍ପ୍ସ ପାଖରେ ଯଥେଷ୍ଟ ପରିମାଣର ସାର ମହଜୁଦ ନାହିଁ। ବହୁ ସ୍ଥାନରେ ସୋସାଇଟିରେ ତାଲା ପଡ଼ିଛି। ଏପରି ସ୍ଥଳେ ଚାଷୀ କ'ଣ କରିବେ ବୋଲି ବୁଝି ପାରୁନାହାନ୍ତି।

ରାଜ୍ୟରେ ସାର ସଂକଟକୁ ନେଇ କୃଷକ ନେତା ଅମିୟ କୁମାର ପଟ୍ଟନାୟକ ବର୍ଷିଛନ୍ତି। ସେ କହିଛନ୍ତି, ଅଧିକ ଫସଲ ଅମଳ ପାଇଁ ସାରର ଯଥେଷ୍ଟ ଆବଶ୍ୟକତା ରହିଥିବା ବେଳେ ଠିକଣା ସମୟରେ ଚାଷୀଙ୍କୁ ଆବଶ୍ୟକ ମୁତାବକ ସାର ଯୋଗାଇଦେବାରେ ଏହି ସରକାର ସମ୍ପୂର୍ଣ୍ଣ ଅସମର୍ଥ। ଅନ୍ୟ ରାଜ୍ୟ ତୁଳନାରେ ଓଡ଼ିଶାରେ ରାସାୟନିକ ସାର କମ୍ ବ୍ୟବହାର ହେଉଥିଲେ ମଧ ଅନେକ ସମୟରେ ଚାଷୀ ସାର ସଙ୍କଟର ସମ୍ମୁଖୀନ ହେଉଛନ୍ତି। ଚଳିତ ଖରିଫ୍ ପାଇଁ ସାରା ଦେଶରେ ୩୮୩ ଲକ୍ଷ ଟନ୍ ରାସାୟନିକ ସାରର ଆବଶ୍ୟକତା ରହିଥିବା ବେଳେ ଏବେ ମାତ୍ର ୧୯୦ଲକ୍ଷ ଟନ୍ ସାର ମହଜୁଦ୍ ଅଛି। ଓଡ଼ିଶାରେ ସାରର ଯଥେଷ୍ଟ ଅଭାବ ରହିଛି। ନବରଙ୍ଗପୁର ଜିଲ୍ଲାର ଚାଷୀମାନେ ଏବେ ରାଜ ରାସ୍ତାରେ। ଅନ୍ୟପଟେ ଏପରି ପରିସ୍ଥିତିକୁ ଉପମୁଖ୍ୟମନ୍ତ୍ରୀ କନକବର୍ଦ୍ଧନ ସିଂହ ଦେଓ ଦୃଢ଼ ମୁକାବିଲା କରିବା ପରିବର୍ତ୍ତେ ଜୈବିକ ସାରର କ୍ଷେତ୍ର ପ୍ରସ୍ତୁତ ନ କରି ରାସାୟନିକ ସାର ପରିବର୍ତ୍ତେ ଜୈବିକ ସାର ବ୍ୟବହାର କରିବାକୁ ଚାଷୀଙ୍କୁ ପରାମର୍ଶ ଦେବା ହାସ୍ୟାସ୍ପଦ ବୋଲି ଶ୍ରୀ ପଟ୍ଟନାୟକ କହିଛନ୍ତି।

ଚଳିତ ଖରିଫ ଚାଷ ପାଇଁ କେନ୍ଦ୍ର କିପରି ଓଡ଼ିଶା ରାଜ୍ୟର ଚାହିଦା ମେଣ୍ଟାଇବାକୁ ଆବଶ୍ୟକ ପରିମାଣର ସାର ଚାଷୀଙ୍କୁ ନିର୍ଦ୍ଧାରିତ ସମୟରେ ଯୋଗାଇ ଦିଆଯାଇ ପାରିବ ସୁବ୍ୟବସ୍ଥା କରିବା ଜରୁରୀ। କିନ୍ତୁ ଏହି ଦିଗରେ ଦିଗରେ ସରକାରଙ୍କ ସେପରି ତତ୍ପରତା ପ୍ରକାଶ ପାଉନାହିଁ ବୋଲି କଂଗ୍ରେସ ପକ୍ଷରୁ ଅଭିଯୋଗ କରାଯାଇଛି। ତେଣୁ ସରକାରଙ୍କ ପକ୍ଷରୁ ପ୍ରତି ପଞ୍ଚାୟତରେ ଥିବା ଲ୍ୟାମ୍ପ୍ସ, ପ୍ୟାକ୍ସ ଓ ଘରୋଇ ଡିଲରମାନଙ୍କୁ ଆବଶ୍ୟକ ପରିମାଣର ସାର ପହଞ୍ଚାଇ ଏହାର ସୁସମ ବଣ୍ଟନ, କଳାବଜାରୀକୁ ଦୃଢ଼ହସ୍ତରେ ଦମନ, ପ୍ରତି ବ୍ଲକସ୍ତରରେ ମନିଟରିଂ ପାଇଁ ସ୍କ୍ୱାର୍ଡ ଗଠନ ଏବଂ ପରିବେଶ ପରିସ୍ଥିତି ଓ ମୌସୁମୀକୁ ଲକ୍ଷ୍ୟରଖି ସାର ବ୍ୟବହାର ପାଇଁ ଚାଷୀଙ୍କୁ ଉପଯୁକ୍ତ ବୈଷୟିକ ପରାମର୍ଶ ଦେବାକୁ ରାଷ୍ଟ୍ରୀୟ ସଂଯୋଜକ ଶ୍ରୀ ପଟ୍ଟନାୟକ ଦାବି କରିଛନ୍ତି। ରାଜ୍ୟରେ ଲାଗି ରହିଥିବା ସାର ସମସ୍ୟାର ଆଶୁ ସମାଧାନ କରାନଗଲେ କଂଗ୍ରେସ ଦଳ ରାଜରାସ୍ତାକୁ ଓହ୍ଲାଇବ ବୋଲି ସରକାରଙ୍କୁ ସେ ଚେତାବନୀ ଦେଇଛନ୍ତି।

## ୪୭୫ ସିସିଟିଭି ନଜରରେ ରହିବ ପୁରୀ ରଥଯାତ୍ରା

ପୁରୀ,୬।୭(ସମିସ): ଏଥର ରଥଯାତ୍ରାରେ ବହୁ ସଂଖ୍ୟାରେ ଭକ୍ତଙ୍କ ସମାଗମ ହେବା ସମ୍ଭାବନା ରହିଛି। ଏହି ଭିଡ଼ ଭିତରେ କୌଣସି ପ୍ରକାର ଅଘଟଣକୁ ଏଡ଼ାଇବା ସହ ଭକ୍ତଙ୍କ ସୁରକ୍ଷା ଓ ଶୃଙ୍ଖଳିତ ଦର୍ଶନ, ଟ୍ରାଫିକ୍ ସୁପରିଚାଳନା ପାଇଁ ପୁଲିସ ବ୍ୟାପକ ପ୍ରସ୍ତୁତି କରିଛି। ସୋମବାର ଅନୁଷ୍ଠିତ ରଥଯାତ୍ରାର ସ୍ୱତନ୍ତ୍ର ସମୀକ୍ଷା ବୈଠକରେ ପୁଲିସ ମହାନିର୍ଦ୍ଦେଶକ ୱାଇ.ବି. ଖୁରାନିଆ ବିଭାଗର ପ୍ରସ୍ତୁତି ସମ୍ପର୍କରେ ବିସ୍ତୃତ ଭାବେ ସୂଚନା ଦେଇଥିଲେ। ସେ କହିଥିଲେ ଯେ, ଭକ୍ତଙ୍କ ସୁରକ୍ଷା, ଶୃଙ୍ଖଳିତ ଦର୍ଶନ ଏବଂ ଟ୍ରାଫିକ୍ ସୁପରିଚାଳନା ଉପରେ ପୁଲିସର ପ୍ରାଥମିକତା ରହିଛି। ସୁରକ୍ଷା ଦୃଷ୍ଟିରୁ ପୁରୀରେ ପ୍ରାୟ ୧୨ ହଜାର ପୁଲିସ କର୍ମଚାରୀ ମୁତୟନ ହେଉଥିବାବେଳେ ୪୭୫ ସିସିଟିଭି କ୍ୟାମେରା ନଜରରେ ରହିବ ରଥଯାତ୍ରା।

ଗତବର୍ଷ ବ୍ୟବସ୍ଥାରେ କିଛିଟା ତ୍ରୁଟି ପରିଲକ୍ଷିତ ହୋଇଥିଲା। ଏଥିରେ ଆବଶ୍ୟକ ସୁଧାର ଅଣାଯାଇଛି। ରଥଯାତ୍ରାକୁ ଶୃଙ୍ଖଳିତ ଏବଂ ଶାନ୍ତିପୂର୍ଣ୍ଣ ଭାବେ ସମ୍ପନ୍ନ କରିବା ପାଇଁ ପୁଲିସ ବିଭାଗର ପ୍ରସ୍ତୁତି ଅନ୍ତିମ ପର୍ଯ୍ୟାୟରେ ପହଞ୍ଚିଛି। ତୀର୍ଥଯାତ୍ରୀଙ୍କ ସୁରକ୍ଷା, ଶୃଙ୍ଖଳିତ ଦର୍ଶନ, ଭିଡ଼ ନିୟନ୍ତ୍ରଣ, ଟ୍ରାଫିକ୍

**ନିୟୋଜିତ ହେବେ ୧୨ ହଜାର ପୁଲିସ ଫୋର୍ସ**

ପରିଚାଳନା ଏବଂ ସୁରକ୍ଷିତ ରଥଟଣା ଉପରେ ପୁଲିସ ବିଶେଷ ଧ୍ୟାନ ଦେବ। ଚଳିତ ବର୍ଷର ସୁରକ୍ଷା ବ୍ୟବସ୍ଥାର ତଦାରଖ ସୌମେନ୍ଦ୍ର ପ୍ରିୟଦର୍ଶୀ କରୁଥିବାବେଳେ ସୁଚାରୁ ପରିଚାଳନା ପାଇଁ ଟେକ୍ନୋଲୋଜିର ବ୍ୟବହାର ଉପରେ ବିଶେଷ ଗୁରୁତ୍ୱ ଦିଆଯାଇଛି। ଶ୍ରୀମନ୍ଦିର, ତିନି ରଥ, ବଡ଼ଦାଣ୍ଡ, ପୁରୀ ବେଳାଭୂମି ଏବଂ ରେଳ ଷ୍ଟେସନର ସୁରକ୍ଷାକୁ ପ୍ରାଥମିକତା ଦିଆଯିବ। ଜରୁରୀକାଳୀନ ପରିସ୍ଥିତିର ମୁକାବିଲା କରିବା ପାଇଁ ସମଗ୍ର ସହରକୁ ସିସିଟିଭି ନଜରରେ ରଖାଯିବ। ଏହି ବୃହତ୍ ଧାର୍ମିକ ସମାବେଶ ପାଇଁ ୧୯ ଜଣ ବରିଷ୍ଠ ଆଇପିଏସ୍ ଅଧିକାରୀ, ୨୩ ଜଣ ଏସ୍‌ପି, ୪୯ ଆଡିସନାଲ ଏସ୍‌ପି, ୧୦୧ ଡିଏସ୍‌ପି, ୯୦୦ରୁ ଊର୍ଦ୍ଧ୍ୱ ଅଫିସର, ୧ ହଜାରରୁ ଅଧିକ କନଷ୍ଟେବଲ ନିୟୋଜିତ ହେବେ। ଭିଡ଼ ନିୟନ୍ତ୍ରଣ ଓ ପାର୍କିଂ ବ୍ୟବସ୍ଥାରେ ସହାୟତା ପାଇଁ ପ୍ରାୟ ୨,୫୦୦ରୁ ଅଧିକ ହୋମ୍‌ଗାର୍ଡଙ୍କୁ ମଧ ନିୟୋଜିତ କରାଯିବ। ଏତଦ୍‌ବ୍ୟତୀତ ସିଆର୍‌ପିଏଫ୍, ବିଏସ୍‌ଏଫ୍, ଆର୍‌ଏଏଫ୍ ସମେତ ୧୦ କମ୍ପାନୀ କେନ୍ଦ୍ରୀୟ ସଶସ୍ତ୍ର ପୁଲିସ ବଳ (ସିଆଇଏସ୍‌ଏଫ୍) ମୁତୟନ ହେବେ। ଏହାଛଡ଼ା ଓଡ଼ିଶା ସ୍ୱତନ୍ତ୍ର ସଶସ୍ତ୍ର ପୁଲିସ (ଓଏସ୍‌ପି), ଆଇଆର୍‌ବିଏନ୍ ଏବଂ ଟ୍ରାଫିକ୍ ଫୋର୍ସର ପ୍ରାୟ ୨୨୦ ପ୍ଲାଟୁନ୍ ପୁରୀରେ ସୁରକ୍ଷା ଦାୟିତ୍ୱ ତୁଲାଇବେ।

## କୁଖ୍ୟାତ ଆନ୍ତଃରାଜ୍ୟ ଅପରାଧୀକୁ ଏନ୍‌କାଉଣ୍ଟର

ଚମ୍ପୁଆ,୬।୭(ସମିସ): କେନ୍ଦୁଝର ଜିଲ୍ଲା ଚମ୍ପୁଆ ଥାନା ଅନ୍ତର୍ଗତ ପତଳା ଜଙ୍ଗଲରେ ସୋମବାର ଭୋର ସମୟରେ ଚମ୍ପୁଆ ପୁଲିସ କୁଖ୍ୟାତ ଆନ୍ତଃରାଜ୍ୟ ଅପରାଧୀ ଏମ୍‌ଡି ନାଫିସ୍‌କୁ ଏନ୍‌କାଉଣ୍ଟର କରିଛି। ଏଥିରେ



ନାଫିସ୍‌ର ଡାହାଣ ଗୋଡ଼ର ଆଣ୍ଠୁରେ ଗୁଳି ବାଜି ସେ ଆହତ ହୋଇଛି। ପୁଲିସ ସୂଚନା ଅନୁସାରେ, ଏମ୍‌ଡି ନାଫିସ୍ ବିରୋଧରେ କେନ୍ଦୁଝର, ମୟୂରଭଞ୍ଜ ସମେତ ବିଭିନ୍ନ ଜିଲ୍ଲାରେ ୩୦ରୁ ଅଧିକ ଚୋରି ମାମଲା ରହିଛି। ଗତ ରବିବାର ତାକୁ ମୟୂରଭଞ୍ଜ ଜିଲ୍ଲାର ବହଳଦା ଅଞ୍ଚଳରୁ ଚମ୍ପୁଆ ପୁଲିସ ଗିରଫ କରିଥିଲା। ତଦନ୍ତ ସମୟରେ ଚୋରି ସାମଗ୍ରୀ ଉଦ୍ଧାର ପାଇଁ ପୁଲିସ ନାଫିସ୍‌କୁ ପତଳା ଜଙ୍ଗଲକୁ ନେଇଥିଲା। ସେଠାରେ ଲୁଚାଇ ରଖିଥିବା ସାମଗ୍ରୀ ଦେଖାଇବା ବେଳେ ସେ ହଠାତ୍ ଏକ ଦେଶୀ ପିସ୍ତଲରେ ପୁଲିସ ଉପରକୁ ଗୁଳି ଚଳାଇ ଫେରାର ହେବାକୁ ଉଦ୍ୟମ କରୁଥିବାବେଳେ ପୁଲିସ ପକ୍ଷରୁ ପାଲଟା ଗୁଳି ଚଳାଯାଇଥିଲା। ଯେଉଁଥିରେ ନାଫିସ୍‌ର ଡାହାଣ ଗୋଡ଼ରେ ଗୁଳି ବାଜିଥିଲା। ଆହତ ନାଫିସ୍‌କୁ ପ୍ରଥମେ ଚମ୍ପୁଆ ଉପଖଣ୍ଡ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଥିଲା। ପରେ ଉନ୍ନତ ଚିକିତ୍ସା ପାଇଁ ତାକୁ କେନ୍ଦୁଝର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ସ୍ଥାନାନ୍ତର କରାଯାଇଛି। ଘଟଣାସ୍ଥଳରେ ସାଇଣ୍ଟିଫିକ ଟିମ୍ ପହଞ୍ଚି ତଦନ୍ତ କରିଥିବା ବେଳେ ସେଠାରୁ ସୁନା ଓ ରୁପା ଅଳଙ୍କାର ସହ ଏକ ଦେଶୀ ପିସ୍ତଲ ଜବତ କରାଯାଇଛି। ଏହି ଘଟଣାକୁ ନେଇ ଚମ୍ପୁଆ ଥାନାରେ କେସ୍ ନଂ୨୫୭/୨୬ ରୁଜୁ କରାଯାଇଛି। ଅନ୍ୟପକ୍ଷରେ ନାଫିସ୍‌ର ଅନ୍ୟ ସହଯୋଗୀ ଏବଂ ତାହାର ଆନ୍ତଃରାଜ୍ୟ ଅପରାଧିକ ନେଟୱର୍କର ସନ୍ଧାନ ପାଇଁ ତଦନ୍ତକୁ ଅଧିକ ଜୋରଦାର କରାଯାଇଥିବା ଚମ୍ପୁଆ ଥାନାଧିକାରୀ ସ୍ୱରୂପ ରଞ୍ଜନ ନାୟକ ସୂଚନା ଦେଇଛନ୍ତି।

## ଶୋଇଥିବା ବେଳେ ଦୁଇଜଣଙ୍କୁ ହତ୍ୟା

### କକାକୁ ଟାଙ୍ଗିଆରେ ହାଣିଦେଲା ପୁତୁରା



କିଶୋରନଗର,୬।୭(ସମିସ): ଅନୁଗୋଳ ଜିଲ୍ଲା ଠାକୁରଗଡ଼ ଥାନା ଅଞ୍ଚଳରେ ସୋମବାର ଭୋର୍ ୫ଟାରେ ଏକ ହତ୍ୟାକାଣ୍ଡ ଘଟିଛି। ପାରିବାରିକ କଳହକୁ କେନ୍ଦ୍ରକରି ଶୋଇଥିବା ଅବସ୍ଥାରେ କକାଙ୍କୁ ଟାଙ୍ଗିଆରେ ହାଣି ନିର୍ମମ ଭାବେ ହତ୍ୟା କରିଛି ପୁତୁରା। ଏହି ଘଟଣା ସ୍ଥାନୀୟ ଅଞ୍ଚଳରେ ଚାଞ୍ଚଲ୍ୟ ସୃଷ୍ଟି କରିଛି। ସୂଚନା ଅନୁଯାୟୀ, ଆଠମଲ୍ଲିକ ବ୍ଲକ ମଇମୁରା ପଞ୍ଚାୟତ କଳଚିକଟା ଗ୍ରାମର କାଶୀନାଥ ନାୟକ ଭୋର୍ ୫ଟାରେ ନିଜ ଘରେ ଶୋଇଥିଲେ। ଏହି ସମୟରେ ତାଙ୍କ ପୁତୁରା ଧେରେନ ନାୟକ ଏକ ଟାଙ୍ଗିଆରେ ହଠାତ୍ ତାଙ୍କୁ ଆକ୍ରମଣ କରିଥିଲା। ଘଟଣାସ୍ଥଳରେ କାଶୀନାଥଙ୍କ ମୃତ୍ୟୁ ହୋଇଥିଲା। ଖବର ପାଇ ପୁଲିସ ତୁରନ୍ତ ପହଞ୍ଚି ମୃତଦେହ ଜବତ କରିଛି। ଥାନା ଏସ୍‌ଆଇ ମନୋଜ କୁମାର ବେହେରା ତଦନ୍ତ ଆରମ୍ଭ କରିଛନ୍ତି। ଏନେଇ ଥାନାରେ ଏକ ମାମଲା ରୁଜୁ କରାଯାଇ ମୃତଦେହ ବ୍ୟବଚ୍ଛେଦ ପାଇଁ ପଠାଯାଇଛି। ଅଭିଯୁକ୍ତ ପୁତୁରା ଧେରେନଙ୍କୁ ଗିରଫ କରି କୋର୍ଟ ଚାଲାଣ କରାଯାଇଛି।

### ହାଣିଦେଲେ ଦୁର୍ବୃତ୍ତ; ଖଟିଆରେ ଡାକ୍ତରଖାନା ଗଲା ଶବ

ଆନନ୍ଦପୁର, ୬।୭ (ସମିସ): କେନ୍ଦୁଝର ଜିଲ୍ଲା ଆନନ୍ଦପୁର ଥାନା ଅନ୍ତର୍ଗତ କଣ୍ଟିପାଳ ପଞ୍ଚାୟତ ପଇତାପାଣି ଗ୍ରାମରେ ଗତକାଲି ବିଳମ୍ବିତ ରାତିରେ ହତ୍ୟାକାଣ୍ଡ ଘଟିଛି। ନିଜ ଘର ବାରଣ୍ଡାରେ ଶୋଇଥିବା ବେଳେ ଗ୍ରାମର ବିଭୀଷଣ ହୋ'ଙ୍କୁ ଦୁର୍ବୃତ୍ତମାନେ ଧାରୁଆ ଅସ୍ତ୍ରରେ ହାଣି ହତ୍ୟା କରିଥିବା ଅଭିଯୋଗ ହୋଇଛି। ସବୁଠାରୁ ବଡ଼ କଥା ହେଲା, ଗାଁକୁ ଯୋଗାଯୋଗ ପାଇଁ ଭଲ ରାସ୍ତା ନ ଥିବାରୁ ମୃତଦେହକୁ ଖଟିଆରେ ବୋହି ଆଣିବାକୁ ପଡ଼ିଥିଲା। ଏହି ଘଟଣା ପରେ ସମଗ୍ର ଅଞ୍ଚଳରେ ଉତ୍ତେଜନା ପ୍ରକାଶ ପାଇଛି। ପୁଲିସ ସୂଚନା ଅନୁଯାୟୀ ପଇତାପାଣି ଗ୍ରାମର ଶୁକ ହୋ'ଙ୍କ ପୁଅ ବିଭୀଷଣ ହୋ' (୫୩) ରାତିରେ ନିଜ ପୁତୁରା ଘନ ହୋ'ଙ୍କ ଘର ବାରଣ୍ଡାରେ ଶୋଇଥିଲେ। ରାତିରେ କେହି ଦୁର୍ବୃତ୍ତ ତାଙ୍କ ଉପରେ ଆକ୍ରମଣ କରିଥିଲେ। ଆକ୍ରମଣକାରୀ ଜଣକ ଧାରୁଆ ଅସ୍ତ୍ର ଦ୍ୱାରା ବିଭୀଷଣଙ୍କ ମୁଣ୍ଡ, ଛାତି ଏବଂ ଶରୀର ବିଭିନ୍ନ ସ୍ଥାନରେ ଏକାଧିକ ଆଘାତ କରିଥିଲେ। ଫଳରେ ଘଟଣାସ୍ଥଳରେ ହିଁ ତାଙ୍କର ମୃତ୍ୟୁ ହୋଇଯାଇଥିଲା। ପରଦିନ ସକାଳେ ପରିବାର ଲୋକେ ରକ୍ତ ଜୁଡୁବୁଡୁ ଅବସ୍ଥାରେ ମୃତଦେହ ଦେଖି ଆନ୍ଦପୁର ଥାନାରେ ଲିଖିତ ଅଭିଯୋଗ କରିଥିଲେ। ପଇତାପାଣି ଗ୍ରାମଟି କେନ୍ଦୁଝର ଜିଲ୍ଲା ଶେଷ ସୀମାରେ ଥିଲେ ମଧ ଆଜି ପର୍ଯ୍ୟନ୍ତ ଏହି ଗାଁକୁ ଯିବା ପାଇଁ ପକ୍କା ରାସ୍ତାଟିଏ ନାହିଁ। ଗାଁକୁ ଯିବାକୁ ହେଲେ ପ୍ରାୟ ୨ କି.ମି ପାଦରେ ଚାଲିବାକୁ ପଡେ ଆମ୍ବୁଲାନ୍ସ ଗାଁ ଭିତରକୁ ଯାଇ ନ ପାରିବାରୁ ଗ୍ରାମବାସୀ ମିଳିତ ଭାବେ ଖଟିଆରେ ମୃତଦେହକୁ ବୋହି ଆଣିଥିଲେ। ପରେ ମୁଖ୍ୟ ରାସ୍ତାରୁ ଆମ୍ବୁଲାନ୍ସ ଯୋଗେ ମୃତଦେହକୁ ବ୍ୟବଚ୍ଛେଦ ପାଇଁ ଆନନ୍ଦପୁର ଉପଖଣ୍ଡ ଚିକିତ୍ସାଳୟକୁ ପଠାଯାଇଛି।



ଖବର ପାଇ ଆନନ୍ଦପୁର ଏସ୍‌ଡିପିଓ କମଳ କୁମାର ପଣ୍ଡା ଏବଂ ଆନନ୍ଦପୁର ଥାନାଧିକାରୀ ଫନିନ୍ଦ୍ରା ଭୂଷଣ ନାଏକ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିଥିଲେ। ମୃତ ବିଭୀଷଣଙ୍କ ନାଁରେ ପୂର୍ବରୁ ଏକ ହତ୍ୟା ମାମଲା ରହିଛି। ୨୦୨୦ ମସିହାରେ ସେ ଜଣଙ୍କୁ ତୀର ମାରି ହତ୍ୟା କରିଥିଲେ। ଏହି ମାମଲାରେ ସେ ୨୦୨୩ ମସିହାରେ ଦୋଷୀ ସାବ୍ୟସ୍ତ ହୋଇ ଜେଲ ଯାଇଥିଲେ। ପରେ ସେ ଜାମିନରେ ମୁକ୍ତ ହୋଇ ଘରକୁ ଫେରିଥିଲେ। ପୁଲିସ ଏହି ପୂର୍ବ ଶତ୍ରୁତାକୁ ମଧ ତଦନ୍ତର ପରିସର ଭିତରକୁ ଆଣିଛି। ପୁଲିସ ସାଇଣ୍ଟିଫିକ ଟିମ୍ ସହାୟତାରେ ତଦନ୍ତ ଆରମ୍ଭ ହୋଇଛି।

## କଙ୍ଗାରୁ କୋର୍ଟରେ ଗଲା ଯୁବକଙ୍କ ଜୀବନ

### ସାଂସ୍କୃତିକ ମଣ୍ଡପରେ ପିଟିଲେ, ନଦୀରେ ଫିଙ୍ଗିଲେ

ନୟାଗଡ଼,୬।୭(ସମିସ): ନୟାଗଡ଼ ସଦରଥାନା ଡାଳିମ୍ବମଡ଼ା ଗାଁରେ ଜଣେ ଯୁବକଙ୍କୁ ବୀଭତ୍ସ ଭାବେ ହତ୍ୟା କରାଯାଇଛି। ହତ୍ୟା ପରେ ମୃତଦେହକୁ ନିକଟସ୍ଥ ଡାହୁକା ନଦୀରେ ଫିଙ୍ଗି ଦିଆଯାଇଛି। ୧୨ ଘଣ୍ଟାରୁ ଊର୍ଦ୍ଧ୍ୱ ସମୟ ଖୋଜାଖୋଜି ପରେ ମୃତଦେହ ଉଦ୍ଧାର ହୋଇଛି। ମୃତକ ହେଲେ ଡାଳିମ୍ବମଡ଼ା ଗାଁର ଚିରଞ୍ଜୀବ ସାହୁଙ୍କ ପୁଅ ଅଭିମନ୍ୟୁ ସାହୁ। ଏହି ଘଟଣାକୁ ନେଇ ସ୍ଥାନୀୟ ଅଞ୍ଚଳରେ ଚାପା ଉତ୍ତେଜନା ଲାଗି ରହିଛି।

- ହାତଗୋଡ଼ ବାନ୍ଧି ଉଠାଇ ଆଣିଲେ
- ନଳକୂପ ଚାବିରେ ପିଟିପିଟି ହତ୍ୟା
- ଗାଁ ପୁରୁଷଶୂନ୍ୟ, ଏକାଧିକଙ୍କୁ ଜେରା

ଡାଳିମ୍ବମଡ଼ା ଗାଁ କଙ୍ଗାରୁକୋର୍ଟ ନିଷ୍ପତ୍ତି ଅନୁସାରେ, ଅଭିମନ୍ୟୁଙ୍କ ପରିବାରକୁ ଦୀର୍ଘଦିନ ଧରି ବାସନ୍ଦ କରାଯାଇଥିଲା। ଏହାକୁ ନେଇ ଅଭିମନ୍ୟୁ ନିଶା ସେବନ ସମୟରେ ଗାଁର ମୁଷ୍ଟିମେୟ ଲୋକଙ୍କୁ ଅଶ୍ରାବ୍ୟ ଭାଷାରେ ଗାଳିଗୁଲଜ କରୁଥିଲେ। ଏଥିରେ ଉତ୍‌କ୍ଷିପ୍ତ ଥିବା କିଛି ଲୋକ ରବିବାର ସନ୍ଧ୍ୟାରେ ଅଭିମନ୍ୟୁ ଗାଁ ଛକକୁ ଔଷଧ କିଣିବାକୁ ଯାଇଥିବା ବେଳେ ତାଙ୍କ ହାତଗୋଡ଼ ବାନ୍ଧି ବାଇକରେ ଉଠାଇ ଆଣି ନୂଆସାହି ସାଂସ୍କୃତିକ ମଣ୍ଡପ ଘରକୁ ନେଇ ସେଠାରେ ଅମାନୁଷିକ ଭାବେ ମାଡ଼ ମାରିଥିଲେ। ଅଭିମନ୍ୟୁଙ୍କ ମୃତ୍ୟୁ ପରେ ନିକଟସ୍ଥ ଡାହୁକା ନଦୀରେ ମୃତଦେହ ଫିଙ୍ଗି ଦେଇଥିଲେ। ଖବରପାଇ ଅଭିମନ୍ୟୁଙ୍କ ବାପା ରାତିରେ ସଦର ଥାନାରେ ଲିଖିତ ଅଭିଯୋଗ କରିଥିଲେ। ପୁଲିସ ରାତିସାରା ଖୋଜାଖୋଜି କରିଥିଲେ ମଧ ଅଭିଯୁକ୍ତ କିମ୍ବା ଅଭିମନ୍ୟୁଙ୍କ ସମ୍ପର୍କରେ କୌଣସି ସୂଚନା ପାଇ ନ ଥିଲା। ସୋମବାର ଅତିରିକ୍ତ ଏସ୍‌ପି ଜ୍ୟୋତିରଞ୍ଜନ ସାମନ୍ତରାୟ, ଭାରପ୍ରାପ୍ତ ଏସଡିପିଓ ସୁଦୀପ୍ତ ସାହୁ, ସଦର ଥାନା ପୁଲିସ ସାଇଣ୍ଟିଫିକ୍ ଟିମ୍ ଏବଂ ଡଗ ସ୍କ୍ୱାଡ୍ ଦ୍ୱାରା



ଛାନଭିନ୍ ଆରମ୍ଭ କରିଥିଲେ। ତଦନ୍ତ ସମୟରେ ସାଂସ୍କୃତିକ ମଣ୍ଡପ ଘର କାନ୍ଥରେ ରକ୍ତଛିଟା ଦେଖିବାକୁ ମିଳିଥିଲା। ସେଠାରେ ଥିବା ନଳକୂପ ଚାବିରେ ରକ୍ତ ଲାଗିଥିବାରୁ ସେଥିରେ ଆକ୍ରମଣ କରାଯାଇଥିବା ପୁଲିସ ସନ୍ଦେହ କରିଛି। ହତ୍ୟା ନେଇ ସ୍ୱଷ୍ଟତା ମିଳିବା ପରେ ପୁଲିସ ନୂଆଗାଁ ଅଗ୍ନିଶମ ବିଭାଗର ସହାୟତା ନେଇଥିଲା। ଅଗ୍ନିଶମ କର୍ମଚାରୀ ଡାହୁକା ନଦୀରେ ଖୋଜାଖୋଜି କରିବା ପରେ ଘଟଣାସ୍ଥଳରୁ ୩ ଶହ ମିଟର ଦୂର ଏକ ବାଲି କୁଦରେ ମୃତଦେହ ଲାଗିଥିବା ଦେଖାଯାଇଥିଲା। ଅଗ୍ନିଶମ କର୍ମଚାରୀଙ୍କ ସହାୟତାରେ ମୃତଦେହ ଉଦ୍ଧାର ପରେ ବ୍ୟବଚ୍ଛେଦ ପାଇଁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ପଠାଯାଇଛି। ପୁଲିସ ଗାଁର ଏକାଧିକ ଲୋକଙ୍କୁ ଉଠାଇ ଆଣି ପଚରାଉଚରା ଚଳାଇଥିବା ବେଳେ ଅଭିଯୁକ୍ତମାନେ ଫେରାର ହୋଇଯାଇଛନ୍ତି।

ସକାଳ THE SAKALA



## ଚୋରା ମଦର ଚାରଣ ଭୂମି ପାଲଟିଛି ଅସ୍ତରଙ୍ଗ ଅଞ୍ଚଳ

# ସଞ୍ଜ ନଇଁଲେ ସର୍ବସାଧାରଣ ଜାଗା ପାଲଟୁଛି ବାର୍

ଅସ୍ତରଙ୍ଗ,୬।୭ (ସମିସ)





ପୁରୀ ଜିଲ୍ଲା ଅସ୍ତରଙ୍ଗ ବ୍ଲକ୍ ଅଞ୍ଚଳରେ ଥିବା ଛକମାନଙ୍କରେ ଦିନ ରାତି ଚାଲିଛି ଖୁଲମ୍‌ଖୁଲା ଚୋରା ମଦ କାରବାର। ଦୋକାନ, କ୍ୟାବିନ୍, ସ୍କୁଟି ସବୁଥିରେ ହେଉଛି ବେପାର। ଯାହା ଫଳରେ ଦିନକୁ ଦିନ ଅଞ୍ଚଳରେ ବଢ଼ିବାରେ ଲାଗିଛି ମଦ୍ୟପମାନଙ୍କର ଉତ୍ପାତ ଏବଂ ଅସାମାଜିକ କାର୍ଯ୍ୟ। ଘର ପାଖରେ ୨୪ ଘଣ୍ଟା ମାଦକ ଦ୍ରବ୍ୟ ଚୋରାରେ ମିଳୁଥିବାରୁ ଯୁବପିଢ଼ିମାନେ ସେଥିପ୍ରତି ଆକୃଷ୍ଟ ହୋଇ ବିପଥଗାମୀ ହେଉଛନ୍ତି। ଅଞ୍ଚଳରେ ପ୍ରତ୍ୟେକ ପଞ୍ଚାୟତ ଯଥା- ମାଣ୍ଟୁକି ଛକ, ନୂଆଗଡ଼, ବାହୁଡିହ, ଆଳସାହି, ରାଇବେରୁଆଁ, କଣମଣ, ସହନ, ଶିଶୁଅ, ଖଣ୍ଡାସାହି, ଓସ୍ତପୁର, ସରିପୁର, ନାଗପୁର ପ୍ରଭୃତି ଜାଗାରେ ପ୍ରବଳ ଚୋରା ମଦ ବିକ୍ରି ହେଉଥିବାରୁ ସାଧାରଣ ଜନତା, ଛାତ୍ରଛାତ୍ରୀ, ମହିଳାମାନେ ନିଜକୁ ସୁରକ୍ଷିତ ମନେ କରୁନାହାନ୍ତି। ଦିନ ଦ୍ୱିପହରରେ ଖୁଲମ୍‌ଖୁଲା ଦୁଇଚକିଆ ଗାଡ଼ିରେ ବ୍ଲକ୍‌ର ବିଭିନ୍ନ ଛକକୁ ମଦ ଯୋଗାଣ ହେଉଥିବାବେଳେ ପ୍ରଶାସନ ଏବଂ ଅବକାରୀ ବିଭାଗ ନିରବଦ୍ରାଷ୍ଟା ସାଜୁଛନ୍ତି।

ଏଠାରେ ପ୍ରଶ୍ନ ଉଠୁଛି ଯେ, ଏତେ ସଂଖ୍ୟକ ଚୋରା ମଦ ଉକ୍ତ ଅଞ୍ଚଳକୁ ଆସୁଛି କିପରି ଏବଂ କାହା ଛତ୍ରଛାୟା ତଳେ ଏହି କାରବାର ଚାଲୁଛି? ଅବକାରୀ ବିଭାଗ କରୁଛି କ'ଣ? ବର୍ଷକୁ ଥରେ ଦୁଇ ଥର ଲୋକଦେଖାଣିଆ ଚଢ଼ଉ କରି ଚୁପ୍ ବସିଯାଉଛନ୍ତି। ଆଉ ଗୋଟେ ମୁଖ୍ୟ କଥା ହେଲା ଚଢ଼ଉ ପୂର୍ବରୁ ସମ୍ପୃକ୍ତ ବ୍ୟକ୍ତିଙ୍କୁ ସୂଚନା ମିଳିଯାଉଛି। ସୂଚନା ଦେଉଛି କିଏ ତାହା ଏକ ପ୍ରଶ୍ନବାଚୀ ସୃଷ୍ଟି କରୁଛି। କିଛିଦିନ ଧରି ସାଧାରଣ ଲୋକ, ଛାତ୍ରଛାତ୍ରୀ, ମହିଳା, ବସ୍ ଯାତ୍ରୀଙ୍କ ପାଇଁ ଗୋଟେ ବଡ଼ ସମାସ୍ୟା ରୂପେ ଦେଖାଯାଇଛି ବଜାରର ମୁଖ୍ୟ ରାସ୍ତାକଡ଼ରେ ଥିବା ପାନ ଦୋକାନ, ଫାଷ୍ଟ ଫୁଡ୍, ହୋଟେଲମାନଙ୍କରେ ଖୁଲମ୍‌ଖୁଲା ମଦର ଆସର ଜମୁଛି। କହିବାକୁ ଗଲେ ଏହି ସବୁ ଜାଗାଗୁଡ଼ିକ ସରକାରୀ ସ୍ୱୀକୃତିପ୍ରାପ୍ତ ବାର୍‌ର ଭ୍ରମ ସୃଷ୍ଟି କରୁଛି। ମଦପିଇ ସାରିବା ପରେ ଉକ୍ତ ସ୍ଥାନରେ ବେଳେବେଳେ ଏପରି ପରିସ୍ଥିତି ସୃଷ୍ଟି ହୁଏ ଯେ, ସେହି ରାସ୍ତା ଦେଇ ସାଧାରଣ ଲୋକ ଚଳପ୍ରଚଳ କରିବା ବି କଷ୍ଟକର ହୋଇପଡ଼େ। ଖୁଲମ୍‌ଖୁଲା ରାସ୍ତା ଉପରେ ଏପରି କାର୍ଯ୍ୟ ଚାଲୁଥିବାବେଳେ ଏଥିପ୍ରତି ପ୍ରଶାସନ ଅଙ୍କୁଶ ଲଗେଇବାରେ ବିଫଳ ହୋଇଛନ୍ତି। ତୁରନ୍ତ ଏହି ସବୁ ବେଆଇନ କାର୍ଯ୍ୟ ହେଉଥିବା ଅଞ୍ଚଳ ଏବଂ ସମ୍ପୃକ୍ତ ବ୍ୟକ୍ତିଙ୍କ ପ୍ରତି ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା, ବଜାରର ମୁଖ୍ୟ ରାସ୍ତା ବସ୍‌ଷ୍ଟାଣ୍ଡଠାରୁ କୁହୁଡ଼ି ଛକ ପର୍ଯ୍ୟନ୍ତ ମଦ୍ୟପାନ ମୁକ୍ତ କରିବା ପାଇଁ ଯୁବ ସମାଜସେବୀ ତଥା ବ୍ୟବସାୟୀ ମହାସଂଘର ସଭାପତି ଦୁଷ୍ମନ୍ତ ପରିଡ଼ା, ସମ୍ପାଦକ ସତ୍ୟବ୍ରତ ଲେଙ୍କା ଏବଂ ଅନେକ ସ୍ଥାନୀୟ ବାସିନ୍ଦା ଦାବି କରିଛନ୍ତି।

## ୧୯ ଲିଟର ବିଦେଶୀ ମଦ ଜବତ; ଜଣେ ଗିରଫ

ନୟାହାଟ,୬।୭ (ସମିସ): ନୟାହାଟ ଫାଣ୍ଡି ଅଧିକାରୀ ଶ୍ରୀଧର ମଲ୍ଲିକ ଓ କନେଷ୍ଟବଳ ଅମରେଶ୍ୱର ଜେନା ରବିବାର ରାତିରେ ପାଟ୍ରୋଲିଂ କରିବା ସମୟରେ ଜଣେ ମଦ ବେପାରୀଠାରୁ ୧୯ ଲିଟର ବିଦେଶୀ ମଦ ଜବତ କରିବା ସହିତ ଚୋରା ମଦ ବେପାରୀ ଲିଙ୍ଗରାଜ ସାହୁଙ୍କୁ ଗିରଫ କରିଛନ୍ତି। ସୋରଭା ପଞ୍ଚାୟତର ଝଞ୍ଜାଳିଆ ଗ୍ରାମରେ ଦୀର୍ଘ ଦିନ ହେଲା ଚୋରା ମଦ ବେପାର ହେଉଥିବା ବାରମ୍ବାର ଅଭିଯୋଗ ହେଉଥିଲା। ଏନେଇ ପୁଲିସ ଲିଙ୍ଗରାଜ ସାହୁଙ୍କ ଘର ଉପରେ ଚଢ଼ଉ କରାଯାଇଥିଲା। ତାଙ୍କ ଘରୁ ୧୯ ଲିଟର ବିଦେଶୀ ମଦ ଜବତ କରାଯାଇଥିଲା। ଗୋପ ଥାନା କେସ୍ ନମ୍ବର ୨୦୭/୨୬ରେ ଏକ ମୋକଦ୍ଦମା ରୁଜୁ କରାଯାଇ ଅଭିଯୁକ୍ତକୁ କୋର୍ଟ ଚାଲାଣ କରାଯାଇଥିବା ଜଣାପଡ଼ିଛି। ଜାମିନ ନାମଞ୍ଜୁର ହେବାରୁ ଜେଲ୍ ହାଜତକୁ ପଠାଯାଇଛି।

## ବେଳାଭୂମି ଅଞ୍ଚଳରୁ ଯୁବକଙ୍କ ଗଳିତ ଶବ ଉଦ୍ଧାର

କୋଣାର୍କ,୬।୭ (ସମିସ): ଚନ୍ଦ୍ରଭାଗା ସାମୁଦ୍ରିକ ଥାନା ଅନ୍ତର୍ଗତ ବେଳାମାର୍ଗ ସଂଲଗ୍ନ ଟିକନା ଗ୍ରାମର ନଡ଼ିଆବନ୍ଧ ନିକଟରୁ ସୋମବାର ପୂର୍ବାହ୍ଣରେ ଚନ୍ଦ୍ରଭାଗା ସାମୁଦ୍ରିକ ଥାନା ପୁଲିସ ଭୁବନେଶ୍ୱର ଆଚାର୍ଯ୍ୟ ବିହାର ଅଞ୍ଚଳର ଜଣେ ଯୁବକଙ୍କ ଗଳିତ ଶବ ଉଦ୍ଧାର କରି ତଦନ୍ତ ଆରମ୍ଭ କରିଛି। ଯୁବକଙ୍କ ଗଳିତ ଶବ ନିକଟରୁ ମିଳିଥିବା ପରିଚୟପତ୍ରରୁ ଯୁବକଙ୍କ ନାମ ଅଜୟ କୁମାର ପାଟଜୋଶୀ ଓ ତାଙ୍କ ଘର ଭୁବନେଶ୍ୱର ମହାନଗର ନିଗମର ଆଚାର୍ଯ୍ୟ ବିହାର ଅଞ୍ଚଳରେ ବୋଲି ଜଣାପଡ଼ିଛି। ଏ ନେଇ ଏକ ଅପମୃତ୍ୟୁ ମାମଲା ରୁଜୁ କରାଯାଇଛି ବୋଲି ତଦନ୍ତ ଅଧିକାରୀ ଏଏସ୍‌ଆଇ ସୂର୍ଯ୍ୟମଣି ମାଝୀ ପ୍ରକାଶ କରିଛନ୍ତି। ଅପରପକ୍ଷେ ଏହା ଏକ ହତ୍ୟାକାଣ୍ଡ ହୋଇଥାଇପାରେ ବୋଲି ସାଧାରଣରେ ଆଲୋଚନା ହେଉଛି।

## ୫୦୦ ଏକର ଚାଷ ଜମି ଜଳମଗ୍ନ



ନୟାହାଟ,୬।୭ (ସମିସ): ଲଗାଣ ବର୍ଷାରେ କାଦୁଆ ନଦୀରେ କଟିକି ଦଳ ଦୂର୍ଗେଶ୍ୱରଗଡ଼ଠାରୁ ସମା ପର୍ଯ୍ୟନ୍ତ ଦୀର୍ଘ ୫ କି.ମି. କଟିକି ଦଳ ଭର୍ତ୍ତି ହୋଇଥିବାରୁ ବର୍ଷା ଜଳ ସମୁଦ୍ରକୁ ନିଷ୍କାସନ ହୋଇପାରିନାହିଁ। ଫଳରେ ଦୂର୍ଗେଶ୍ୱରଗଡ଼, ମନାପଡ଼ା, କରମଳା, କଣ୍ଟି, ପଞ୍ଚଣା, କୋରୁଆଳ, କରମଙ୍ଗା, ଓଟାଙ୍ଗ, ସମା ପ୍ରମୁଖ ନଦୀ କୂଳବର୍ତ୍ତି ଗ୍ରାମଗୁଡ଼ିକର ୫୦୦ ଏକର ଚାଷ ଜମି ବର୍ଷା ଜଳରେ ବୁଡ଼ି ରହିଛି। ଜଳ ନିଷ୍କାସନ ପାଇଁ ତୁରନ୍ତ କଟିକି ଦଳ ସଫା କରିବାକୁ ଚାଷୀମାନେ ଦାବି କରିଛନ୍ତି।

● ବନ ମହୋତ୍ସବ ସପ୍ତାହ ପାଳନ

## ବିଦ୍ୟାଳୟରେ ବୃକ୍ଷରୋପଣ କାର୍ଯ୍ୟକ୍ରମ





କଣାସ,୬।୭ (ସମିସ): ବନ ମହୋତ୍ସବ ସପ୍ତାହ ପାଳନର ଷଷ୍ଠ ଦିବସ ଅବସରରେ ସୋମବାର ସିରେଇ ସଂଯୁକ୍ତ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ, କାତପଡ଼ା ପ୍ରାଥମିକ ବିଦ୍ୟାଳୟ ଓ ନାନକେରା ପ୍ରକଳ୍ପ ପ୍ରାଥମିକ ବିଦ୍ୟାଳୟ ପରିସରରେ ବୃକ୍ଷରୋପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ସିରେଇ ସଂଯୁକ୍ତ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନଶିକ୍ଷକ ଜିତେନ୍ଦ୍ର କୁମାର ପେଣ୍ଡୋଇଙ୍କ ସଂଯୋଜନାରେ ଅନୁଷ୍ଠିତ ଉତ୍ସବରେ କଣାସ ବ୍ଲକ୍ ଶିକ୍ଷା ଅଧିକାରୀ ରାମ ଚନ୍ଦ୍ର ବେହେରା, ସହ ଶିକ୍ଷା ଅଧିକାରୀ ଗୋବର୍ଦ୍ଧନ ବେହେରା ଓ ବିଦ୍ୟାଳୟ ପରିଚାଳନା କମିଟିର ଉପାଧ୍ୟକ୍ଷ ସୁରଥ ସାହୁ ପ୍ରମୁଖ ଅତିଥି ଭାବରେ ଯୋଗଦେଇ ଛାତ୍ରଛାତ୍ରୀମାନଙ୍କୁ ଜଙ୍ଗଲ ସୃଷ୍ଟି ପାଇଁ ସମସ୍ତେ ବୃକ୍ଷରୋପଣ କରିବାକୁ ପରାମର୍ଶ ଦେବା ସହ ବିଦ୍ୟାଳୟ ପରିସରରେ ବୃକ୍ଷରୋପଣ କରିଥିଲେ। ଏହି ଅବସରରେ ପରିବେଶ ସୁରକ୍ଷାରେ ବୃକ୍ଷରୋପଣ ଶୀର୍ଷରେ ଛାତ୍ରଛାତ୍ରୀମାନଙ୍କ ମଧ୍ୟରେ ଆୟୋଜିତ ପ୍ରତିଯୋଗିତାରେ କୃତୀ ଛାତ୍ରଛାତ୍ରୀମାନଙ୍କୁ ଅତିଥିମାନେ ପୁରସ୍କାର ପ୍ରଦାନ କରିଥିଲେ। ସେହିପରି ସ୍ଥାନୀୟ କାତପଡ଼ା ପ୍ରାଥମିକ ବିଦ୍ୟାଳୟ ପରିସରରେ ଆୟୋଜିତ ବୃକ୍ଷରୋପଣ କାର୍ଯ୍ୟକ୍ରମରେ ସହ ଶିକ୍ଷା ଅଧିକାରୀ ନାରାୟଣ ପ୍ରଧାନ, ବନପାଳ ଶର୍ମିଷ୍ଠା ରାୟ ଚୌଧୁରୀ, ସିଆର୍‌ସିସି ପୂର୍ଣ୍ଣଚନ୍ଦ୍ର ଦାଶ, ବିଦ୍ୟାଳୟ କମିଟି ଅଧ୍ୟକ୍ଷ ବିପିନ ମହାରଣା ଓ ଭାରପ୍ରାପ୍ତ ପ୍ରଧାନଶିକ୍ଷୟିତ୍ରୀ ପ୍ରଶାନ୍ତି ବେହେରା ପ୍ରମୁଖ ଯୋଗଦେଇ ନଡ଼ିଆ, ଗୁଆ, ଅଁଳା, ବାହାଡ଼ା ଓ ବଉଳ ଆଦି ଚାରାରୋପଣ କରିଥିଲେ। ଶିକ୍ଷକ ସୁଧୀର କୁମାର ତ୍ରିପାଠୀଙ୍କ ସଂଯୋଜନାରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ନାନକେରା ପ୍ରକଳ୍ପ ଉଚ୍ଚ ପ୍ରାଥମିକ ବିଦ୍ୟାଳୟଠାରେ ମଧ୍ୟ ବୃକ୍ଷରୋପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଶିକ୍ଷା ଅଧିକାରୀ ରାମଚନ୍ଦ୍ର ବେହେରା, ସିଆର୍‌ସିସି ସୁଜାତା ନାୟକ, ଭାରପ୍ରାପ୍ତ ପ୍ରଧାନଶିକ୍ଷକ ପ୍ରଫୁଲ୍ଲ କୁମାର ବେହେରା ପ୍ରମୁଖ ବୃକ୍ଷରୋପଣ କରିଥିଲେ।

### ଚିକେନ ବଦଳରେ ଗୋ-ମାଂସ ବିକ୍ରି ଅଭିଯୋଗ; ସୋସିଆଲ ମିଡିଆରେ ଭାଇରାଲ

## ଏହା ଗୋ-ମାଂସ ନୁହେଁ, ଛେଳି ମାଂସ: ଏସ୍‌ଡିପିଓ

### ପରୀକ୍ଷା ପାଇଁ ଭେଟେରେନାରୀ ଲାବୋରେଟୋରୀକୁ ପଠାଗଲା



ଚାରିଛକ,୬।୭ (ସମିସ): ରବିବାର ସନ୍ଧ୍ୟାରେ ଚାରିଛକ ଥାନା ଅନ୍ତର୍ଗତ ଜୁଣୁପୁର ଗ୍ରାମର ବସନ୍ତ ଜେନା ଏକ ଚିକେନ ଦୋକାନରୁ ଚିକେନ ନେଇ ଘରେ ରୋଷେଇ ସାରି ଦେଖିବା ପରେ ଚିକେନ ସହିତ ଅଲଗା କିଛି ପଶୁ ମାଂସ ମିଶିଥିବା ଜାଣିବାକୁ ପାଇଥିଲେ। ଏନେଇ ବସନ୍ତ ଚାରିଛକ ଥାନାରେ ଚିକେନ ଦୋକାନୀଙ୍କ ବିରୋଧରେ ଏକ ଅଭିଯୋଗ କରିଥିଲେ। ଅଭିଯୋଗ ପରେ ପୁଲିସ ୧୪୨/୨୬ରେ ଏକ ମାମଲା ରୁଜୁ କରି ଉକ୍ତ ଚିକେନ ଦୋକାନୀ ରଞ୍ଜନ ସିହ୍ନା ଓ ତାଙ୍କ ସହଯୋଗୀକୁ ଥାନାରେ ଅଟକ ରଖିଥିବା ଜଣାପଡ଼ିଛି। ଉକ୍ତ ରନ୍ଧା ମାଂସକୁ ପରୀକ୍ଷା ପାଇଁ ଭେଟେରେନାରୀ ଲାବୋରେଟୋରୀକୁ ପଠାଇଥିଲେ। ପ୍ରାଥମିକ ପରୀକ୍ଷା ପରେ ତାହା ଗୋ-ମାଂସ ନୁହେଁ, ଛେଳି ମାଂସ ବୋଲି ଜଣାପଡ଼ିଥିଲା। ଏହି କଥା ସୋସିଆଲ ମିଡିଆରେ ଦ୍ରୁତଗତିରେ ଗୋ-ମାଂସ ବୋଲି ଭାଇରାଲ ହେବା ପରେ ଏ ନେଇ ଚାରିଛକ ଥାନା ପକ୍ଷରୁ ସୋମବାର ସନ୍ଧ୍ୟାରେ ଏକ ସାମ୍ବାଦିକ ସମ୍ମିଳନୀ କରାଯାଇଥିଲା। ଚାରିଛକ ବଜାରରେ ଏକ ଚିକେନ ଦୋକାନୀ ଚିକେନ ବଦଳରେ ଗୋ-ମାଂସ ବିକ୍ରି ହେଉଥିବା ଅଭିଯୋଗ ସୋସିଆଲ ମିଡିଆରେ ଭାଇରାଲ ଖବର ସମ୍ପୂର୍ଣ୍ଣ ମିଥ୍ୟା ଓ ଭିତ୍ତିହୀନ ବୋଲି ସାମ୍ବାଦିକ ସମ୍ମିଳନୀରେ ନିମାପଡ଼ା ଏସ୍‌ଡିପିଓ ଜନାର୍ଦ୍ଦନ ପାଢ଼ୀ ଓ ଚାରିଛକ ଥାନା ଅଧିକାରୀ ଶୋଭରାଜ ପ୍ରିୟଦର୍ଶୀ ମହାନ୍ତି ପ୍ରକାଶ କରିଛନ୍ତି। ଉକ୍ତ ଦୋକାନୀ ଜଣକ ଜଣେ ହିନ୍ଦୁ ବ୍ୟକ୍ତି ବୋଲି ଜଣାପଡ଼ିଛି। ଏହି ସାମ୍ବାଦିକ ସମ୍ମିଳନୀରେ ନିମାପଡ଼ା ଏସ୍‌ଡିପିଓ ଜନାର୍ଦ୍ଦନ ପାଢ଼ୀ, ଆଇଆଇସି ଶୋଭରାଜ ପ୍ରିୟଦର୍ଶୀ ମହାନ୍ତିଙ୍କ ସମେତ ୨୦ରୁ ଊର୍ଦ୍ଧ୍ୱ ଗଣମାଧ୍ୟମ ପ୍ରତିନିଧି ଉପସ୍ଥିତ ଥିଲେ। ଏଭଳି ମିଥ୍ୟା ଖବର ପ୍ରସାରଣ ନ କରିବାକୁ ସାମ୍ବାଦିକ ସମ୍ମିଳନୀରେ ସାମ୍ବାଦିକମାନଙ୍କୁ ଏସ୍‌ଡିପିଓ ଶ୍ରୀ ପାଢ଼ୀ ଅନୁରୋଧ କରିଛନ୍ତି।

● ୧୦ ଦିନ ପରେ ରଥଯାତ୍ରା

## ଜଗନ୍ନାଥ ସଡ଼କର ଅବସ୍ଥା ଶୋଚନୀୟ



କଣାସ,୬।୭ (ସମିସ): କେନ୍ଦ୍ର ଓ ରାଜ୍ୟ ସରକାର ଦେଶର ଓ ରାଜ୍ୟର ପ୍ରଗତି ପାଇଁ ରାସ୍ତାଘାଟ ନିର୍ମାଣରେ ବିଭିନ୍ନ ଯୋଜନା ମାଧ୍ୟମରେ କୋଟି କୋଟି ଟଙ୍କା ଖର୍ଚ୍ଚ କରୁଥିବାବେଳେ ରସ୍ତା ନିର୍ମାଣ ସରିବା ପରେ ରସ୍ତା ରକ୍ଷଣାବେକ୍ଷଣ ଦାୟିତ୍ୱରେ ଥିବା ସରକାରୀ ଅଧିକାରୀମାନେ ରାସ୍ତା ପ୍ରତି ଦୃଷ୍ଟି ଦେଉ ନ ଥିବାରୁ ରସ୍ତା ମରଣଯନ୍ତା ପାଲଟିଛି। ଦକ୍ଷିଣ ଓଡ଼ିଶାରୁ ପୁରୀ ଜଗନ୍ନାଥ ଧାମକୁ ସଂଯୋଗ କରୁଥିବା ନୂଆ ଜଗନ୍ନାଥ ସଡ଼କର ଚୁପୁରିଙ୍ଗିଠାରୁ ଶ୍ରୀମକୁନ୍ଦପୁର ପର୍ଯ୍ୟନ୍ତ ଢଳେଇ ରାସ୍ତା ମଝିରୁ ଫାଟି ଆଁ କରିଥିବାବେଳେ ରୋଷଣାଠାରେ ବୁଲାଣି ମୁଣ୍ଡରେ ବଡ଼ ବଡ଼ ଖାଲ ହୋଇଥିବାରୁ ପ୍ରତ୍ୟେକ ଦିନ ଛୋଟ ବଡ଼ ଦୁର୍ଘଟଣାମାନ ଘଟୁଛି। ବର୍ତ୍ତମାନ ଦୈନିକ ଶହଶହ ଗାଡ଼ିମୋଟର ଯାଉଥିବାବେଳେ ଆଉ ରଥଯାତ୍ରା ମାତ୍ର ୧୦ ଦିନ ରହିଥିଲେ ହେଁ ରଥଯାତ୍ରା ସମୟରେ ଦୈନିକ ହଜାର ହଜାର ଯାନବାହନ ଓ ଯାତ୍ରୀବାହୀ ଗାଡ଼ି ଯାତାୟାତ କରିବ। ଦୁର୍ଘଟଣାକୁ ରୋକିବା ପାଇଁ ବିଭାଗୀୟ ଉଚ୍ଚ କର୍ତ୍ତୃପକ୍ଷ ଯୁଦ୍ଧକାଳୀନ ଭିତରେ ରାସ୍ତା ମରାମତି କରିବା ପାଇଁ ଅଞ୍ଚଳବାସି ଦାବି କରିଛନ୍ତି।

### ଗ୍ରାମ୍ୟ ଉନ୍ନୟନ ବିଭାଗ ଦ୍ୱାରା ନିମ୍ନମାନର ରାସ୍ତା କାମ

## ମାସେ ମଧ୍ୟରେ ରାସ୍ତାରୁ ଉଠିଗଲାଣି ପିଚୁ

ନୟାହାଟ,୬।୭ (ସମିସ): ସରକାରୀ ଅର୍ଥ ସଠିକ୍ ଭାବେ ଠିକାଦାର ବିନିଯୋଗ ନ କରି ନିମ୍ନମାନର କାମ କରିବା ଦ୍ୱାରା କାର୍ଯ୍ୟର ମାସକ ମଧ୍ୟରେ ରାସ୍ତାରୁ ପିଚୁ ଉଠିଗଲା। ଏହି ଘଟଣାର ଇସାଣପୁର ପଞ୍ଚାୟତର ସରପଞ୍ଚ ବିନୋଦିନୀ ପାଳ ତଦନ୍ତ ପାଇଁ ଦାବି କରିଛନ୍ତି।



ପ୍ରକାଶ ଯେ, ଗ୍ରାମ୍ୟ ଉନ୍ନୟନ ବିଭାଗ ଅଧୀନରେ ଥିବା ନୟାହାଟ ଅଞ୍ଚଳର ସୋରଭା ପଞ୍ଚାୟତର ପାଇକସାହିଠାରେ ଗତ ମେ' ମାସରେ ଡଗରାସାହି ପର୍ଯ୍ୟନ୍ତ ପିଚୁ ରାସ୍ତା ନିର୍ମାଣ କରାଯାଇଥିଲା। ଠିକାଦାର ପିଚୁ କାର୍ଯ୍ୟ କରିବା ସମୟରେ ସେଠାରେ କୌଣସି କର୍ମଚାରୀ ଓ ଯନ୍ତ୍ରୀ ତଦାରଖ କରି ନ ଥିଲେ। ଠିକାଦାର ମନଇଚ୍ଛା କାର୍ଯ୍ୟ କରିବା ଫଳରେ ମାସକ ମଧ୍ୟରେ ରାସ୍ତାରୁ ପିଚୁ ଉଠିଗଲାଣି। ସ୍ଥାନୀୟ ଗ୍ରାମବାସୀମାନେ ଅଭିଯୋଗ କରିଛନ୍ତି ଯେ, ରାସ୍ତାରେ ନିମ୍ନମାନର ଗୋଡ଼ି, ପୁରୁଣା ପିଚୁ ପକାଇ ରାସ୍ତା କାମ କରାଯାଇଥିବାରୁ ପିଚୁରେ ଅଠା ଅଂଶ ନଥିଲା। ତେଣୁ ରାସ୍ତା ନଷ୍ଟ ହୋଇଯାଇଥିବା ଅଭିଯୋଗ କରିଛନ୍ତି। ଏହି ଘଟଣାର ଉଚ୍ଚସ୍ତରୀୟ ତଦନ୍ତ ପାଇଁ ସମାଜସେବୀ ବସନ୍ତ ପାଳ ଦାବି କରିଛନ୍ତି।

## ଗ୍ରାମାଞ୍ଚଳରେ ଯୁବ କ୍ଲବ୍ ଓ ମହିଳା ମଣ୍ଡଳକୁ ସଶକ୍ତ କରିବାକୁ ଉଦ୍ୟମ




ଚାରିଛକ,୬।୭ (ସମିସ): ପୁରୀ ଜିଲ୍ଲା ନିମାପଡ଼ା ବ୍ଲକ୍ ଅନ୍ତର୍ଗତ ତୁଳସୀପୁର ପଞ୍ଚାୟତ ଜୟଦୁର୍ଗା କଲ୍ୟାଣ ମଣ୍ଡପ ପରିସରରେ ଗ୍ରାମାଞ୍ଚଳରେ ଯୁବ କ୍ଲବ୍ ଓ ମହିଳା ମଣ୍ଡଳକୁ ସଶକ୍ତ କରିବାକୁ ଏକ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି। ପୂର୍ବତନ ସରପଞ୍ଚ କୃଷ୍ଣଚନ୍ଦ୍ର ସ୍ୱାଇଁଙ୍କ ସଭାପତିତ୍ୱରେ ଆୟୋଜିତ ବୈଠକରେ ମୁଖ୍ୟ ଅତିଥିଭାବେ 'ମାଇଁ ଭାରତ ପୁରୀ' ଜିଲ୍ଲା ସଂଯୋଜକ ରୋଶନ କୁମାର, କାର୍ଯ୍ୟନିର୍ବାହୀ ଅଧିକାରୀ ଅଶୋକ କୁମାର ବେହେରା, ନିମାପଡ଼ା ବ୍ଲକ୍ ସଂଯୋଜକ ନକୁଳ ଚନ୍ଦ୍ର ସ୍ୱାଇଁ, ଶିକ୍ଷାବିତ୍ ପ୍ରଫେସର ଗୋପୀନାଥ କର, ପୂର୍ବତନ ସରପଞ୍ଚ ଭଗବାନ ମିଶ୍ର, ସାଂସଦଙ୍କ ବ୍ଲକ୍ ପ୍ରତିନିଧି ପୂର୍ଣ୍ଣ ଚନ୍ଦ୍ର ଓଝା, ତୁଳସୀପୁର ଗ୍ରାମ୍ୟ କମିଟି ସଭାପତି ବନ ବିହାରୀ ଦାଶ, ଚାରିଛକ ଭାଜପା ମଣ୍ଡଳ ସଭାପତି ପ୍ରଭାତ କୁମାର ନାୟକ, ବାହାରଣା ପଞ୍ଚାୟତ ଭାଜପା ସଭାପତି ବ୍ରଜ କିଶୋର ନାୟକ, ସମାଜସେବୀ ପ୍ରକାଶ ଚନ୍ଦ୍ର ସାହୁ, ଅରକ୍ଷୀତ ଭୋଇ ପ୍ରମୁଖ ଯୋଗଦେଇ ଗ୍ରାମାଞ୍ଚଳରେ ସ୍ଥାଣୁ ଅବସ୍ଥାରେ ପଡ଼ିରହିଥିବା ଯୁବକ ସଂଘଗୁଡ଼ିକ ଚଳଚଞ୍ଚଳ କରିବାକୁ ଯୁବକମାନଙ୍କୁ ଆହ୍ୱାନ ଦେଇଥିଲେ। ଗ୍ରାମାଞ୍ଚଳର ଯୁବ କ୍ଲବ୍ ଓ ମହିଳା ମଣ୍ଡଳଗୁଡ଼ିକୁ ସଶକ୍ତ କରିବା ଉଦ୍ଦେଶ୍ୟରେ ଭାରତ ସରକାରଙ୍କ ଯୁବ ବ୍ୟାପାର ଓ କ୍ରୀଡ଼ା ମନ୍ତ୍ରାଳୟ ଅଧୀନସ୍ଥ 'ମାଇଁ ଭାରତ ପୁରୀ' ପକ୍ଷରୁ ହ୍ୟୁମାନ ଡେଭଲପ୍‌ମେଣ୍ଟ ଅର୍ଗାନାଇଜେସନ ସହଯୋଗରେ ବିକାଶ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ପୁରୀ ଜିଲ୍ଲାର ନିମାପଡ଼ା, କାକଟପୁର ଓ ଅସ୍ତରଙ୍ଗ ବ୍ଲକ୍‌ରେ ପରିଚାଳିତ ସମାପନୀ ଉତ୍ସବରେ 'ମାଇଁ ଭାରତ ପୁରୀ' ଜିଲ୍ଲା ସଂଯୋଜକ ରୋଶନ କୁମାର ଅଂଶ ଗ୍ରହଣ କରି ପ୍ରତିନିଧିମାନଙ୍କୁ ପ୍ରମାଣପତ୍ର ବଣ୍ଟନ କରିବା ସହିତ ମାଇଁ ଭାରତ କାର୍ଯ୍ୟକ୍ରମର ସଫଳ ରୂପାୟଣ କରିବାକୁ ପରାମର୍ଶ ଦେଇଥିଲେ। ଏହି ବୈଠକରେ ନିମାପଡ଼ା, କାକଟପୁର ଓ ଅସ୍ତରଙ୍ଗ ବ୍ଲକ୍‌ର ୪୦ଟି ଯୁବ କ୍ଲବ୍‌କୁ ସକ୍ରିୟ କରାଯାଇଛି। ଆଗାମୀ ଦିନରେ ଏହି ଯୁବ କ୍ଲବ୍‌ଗୁଡ଼ିକ ମାଇଁ ଭାରତ ସହଯୋଗରେ ସ୍ଥାନୀୟ ଅଞ୍ଚଳରେ ଯୁବ ବିକାଶମୂଳକ କାର୍ଯ୍ୟକ୍ରମର ନେତୃତ୍ୱ ନେବେ। ନିମାପଡ଼ା ବ୍ଲକ୍ ସଂଯୋଜକ ତୁଷାର ରଞ୍ଜନ ରାଉତ ଧନ୍ୟବାଦ ଅର୍ପଣ କରିଥିଲେ।

### ପିପିଲି ତହସିଲ୍‌ରେ ସଂଶୋଧନ ହେଲା ମହାପ୍ରଭୁଙ୍କ ଜମିଜମା ରେକର୍ଡ

## ଶ୍ରୀଜଗନ୍ନାଥ ମହାପ୍ରଭୁଙ୍କ ଭୂ-ସମ୍ପତ୍ତିର ସୁରକ୍ଷା ଦିଗରେ ଉଲ୍ଲେଖନୀୟ ପଦକ୍ଷେପ

ପୁରୀ,୬।୭ (ସମିସ): ରାଜ୍ୟ ସରକାରଙ୍କ ନିର୍ଦ୍ଦେଶକ୍ରମେ ଶ୍ରୀଜଗନ୍ନାଥ ମହାପ୍ରଭୁ ବିଜେ, ପୁରୀଙ୍କ ନାମରେ ଥିବା ଏବଂ ମାର୍ଫତ୍‌ଦାରଙ୍କ ନାମରେ ରେକର୍ଡଭୁକ୍ତ ଜମିର ରେକର୍ଡ ଅଫ୍ ରାଇଟ୍ସ ସଂଶୋଧନ କାର୍ଯ୍ୟ ଜାରି ରହିଛି। ଏହି କ୍ରମରେ ପିପିଲି ତହସିଲ୍‌ରେ ଶ୍ରୀଜଗନ୍ନାଥ ମହାପ୍ରଭୁ ବିଜେ, ପୁରୀଙ୍କ ନାମରେ ଥିବା ରେକର୍ଡଭୁକ୍ତ ଜମିର ଅରିଜିନାଲ୍ ରେକର୍ଡ ଅଫ୍ ରାଇଟ୍ସ (ଆର୍‌ଓଆର୍) ସଂଶୋଧନ କାର୍ଯ୍ୟ କରାଯାଇଛି। ପିପିଲି ତହସିଲ୍‌ରେ ମୋଟ୍ ୮୨ଟି ଖାତାରେ ଥିବା ୭୭.୨୦ ଏକର ଜମିର ଖତିଆନ୍ ସଂଶୋଧନ କାର୍ଯ୍ୟ ସଫଳତାର ସହ ସମ୍ପୂର୍ଣ୍ଣ ହୋଇଛି ଏବଂ ଶ୍ରୀଜଗନ୍ନାଥ ମହାପ୍ରଭୁଙ୍କ ସମ୍ପତ୍ତି ଭାବେ ଚିହ୍ନଟ ହୋଇଛି। ଏହି ସମ୍ପର୍କିତ ଏକ ରିପୋର୍ଟ ପିପିଲି ତହସିଲ୍‌ଦାର ଶ୍ରୀମନ୍ଦିର ପ୍ରଶାସନ କାର୍ଯ୍ୟାଳୟରେ ଦାଖଲ କରିଛନ୍ତି। ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ତଥା ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଡ. ଅରବିନ୍ଦ କୁମାର ପାଢ଼ୀଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ମହାପ୍ରଭୁଙ୍କ ଜମିଜମାର ସୁରକ୍ଷା, ସଠିକ୍ ରେକର୍ଡ ସଂରକ୍ଷଣ ଏବଂ ଆଇନଗତ ସୁରକ୍ଷା ସୁନିଶ୍ଚିତ କରିବା ଉପରେ ଗୁରୁତ୍ୱ ଦିଆଯାଉଛି। ନିକଟରେ ଖୋର୍ଦ୍ଧା ଜିଲ୍ଲାର ୪,୭୦୦ ଏକରରୁ ଊର୍ଦ୍ଧ୍ୱ ଜମିର ରେକର୍ଡ ସଂଶୋଧନ ମହାପ୍ରଭୁଙ୍କ ନାମରେ କରାଯାଇଛି। ଶ୍ରୀଜଗନ୍ନାଥ ମହାପ୍ରଭୁଙ୍କ ଭୂ-ସମ୍ପତ୍ତିର ସୁରକ୍ଷା ତଥା ରାଜସ୍ୱ ପ୍ରଶାସନରେ ସ୍ୱଚ୍ଛତା ବଜାୟ ରଖିବା ସହ ଭବିଷ୍ୟତରେ ଜମି ସମ୍ବନ୍ଧୀୟ ବିବାଦ ରୋକିବା ଦିଗରେ ଏହା ଏକ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ ବୋଲି ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଡ. ପାଢ଼ୀ କହିଛନ୍ତି।

### ୩ ଦିନ ଧରି ଲଘୁଚାପ ଜନିତ ଲଗାଣ ବର୍ଷା

## ବ୍ୟାପକ ପରିବା ଓ ଧାନ ଫସଲ କ୍ଷତିଗ୍ରସ୍ତ



କଣାସ,୬।୭ (ସମିସ): ଲଘୁଚାପ ଜନିତ ୩ ଦିନ ଧରି ପ୍ରବଳ ବର୍ଷା ହେବାରୁ କଣାସ ବ୍ଲକ୍‌ର ବିଭିନ୍ନ ଗ୍ରାମ ପଞ୍ଚାୟତର ଚାଷୀମାନେ କରିଥିବା ପରିବା ଫସଲ ନଷ୍ଟ ହୋଇଯାଇଥିବା ଜଣାପଡ଼ିଛି। ଅନେକ ଚାଷୀ ଜମି ଚାଷ କରି ସାରଦ ଧାନ ବିହନ ବୁଣି ଦେଇଥିଲେ। ଜମିରେ ପାଣି ଜମି ରହିଥିବାରୁ ବୁଣା ଯାଇଥିବା ଧାନ ବିହନ ନଷ୍ଟ ହୋଇଯାଇଛି। ସେହିପରି ଗଡ଼ସାନପୁଟ, ଗଡ଼ବଡ଼ପୁଟ, ପାଣ୍ଡିଆକେରା, ଦୋକନ୍ଦା, ବଡ଼ାଶ, ଗଡ଼ବଳଭଦ୍ରପୁର ଗ୍ରାମ ପଞ୍ଚାୟତର ଚାଷୀମାନେ ପ୍ରତି ବର୍ଷ ପରି ଚଳିତ ବର୍ଷ ପୋଟଳ, କଲରା, ଜହ୍ନି, ବାଇଗଣ ଓ ବିଭିନ୍ନ ପରିବା ଫସଲ କରିଥିଲେ। ୩ ଦିନର ବର୍ଷା ଜଳ ଫସଲ ଜମିରେ ଜମା ହୋଇ ରହିଥିବାରୁ କଲରା, ପୋଟଳ ଗଛଗୁଡ଼ିକ ସଢ଼ିଯିବା ସହିତ ଅନ୍ୟ ଫସଲ ସବୁ ନଷ୍ଟ ହୋଇଯାଇଛି। ଚାଷୀଙ୍କୁ କ୍ଷତିପୂରଣ ପ୍ରଦାନ ପାଇଁ ସରକାରଙ୍କ ନିକଟରେ ଦାବି ହେଉଛି।

### ଭୋଟ୍ କେନ୍ଦ୍ର ଅନ୍ୟତ୍ର ସ୍ଥାନାନ୍ତରକୁ ନେଇ ଉତ୍ତେଜନା

## ସ୍କୁଲରେ ତାଲା ପକାଇଲେ ଗ୍ରାମବାସୀ

ଚାରିଛକ,୬।୭ (ସମିସ)




ଚାରିଛକ ନିକଟସ୍ଥ ଛଣିଜଙ୍ଗ ପଞ୍ଚାୟତ ଅନ୍ତର୍ଗତ ଆମ୍ଭୋର ସ୍କୁଲ ଭୋଟ୍ କେନ୍ଦ୍ରରେ ଦୀର୍ଘଦିନ ଧରି ଭୋଟରମାନେ ମତଦାନ କରୁଥିଲେ। ମାତ୍ର ତଞ୍ଚକତା କରି ରବିବାର ପ୍ରକାଶ ପାଇଥିବା ଭୋଟର ଲିଷ୍ଟରେ କେଉଁ ଉଦ୍ଦେଶ୍ୟରେ ଆମ୍ଭୋର ସ୍କୁଲକୁ ବାଦ୍ କରାଯାଇ ବିଲସାହି କେନ୍ଦ୍ରକୁ ସ୍ଥାନାନ୍ତର କରାଗଲା ତାହା ଏବେ ଗ୍ରାମବାସୀଙ୍କ ମନରେ ଶକ୍ତ ଆଘାତ ଦେଇଛି। ଖବରରୁ ପ୍ରକାଶ ଯେ, ଆମ୍ଭୋର ବୁଥ୍ ନଂ ୨୫୩ରେ ଏହି ଗ୍ରାମର ୧, ୨ ଓ ୩ ନମ୍ବର ୱାର୍ଡର ଭୋଟରମାନେ ଉକ୍ତ କେନ୍ଦ୍ରରେ ମତଦାନ ଦେଉଥିଲେ। ମାତ୍ର ନୂତନ ଭୋଟର ତାଲିକାରେ ବିଲସାହି ଗ୍ରାମକୁ ଭୋଟ୍ ବୁଥ୍ ସ୍ଥାନାନ୍ତର ହୋଇଥିବା ନେଇ ଆମ୍ଭୋର ଗ୍ରାମର ୩ଟି ୱାର୍ଡର ପ୍ରଦୀପ୍ତ ପରିଡ଼ା, ପ୍ରଫୁଲ୍ଲ ନାୟକ, ସଞ୍ଜୟ କୁମାର ସ୍ୱାଇଁ, ରଜନୀକାନ୍ତ ନାୟକ, ପ୍ରକାଶ ଦାସ, କାଳନ୍ଦୀ ଭୋଇଙ୍କ ସମେତ ଶତାଧିକ ଲୋକ ଏହାକୁ ପ୍ରତିବାଦ କରି ଆମ୍ଭୋର ସ୍କୁଲରେ ତାଲା ପକାଇ ସ୍କୁଲ ସମ୍ମୁଖରେ ଧାରଣାରେ ବସିଥିଲେ। ଖବର ପାଇ ନିମାପଡ଼ା ବିଡିଓ ଡ. ଅଭିଜିତ୍ ଷଡ଼ଙ୍ଗୀ ଘଟଣାସ୍ଥଳରେ ପହଞ୍ଚି ଲୋକମାନଙ୍କୁ ବୁଝାଶୁଝା କରିବା ସହ ଭୋଟର ତାଲିକା ସଂଶୋଧନ କରାଯିବ ବୋଲି ପ୍ରତିଶ୍ରୁତି ଦେବା ପରେ ଲୋକମାନେ ଧାରଣାରୁ ଉଠିଥିଲେ। ଦୁଇ ଘଣ୍ଟା ଧରି ସ୍କୁଲରେ ତାଲା ପକାଇବା ଫଳରେ ଶିକ୍ଷକଶିକ୍ଷୟିତ୍ରୀ ଓ ଛାତ୍ରଛାତ୍ରୀମାନେ ସ୍କୁଲ୍ ବାହାରେ ଅପେକ୍ଷା କରିବା ସହିତ ପିଲାମାନଙ୍କ ପାଠପଢ଼ାରେ ବ୍ୟାଘାତ ସୃଷ୍ଟି ହୋଇଥିବା ଜଣାପଡ଼ିଛି। ସ୍କୁଲ ତାଲା ଖୋଲିବା ପରେ ପାଠପଢ଼ା ସ୍ୱାଭାବିକ ହୋଇଥିଲା। ଯଦି ଉକ୍ତ ସମସ୍ୟାର ସମାଧାନ ନ ହୁଏ, ତେବେ ଗ୍ରାମର ଲୋକମାନେ ରାଜରାସ୍ତାକୁ ଓହ୍ଲାଇବେ ବୋଲି ଚେତାବନୀ ଦେଇଛନ୍ତି।

୬/୭/୨୦୨୬ (ସୋମବାର) ଶ୍ରୀଜଗନ୍ନାଥଙ୍କ ହୁଣ୍ଡିରେ ସମର୍ପଣ
ଟ. ୧,୨୧,୮୧୮/- ସୁନା:୦୦.୦୦୦ ଗ୍ରାମ୍ ରୁପା: ୧୩.୨୦୦ ଗ୍ରାମ୍



# ରଥଯାତ୍ରା ପାଇଁ ୧୭୦୦ ଅସ୍ଥାୟୀ ଶୌଚାଳୟ

ପୁରୀ,୬।୭(ସମିସ)



ସ୍ଥାନୀୟ ଟାଉନ ହଲ୍‌ରେ ସୋମବାର ରଥଯାତ୍ରାର ସ୍ୱତନ୍ତ୍ର ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଥିଲା। ଏଥିରେ ରାଜ୍ୟ ମୁଖ୍ୟ ଶାସନ ସଚିବ ଅନୁ ଗର୍ଗ ସୂଚନା ଦେଇ କହିଥିଲେ ଯେ, ସ୍ଥାୟୀ କମାଣ୍ଡ ଆଣ୍ଡ କଣ୍ଟ୍ରୋଲ ରୁମ୍ ହେବା ପୂର୍ବରୁ ରଥଯାତ୍ରା ପାଇଁ ଦୁଇଟି ଅସ୍ଥାୟୀ ଇଣ୍ଟିଗ୍ରେଟେଡ୍ କମାଣ୍ଡ ଆଣ୍ଡ କଣ୍ଟ୍ରୋଲ ରୁମ୍ ପ୍ରସ୍ତୁତ ରହିବ। ଗୋଟିଏ ଟାଉନ ଥାନା ଓ ଅନ୍ୟ ଏକ ଶ୍ରୀଗୁଣ୍ଡିଚା ମନ୍ଦିରରେ ରହିବ। ଏବର୍ଷ ରଥଯାତ୍ରା ଦାୟିତ୍ୱରେ ରହିବେ ୨୨୫ କାର୍ଯ୍ୟନିର୍ବାହୀ ମାଜିଷ୍ଟ୍ରେଟ୍। ଏ ନେଇ ସେମାନଙ୍କୁ ଟ୍ରେନିଂ ଦିଆଯିବା ସହ ପ୍ରସ୍ତୁତ ହୋଇଛି ଏକ ମାନୁଆଲ୍। ପୂର୍ବରୁ ମାଜିଷ୍ଟ୍ରେଟଙ୍କ ସଂଖ୍ୟା ୬୦ରୁ ୭୦ ମଧ୍ୟରେ ସୀମିତ ଥିଲା। ସେହିପରି ପ୍ରଥମକରି ସାଢ଼େ ୫ କୋଟି ଟଙ୍କାର ଏକ କଣ୍ଟିଜେନ୍ସି ଫଣ୍ଡ ବା ସମ୍ଭାବ୍ୟ ପାଣ୍ଠି ଜିଲ୍ଲାପାଳଙ୍କୁ ଦିଆଯାଇଛି, ଯାହା ଆଗାମୀ ବର୍ଷରେ ବଜେଟ୍‌ର ପ୍ରାବଧାନ କରାଯିବ ବୋଲି କହିଛନ୍ତି ମୁଖ୍ୟ ଶାସନ ସଚିବ। ରେଳବାଇ ତରଫରୁ ଅତିରିକ୍ତ ଟିକଟ କାଉଣ୍ଟର ସଂଖ୍ୟା ବୃଦ୍ଧି କରାଯାଇଛି। ଶୌଚାଳୟ ସମସ୍ୟା ଦୂର ପାଇଁ ୧,୭୦୦ ଅସ୍ଥାୟୀ ଟଏଲେଟ୍ ପ୍ରସ୍ତୁତ କରାଯାଉଛି। ସେହିପରି ପୁରୀ ସହରରେ ୪ଟି ସ୍ଥାୟୀ ଶୌଚାଳୟ କରାଯାଇଛି। ୧ହଜାର ସଫେଇ କର୍ମଚାରୀ ମଧ୍ୟ ପ୍ରସ୍ତୁତ ରଖାଯିବାକୁ ନିର୍ଦ୍ଦେଶ ହୋଇଛି। ଭକ୍ତଙ୍କ ସୁବିଧା ପାଇଁ ୩୧ଟି ପାର୍କିଂସ୍ଥଳ ଚିହ୍ନଟ ହୋଇଛି। ନିର୍ମାଣାଧୀନ ମାଟିଆପଡ଼ା ରେଳବାଇ ଓଭରବ୍ରିଜ୍ (ଆର୍‌ଓବି) ଆସନ୍ତା ୧୦ ତାରିଖ ସୁଦ୍ଧା ଶେଷ କରିବା ନେଇ କାର୍ଯ୍ୟ ଜାରି ରହିଛି। ଟ୍ରାଫିକ୍ ସମସ୍ୟା ଦୂର ପାଇଁ ତଥା ଲୋକଙ୍କୁ ବିଭିନ୍ନ ପାର୍କିଂ ସ୍ପଟ୍ ଓ ବିଭିନ୍ନ ସ୍ଥାନର ସୂଚନା ଦେବା ଲାଗି ସାଇନ୍ ଆଣ୍ଡ ଗ୍ଲୋ ସ୍ଥାୟୀ ସାଇନେଜ୍ ମାନ ପ୍ରସ୍ତୁତ ହୋଇଛି। ପ୍ରଥମ କରି ମହାନଗର ନିଗମ ମାନ୍ୟତା ପାଇଥିବା ପୁରୀରେ ୩୦ଟି ୱାଟର ଲଗିଂ ସ୍ଥାନ ଚିହ୍ନଟ ହୋଇଛି। ଅଗ୍ନିଶମ ବିଭାଗ ଜରିଆରେ ଉଚ୍ଚ କ୍ଷମତା ସମ୍ପନ୍ନ ପମ୍ପ ପ୍ରସ୍ତୁତ ରଖାଯାଇଛି। ସହରରେ ୫୦ରୁ ଊର୍ଦ୍ଧ୍ୱ ହାଇମାଷ୍ଟ ଲାଇଟ୍ ପ୍ରସ୍ତୁତ କରାଯାଇଛି। ୧୯୮୩ରୁ ଚାଲି ଆସିଥିବା ରଥକୋଡ୍ ସଂଶୋଧନ ପାଇଁ ଡ୍ରାଫ୍ଟ ପ୍ରସ୍ତୁତ ହୋଇଛି। ଆସନ୍ତା ବର୍ଷ ସୁଦ୍ଧା କୋଡ୍‌ରେ ଆବଶ୍ୟକୀୟ ପରିବର୍ତ୍ତନ ହୋଇ କାର୍ଯ୍ୟକାରୀ ହେବ। ସେହିପରି ନୀତିକାନ୍ତି ସୂଚନା ସହ ପାର୍କିଂ ଟଏଲେଟ୍ ପାଇଁ ଆପ୍ ପ୍ରସ୍ତୁତ କରାଯାଇଛି ବୋଲି ମୁଖ୍ୟ ଶାସନ ସଚିବ ସୂଚନା ଦେଇଥିଲେ।

- ଦାୟିତ୍ୱରେ ରହିବେ ୨୨୫ ଏକ୍‌ଜିକ୍ୟୁଟିଭ୍ ମାଜିଷ୍ଟ୍ରେଟ୍
- ଆସନ୍ତା ବର୍ଷ ସୁଦ୍ଧା ରଥକୋଡ୍ ସଂଶୋଧନ

● ବିଭିନ୍ନ ବିଭାଗ ସହ ପୁଲିସର ସମନ୍ୱୟ ବୈଠକ

## ଶୃଙ୍ଖଳିତ ଦର୍ଶନ, ଭିଡ଼ ଓ ଟ୍ରାଫିକ୍ ପରିଚାଳନା ଉପରେ ଗୁରୁତ୍ୱ

ପୁରୀ,୬।୭(ସମିସ): ରଥଯାତ୍ରାକୁ ସୁରକ୍ଷିତ, ଶୃଙ୍ଖଳିତ ଓ ସୁଚାରୁ ଭାବେ ପରିଚାଳନା କରିବାକୁ ସର୍ବୋଚ୍ଚ ପ୍ରାଥମିକତା ଦେଇ ରବିବାର ପୁରୀ ଜିଲ୍ଲା ପୁଲିସ କାର୍ଯ୍ୟାଳୟ (ଡିପିଓ)ଠାରେ ଏକ ଉଚ୍ଚସ୍ତରୀୟ ସମନ୍ୱୟ ବୈଠକ ଅନୁଷ୍ଠିତ ହୋଇଯାଇଛି। ଏସ୍‌ପି ପ୍ରତୀକ୍ ସିଂ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ପୁରୀ ପୁଲିସର ବରିଷ୍ଠ ଅଧିକାରୀ ସହ ଜିଲ୍ଲା ପ୍ରଶାସନ, ଅଗ୍ନିଶମ ସେବା, ଏସ୍‌ଓଜି, ରେଳବାଇ, ସ୍ୱାସ୍ଥ୍ୟ ବିଭାଗ ଏବଂ ଅନ୍ୟାନ୍ୟ ସମ୍ପୃକ୍ତ ବିଭାଗର ଅଧିକାରୀମାନେ ଉପସ୍ଥିତ ଥିଲେ। ରଥଯାତ୍ରା ସମୟରେ ବିଭିନ୍ନ ବିଭାଗ ମଧ୍ୟରେ ଦ୍ୱରିତ ସମନ୍ୱୟ, ସୂଚନା ଆଦାନପ୍ରଦାନ ଓ ଜରୁରୀକାଳୀନ ପରିସ୍ଥିତିରେ ଶୀଘ୍ର ପ୍ରତିକ୍ରିୟା ସୁନିଶ୍ଚିତ କରିବା ଉପରେ ବିସ୍ତୃତ ଆଲୋଚନା ହୋଇଥିଲା। ବିଶେଷକରି ଭିଡ଼ ପରିଚାଳନା, ଶୃଙ୍ଖଳିତ ଦର୍ଶନ ବ୍ୟବସ୍ଥା, ଟ୍ରାଫିକ୍ ବ୍ୟବସ୍ଥା ଓ ଯାନବାହନ ପାର୍କିଂ, ଜରୁରୀକାଳୀନ ଉଦ୍ଧାର ବ୍ୟବସ୍ଥା ଓ ଅଗ୍ନି ନିରାପତ୍ତା, ରେଳ ଷ୍ଟେସନ ଓ ବସ୍ ଟର୍ମିନାଲରେ ସୁରକ୍ଷା ବ୍ୟବସ୍ଥା, ସିସିଟିଭି ନିରୀକ୍ଷଣ ଓ ଯୋଗାଯୋଗ ବ୍ୟବସ୍ଥାର ସୁଦୃଢ଼ୀକରଣ ସହ ସମସ୍ତଙ୍କୁ ସଜାଗ ଓ ପ୍ରସ୍ତୁତ ରହିବାକୁ ପରାମର୍ଶ ଦିଆଯାଇଥିଲା। ଏସ୍‌ପି ଶ୍ରୀ ସିଂ କହିଲେ ଯେ, 'ରଥଯାତ୍ରା ବିଶ୍ୱପ୍ରସିଦ୍ଧ ଧାର୍ମିକ ମହୋତ୍ସବ ହୋଇଥିବାରୁ ଲକ୍ଷାଧିକ ଶ୍ରଦ୍ଧାଳୁ ଓ ପର୍ଯ୍ୟଟକ ପୁରୀ ଆସିଥା'ନ୍ତି। ସେମାନଙ୍କର ସୁରକ୍ଷା, ସୁବିଧା ଓ ନିର୍ବିଘ୍ନ ଦର୍ଶନ ପୁଲିସର ସର୍ବୋଚ୍ଚ ପ୍ରାଥମିକତା। ଏଥିପାଇଁ ସମସ୍ତ ବିଭାଗ ମଧ୍ୟରେ ନିରନ୍ତର ସମନ୍ୱୟ, ପୂର୍ବ ପ୍ରସ୍ତୁତି ଓ ସତର୍କତା ଅତ୍ୟନ୍ତ ଆବଶ୍ୟକ। ପୁଲିସ ରଥଯାତ୍ରାକୁ ସୁରକ୍ଷିତ, ଶାନ୍ତିପୂର୍ଣ୍ଣ ଓ ସୁଚାରୁ ଭାବେ ସମ୍ପନ୍ନ କରିବା ପାଇଁ ସମସ୍ତ ସମ୍ପୃକ୍ତ ବିଭାଗ ସହ ସମନ୍ୱୟ ରକ୍ଷା କରି ଆବଶ୍ୟକ ପଦକ୍ଷେପ ଗ୍ରହଣ କରୁଛି। ଆଗକୁ ମଧ୍ୟ ଏଭଳି ସମୀକ୍ଷା ବୈଠକ ଓ ପ୍ରସ୍ତୁତିମୂଳକ କାର୍ଯ୍ୟକ୍ରମ ଜାରି ରହିବ।

## ରଥଖଳାରୁ... ତିନିରଥରେ କନ୍ୟା ପଟା ବାଡ଼ିଆ ଶେଷ





ପୁରୀ, ୬।୭ (ସମିସ): ରଥଖଳାରେ ତିନିରଥ ନିର୍ମାଣ ଶେଷ ପର୍ଯ୍ୟାୟରେ ପହଞ୍ଚିଛି। ସୋମବାର ତିନିରଥରେ ମୋଟ୍ ୩୨ଟି କନ୍ୟା ପଟା ବାଡ଼ିଆ କାର୍ଯ୍ୟ ଶେଷ ହୋଇଛି। ମହାପ୍ରଭୁଙ୍କ ତାଳଧ୍ୱଜ ରଥ ଏବଂ ମହାପ୍ରଭୁଙ୍କ ନନ୍ଦିଘୋଷ ରଥର ଚତୁଃପାଶ୍ୱର୍ରେ ୧୨ଟି ଲେଖାଏଁ ଏବଂ ଦେବୀ ସୁଭଦ୍ରାଙ୍କ ଦର୍ପଦଳନ ରଥରେ ୮ଟି କନ୍ୟା ପଟା ବାଡ଼ିଆ ଯାଇଛି। ଏଥିସହ ଚିତ୍ରକାର ସେବକମାନେ ତିନିରଥ ପ୍ରଭାରେ ରୂପ ଖୋଦେଇ ଅଂଶରେ ରଙ୍ଗ କାର୍ଯ୍ୟର ଶେଷ ସ୍ପର୍ଶ ଦେବା ସହ, ତିନିରଥର ବାହ୍ୟ ଅଂଶଗୁଡ଼ିକର ରଙ୍ଗ କାର୍ଯ୍ୟ, ତିନିରଥର ବ୍ରେକ୍ ପୁଲିର ରଙ୍ଗ କାର୍ଯ୍ୟ ଓ ତିନିରଥର ଘୋଡ଼ା ଏବଂ ସାରଥୀଙ୍କ ରଙ୍ଗ କାର୍ଯ୍ୟ ଜାରୀ ରଖିଛନ୍ତି। ଦରଜୀ ସେବକମାନେ ତିନିରଥ ରବତା କନା କଟିଙ୍ଗ୍ ପରେ ସେଥିରେ ବିଲାସ ପଟି ବା ଜରୀ ଲେସ୍ ଫିଟିଙ୍ଗ୍ କାର୍ଯ୍ୟ ଶେଷ କରିବା ସହ ତିନି ରଥର ଦୁଆର ବେଢ଼ା ଏବଂ ଦୁଆର ବେଢ଼ା ଚନ୍ଦ୍ରଶାଳୀର କନା କଟିଙ୍ଗ୍ ଶେଷ ପରେ ସେଥିରେ ଫୁଲ, ଡାଳି ଲତା ଏବଂ ଚିକ୍କଣ ଫୁଲ ପକା କାର୍ଯ୍ୟ ପାଇଁ ମାପ ଚିହ୍ନ ଗାଡ଼ିଆ କାର୍ଯ୍ୟ ଜାରୀ ରହିଛି। ଏଥିସହ ତିନିରଥର ପୋଟଳ କନା କଟିଙ୍ଗ୍ ଶେଷ ପର୍ଯ୍ୟାୟରେ ପହଞ୍ଚିଛି। ଦୋଳବେଦୀ ଅସ୍ଥାୟୀ କମାରଶାଳରେ ଓଝା କମାର ସେବକମାନେ ତିନିରଥର ସମସ୍ତ କଣ୍ଟା ନିର୍ମାଣ କାର୍ଯ୍ୟ ଶେଷ କରି ଜରୁରୀକାଳୀନ ପରିସ୍ଥିତି ପାଇଁ କିଛି ଆବଶ୍ୟକ କଣ୍ଟାମାନ ନିର୍ମାଣ ଜାରୀ ରଖିଛନ୍ତି।

## 'ଭକ୍ତଙ୍କୁ ରଥ ସ୍ପର୍ଶ କରିବାର ସୁଯୋଗ ମିଳୁ'

ପୁରୀ,୬।୭(ସମିସ): ସର୍ବସାଧାରଣରେ ରଥ ଉପରେ ଠାକୁରଙ୍କୁ ସ୍ପର୍ଶ ନ କରିବା ସମ୍ପର୍କରେ ପ୍ରକୃତ ଆଦେଶ ସରକାର ସର୍ବସାଧାରଣରେ ପ୍ରକାଶ କରନ୍ତୁ ବୋଲି ଦାବି କରାଯାଇଛି। ଏହା ସହ ଠାକୁରମାନେ ଗୁଣ୍ଡିଚା ମନ୍ଦିର ଭିତରକୁ ପ୍ରବେଶ କରିବା ପରେ ପୁଲିସ ସୁରକ୍ଷା ଭିତରେ ଶୂନ୍ୟ ରଥକୁ ସ୍ପର୍ଶ କରିବା ସୁଯୋଗ ଭକ୍ତମାନଙ୍କୁ ଦେବା ପାଇଁ ଶ୍ରୀଜଗନ୍ନାଥ ଧର୍ମ ସଂସ୍କୃତି ସୁରକ୍ଷା ସଂଗଠନ ଓଡ଼ିଶାର ରାଜ୍ୟ ସଭାପତି ଡ. ବଦ୍ରି ମିଶ୍ର ମୁଖ୍ୟମନ୍ତ୍ରୀ ଓ ମୁଖ୍ୟ ଶାସନ ସଚିବଙ୍କଠାରେ ଦାବି କରିଛନ୍ତି। ଡ. ମିଶ୍ର ଜଣାଇଛନ୍ତି ଯେ ରଥ ସ୍ପର୍ଶ କରିବା ପ୍ରତିଟି ଭକ୍ତଙ୍କ ଅଧିକାର। ଏଣୁ ହାଇକୋର୍ଟଙ୍କ ଆଦେଶକୁ ବିକୃତ କରି, ସରକାର ତଥା ପ୍ରଶାସନ ଭଗବାନ ଓ ଭକ୍ତଙ୍କ ମଧ୍ୟରେ ବ୍ୟବଧାନ ସୃଷ୍ଟି ନ କରିବା ଏବେ ବଡ଼ ଆବଶ୍ୟକତା। ଏଥି ସହ ସେ ଜଣାଇଛନ୍ତି ଯେ ଗୁଣ୍ଡିଚା ମନ୍ଦିରରେ ପୁରୀବାସୀଙ୍କ ସହଜ ପ୍ରବେଶ ପାଇଁ ସରକାର ଏକ ସମୟ ନିର୍ଦ୍ଧାରଣ କରନ୍ତୁ।

## ସ୍ଥଗିତ ରହିଲା 'ମହାପ୍ରଭୁ ଜଗନ୍ନାଥ' ଆନିମେସନ ଚଳଚ୍ଚିତ୍ର ମୁକ୍ତିଲାଭ

ପୁରୀ,୬।୭(ସମିସ): 'ମହାପ୍ରଭୁ ଜଗନ୍ନାଥ' ଆନିମେସନ ଫିଲ୍ମ ନେଇ ଗଜପତି ମହାରାଜାଙ୍କ ଆପତ୍ତି ପରେ ସୋମବାର ଶ୍ରୀମନ୍ଦିର ପ୍ରଶାସନ କାର୍ଯ୍ୟାଳୟରେ ଗଜପତି ଦିବ୍ୟସିଂହ ଦେବଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ପ୍ରଚାରପ୍ରସାର କମିଟି ବୈଠକରେ ଚଳଚ୍ଚିତ୍ର ମୁକ୍ତିଲାଭକୁ ସ୍ଥଗିତ ରଖାଯାଇଛି। ଏହି ବୈଠକରେ ଚଳଚ୍ଚିତ୍ରର ସ୍କ୍ରିନିଙ୍ଗ୍ କରାଯାଇଥିବାବେଳେ ଗଜପତି ପ୍ରତିକ୍ରିୟା ଦେଇ କହିଥିଲେ, ଏହି ଫିଲ୍ମ ସମ୍ପୂର୍ଣ୍ଣ କାଳ୍ପନିକ। ଆଜିର ଛୋଟ ପିଲା, ଯୁବପିଢ଼ିଙ୍କ ପାଇଁ ଚଳଚ୍ଚିତ୍ର ନିର୍ମାଣ ସ୍ୱାଗତଯୋଗ୍ୟ। କିନ୍ତୁ ଏହା କାଳ୍ପନିକ କିମ୍ବା ମନଗଢ଼ା କାହାଣୀ ହେବା କଥା ନୁହେଁ। ବୈଠକରେ ଚଳଚ୍ଚିତ୍ରର ନିର୍ଦ୍ଦେଶକ ମଧ୍ୟ ନିଜ ଭୁଲ୍ ସ୍ୱୀକାର କରିଥିଲେ। ଭୁବନେଶ୍ୱର (M/s Ele Animations Pvt Ltd) ଦ୍ୱାରା ନିର୍ମିତ ଏବଂ ଆସନ୍ତା ୧୦ ତାରିଖରେ ପ୍ରେକ୍ଷାଳୟକୁ ଆସିବାକୁ ଥିବା ଉକ୍ତ ଚଳଚ୍ଚିତ୍ରର ମୁକ୍ତିଲାଭ ସ୍ଥଗିତ ରଖାଯାଇଛି। ସମ୍ପୂର୍ଣ୍ଣ ଚଳଚ୍ଚିତ୍ର ଆଉ ଥରେ ତର୍ଜମା ହୋଇ ପରିବର୍ତ୍ତିତ ହେବ।

ସେହିପରି ଅଦିନିଆ ରଥଯାତ୍ରା ବନ୍ଦ ନେଇ ପୁଣି ଥରେ ବର୍ଷିଛନ୍ତି ଗଜପତି ଦିବ୍ୟସିଂହ ଦେବ। ସେ ଦୁଇ ଦିନ ତଳେ ଇସ୍କନ ନୂଆ ଅଧ୍ୟକ୍ଷଙ୍କୁ ଏ ସମ୍ପର୍କରେ ଚିଠି ଲେଖି ଅବଗତ କରାଇଥିଲେ। ପ୍ରଧାନମନ୍ତ୍ରୀ ଓ ରାଷ୍ଟ୍ରପତିଙ୍କୁ ମଧ୍ୟ ଚିଠି ଦିଆଯାଇଛି। ନୀଳାଦ୍ରି ବିଜେ ପରେ ଏକ ପ୍ରତିନିଧିମଣ୍ଡଳୀ ପ୍ରଧାନମନ୍ତ୍ରୀ ଓ ରାଷ୍ଟ୍ରପତିଙ୍କୁ ଭେଟିବେ। ଇସ୍କନର ଅଦିନିଆ ରଥଯାତ୍ରା ବନ୍ଦ ପାଇଁ କେନ୍ଦ୍ର ସରକାରଙ୍କ ହସ୍ତକ୍ଷେପ ନିହାତି ଆବଶ୍ୟକ ବୋଲି ବୈଠକ ପରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ଗଜପତି ଦିବ୍ୟସିଂହ ଦେବ ଏ ନେଇ ସୂଚନା ଦେଇଛନ୍ତି। ଫିଲ୍ମର ଅଫିସିଆଲ୍ ଟ୍ରେଲର୍‌କୁ ଦେଖିବା ପରେ ଗଜପତି ମହାରାଜା ନିଜର ଗଭୀର ଅସନ୍ତୋଷ ବ୍ୟକ୍ତ କରିଥିଲେ। ତାଙ୍କ କହିବା ଅନୁଯାୟୀ, ଏହା ସମ୍ପୂର୍ଣ୍ଣ କାଳ୍ପନିକ କାହାଣୀ। ଚଳଚ୍ଚିତ୍ରରେ ମହାପ୍ରଭୁଙ୍କର ଏକ ସମ୍ପୂର୍ଣ୍ଣ ମନଗଢ଼ା ଓ କାଳ୍ପନିକ କାହାଣୀ ପ୍ରଦର୍ଶନ କରାଯାଇଛି, ଯାହା ଆମର ପବିତ୍ର ଶାସ୍ତ୍ର ସହିତ ଆଦୌ ମେଳ ଖାଉନାହିଁ। ଶ୍ରୀମନ୍ଦିର ପ୍ରଶାସନ କାର୍ଯ୍ୟାଳୟରେ ଅନୁଷ୍ଠିତ ଏହି ବୈଠକରେ ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଡ. ଅରବିନ୍ଦ ପାଢ଼ୀ, ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ା, ଗବେଷକ, ବିଭିନ୍ନ ମଠର ମଠାଧୀଶ, ଶ୍ରୀମନ୍ଦିର ପରିଚାଳନା କମିଟି ସଦସ୍ୟ ଉପସ୍ଥିତ ଥିଲେ।

**ନିଜର ଭୁଲ୍ ସ୍ୱୀକାର କଲେ ନିର୍ଦ୍ଦେଶକ**

## ୯୭ ଦିନରେ ପ୍ରତିବାଦ ପଦଯାତ୍ରା



ପୁରୀ,୬।୭(ସମିସ): ଶ୍ରୀମନ୍ଦିର ପ୍ରବେଶ ଓ ମହାପ୍ରଭୁଙ୍କ ଦର୍ଶନରେ ସ୍ୱତନ୍ତ୍ର ବ୍ୟବସ୍ଥା କରିବାକୁ ଦାବି କରିଆସୁଛନ୍ତି ପୁରୀବାସୀ। ପ୍ରାୟବର୍ଷେ ହେବ ଏଭଳି ଦାବି କରାଯାଉଥିଲେ ମଧ୍ୟ ପ୍ରଶାସନ କି ସରକାର କେହି ଶୁଣୁନାହାନ୍ତି। ହେଲେ ସେମାନଙ୍କ ହକ୍ ହାସଲ ଦିଗରେ ଅଟଳ ରହି ପ୍ରତିବାଦ ପଦଯାତ୍ରା ଜାରି ରଖିଛନ୍ତି। ସୋମବାର ଏହି ପଦଯାତ୍ରା ୯୭ ଦିନରେ ପହଞ୍ଚିଛି। ହକ୍ ହାସଲ ପାଇଁ ଥକି ପଡ଼ିନାହାନ୍ତି। ସନ୍ଧ୍ୟାରେ ବଳଗଣ୍ଡିସ୍ଥିତ ଭକ୍ତ ସାଲବେଗ ସମାଧି ପୀଠରୁ ଆରମ୍ଭ ହୋଇଥିବା ଏହି ପଦଯାତ୍ରା ଶ୍ରୀମନ୍ଦିର ନିକଟରେ ଶେଷ ହୋଇଥିଲା। ପଦଯାତ୍ରୀମାନେ ବଡ଼ଦାଣ୍ଡରେ ସ୍ଲୋଗାନ ଦେଇ ନିଜ ହକ୍ ପାଇଁ ଦାବି କରିଥିଲେ। ସ୍ୱାଧୀନ ପଣ୍ଡାଙ୍କ ନେତୃତ୍ୱରେ ଏହି ପଦଯାତ୍ରାରେ ଶିବସୁନ୍ଦର ମିଶ୍ର, ହରିଶଙ୍କର ମିଶ୍ର, ଚକ୍ରଧର ମହାପାତ୍ର, ପ୍ରକାଶ ଚନ୍ଦ୍ର ନାୟକ, ସୁକାନ୍ତ ପଣ୍ଡା, ବିଶ୍ୱନାଥ ମିଶ୍ର, ମନୋରଞ୍ଜନ ରଣସିଂହ, ସୁବାସ ପଟ୍ଟନାୟକ, ନୃସିଂହନାଥ ନାୟକ, ଯାଦବାନନ୍ଦ ରାୟ, ଶିଶିରକାନ୍ତ ଶତପଥୀ, ସନ୍ତୋଷ ସେନାପତି, ଅରୁଣା ପଟ୍ଟନାୟକ, ମମତା ଦାସ, ବନିତା ଦିକ୍ଷୀତ, ମମତା ସ୍ୱାଇଁ, କିଶୋର ଚନ୍ଦ୍ର ଦାସ, ପ୍ରଫୁଲ୍ଲ କୁମାର ସାହୁ, ଲିଙ୍ଗରାଜ ସାହୁ, ରାଜା ମହାନ୍ତି, ଅମୂଲ୍ୟ ଦାସ, ମାନସ ପଟ୍ଟନାୟକ, ରମେଶ ଚନ୍ଦ୍ର ମହାନ୍ତି, ସୁରେଶ ଚନ୍ଦ୍ର ମିଶ୍ର ପ୍ରମୁଖ ଯୋଗଦେଇଥିଲେ।

## ମୁଖ୍ୟମନ୍ତ୍ରୀଙ୍କୁ କଳାପତାକା ଦେଖାଇଲେ କଂଗ୍ରେସ କର୍ମୀ

ପୁରୀ,୬।୭(ସମିସ)



ରଥଯାତ୍ରା ସ୍ୱତନ୍ତ୍ର ସମୀକ୍ଷା ବୈଠକରେ ଯୋଗଦେବାକୁ ଆସିଥିବା ବେଳେ ମୁଖ୍ୟମନ୍ତ୍ରୀ ମୋହନ ମାଝୀଙ୍କୁ କଳାପତାକା ପ୍ରଦର୍ଶନ କରିଛନ୍ତି କଂଗ୍ରେସ କର୍ମୀ। ବୀରହରେକୃଷ୍ଣପୁର ଛକଠାରେ ପୁରୀ ସଦର ବ୍ଲକ୍ ପୂର୍ବତନ କଂଗ୍ରେସ ସଭାପତି ରାମଚନ୍ଦ୍ର ସାହୁ ଓ ଅବିନାଶ ମିଶ୍ର କଳାପତାକା ପ୍ରଦର୍ଶନ କରିଥିଲେ। ଉଭୟଙ୍କୁ ପୁଲିସ ଧରି ଥାନାକୁ ଆଣିଥିଲା। ସେହିପରି ପୁରୀ ସହରର ବିଭିନ୍ନ ଜାଗାରେ କଳାପତାକା ଦେଖାଇବା ବେଳେ ପୁଲିସ ରଜତ କୁମାର ସାହୁ, ବିଶ୍ୱରଞ୍ଜନ ମହାପାତ୍ର, ଆଦର୍ଶ ମିଶ୍ର, ରାଜକିଶୋର ସ୍ୱାଇଁ, ଜିତୁ ଦାସ, ପିଣ୍ଟୁ ସାହୁ, ଦୀପକ ବେହେରାଙ୍କୁ ଉଠାଇ ନେଇଥିଲା। ପାଠ୍ୟପୁସ୍ତକରେ ତ୍ରୁଟି, ପୁରୀବାସୀଙ୍କ ସହଜ ଶ୍ରୀମନ୍ଦିର ଦର୍ଶନ ପ୍ରସଙ୍ଗ ସହିତ ରାମ ମନ୍ଦିର ଓ ବଦ୍ରିନାଥ ମନ୍ଦିରରୁ ଭକ୍ତଙ୍କ ଦାନ ଅର୍ଥ ଚୋରି, ଅଦିନିଆ ରଥଯାତ୍ରା କରୁଥିବା ଇସ୍କନକୁ ରଥଯାତ୍ରାରେ ଅହେତୁକ ଅନୁକମ୍ପା ପ୍ରଦର୍ଶନ, ବିପର୍ଯ୍ୟସ୍ତ ରାସ୍ତାଘାଟ, ଅହେତୁକ ବିଦ୍ୟୁତ୍ କାଟ, ବିପର୍ଯ୍ୟସ୍ତ ସ୍ୱାସ୍ଥ୍ୟସେବା ଆଦି ବିଭିନ୍ନ ସମସ୍ୟାକୁ ନେଇ କଂଗ୍ରେସ ପକ୍ଷରୁ ମୁଖ୍ୟମନ୍ତ୍ରୀଙ୍କୁ କଳାପତାକା ଦେଖାଯାଇଥିଲା ବୋଲି ଦଳ ପକ୍ଷରୁ କୁହାଯାଇଛି। ଆଗାମୀ ଦିନରେ ପୁରୀରେ କୌଣସି ନେତାଙ୍କୁ ପୂରାଇ ଦିଆଯିବ ନାହିଁ ବୋଲି ରାମଚନ୍ଦ୍ର ସାହୁ ଚେତାବନୀ ଦେଇଛନ୍ତି। ପରେ ସମସ୍ତଙ୍କୁ ପୁଲିସ ଛାଡ଼ିଥିବା ବେଳେ ରାତି ୧୦ଟା ପର୍ଯ୍ୟନ୍ତ ରାମଚନ୍ଦ୍ର ସାହୁଙ୍କୁ ଅଟକ ରଖିଥିବା ଜଣାପଡ଼ିଛି।

## ହୋପ୍ ଇଜ୍ ଲାଇଫ୍‌ର ସାମୂହିକ ବ୍ରତୋପନୟନ

ପୁରୀ,୬।୭(ସମିସ): ଶ୍ରୀଗୁଣ୍ଡିଚା ଭକ୍ତ ନିବାସରେ ହୋପ୍ ଇଜ୍ ଲାଇଫ୍ ଚାରିଟେବୁଲ ଟ୍ରଷ୍ଟ ପକ୍ଷରୁ ସୋମବାର ସାମୂହିକ ବ୍ରତୋପନୟନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏଥିରେ ୨୩ ଜଣ ବ୍ରାହ୍ମଣ ବାଳକଙ୍କ ବ୍ରତୋପନୟନ କରାଯାଇଥିଲା। ସନାତନ ପରମ୍ପରାରେ ବ୍ରତୋପନୟନ ସଂସ୍କାରର ଏକ ବିଶେଷ ଧାର୍ମିକ ଓ ସାଂସ୍କୃତିକ ମହତ୍ତ୍ୱ ରହିଛି। ଏହା କେବଳ ଏକ ଧାର୍ମିକ ଆଚାର ନୁହେଁ, ବରଂ ଜ୍ଞାନ, ଶୃଙ୍ଖଳା, ସଦାଚାର ଓ ନୈତିକ ମୂଲ୍ୟବୋଧର ପଥରେ ଜୀବନର ଏକ ନୂତନ ଅଧ୍ୟାୟର ଶୁଭାରମ୍ଭ। ଏଭଳି ସାମୂହିକ କାର୍ଯ୍ୟକ୍ରମ ସମାଜରେ ସମାନତା, ସହଯୋଗ, ଭ୍ରାତୃତ୍ୱ ଏବଂ ସାମାଜିକ ସମରସତାକୁ ସୁଦୃଢ଼ କରିବା ସହିତ ଆମର ସମୃଦ୍ଧ ସଂସ୍କୃତି ଓ ପରମ୍ପରାର ସଂରକ୍ଷଣରେ ମଧ୍ୟ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିଥାଏ ବୋଲି ଅନୁଷ୍ଠାନ ପକ୍ଷରୁ କୁହାଯାଇଛି। ଏଭଳି ମହତ୍ କାର୍ଯ୍ୟର ଆୟୋଜନ ପାଇଁ ଟ୍ରଷ୍ଟର ପ୍ରାୟ ୨୦୦ରୁ ଅଧିକ ସଦସ୍ୟ ଓ ସଦସ୍ୟା ଯୋଗଦେଇ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ପୁରୀ ସାଂସଦ ଡ. ସମ୍ବିତ୍ ପାତ୍ର ଓ ପୂର୍ବତନ ବିଧାୟକ ଜୟନ୍ତ ଷଡ଼ଙ୍ଗୀଙ୍କ ସହିତ ବହୁ ମାନ୍ୟଗଣ୍ୟ ବ୍ୟକ୍ତି ଯୋଗଦେଇ ନବ ବ୍ରହ୍ମଚାରୀମାନଙ୍କୁ ଆଶୀର୍ବାଦ ପ୍ରଦାନ କରିଥିଲେ।



## ଟିକିନା ଲିଆଖିଆ ନଦୀ କୂଳରେ ସୃଷ୍ଟି ହେବ ଖଜୁରି ଜଙ୍ଗଲ

## ୫ ହଜାର ମଞ୍ଜି ପୋତିଲା ସେଭ୍ କୋଷ୍ଟାଲ ଲାଇଫ୍

ପୁରୀ,୬।୭(ସମିସ)



ଚଳିତ ବର୍ଷର ବନ ମହୋତ୍ସବ ସପ୍ତାହକୁ ଜନସଚେତନତା ଓ ପରିବେଶ ଉପଯୋଗୀ କରିବା ପାଇଁ ପ୍ରୟାସ ଜାରି ରଖିଛି ସ୍ୱେଚ୍ଛାସେବୀ ସଂଗଠନ 'ସେଭ୍ କୋଷ୍ଟାଲ ଲାଇଫ୍'। ପ୍ରକୃତିର ସୁରକ୍ଷା, ନୂତନ ଜଙ୍ଗଲ ସୃଷ୍ଟି ଏବଂ ବନ୍ୟଜନ୍ତୁଙ୍କ ସୁରକ୍ଷା ପାଇଁ ନିରନ୍ତର ଜନସଚେତନତା ସୃଷ୍ଟି କରିଆସୁଥିବା ଏହି ସଂଗଠନ ଚଳିତ ବର୍ଷ ଏକ ବଡ଼ ସଙ୍କଳ୍ପ ନେଇଛି। ଟିକିନା ଲିଆଖିଆ ନଦୀ ଉପକୂଳ ଅଞ୍ଚଳରେ ୫ ହଜାରରୁ ଅଧିକ ଖଜୁରୀ ମଞ୍ଜି ରୋପଣ କରି ଏକ ବିଶାଳ ଖଜୁରୀ ଜଙ୍ଗଲ ସୃଷ୍ଟି କରିବାକୁ ସଂଗଠନ ଲକ୍ଷ୍ୟ ରଖିଛି। ଉପକୂଳ ସୁରକ୍ଷା ପାଇଁ ଖଜୁରୀ ଗଛର ଆବଶ୍ୟକତା ଓ ଭୂମିକା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ। ଏହି ଗଛଗୁଡ଼ିକ କେବଳ ମୃତ୍ତିକା କ୍ଷୟ ରୋକିବାରେ ସାହାଯ୍ୟ କରନ୍ତି ନାହିଁ, ବରଂ ବାତ୍ୟା ଓ ପ୍ରବଳ ପବନ ସମୟରେ ପ୍ରାକୃତିକ ପ୍ରାଚୀର ସଦୃଶ କାର୍ଯ୍ୟ କରିଥା'ନ୍ତି। ଏହାସହ ନଦୀକୂଳିଆ ଅଞ୍ଚଳର ଜୈବବିବିଧତା ରକ୍ଷା କରିବା ଏବଂ ପକ୍ଷୀମାନଙ୍କୁ ଆଶ୍ରୟ ପ୍ରଦାନ କରିବାରେ ଏହା ବିଶେଷ ସହାୟକ ହୋଇଥାଏ। 'ସେଭ୍ କୋଷ୍ଟାଲ ଲାଇଫ୍' ସଂଗଠନର କର୍ମକର୍ତ୍ତାମାନେ ପ୍ରକାଶ କରିଛନ୍ତି ଯେ, କେବଳ ଗଛ ଲଗାଇବା ସଂଗଠନର ଲକ୍ଷ୍ୟ ନୁହେଁ, ବରଂ ତାହାର ସୁରକ୍ଷା କରି ଏକ ସୁନ୍ଦର ଜଙ୍ଗଲରେ ପରିଣତ କରିବା ସେମାନଙ୍କର ମୁଖ୍ୟ ଉଦ୍ଦେଶ୍ୟ। ଏଥିରେ ପ୍ରକୃତିବନ୍ଧୁ ସରୋଜ କୁମାର ଜେନା କହିଛନ୍ତି, ସବୁଜିମା ସପକ୍ଷରେ ଆମ ସଂସ୍କୃତି। ଏଠି ପୂଜା ପାଏ ପ୍ରକୃତି, ତା' ସହ ଆମ ଆରାଧ୍ୟ ଠାକୁର ପ୍ରଭୁ ଶ୍ରୀଜଗନ୍ନାଥ ମଧ୍ୟ ଗଛରୁ ଗଢ଼ା। ତେଣୁ ଆମ ଜଙ୍ଗଲର ଦାୟିତ୍ୱ, ପଶୁପକ୍ଷୀଙ୍କ ବଞ୍ଚିବାର ଅଧିକାର ଓ ଜଙ୍ଗଲକୁ ସବୁଜିମାରେ ଚିରହରିତ କରିବା ପାଇଁ ସମସ୍ତେ ସମର୍ପିତ ଉଦ୍ୟମ ପାଇଁ ଆସନ୍ତୁ ସଂକଳ୍ପ ନେବା। କାର୍ଯ୍ୟକ୍ରମରେ ସଂଗଠନର କର୍ମକର୍ତ୍ତା ଜଗନ୍ନାଥ ସାହୁ, ରାକେଶ ବେହେରା, ମିଥୁନ ଛୋଟରାୟ, କୃଷ୍ଣଚନ୍ଦ୍ର ବେହେରା, ଲିଟୁ ଦାସ, ଶୁଭେନ୍ଦୁ ରାଉତରାୟ, ଅକ୍ଷୟ ବାରିକଙ୍କ ସହ ପ୍ରକୃତିବନ୍ଧୁ ଶ୍ରୀ ଜେନା ଯୋଗଦେଇ ମଞ୍ଜି ଲଗାଇଥିଲେ।

## ବୈଷ୍ଣବାଚାର୍ଯ୍ୟ ରାୟ ରାମାନନ୍ଦଙ୍କ ଜୟନ୍ତୀ

ପୁରୀ,୬।୭(ସମିସ)



ଉତ୍କଳର ମହାନ୍ ସାଧକ ବୈଷ୍ଣବାଗ୍ରଗଣ୍ୟ ରାୟ ରାମାନନ୍ଦ ଷୋଡ଼ଶ ଶତାବ୍ଦୀର ପ୍ରାରମ୍ଭରେ ସମଗ୍ର ଉତ୍କଳ, ଦାକ୍ଷିଣାତ୍ୟ, ପଶ୍ଚିମବଙ୍ଗ, ଝାଡ଼ଖଣ୍ଡ, ଆସାମ ଇତ୍ୟାଦି ଅଞ୍ଚଳରେ ଗଜପତି ପ୍ରତାପରୁଦ୍ର ଦେବଙ୍କ ଜଣେ ଉଚ୍ଚପଦସ୍ଥ ରାଜ ପ୍ରଶାସକ, ପଣ୍ଡିତ, ସଙ୍ଗୀତ ବିଶାରଦ, ନାଟ୍ୟକାର ଭାବେ ପ୍ରସିଦ୍ଧି ଲାଭ କରିଥିଲେ। ରାଜମହେନ୍ଦ୍ରୀର ରାଜ୍ୟପାଳ ପଦରୁ ଅବ୍ୟାହତ ନେଇ ଶ୍ରୀମନ୍ଦିରର ମୁଖ୍ୟ ପରିଚ୍ଛା ବା ପରିଚାଳକ ଭାବେ ଯୋଗଦେଇଥିଲେ। ଶ୍ରୀମନ୍ଦିରର ଉତ୍ତର ପାର୍ଶ୍ୱରେ ଏକ ମଣ୍ଡପ ନିର୍ମାଣ କରି ଇଷ୍ଟ ଗୋଷ୍ଠୀ ଗଠନ ପୂର୍ବକ ଶାସ୍ତ୍ରୀୟ ଆଲୋଚନାରେ ମଗ୍ନ ରହୁଥିଲେ। ବର୍ତ୍ତମାନର ଜଗନ୍ନାଥ ବଲ୍ଲଭ ମଠ ବିଜେସ୍ଥଳୀ ତାଙ୍କ ସାଧନା କ୍ଷେତ୍ର ଥିଲା ଓ ମହାପ୍ରଭୁଙ୍କ ପ୍ରମୋଦ ଉଦ୍ୟାନ ଭାବେ ପରିଚିତ ଏହି ବିଜେସ୍ଥଳୀରେ ଇଷ୍ଟ ଗୋଷ୍ଠୀର ସମ୍ମେଳନରେ ଶ୍ରୀଚୈତନ୍ୟ, ଉତ୍କଳୀୟ ପଞ୍ଚସଖା, ଠାକୁର ହରିଦାସ, ସ୍ୱରୂପ ଦାମୋଦର, କବୀର, ନାନକ, ଶଙ୍କର ଦେବ ପ୍ରମୁଖ ବିଶିଷ୍ଟ ବୈଷ୍ଣବାଚାର୍ଯ୍ୟମାନେ ଏକତ୍ରିତ ହେଉଥିଲେ ବୋଲି ଜଗନ୍ନାଥ ବଲ୍ଲଭ ମଠ ପ୍ରାଙ୍ଗଣରେ ରାୟ ରାମାନନ୍ଦଙ୍କ ପୁଣ୍ୟ ଜୟନ୍ତୀ ଅବସରରେ ଅତିଥିମାନେ ମତବ୍ୟକ୍ତ କରିଥିଲେ।

ଶ୍ରୀଜଗନ୍ନାଥ ବଲ୍ଲଭ ମଠ ଟ୍ରଷ୍ଟ ଏବଂ ସ୍ମୃତି ପରିଷଦ ମିଳିତ ଆନୁକୂଲ୍ୟରେ ଆୟୋଜିତ ଜୟନ୍ତୀ ମହୋତ୍ସବରେ ପରିଷଦର ସଭାପତି ତଥା ରାୟ ରାମାନନ୍ଦଙ୍କ ବଂଶର ପିଢ଼ି ଡ. ଦିଲ୍ଲୀପ କୁମାର ପଟ୍ଟନାୟକ, ଟ୍ରଷ୍ଟ ବୋର୍ଡର ସଭାପତି ପୂଜ୍ୟ ସ୍ୱାମୀ ଶୁଭାନନ୍ଦ ପୁରୀ, ମହନ୍ତ ରାମକୃଷ୍ଣ ଦାସ, ଟ୍ରଷ୍ଟି ତଥା ସ୍ମୃତି ପରିଷଦର କାର୍ଯ୍ୟକାରୀ ସଭାପତି ଡ. ଭାସ୍କର ମିଶ୍ର, ପୂଜ୍ୟ ସନ୍ଥ ସୁବଳ ଚରଣ ଦାସଜୀ, ମହନ୍ତ ବଂଶୀଧର ଦାସ ପ୍ରମୁଖ ଟ୍ରଷ୍ଟିବୃନ୍ଦ ମଞ୍ଚାସୀନ ଥିଲେ। ଏହି ଅବସରରେ ଆୟୋଜିତ ରାଜ୍ୟସ୍ତରୀୟ ଆଲୋଚନାଚକ୍ରରେ ବରିଷ୍ଠ ବିଦ୍ୱାନ ଡ. ଶ୍ରୀନିବାସ ଆଚାର୍ଯ୍ୟ, ଡ. ନରେଶ ଚନ୍ଦ୍ର ଦାଶ, ଡ. କଲ୍ୟାଣୀ ଶତପଥୀ, ଡ. ଉମେଶ ଚନ୍ଦ୍ର ଚିନ୍ନରା, ଡ. ଦିଲ୍ଲୀପ କୁମାର ପଟ୍ଟନାୟକ, ମହନ୍ତ ରାମକୃଷ୍ଣ ଦାସ ମହାରାଜ, ଡ. ଭାସ୍କର ମିଶ୍ର, ମହନ୍ତ ଡ. ରାମଚରଣ ଦାସ ମହାରାଜ, ଟ୍ରଷ୍ଟି ଗୋକୁଳ ଚନ୍ଦ୍ର ଦାସ ପ୍ରମୁଖ ରାୟ ରାମାନନ୍ଦଙ୍କ ଜୀବନୀ ଚରିତ ଓ ସାରସ୍ୱତ କୃତୀ ସମ୍ପର୍କରେ ବିସ୍ତୃତ ଭାବେ ଆଲେଚନା କରିଥିଲେ। ଏହି ଅବସରରେ ପରିଷଦ ପକ୍ଷରୁ ରାୟ ରାମାନନ୍ଦଙ୍କ କୃତୀ ସମ୍ବନ୍ଧୀୟ ୪ଟି ଗ୍ରନ୍ଥ ଉନ୍ମୋଚନ କରାଯାଇଥିଲା। ମହନ୍ତ ଶୁଭାନନ୍ଦ ପୁରୀ ଧନ୍ୟବାଦ ଅର୍ପଣ କରିଥିଲେ। ଜୟନ୍ତୀ ଉତ୍ସବ ଓ ରାଜ୍ୟସ୍ତରୀୟ ଆଲେଚନାଚକ୍ରକୁ ସଞ୍ଚାଳନ କରିଥିଲେ ମଠ କାର୍ଯ୍ୟନିର୍ବାହୀ ଅଧିକାରୀ ରଘୁନାଥ ରଥ। ପ୍ରତ୍ୟେକ ବର୍ଷ ଅଣସର ପଞ୍ଚମୀ ଦିନ ପୁଣ୍ୟାତ୍ମା ବୈଷ୍ଣବାଚାର୍ଯ୍ୟ ରାୟ ରାମାନନ୍ଦଙ୍କ ଜୟନ୍ତୀ ଉତ୍ସବ ପାଳନ କରାଯିବ ବୋଲି ନିଷ୍ପତ୍ତି ନିଆଯାଇଛି।

# ସମ୍ପାଦକୀୟ



ଭବିଷ୍ୟତର କାଳଖଣ୍ଡକୁ ଆମେ ଦେବାକୁ ଚାହୁଁଥିବା ଜୀବନ୍ତ ସନ୍ଦେଶର ଅନ୍ୟ ନାମ ହେଉଛି 'ଶିଶୁ'!

-ଜନ୍ ଏଫ୍ କେନେଡ଼ି

ସକାଳ
THE SAKALA

## ପ୍ରଦୂଷଣ ବନାମ ପରିବେଗ

ସାମ୍ପ୍ରତି ଭାରତରେ ଇ-୨୦ ଇନ୍ଧନ ବିତର୍କ ଓ ବିରୋଧାଭାସ ସୃଷ୍ଟି କରିଛି। ଇ-୨୦ ପେଟ୍ରୋଲ୍(୧ ଲିଟରରେ ୮୦ ଭାଗ ବା ୮୦୦ ମିଲିଲିଟର ପେଟ୍ରୋଲ୍ ଓ ୨୦ ଭାଗ ବା ୨୦୦ ମିଲିଲିଟର ଇଥାନଲ୍) ଉତ୍ପାଦନ ଓ ବିକ୍ରି ଉଦ୍ୟମର ସଫଳତା ପରେ ଇ-୧୫ ଡିଜେଲ୍(୧ ଲିଟରରେ ୮୫ ଭାଗ ଡିଜେଲ୍ ଓ ୧୫ ଭାଗ ଇଥାନଲ୍) ଉତ୍ପାଦନ ଓ ବିକ୍ରି ପାଇଁ ସରକାର ସଜବାଜ ହେଉଛନ୍ତି। ଇ-ଇନ୍ଧନ ବା ଇଥାନଲ୍ ଯୁକ୍ତ ଇନ୍ଧନ ବ୍ୟବହାର ପ୍ରକୃତି ଓ ପରିବେଶ ପାଇଁ ହିତକର ହେବା ସହିତ ମୋଟରଯାନର ଯାନ୍ତ୍ରିକ ଆୟୁବର୍ଦ୍ଧକ ବୋଲି ସରକାର ଯୁକ୍ତି କରୁଥିବା ବେଳେ ଏହାଦ୍ୱାରା ମାଇଲେଜ୍ ବା ପରିବେଗ ମନ୍ଥର ହେଉଛି ବୋଲି ବ୍ୟବହାରକାରୀ ଅଭିଯୋଗ କରୁଛନ୍ତି।

ଏହା ନିଃସନ୍ଦେହ ଯେ ବାୟୁମଣ୍ଡଳକୁ ନିର୍ଗତ ହେଉଥିବା ବିଷାକ୍ତ ଉପାଦାନରେ ମୋଟରଯାନରୁ ନିର୍ଗତ ଧୂଆଁ ବା ଇନ୍ଧନ ଦହନ ଜନିତ ବର୍ଜ୍ୟ ବା ପ୍ରଦୂଷଣ ସର୍ବାଧିକ। ଏବେ ଆମେ ଏଭଳି ଏକ ଜଗତ ଓ ସମୟରେ ପହଞ୍ଚିସାରିଛୁ ଯେ ପରିବେଶ ସୁରକ୍ଷା ପାଇଁ ଗାଡ଼ିମୋଟରର ସଂଖ୍ୟା ହ୍ରାସ କରିବା ପ୍ରାୟତଃ ଅସମ୍ଭବ। ତେଣୁ ଇନ୍ଧନରୁ ନିର୍ଗତ ବିଷାକ୍ତ ବାଷ୍ପକୁ ଯଥାସମ୍ଭବ ହ୍ରାସ କରିବା ପାଇଁ ସେଥିରେ ଇଥାନଲ୍ ମିଶ୍ରଣ ସପକ୍ଷରେ ମତ ପ୍ରକାଶ ପାଉଛି। ଦୀର୍ଘବର୍ଷ ଧରି ଏ ଦିଗରେ ପରୀକ୍ଷା ନିରୀକ୍ଷା ପରେ ଏବେ ଏହାର ପରୀକ୍ଷାମୂଳକ ପ୍ରୟୋଗ ହୋଇ ସଫଳ ହୋଇଥିବା ଦାବି କରାଯାଉଛି। କିନ୍ତୁ ସତରେ କ'ଣ ଇ-ଇନ୍ଧନ ବ୍ୟବହାର ପରିବେଶ ପାଇଁ ହିତକର ଏବଂ ଆର୍ଥିକ ଦୃଷ୍ଟିରୁ ମିତବ୍ୟୟୀ? ଏହି ପ୍ରସଙ୍ଗରେ ପୁଣି ଏକ ନୂଆ ବିତର୍କ ଆରମ୍ଭ ହୋଇଛି।

ଇଥାନଲ୍ ମୁଖ୍ୟତଃ ଶ୍ୱେତସାରଯୁକ୍ତ ଶସ୍ୟ ଯଥା ଚାଉଳ, ମକା, ଆଖୁ, ସୋୟାବିନ୍ ଆଦିରୁ ପ୍ରସ୍ତୁତ ହେଉଛି। ଏ ସବୁ ଶସ୍ୟ ଜଳବହୁଳ ନିର୍ଭରଶୀଳ। ତେଣୁ ସରକାର ଏ ସବୁ ଶସ୍ୟ ମଧ୍ୟରୁ ତୁଳନାତ୍ମକ ଭାବେ କମ୍ ଜଳ ଆବଶ୍ୟକ କରୁଥିବା ଧାନ ବା ଚାଉଳକୁ ଇଥାନଲ୍ ଉତ୍ପାଦନ ପାଇଁ ଅଧିକରୁ ଅଧିକ ଗୁରୁତ୍ୱ ଦେଉଥିବା କୁହାଯାଉଛି। ଏହା ପଛରେ କିନ୍ତୁ ସରକାରଙ୍କର ଯେଉଁ ପ୍ରଚ୍ଛନ୍ନ ଉଦ୍ଦେଶ୍ୟ ରହିଛି ରହିଛି ତାହା ସାମ୍ନାକୁ ଆସୁନାହିଁ। ଦେଶର ଇନ୍ଧନ ଚାହିଦା ପୂରଣ ପାଇଁ ଆବଶ୍ୟକ ଇଥାନଲ୍ ଉତ୍ପାଦନରେ ଆମ ଦେଶର ଚାଉଳ କେତେ ସକ୍ଷମ ଏବଂ ଏହା ଅର୍ଥନୀତି ପ୍ରତି କିଭଳି ଅନୁକୂଳ ତାହା ଦେଖାଯାଉ।

ଭାରତ ଏବେ ବିଶ୍ୱର ସର୍ବବୃହତ୍ ଧାନ ଉତ୍ପାଦନକାରୀ ଓ ରପ୍ତାନୀକାରୀ ରାଷ୍ଟ୍ର। ୨୦୨୫-୨୬ କୃଷି ବର୍ଷରେ ଭାରତ ମୋଟ ୧୫୪ ନିୟୁତ ଟନ୍ ଧାନ ଉତ୍ପାଦନ କରିଥିବା ବେଳେ ୨୪.୫ ନିୟୁତ ଟନ୍ ବା ବିଶ୍ୱ ଚାଉଳ ବାଣିଜ୍ୟର ୪୦% ଚାଉଳ ରପ୍ତାନୀ କରିଛି। ଏଥିସହିତ ଖାଦ୍ୟ ନିରାପତ୍ତା ଯୋଜନାରେ ଦେଶର ୮୦ କୋଟି ପରିବାରକୁ ମାସିକ ବ୍ୟକ୍ତି ପିଛା ୫ କେଜି ଲେଖାଏଁ ଚାଉଳ ମାଗଣାରେ ବଣ୍ଟାଯାଉଛି। ମୋଟ ଚାଉଳ ଉତ୍ପାଦନର ଏହା ଦୁଇ-ତୃତୀୟାଂଶ। ଏହାସତ୍ତ୍ୱେ ଭାରତୀୟ ଖାଦ୍ୟ ନିଗମର ଭଣ୍ଡାରରେ ବିପୁଳ ପରିମାଣର ଚାଉଳ ପଡ଼ି ରହିଛି। ଗତ ଏପ୍ରିଲ ୧ ତାରିଖ ସୁଦ୍ଧା ନିଗମ ପାଖରେ ବଫର ଷ୍ଟକ୍(ନିର୍ଦ୍ଧାରିତ ସର୍ବାଧିକ ପରିମାଣ)ଠାରୁ ପାଞ୍ଚଗୁଣ ଅଧିକ ଚାଉଳ ଗଚ୍ଛିତ ରହିଛି। ଏହାର ଭଣ୍ଡାରଣ ଓ ରକ୍ଷାବେକ୍ଷଣ ପାଇଁ ନିଗମକୁ ଅତିରିକ୍ତ ୧୦, ୭୧୨ କୋଟି ଟଙ୍କା ଖର୍ଚ୍ଚ କରିବାକୁ ପଡୁଛି। ତେଣୁ ଏହି ବଳକା ଚାଉଳକୁ ଇଥାନଲ୍ ଉତ୍ପାଦନ ପାଇଁ ବ୍ୟବହାର କରି ଗୋଟିଏ ଗୁଳିରେ ଦୁଇଟି ଶିକାର କରିବାକୁ ସରକାର ଯୋଜନା କରିଛନ୍ତି। ଗୋଟିଏପକ୍ଷରେ ଅତିରିକ୍ତ ଭଣ୍ଡାରଣର ଖର୍ଚ୍ଚ କମିବ ଏବଂ ଅପରପକ୍ଷରେ ସରକାରଙ୍କ ଶୁଭଦୃଷ୍ଟିରେ ଥିବା ଶିଳ୍ପପତିମାନଙ୍କ ବ୍ୟବସାୟ ବଢ଼ିବ। ଏ ପର୍ଯ୍ୟନ୍ତ ଇଥାନଲ୍ ଉତ୍ପାଦନ କେବଳ ଘରୋଇ ଶିଳ୍ପାନୁଷ୍ଠାନ ଅଧୀନରେ ରହିଥିବାରୁ ଏଥିରେ କାହାର ଫାଇଦା ହେବ ତାହା ବୁଝାଇ କହିବା ଅନାବଶ୍ୟକ।

ଇ-ଇନ୍ଧନ ପରିବେଶ-ଅନୁକୂଳ ବୋଲି ସରକାର ଯୁକ୍ତି କରୁଥିବା ବେଳେ ଏଥିପାଇଁ ସରକାରୀ ରାଜକୋଷ କେତେ କ୍ଷତି ମୁଣ୍ଡାଇବ ତା'ଉପରେ ଥରେ ଦୃଷ୍ଟି ପକାଯାଉ। ସର୍ବନିମ୍ନ ସହାୟକ ମୂଲ୍ୟ(ଏମ୍ଏସ୍ପି) ରେ ସରକାର ଧାନ କିଣିବାର ଏକ ଅଲିଖିତ ବାଧ୍ୟବାଧକତା ରହିଆସିଛି। ଏଥିସହିତ ଭୋଟ ରାଜନୀତି ଜଡ଼ିତ ଥିବାରୁ ଧାନ କିଣା ଜଞ୍ଜାଳରୁ କୌଣସି ସରକାର ବର୍ତ୍ତି ପାରିବେ ନାହିଁ। ଅଧିକନ୍ତୁ ଓଡ଼ିଶା, ଛତିଶଗଡ଼, ତେଲଙ୍ଗାନା, ପଞ୍ଜାବ, ହରିଆଣା ଆଦି କେତେକ ରାଜ୍ୟ ଏମ୍ଏସ୍ପି ବାଦ୍ କ୍ୱିଣ୍ଟାଲ୍ ପିଛା ପ୍ରାୟ ୨୦ ରୁ ୪୦ ପ୍ରତିଶତ ଯାଏଁ ବୋନସ୍ ପ୍ରଦାନ କରିଆସୁଛନ୍ତି। ଏହାବାଦ୍ ମୁକ୍ତ ବା ରିହାତିଯୁକ୍ତ ବିଜୁଳି ଶକ୍ତି, ସର୍ବାଧିକ ବ୍ୟବହୃତ ୟୁରିଆ ଖର୍ଚ୍ଚର ୯୦% ସରକାର ବହନ କରୁଛନ୍ତି। ଦେଶରେ ସର୍ବାଧିକ ଧାନ ଚାଷ ହେଉଥିବା ପଞ୍ଜାବରେ ୨୦୨୩-୨୪ରେ ହୋଇଥିବା ଏକ ଆକଳନ ଅନୁଯାୟୀ ୧ ହେକ୍ଟର ଧାନଚାଷ ପାଇଁ ବିଜୁଳି, ଜଳସେଚନ, ସାର ଆଦିକୁ ମିଶାଇ ହାରାହାରି ୪୦ ହଜାର ଟଙ୍କା ସରକାର ପରୋକ୍ଷରେ ବହନ କରୁଛନ୍ତି।

ଏ ସବୁକୁ ମିଶାଇଲେ ମିଲରଙ୍କ ଜରିଆରେ ଚାଷୀଙ୍କଠାରୁ ୧ କେଜି ଚାଉଳ ସଂଗ୍ରହ ବା କିଣିବା ପାଇଁ ନିଗମ ୪୪ ଟଙ୍କା ଖର୍ଚ୍ଚ କରୁଛି; ଅଥଚ ଇଥାନଲ୍ ପ୍ଲାଣ୍ଟକୁ କେଜି ପିଛା ୨୩ ଟଙ୍କାରେ ଚାଉଳ ବିକ୍ରି କରିଛି। ୨୦୨୫-୨୬ ଆର୍ଥିକ ବର୍ଷରେ ଭାରତୀୟ ଖାଦ୍ୟ ନିଗମର ୫ ନିୟୁତ ଟନ୍ ଚାଉଳ ଇଥାନଲ୍ ଉତ୍ପାଦନ ପାଇଁ ବ୍ୟବହାର ହୋଇଥିଲା। ଏଣୁ କେଜି ପିଛା ୨୧ ଟଙ୍କା କ୍ଷତିରେ ୧ ଲିଟର ଇଥାନଲ୍ ଉତ୍ପାଦନ ପାଇଁ ୩ କେଜି ଚାଉଳ ବ୍ୟବହାର କଲେ ଲାଭ କାହାର? ପୁଣି ଗୋଟିଏ କେଜି ଚାଉଳ ଉତ୍ପାଦନ ପାଇଁ ହାରାହାରି ୪ ହଜାର ଲିଟର ଜଳ ଆବଶ୍ୟକ। ହେକ୍ଟର ପିଛା ଆବଶ୍ୟକ ୨୫୦ କେଜି ରାସାୟନିକ ସାରରୁ ୫ ଟନ୍ ଅଙ୍ଗାରକାମ୍ଳ ନିର୍ଗମନ ହୋଇ ବାୟୁ ଓ ଭୂତଳ ଜଳକୁ ପ୍ରଦୂଷିତ କରୁଛି। ୧ ହେକ୍ଟର ପିଛା ଧାନ କ୍ଷେତ ୫ ଟନ୍ ଅଙ୍ଗାରକାମ୍ଳ ଓ ଏହାର ୨୫ ଗୁଣ ମିଥେନ୍ ଗ୍ୟାସ୍ ନିର୍ଗମନ କରେ। ଏଣୁ ଇ-ଇନ୍ଧନ ପରିବେଶ ଓ ଆର୍ଥିକ ଅନୁକୂଳ ହେବ କେମିତି?

ଏକପକ୍ଷରେ ଇଥାନଲ୍ ଦ୍ୱାରା ପ୍ରତ୍ୟକ୍ଷ ପରିବେଗ ହ୍ରାସ ପାଉଥିବା ବେଳେ ପରୋକ୍ଷରେ ପ୍ରଦୂଷଣ ମଧ୍ୟ ବଢୁଛି। ଭାରତରେ ଇ-ଇନ୍ଧନ ପରୀକ୍ଷଣ ସ୍ତରରେ ରହିଥିବା ସତ୍ତ୍ୱେ ଏହାକୁ ବିଧିବଦ୍ଧ ଅନୁମୋଦନ କରିବା କେତେଦୂର ଯଥାର୍ଥ ତାହା ସୁଧୀ ପାଠକ ଚିନ୍ତା କରିବେ।

## ଚାଷ ତରତର ବଣିଜ ମଠ

ବିଦ୍ୟାଧର ମହାରଣା

ଚାଷ ତରତର, ବଣିଜ ମଠ। ଓଡ଼ିଆ କୃଷି ସଂସ୍କୃତିର ଏହି ଲୋକପ୍ରିୟ ଓ ଗୁରୁତ୍ୱପୂର୍ଣ୍ଣ ପ୍ରବାଦର ଅର୍ଥ ହେଉଛି ଚାଷ କାମ ସବୁବେଳେ ସମୟାନୁସାରେ ଓ ତତ୍ପରତାର ସହିତ କରିବା ଆବଶ୍ୟକ। ଅପରପକ୍ଷରେ ବ୍ୟବସାୟ କରିବା ବେଳେ ଧୈର୍ଯ୍ୟ, ବିଚାର ଓ ସତର୍କତା ଦରକାର। ଏହା ସମୟ ପରିଚାଳନା ଓ ସଠିକ ନିଷ୍ପତ୍ତିର ଗୁରୁତ୍ୱକୁ ଦର୍ଶାଏ, ଯାହା ଚାଷୀ ଓ ବ୍ୟବସାୟୀଙ୍କୁ ସଫଳତା ପ୍ରଦାନ କରିଥାଏ।

ଚାଷ କାର୍ଯ୍ୟ ପ୍ରକୃତି ଉପରେ ନିର୍ଭରଶୀଳ। ପାଗଯୋଗ ଠିକ୍ ନରହିଲେ ଫସଲର ଅଭିବୃଦ୍ଧି ଅନୁକୂଳ ହୋଇନଥାଏ। ପ୍ରତ୍ୟେକ ଫସଲର କେତେକ ନିର୍ଦ୍ଦିଷ୍ଟ ଅବସ୍ଥା ଥାଏ। ଯେପରିକି ଶସ୍ୟରେ ଅଙ୍କୁରୋଦଗମ, ତଳିରୁଆ, ପିଲ, ଗର୍ଭ ସଞ୍ଚାର, ଫୁଲ, ଦାନା ଗଠନ ଓ ଅମଳ ଇତ୍ୟାଦି। ଡାଲି ଓ ତୈଳବୀଜ ଫସଲରେ ବୁଣା, ବୀଜପତ୍ର, ଅଙ୍ଗୀୟ ବୃଦ୍ଧି, ପ୍ରଜନନ ଓ ଅମଳ ସ୍ଥିତି ଆଦି ଥାଏ। ପ୍ରତି ଅବସ୍ଥା ନିର୍ଦ୍ଦିଷ୍ଟ ଦିନରେ ସମାପନ ହୁଏ। ଏଥିପାଇଁ ନିର୍ଦ୍ଦିଷ୍ଟ ପରିମାଣର ଜଳ, ଉତ୍ତାପ ଓ ଆର୍ଦ୍ରତା ଆବଶ୍ୟକ ହୁଏ। ସୁତରାଂ ଚାଷୀମାନେ ଅବହେଳା ନକରି ତରତର ହୋଇ କୃଷି କର୍ମ ସମ୍ପାଦନା କରିବା ଆବଶ୍ୟକ। ଫଳରେ ଫସଲରେ ରୋଗପୋକ ଆକ୍ରମଣ କମିଥାଏ ଏବଂ ଅମଳ ବୃଦ୍ଧିପାଏ। ଏହାଛଡ଼ା କୃଷି ନିମନ୍ତେ ଜମି ପ୍ରସ୍ତୁତି, ବିହନ ବୁଣା, ରୁଆ, ଘାସ ବଛା, ସାର ଓ ଔଷଧ ପ୍ରୟୋଗ ଓ ଅମଳ ସମୟରେ ବ୍ୟତିକ୍ରମ ହେଲେ ଚାଷୀ କ୍ଷତିସହିବା ନିଶ୍ଚିତ।

ଅପରପକ୍ଷରେ ବ୍ୟବସାୟ ଏକ ଦୀର୍ଘମିଆଦୀ ପ୍ରକ୍ରିୟା। ଏଥିରେ ଅଧିକ ଅର୍ଥ ଲଗାଣ ଓ ବିଭିନ୍ନ ଅଂଶୀଦାର ଆବଶ୍ୟକ ହୋଇଥାଏ। ବ୍ୟବସାୟରେ କ୍ଷତିର ଆଶଙ୍କା ଅଧିକ ଥିବାରୁ ପ୍ରତି ପଦକ୍ଷେପକୁ ଭାବିଚିନ୍ତି ପରିଚାଳନା କରିବାକୁ ହୁଏ। ବ୍ୟବସାୟ ବା ବଣିଜ କରିବା ସମୟରେ ବଜାର ଦର, ଗ୍ରାହକଙ୍କ ଚାହିଦା, ଲାଭ-କ୍ଷତି ଆଦି ବିଷୟରେ ଚିନ୍ତା କରି ଧୀରେ ସୁସ୍ଥେ ପଦକ୍ଷେପ ନେବା ଉଚିତ। ତରବରିଆ ନିଷ୍ପତ୍ତି ବ୍ୟବସାୟରେ କ୍ଷତି ଘଟାଇପାରେ। ବ୍ୟବସାୟ କରିବା ପୂର୍ବରୁ ବିଶ୍ଳେଷଣ (ଶକ୍ତି, ଦୁର୍ବଳତା, ସୁଯୋଗ, ବିପଦ) ଭଲ ଭାବେ କରାଯିବା ଆବଶ୍ୟକ। ବ୍ୟବସାୟର ଅସଲ ଉଦ୍ଦେଶ୍ୟ ପ୍ରଥମରୁ ସ୍ଥିର ହେବା ଆବଶ୍ୟକ। ଏଥିପାଇଁ ସ୍ମାର୍ଟ ସୂଚୀ(ସଠିକ, ମାପଯୋଗ୍ୟ, ସଫଳତା, ବାସ୍ତବ ଓ ସମୟ ଅନୁଯୋଗୀ) ବ୍ୟବହାର କରାଗଲେ ଉଦ୍ଦେଶ୍ୟ ସଠିକ ହୋଇଥାଏ।



ଚଳିତ ବର୍ଷ ଓଡ଼ିଶାରେ ବର୍ଷାଋତୁ ସାଧାରଣଠାରୁ କିଛି କମ୍ ରହିପାରେ ବୋଲି ପ୍ରାରମ୍ଭିକ ଅନୁମାନ ଦେଖାଉଛି। ଭାରତୀୟ ପାଣିପାଗ ବିଭାଗଙ୍କ ଦୀର୍ଘମିଆଦୀ ପୂର୍ବାନୁମାନ ଅନୁସାରେ ୨୦୨୬ ରେ ଏଲ୍-ନିନୋ ପ୍ରଭାବରେ ଦେଶର କେତେକ ଅଞ୍ଚଳରେ କମ୍ ବର୍ଷା ହେବାର ସମ୍ଭାବନା ରହିଛି। ଓଡ଼ିଶା ମଧ୍ୟ ତାହାର ପ୍ରଭାବ ଭୋଗିପାରେ। ସାଧାରଣତଃ ଓଡ଼ିଶାରେ ଜୁନ୍ ଦ୍ୱିତୀୟ ସପ୍ତାହରୁ ମୌସୁମୀ ପ୍ରବେଶ କରେ ଏବଂ ବର୍ଷର ତେଇଶ ସପ୍ତାହ ଠାରୁ ଛୟାଳିଶ ସପ୍ତାହ ପର୍ଯ୍ୟନ୍ତ ରହେ। ଏବର୍ଷ ଉପକୂଳ ଓଡ଼ିଶାରେ ସାଧାରଣ କିମ୍ବା ଭଲ ବର୍ଷା ହୋଇପାରେ। କିନ୍ତୁ ପଶ୍ଚିମ ଓଡ଼ିଶାର କେତେକ ଜିଲ୍ଲାରେ ବର୍ଷାର ବିଚ୍ଛିନ୍ନତା ଦେଖାଯାଇପାରେ। ଏହାକୁ ବିଚାର କରି ଧାନଚାଷ ପାଇଁ ବର୍ଷା ଆଧାରିତ ଅଞ୍ଚଳରେ ଅପେକ୍ଷାକୃତ କମ୍ ଅବଧିର ବିହନ ବ୍ୟବହାର କରାଯିବା ଉଚିତ। ପାଣିପାଗ ବିଭାଗର ସାପ୍ତାହିକ ସୂଚନା ଅନୁସାରେ କୃଷି କର୍ମ କରିବା ଆବଶ୍ୟକ। କଥାରେ ଅଛି 'ହାଟୁଆ ହୁଡ଼ିଲେ ହାଟ ପାଳିଏ, ଚାଷୀ ହୁଡ଼ିଲେ ବରଷେ।'

ଏହି ପ୍ରସଙ୍ଗଟି ଉପସ୍ଥାପନ କରିବାର ଅସଲ ଉଦ୍ଦେଶ୍ୟ ହେଉଛି ସରକାର କୃଷି ଓ ଶିଳ୍ପ ତଥା ପୁଞ୍ଜି ନିବେଶ ପାଇଁ ଯେଉଁ ନିଷ୍ପତ୍ତି ଗ୍ରହଣ କରୁଛନ୍ତି ତାହା କିପରି କରାଯିବା ଆବଶ୍ୟକ ସେ ବିଷୟରେ ଗଭୀର ଚିନ୍ତା କରିବା ଆବଶ୍ୟକ। କୃଷି ଖାଦ୍ୟଶସ୍ୟ ଉତ୍ପାଦନ ପାଇଁ କରାଗଲେ ନିଷ୍ପତ୍ତିଗୁଡ଼ିକ ତୁରନ୍ତ ହେବା ଆବଶ୍ୟକ। ସରକାର ଆଗତୁରା ବିହନ, ସାର ଓ ଯନ୍ତ୍ରପାତି ବିକ୍ରୟ କେନ୍ଦ୍ରଗୁଡ଼ିକରେ ଗଚ୍ଛିତ କରି ରଖିବା ଆବଶ୍ୟକ। ଅପରପକ୍ଷରେ କୃଷି ଯଦି ବ୍ୟବସାୟିକ ହିସାବରେ ବା ଉଦ୍ୟୋଗ ହିସାବରେ କରାଯାଏ, ତେବେ ଏଗୁଡ଼ିକୁ ଭାବିଚିନ୍ତି ନିଷ୍ପତ୍ତି ନେବାକୁ ହେବ। ଆବଶ୍ୟକସ୍ଥଳେ ବିଶେଷଜ୍ଞମାନଙ୍କ ପରାମର୍ଶ ଗ୍ରହଣ କରିବା ଆବଶ୍ୟକ। ସେହିପରି କୃଷି ଭିତ୍ତିଭୂମି ପାଇଁ ପୁଞ୍ଜି ନିବେଶ କରିବା ପୂର୍ବରୁ ବିଭିନ୍ନ ଦୃଷ୍ଟିକୋଣରୁ ବିଚାର କରିବାକୁ ହେବ। ଉଦାହରଣ ସ୍ୱରୂପ ନୂତନ ଜଳସେଚନ ପ୍ରକଳ୍ପ ସ୍ଥାପନ ପୂର୍ବରୁ ଏହାର ବ୍ୟୟ ଅଟକଳ, ବିସ୍ଥାପନ ସମସ୍ୟା, ପ୍ରକଳ୍ପ ଦ୍ୱାରା ଲାଭକ୍ଷତି, ପରିବେଶ ସମସ୍ୟା ଓ ଅନ୍ୟାନ୍ୟ ବିକଳ୍ପ ବିଷୟରେ ଗଭୀର ଭାବରେ ଚିନ୍ତାକରି ନିଷ୍ପତ୍ତି ନେବାକୁ ହେବ।

କୃଷି କ୍ଷେତ୍ରରେ ହଠାତ୍ କୌଣସି ସମସ୍ୟା ଦେଖାଗଲେ ଏହାକୁ କାଳବିଳମ୍ବ ନକରି ସମାଧାନ କରିବାକୁ ହେବ। କାରଣ ଏଥିରେ ବିଳମ୍ବ କରିବା ଅର୍ଥ ସମସ୍ୟାକୁ ଅଧିକ ବଢ଼ାଇବା ସହ ସମାନ। ମନେକରାଯାଉ କ୍ଷେତ୍ରରେ ହଠାତ୍ ରୋଗପୋକ ଆକ୍ରମଣ ଦେଖାଗଲା। ତେବେ ଏପରି ପରିସ୍ଥିତିରେ ସମସ୍ତ ସମ୍ବଳ ଏକାଠି କରି ଏହାର ନିରାକରଣ ବ୍ୟବସ୍ଥା ଗ୍ରହଣ କରିବା ଜରୁରୀ। ସେହିପରି ନିର୍ମାଣ, ଭିତ୍ତିଭୂମି ସ୍ଥାପନ ଓ ବିଭିନ୍ନ ଶିଳ୍ପୋଦ୍ୟୋଗ ପାଇଁ ପୁଞ୍ଜିନିବେଶ କରିବା ପୂର୍ବରୁ ବିଶେଷଜ୍ଞମାନଙ୍କ ପରାମର୍ଶ ଅନୁଯାୟୀ ଗଭୀର ଅନୁଧ୍ୟାନ କରି ପରିବେଶ, ଜନସାଧାରଣଙ୍କ ଉପରେ ଏଗୁଡ଼ିକର ପ୍ରଭାବ ଇତ୍ୟାଦି ଉପରେ ଅନୁଶୀଳନ କରିବା ପରେ ପ୍ରକଳ୍ପ ରିପୋର୍ଟ ପ୍ରସ୍ତୁତ କରିବା ଏବଂ ପୁଞ୍ଜିନିବେଶ କରିବା ଆବଶ୍ୟକ। କାରଣ ତରତର ହୋଇ ପ୍ରକଳ୍ପ ସ୍ଥାପନ କଲେ ବହୁ ଅସମାହିତ ସମସ୍ୟାକୁ ଏଡ଼ାଇ ଦିଆଯାଇ ପାରିବନାହିଁ। ଚାଷରେ ତତ୍ପରତା ଏବଂ ବ୍ୟବସାୟରେ ଧୈର୍ଯ୍ୟ ଅବଲମ୍ବନ କଲେ ସଫଳତା ଲାଭ କରାଯାଇପାରେ।

ଭୁବନେଶ୍ୱର, ମୋ: ୯୪୩୭୦୭୧୧୯୦

## ପଖାଳର ଅଭିସାର

ଗୌରୀ ପ୍ରସାଦ ମହାପାତ୍ର

ବିଗତ ଶତାବ୍ଦୀର ଷାଠିଏ ଦଶକର ଶେଷ ଓ ସତୁରୀ ଦଶକର ଆଦ୍ୟଭାଗରେ ତତ୍କାଳୀନ ଓଡ଼ିଶା ସରକାରଙ୍କ ପ୍ରୌଢ଼ଶିକ୍ଷା ଅଭିଯାନ ଅନ୍ତର୍ଗତ 'କାଳିଆ ବଳଦ ଗଲା ଗଲା' ପୁସ୍ତକରେ ଉପଦେଶ ଛଳରେ ଲିଖିତ 'ଚା' ଆଉ ପଖାଳ' ଗୀତଟିକୁ ଯେଉଁମାନେ ମନେ ରଖିଥିବେ ସେମାନଙ୍କ ପାଇଁ ଆଜିର 'ପଖାଳ ପାଇଁ ୨ କୋଟି ଖର୍ଚ୍ଚ' ଶୀର୍ଷକ ସମ୍ବାଦଟି ଭାବାନ୍ତର ଆଣିଥିବ। ସଂକ୍ଷେପରେ 'ଚା' ଆଉ ପଖାଳ' ଗୀତୋପଦେଶର ସାରାଂଶ ଏହିପରି -

କୌଣସି ଏକ ପରିବାରରେ ଦିନେ ସକାଳୁ ସକାଳୁ ଟେବୁଲ୍ ଉପରେ ବସିଥିବା ଚା' ଚଟାଣରେ ଥିବା ପଖାଳକୁ ଭର୍ତ୍ସନା କରିଚାଲିଛି। ଅସୂୟା ଓ ଅହଂକାରଭରା ଶବ୍ଦରେ ଚା' କହିଛି - 'ଗୁରୁତ୍ୱ ଦୃଷ୍ଟିରୁ ଓ ଉଚ୍ଚଶ୍ରେଣୀକୁ ପ୍ରତିନିଧିତ୍ୱ କରୁଥିବାରୁ ମୁଁ ସବୁବେଳେ ଟେବୁଲ୍ ଉପରେ ସମ୍ମାନିତ ସ୍ଥାନ ପାଉଛି; ମୋ ପାଖରେ ସୁନ୍ଦର ଫୁଲଦାନୀ, ଖବରକାଗଜ, ପତ୍ରିକା ଆଦି ଆଭିଜାତ୍ୟର ଉପାଦାନମାନ ରହିଛି। ଅଥଚ ମାମୁଲି ପଦବାଚ୍ୟ ହୋଇଥିବାରୁ ତୋର ସ୍ଥାନ କେବଳ ଚଟାଣ ଉପରେ।' ପ୍ରତ୍ୟୁତ୍ତରରେ ପଖାଳ ଅତି ସରଳ ଭାବରେ ନିଜର ହିତକାରୀ ଗୁଣ ଆଉ ତା'ର ଅପକାରୀ ପ୍ରଭାବ ବଖାଣିଛି। ଶେଷରେ ପରିବାରର ସାନ ପୁଅ ଆସି ଚା' ପିଇବା ବଦଳରେ ପଖାଳ ଖାଇଛି। ଏଥିରୁ କିଏ ବଡ଼ କିଏ ଛୋଟ(ଉପକାରୀ ଓ ଅପକାରୀ) ପ୍ରମାଣିତ ହୋଇଛି।

ଏବେ ପଖାଳର ମନସ୍ତତ୍ତ୍ୱକୁ ପଢ଼ାଯାଉ। ପଖାଳ ସିନା ସେଦିନ ଚା'ଠାରୁ ତର୍କରେ ଜିତିଗଲା, କିନ୍ତୁ ତା' ମନ ଭିତରର କେଉଁ ଏକ ନିଭୃତ କୋଣରେ ନିଶ୍ଚୟ ଏକ ଅବସୋସ ରହିଯାଇଥିବ ଯେ ବିପୁଳ ପୌଷ୍ଟିକତା ଓ ହିତକାରୀ ଗୁଣ ସତ୍ତ୍ୱେ 'ଗରିବର ଖାଦ୍ୟ' ଭଳି ଅଲୋଡ଼ା ଓ ଅପରିହାର୍ଯ୍ୟ ପରିଚୟ(ଅପଖ୍ୟାତି)ଟିଏ ତା'ସହିତ ଚିରଦିନ ଯୋଡ଼ି ହୋଇଯାଇଛି। ହୁଏତ ସେଦିନ ତା'ମନରେ ମଧ୍ୟ ଟେବୁଲ୍ ଉପରେ ସ୍ଥାନ ପାଇବାର ଆକାଂକ୍ଷାଟିଏ ଜନ୍ମ ନେଇଥିବ। ଶ୍ରମଣା ପ୍ରଭୁ ଶ୍ରୀରାମଚନ୍ଦ୍ରଙ୍କ ସ୍ୱାଗତ ପାଇଁ ଯେଭଳି ନିତିଦିନ ଅଗଣାକୁ ସଫା କରି ପାଣି ଛିଞ୍ଚି ଫୁଲ ବିଛି ଚାହିଁ ବସୁଥିଲା, ପଖାଳ ମଧ୍ୟ ସେଭଳି ଚାହିଁ ରହିଥିବ କେବେ କେଉଁ ସମ୍ଭ୍ରାନ୍ତର ହାତ ଓ ମୁଖ ତା'କୁ ସ୍ପର୍ଶ କରିବ! ପୁଣି ସେ ପାଷାଣୀ ଅହଲ୍ୟା ଭଳି ଅପେକ୍ଷା କରି ରହିଥିବ କେବେ କେଉଁ ଜଣେ ମର୍ଯ୍ୟାଦାପୁରୁଷଙ୍କ ସ୍ପର୍ଶରେ 'ଗରିବର ଖାଦ୍ୟ' ଅଭିଶାପରୁ ସେ ମୁକ୍ତ ହେବ!

ପଖାଳର ସେହି ଶ୍ରମଣା-ଅହଲ୍ୟା ସୁଲଭ ଆକାଂକ୍ଷା ଓ ଅପେକ୍ଷାର ଅନ୍ତ ଘଟିଛି ଏବଂ ସେହି ଅଭିସାରର ସ୍ୱପ୍ନ ବିଧିବଦ୍ଧ ଭାବେ ବାସ୍ତବ ରୂପ ନେଇଛି ୨୦୨୬ ମାର୍ଚ୍ଚ ୨୦ ତାରିଖରେ। ସେଦିନ ରାଜଧାନୀ ଭୁବନେଶ୍ୱରର କୌଣସି ଏକ ଆଭିଜାତ୍ୟସମ୍ପନ୍ନ ଆଡ଼ମ୍ବରପୂର୍ଣ୍ଣ ଭୋଜନାଳୟରେ ଜଣେ ଭୋଜନପ୍ରିୟ ଶାସନମୁଖ୍ୟ ଓ ତାଙ୍କ ଧନାଢ଼୍ୟ ସତୀର୍ଥମାନଙ୍କ କର ଓ ମୁଖ ସ୍ପର୍ଶରେ ପଖାଳ କେବଳ ଧନ୍ୟ ହୋଇନାହିଁ, 'ଗରିବର ଖାଦ୍ୟ' ଅପଖ୍ୟାତିରୁ ମୁକ୍ତି ପାଇଛି। ସତେଯେମିତି ସୀତାଙ୍କ ସନ୍ଧାନରେ ପ୍ରଭୁ ଶ୍ରୀରାମଚନ୍ଦ୍ର ଶ୍ରମଣାର କୁଟୀରକୁ ଆସିଛନ୍ତି ଏବଂ ଅଇଁଠା କୋଳି ଖାଇ ତା'ର ଶବରୀ ଜୀବନକୁ ଧନ୍ୟ କରିଛନ୍ତି। ଶ୍ରମଣା ଓ ପଖାଳ ଭିତରେ ତଫାତ୍ କେବଳ ଏତିକି ଯେ ସେମାନଙ୍କୁ ଉଦ୍ଧରିତ କରିଥିବା ପ୍ରଭୁମାନଙ୍କର ନାମ ଯୁଗାବତାର ଅନୁଯାୟୀ ଭିନ୍ନ। ପଖାଳ ଆହୁରି ମଧ୍ୟ ଉତ୍ଫୁଲ୍ଲିତ ହୋଇଥିବ 'ଗିନିସ୍ ବୁକ୍ ଅଫ୍ ୱାର୍ଲ୍ଡ ରେକର୍ଡ'ରେ ସ୍ଥାନିତ ହେବାର ଗର୍ବ ନେଇ, ଯାହାର ସାମଗ୍ରିକ ଆୟୋଜନ ପାଇଁ ଖର୍ଚ୍ଚ ହୋଇଛି ୨ କୋଟିରୁ ଅଧିକ ଟଙ୍କା।

ଗରିବ-ଓଡ଼ିଶାର ଭାତକଂସାର ସୀମା ଭିତରେ ବାନ୍ଧି ହୋଇ ରହିଥିବା ପଖାଳର ଏ ଉତ୍ତରଣରେ ଚା' ବୋଧହୁଏ ଆଜି ମ୍ରିୟମାଣ ହୋଇଯାଇଥିବ। କାରଣ ଓଡ଼ିଶା ଭଳି ଗରିବ ରାଜ୍ୟରେ ଚା'ଭୋଜିରେ ଏତେ ଟଙ୍କା ଖର୍ଚ୍ଚ ହୋଇଥିବା କେବେ ରେକର୍ଡଭୁକ୍ତ ହୋଇନାହିଁ କି ଏଭଳି ସରକାରୀ ସ୍ୱୀକୃତି ପାଇନାହିଁ। ଜାତିସଂଘରେ ଶ୍ରୀଅନ୍ନର ସ୍ୱୀକୃତି ପାଇଥିବା ଓଡ଼ିଶାର ଆଉ ଏକ ଗରିବର ଖାଦ୍ୟ ମାଣ୍ଡିଆ ମଧ୍ୟ ପଖାଳର ଏହି ଉପଲବ୍ଧିରେ ଈର୍ଷୁକ ହୋଇଯାଇଥିବ। ପୂର୍ବ ସରକାର ଅମଳରେ ରାଜ୍ୟ ଓ ଜାତୀୟସ୍ତରରେ 'ମାଣ୍ଡିଆ ଦିବସ' ପାଳନ କରି ଏହାକୁ ବିଶ୍ୱାଦୃତ କରାଯାଇଥିଲେ ମଧ୍ୟ ଏଭଳି ବହ୍ୱାଡ଼ମ୍ବର ଓ ଖର୍ଚ୍ଚବହୁଳ ଆୟୋଜନର ଅନୁପସ୍ଥିତିରେ ମାଣ୍ଡିଆ ମନରେ ହୀନମନ୍ୟତା ଜନ୍ମ ନେଇସାରିଥିବ। ଆଜିର ଦିନରେ ଯଦି 'କାଳିଆ ବଦଳ ଗଲା ଗଲା' ଶୀର୍ଷକ ବହିଟିର ସଂଶୋଧିତ ସଂସ୍କରଣ ପ୍ରକାଶିତ ହୁଅନ୍ତା(ସାମ୍ପ୍ରତିକ ଏନ୍ସିଇଆରଟି ପାଠ୍ୟକ୍ରମ ଭଳି) ତେବେ ପଖାଳ ସେଦିନର ପ୍ରତିଦ୍ୱନ୍ଦ୍ୱୀ ଚା'କୁ ଦେଖେଇ ହୋଇ କହିବାର ସୁଯୋଗଟିଏ ପାଇଯାଆନ୍ତା।

ଉପରୋକ୍ତ ବ୍ୟଙ୍ଗ-ଶ୍ଳେଷଧର୍ମୀ ଆଲୋଚନାରୁ କିଛିସମୟ ପାଇଁ ଅବ୍ୟାହତି ନେଇ ବାସ୍ତବ ଦୁନିଆକୁ ଆସିବା। ମାର୍ଚ୍ଚ ୨୦ ତାରିଖରେ 'ପଖାଳ ଦିବସ'ର ଉତ୍ଥାନ ସହିତ ସମାଜର ବିଭିନ୍ନ ସ୍ତର ଏବଂ ଅର୍ଥନୀତିର ବିଭିନ୍ନ ବର୍ଗରେ 'ପଖାଳଖିଆ ଉତ୍ସବ'ମାନ ଗତ କିଛିବର୍ଷ ହେଲା ବିଭିନ୍ନ ସ୍ଥାନରେ ବିଭିନ୍ନ ଢଙ୍ଗରେ ଆୟୋଜନ ହୋଇଆସୁଛି। ପୂର୍ବତନ ମୁଖ୍ୟମନ୍ତ୍ରୀଙ୍କ ବାସଭବନରେ ପୂର୍ବତନ ରାଷ୍ଟ୍ରପତିଙ୍କ ପରି ମାନ୍ୟଗଣ୍ୟ ବ୍ୟକ୍ତିତ୍ୱ ମଧ୍ୟ ପଖାଳ ଖାଇଛନ୍ତି। ତେଣୁ ୨୦୨୬ ମାର୍ଚ୍ଚ ୨୦ ତାରିଖ ସେଭଳି ଅନନ୍ୟ ନଥିଲେ ମଧ୍ୟ ସରକାରୀ ସ୍ତରରେ 'ପଖାଳ ଦିବସ' ପାଳନ ପାଇଁ ଗରିବ ଓଡ଼ିଶାର ଲୋକଙ୍କ ଟିକସ ପଇସାରେ ଗଠିତ ରାଜ୍ୟ ରାଜକୋଷରୁ ୨ କୋଟିରୁ ଊର୍ଦ୍ଧ୍ୱ ଟଙ୍କା ଖର୍ଚ୍ଚ ହେବା ଅଭୂତପୂର୍ବ ନିଶ୍ଚୟ। ଏହା ଓଡ଼ିଶାର ଗରିବ ବର୍ଗ ପ୍ରତି ଉପହାସ ନୁହେଁ ତ? ପୁଣି ଓଡ଼ିଆ ଜନଜୀବନର ପ୍ରାଣ ଓ ଜୀବଧନ ପଖାଳର ଉତ୍ତରଣ ପାଇଁ କୁଆଡ଼େ ଅଣଓଡ଼ିଆଙ୍କ ସାହଚାର୍ଯ୍ୟ ଏକାନ୍ତ ଅପରିହାର୍ଯ୍ୟ ଥିଲା। ତେଣୁ ସରକାରଙ୍କ 'ପଖାଳଖିଆ କାର୍ଯ୍ୟକ୍ରମ'ରେ ଦଳଦଳ ଅଣଓଡ଼ିଆ ନିମନ୍ତ୍ରିତ ହୋଇ ପଞ୍ଚତାରକା ହୋଟେଲ୍ରେ ଆତିଥେୟ ଲଭିଲେ। ପୁଣି ଓଡ଼ିଆ ଅସ୍ମିତାର ଅନ୍ୟତମ ପରିଚୟ ପଖାଳକୁ ରାନ୍ଧିବା ଓ ପରସିବା ଦାୟିତ୍ୱ ନେଲେ ଅଣଓଡ଼ିଆ ନାମୀଦାମୀ ରୋଷେୟାମାନେ। ଶ୍ରୀଜଗନ୍ନାଥ ସଂସ୍କୃତିର ପ୍ରଚାରପ୍ରସାରକୁ ବିଶ୍ୱାଦୃତ କରିବା ଲକ୍ଷ୍ୟରେ ଆମେରିକା/ରୁଷ ରାଷ୍ଟ୍ରପତିଙ୍କ ଦ୍ୱାରା ରଥରେ ଛେରାପହଁରା ଦାୟିତ୍ୱ ସମର୍ପି ଦେଲା ଭଳି କଥା ଏ ହେଲା। 'ପଖାଳ ଦିବସ'ର ଏଭଳି ଖର୍ଚ୍ଚବହୁଳ ଆୟୋଜନ ଦେଖି ଏବେ ପଖାଳ ବୋଧହୁଏ କହୁଥିବ ମୁଁ ତ ଗରିବର ଖାଦ୍ୟର ଅପଯଶ ଅର୍ଜିଛି। କିନ୍ତୁ ମନ୍ତ୍ରୀ-ନେତା-ବାବୁମାନେ ମଧ୍ୟ କ'ଣ ଏତେ ଗରିବ ଯେ ନିଜ ପକେଟ୍ରୁ ଖର୍ଚ୍ଚ କରି ପଖାଳ ଖାଇବା ପାଇଁ ସେମାନଙ୍କ ପାଖରେ ପଇସା ନ ଥିଲା!

ପଖାଳର ଆଭିଜାତ୍ୟ-ଅଭିସାରର ସ୍ୱପ୍ନ ସାକାର ହୋଇଛି ସତ; କିନ୍ତୁ ଏବେ ଯଦି ତା'ର ମନସ୍ତତ୍ତ୍ୱ ପଢ଼ି ହୁଅନ୍ତା ତେବେ ଜଣାପଡ଼ନ୍ତା - ହୁଏତ ପୁଣି ସେ ଫେରିଯିବାକୁ ଚାହୁଁଥିବ ସେହି ପୁରୁଣା ଗାଁଗହଳିର ଚାଳଛପର ଘରକୁ, ଯେଉଁଠି ଲେଖାଯାଇଥିବ ତା' ଷଠିଘର; ଯେଉଁଠି ନ ଥିବ ଆଭିଜାତ୍ୟର ଅହଂକାର; ଥିବ କେବଳ ଅନ୍ନକୁ ବ୍ରହ୍ମ ଜ୍ଞାନ କରୁଥିବା ଅପାଠୁଆ ନିପଟ ଓଡ଼ିଆଙ୍କ ଅମୂଲ୍ୟ ଆତ୍ମୀୟତା। ପଞ୍ଚତାରକାର ଅଭିସାରିଣୀ ପଖାଳ ଏବେ କହୁଥିବ - ସେହି ପତ୍ରକୁଡ଼ିଆ ମୋ ପାଇଁ ଶତଗୁଣେ ଶ୍ରେୟସ୍କର, ଯେଉଁଠି ମାଟିଖପରାରେ ଲଙ୍କା, ଲୁଣ, ତେନ୍ତୁଳି ହେଉ ପଛେ ନିଜ କଷ୍ଟାର୍ଜିତ ପଇସାରେ ଲୋକେ ପଖାଳ ଖାଉଛନ୍ତି, ରାଜସ୍ୱ ଲୁଟି ନାହାନ୍ତି। ପଖାଳ ଆଜି ପୁଣି ଆତଙ୍କିତ ହୋଇଯାଇଥିବ ଯେ ତା'ର ଟେବୁଲ୍-ଅଭିସାରର ଖର୍ଚ୍ଚବହୁଳ ଆଡ଼ମ୍ବର ପରେ ଟିକସ-ସର୍ବସ୍ୱ ଭାରତରେ ହୁଏତ 'ପଖାଳ କର' ଓ 'ଉପକର' ଆଦି ଲାଗୁ ହୋଇ ଗରିବର ପଖାଳକଂସାକୁ ଆଉ ମହଙ୍ଗା କରିଦେବ ନାହିଁ ତ! ଯଦି ସେଭଳି କେବେ ହୁଏ ତେବେ ପଖାଳର ଅଭିସାର ଅଭିଶାପ ହୋଇଯିବ ଆଉ ତା'ର ଏହି ମହାର୍ଘ ଉପଲବ୍ଧି ତା'କୁ ପଶ୍ଚାତାପ ପାଇଁ ବାଧ୍ୟ କରିବ।

ଭୁବନେଶ୍ୱର, ମୋ: ୯୩୩୮୦୮୭୯୦୦

## ରହସ୍ୟମୟ ଶ୍ରୀଜଗନ୍ନାଥ

### ତତ୍ତ୍ୱ ଓ ତଥ୍ୟରେ ଶ୍ରୀଜଗନ୍ନାଥ

ଡଃ ସମୀର କୁମାର ନନ୍ଦ

ଭାରତରେ ଚାରିଧାମ ରହିଛି। ବଦ୍ରିନାଥ ଧାମରେ ବଦ୍ରିନାରାୟଣ, ଦ୍ୱାରିକାଧାମରେ ଦ୍ୱାରିକାଧୀଶ ଓ ରାମେଶ୍ୱରଧାମରେ ରାମେଶ୍ୱରମ ବିରାଜିତ ଓ ପୂଜିତ। କିନ୍ତୁ ପୁରୀ ଧାମରେ ସେ ନା ପୁରୀନାଥ, ନା ଓଡ଼ିଶାନାଥ, ନା ଭାରତନାଥ। ସେ ଜଗତରନାଥ ଜଗନ୍ନାଥ ନାମରେ ପରିଚିତ। ସମଗ୍ର ଜଗତର କଲ୍ୟାଣ ପାଇଁ ସେ ଜଗତକର୍ତ୍ତା, ଜଗତହର୍ତ୍ତା, ଜଗତବିଧାତା ଓ ଜଗତରକ୍ଷାକର୍ତ୍ତା। ଯେତେବେଳେ ଯିଏ ଜଗତପିତା ଓ ଜଗତମାତାଙ୍କୁ ଆରାଧନା କରେ ସେତେବେଳେ ସେ ହୋଇଯାଏ ଜଗତଜିତା। ବେଦର ଆଦିପୁରୁଷ ଜଗତର ନାଥ ଜଗନ୍ନାଥ। ତାଙ୍କର ଅନନ୍ତ ମସ୍ତକ, ଅନନ୍ତ ଚକ୍ଷୁ ଓ ଅନନ୍ତ ପାଦ। ଭୌତିକ ଓ ଆଦିଭୌତିକ ଜଗତରେ ପରିବ୍ୟାପ୍ତ ସେ ପରାତ୍ପର। ଚରାଚରର ସମସ୍ତ ଦୃଷ୍ଟ ଓ ଅଦୃଷ୍ଟ ସୃଷ୍ଟି ତାଙ୍କର ଚେତନାର ସୌନ୍ଦର୍ଯ୍ୟରେ ରସାଣିତ। ମହାଜାଗତିକ ସମସ୍ତ ପ୍ରକାଶର ଊର୍ଦ୍ଧ୍ୱରେ ସେ ସୀମାହୀନ କର୍ତ୍ତା, କାର୍ଯ୍ୟ ଓ କାରଣ। ସେ ସମସ୍ତ ଅତୀତ, ବର୍ତ୍ତମାନ ଓ ଭବିଷ୍ୟତର କର୍ଣ୍ଣଧାର। ସୃଷ୍ଟି ଓ ବିବର୍ତ୍ତନର ସେ ନିୟାମକ। ଯନ୍ତ୍ରଣା-ଜର୍ଜରିତ ନିଖିଳ ମାନବର ପାର୍ଥିବ ଚେତନାର ସେ ସଦାଜାଗ୍ରତ ନିୟନ୍ତା। ସେ ସମସ୍ତ ଅସ୍ତିତ୍ୱର ରହସ୍ୟ। ସେ ଶେଷହୀନ ବାସ୍ତବତା। ସେ ତଦୈକମ୍। ସେ ବିଧାତାର ବିଧାତା। ସେ ପରିଚିତ ଅପରିଚେୟ, ନାମହୀନ ସର୍ବନାମ। ମହାଜାଗତିକ ବିବର୍ତ୍ତନରେ ସେ ଦେବମୁହୂର୍ତ୍ତମାନଙ୍କର ଉତ୍ସ। ଭଗବତ ଗୀତାର ସେ ପୁରୁଷୋତ୍ତମ। ସେ ପୂର୍ଣ୍ଣ ଚେତନାର ବାସ୍ତବତା, ସ୍ଥିର ଓ ଅସ୍ଥିର। ଭଙ୍ଗୁର ଓ ଚିରନ୍ତନର ଊର୍ଦ୍ଧ୍ୱରେ ତାଙ୍କର ଗତି। ସେ ଅନତିତମ ଦୂରତା, ପୂର୍ଣ୍ଣତମ ରହସ୍ୟ।

ସେ ସମସ୍ତଙ୍କୁ ହାତ ଦେଇଦେଇ ହସ୍ତହୀନ। ଯିଏ ତାଙ୍କୁ ହସ୍ତ ପ୍ରସାରଣ କରି ଆଲିଙ୍ଗନ କରେ ସେ ହୁଏ ନିଜର। ସେ ବିଲୀନ ହୋଇଯାଏ ଅନନ୍ତ ପିଣ୍ଡମୟ ବ୍ରହ୍ମରେ। ସେ ସମସ୍ତ କାଳକୁ ଅତିକ୍ରମ କରି କାଳାଧୀଶ। ତେଣୁ ସେ ଅପଲକ ନେତ୍ର, ସେ ଅନନ୍ତ ଗତିହୀନ ଗତିଶୀଳତା। ଏଣୁ ସେ ପାଦବିହୀନ, ସ୍ଥାଣୁ, ସେ ଅକ୍ଷର, ସେ ବାଙ୍ମୟ। ଓଡ଼ିଶାର ଆଦିବାସୀ ଶବରମାନଙ୍କ ସହିତ ତାଙ୍କର ସଂଯୋଗ ମାନବିକ ବିଭୁତିର ଏକ ମହନୀୟ ଉପାଖ୍ୟାନ। ଶବରମାନେ ତାଙ୍କ ଦେବତାକୁ ବନ୍ଧୁ ଓ ଜ୍ଞାତି ହିସାବରେ ଗ୍ରହଣ କରି ନେଇଛନ୍ତି। ସେମାନଙ୍କ ଆଖିରେ ଜଗନ୍ନାଥ ମଣିଷ, ଅତିମାତ୍ରାରେ ମଣିଷ। ଯିଏ ସେମାନଙ୍କ ସହିତ ହସନ୍ତି, ଖେଳନ୍ତି ଓ ସେମାନଙ୍କ ସୁଖ-ଦୁଃଖରେ ଭାଗ ନିଅନ୍ତି।



ଶ୍ରୀଜଗନ୍ନାଥଙ୍କ ଲୀଳା ମାନବ ସ୍ୱରୂପୀ। ଶ୍ରୀଜଗନ୍ନାଥଙ୍କ ଆଦି ଓ ଅନ୍ତ କେଉଁଠି ତାହା ରହସ୍ୟାବୃତ୍ତ। ଓଡ଼ିଆଙ୍କ ଭାବମାନସରେ ସେ ମନୁଷ୍ୟ ପରି ଖାଆନ୍ତି, ଶୁଅନ୍ତି, ଧୂଳିଧୂସରିତ ହୁଅନ୍ତି। ଓଡ଼ିଆଙ୍କ ପିଠା ଓ ମିଠା ଏବଂ ମାଉସୀଙ୍କ ଘରେ ପୋଡ଼ପିଠା ମଧ୍ୟ ଖାଆନ୍ତି। ଭାବରେ ବାଇଗଣ କିଆରିରେ ଖଣ୍ଡିଆଖାବରା ହୋଇ ବୁଲନ୍ତି। ପୁଣି ବନ୍ଧୁ ବୋଲି କହି କାହାକୁ ରାତିରେ ଖାଇବାକୁ ଆଣିଦେଇ ଅତିଥି ଚର୍ଚ୍ଚା କରନ୍ତି। ଭକ୍ତଙ୍କ ସାଙ୍ଗରେ ମେଳା ମଉଛବ କରନ୍ତି। ମାନ-ଅଭିମାନ, ରାଗ-ରୁଷା ଓ ଥଟ୍ଟା-ପରିହାସରେ ନିଜକୁ ମଜ୍ଜାଇ ଦିଅନ୍ତି। ଆମ ପରି ପଖାଳ ଖାଆନ୍ତି। ଖାଇସାରି ପାନ ମଧ୍ୟ ଗ୍ରହଣ କରନ୍ତି। ପ୍ରାତଃରୁ ଉଠି ମୁଖ ପ୍ରକ୍ଷାଳନ, ଦନ୍ତମାର୍ଜନ, ସ୍ନାନଶୌଚ, ପୋଷାକ ପରିଧାନ କରନ୍ତି। ରାତିରେ ପହଡ଼ ପାଇଁ ଗୀତଗୋବିନ୍ଦ ଶୁଣନ୍ତି।

ଜଗନ୍ନାଥ କେବଳ ଏକ ପୂଜିତ ପ୍ରତିମୂର୍ତ୍ତି ନୁହନ୍ତି। ସେ ପୁରୁଷମାନଙ୍କ ମଧ୍ୟରେ ପୁରୁଷୋତ୍ତମ, ବେଦମାନଙ୍କ ମଧ୍ୟରେ ସାମବେଦ ଓ ଦେବତାମାନଙ୍କ ମଧ୍ୟରେ ଜଗନ୍ନାଥ।

ଦେବଗଡ଼, ମୋ: ୯୪୩୭୨୧୮୯୧୭

### ଲେଖକ/ଲେଖିକାଙ୍କ ନିମନ୍ତେ ସୂଚନା

୧. 'ସକାଳ'ର ସମ୍ପାଦକୀୟ ପୃଷ୍ଠା ପାଇଁ ପ୍ରଥମ ଲେଖା ସର୍ବାଧିକ ୯୦୦ ଶବ୍ଦ ଏବଂ ଦ୍ୱିତୀୟ ଲେଖା ସର୍ବାଧିକ ୫୦୦ ଶବ୍ଦ ମଧ୍ୟରେ ସୀମିତ ରଖିବା ବାଞ୍ଛନୀୟ।
୨. ଲେଖା ପ୍ରକାଶନ ସମ୍ପର୍କରେ ସମ୍ପାଦନା ମଣ୍ଡଳିର ନିଷ୍ପତ୍ତି ଚୂଡ଼ାନ୍ତ। ଲେଖାର କେବଳ ସମ୍ପାଦିତ ଅଂଶ ହିଁ ପ୍ରକାଶିତ ହେବ।
୩. 'ସକାଳ'କୁ ପଠାଇଥିବା ସମାନ ଲେଖା ଏକାଧିକ ଖବରକାଗଜ/ପତ୍ରପତ୍ରିକାରେ ପ୍ରକାଶିତ ହେଲେ ଏବଂ ଅତୀତରେ ପ୍ରକାଶିତ ଲେଖାକୁ ପୁଣି ଥରେ ପଠାଇବା ଜଣାପଡ଼ିଲେ ଭବିଷ୍ୟତରେ ସମ୍ପୃକ୍ତ ଲେଖକ/ଲେଖିକାଙ୍କ ଲେଖା ଆଉ ବିଚାରକୁ ନିଆଯିବ ନାହିଁ।
୪. ଲେଖା ପଠାଇବାର ୭ ଦିନ ମଧ୍ୟରେ ପ୍ରକାଶିତ ନ ହେଲେ ଲେଖକ/ଲେଖିକା ତାହାକୁ ଅନ୍ୟ ଖବରକାଗଜ/ପତ୍ରପତ୍ରିକାକୁ ପଠାଇ ପାରିବେ।
୫. ସାମ୍ପ୍ରଦାୟିକ ଉତ୍ତେଜନା ସୃଷ୍ଟିକାରୀ, ବ୍ୟକ୍ତିଗତ ଆକ୍ରୋଶମୂଳକ ଓ ପ୍ରଶଂସାସୂଚକ ଲେଖା ପ୍ରକାଶିତ ହେବ ନାହିଁ। ପ୍ରସଙ୍ଗଭିତ୍ତିକ, ସୁସ୍ଥ ଓ ବୌଦ୍ଧିକ ସମାଲୋଚନାମୂଳକ ଲେଖାକୁ ଅଗ୍ରାଧିକାର ଦିଆଯିବ।
୬. ଲେଖା ପ୍ରକାଶନର ଅନ୍ତର ଅନ୍ୟୂନ ୧୫ ଦିନ ରହିବ।
୭. 'ସକାଳ' ଓଡ଼ିଶାର ବୃହତ୍ ପାଠକବର୍ଗଙ୍କର। ସେମାନଙ୍କ ରୁଚି, ଆଗ୍ରହ ଓ ଚାହିଦାକୁ ସମ୍ମାନ ଜଣାଇବା ଆମ ସମସ୍ତଙ୍କର କର୍ତ୍ତବ୍ୟ। ଏହାକୁ ହୃଦୟଙ୍ଗମ କରି ଉପରୋକ୍ତ ମାର୍ଗଦର୍ଶିକାକୁ ସଯତ୍ନ ଅନୁପାଳନ ପାଇଁ ଲେଖକ/ଲେଖିକାଙ୍କୁ ପୁଣି ଥରେ ବିନମ୍ର ଓ ସଶ୍ରଦ୍ଧ ଅନୁରୋଧ କରୁଛୁ।

କାର୍ଯ୍ୟନିର୍ବାହୀ ସମ୍ପାଦକ



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ପୂର୍ବତନ ବିଧାୟକ ବିକ୍ରମଙ୍କ ପରିବାର ବର୍ଗଙ୍କୁ ଭେଟିଲେ ବିଜେଡିର ବରିଷ୍ଠ ନେତୃମଣ୍ଡଳୀ

### ବରିଷ୍ଠ ନେତା ଦେବୀ ଓ ଅତନୁଙ୍କ ସହ ସାମିଲ ହେଲେ ଚନ୍ଦ୍ରଶେଖର, ଚ୍ୟାଉପଟ୍ଟନାୟକ



ବ୍ରହ୍ମପୁର,୬।୭(ସମିସ): ପୂର୍ବତନ ବିଧାୟକ ତଥା ଗଞ୍ଜାମ ଜିଲ୍ଲା ବିଜୁ ଜନତା ଦଳର ସଭାପତି ବିକ୍ରମ କୁମାର ପଣ୍ଡାଙ୍କ ପରିବାର ସଦସ୍ୟଙ୍କ ସହ ତାଙ୍କ ବାସଭବନରେ ସାକ୍ଷାତ ଆଲୋଚନା କରିଛନ୍ତି ବିଜେଡିର ବରିଷ୍ଠ ନେତୃମଣ୍ଡଳୀ। ରାଜନୈତିକ ଆକ୍ରୋଶର ଶୀକାର ହୋଇଥିବା ଯୁବ ନେତା ବିକ୍ରମଙ୍କ ସହିତ ଦଳ ସଦାସର୍ବଦା ରହିଛି ଏବଂ ରହିବ ମଧ୍ୟ। ଏହି ବାର୍ତ୍ତା ଦେବା ପାଇଁ ବିଜେଡିର ନେତୃମଣ୍ଡଳୀ ତାଙ୍କ ପରିବାର ସଦସ୍ୟଙ୍କ ସହ ଭେଟି ଆଶ୍ୱାସନା ଦେଇଥିବା ଜଣାପଡିଛି। ବିଜେଡିର ବରିଷ୍ଠ ରାଜ୍ୟ ଉପ ସଭାପତି ତଥା ପୂର୍ବତନ ମନ୍ତ୍ରୀ ଦେବୀ ମିଶ୍ର ଓ ପୂର୍ବତନ ମନ୍ତ୍ରୀ ଅତନୁ ସବ୍ୟସଚୀ ନାୟକଙ୍କ ଦିନିକିଆ ଗଞ୍ଜାମ ଗସ୍ତ କାଳରେ ଏହି ସାକ୍ଷାତ ଆଲୋଚନା କରିଥିଲେ। ଏହି ଅବସରରେ ପୂର୍ବତନ ସାଂସଦ ତଥା ବରିଷ୍ଠ ରାଜ୍ୟ ଉପ ସଭାପତି ଚନ୍ଦ୍ରଶେଖର ସାହୁ, ପୂର୍ବତନ ବିଧାୟକ ଡାକ୍ତର ରମେଶ ଚନ୍ଦ୍ର ଚ୍ୟାଉପଟ୍ଟନାୟକ, ରାଜ୍ୟ କାଜୁ ନିଗମର ପୂର୍ବତନ ଅଧ୍ୟକ୍ଷ ସୁବାଷ ମହାରଣା, ଯୁବ ବିଜେଡି ଜୋନ ସଭାପତି ଜ୍ୟୋତିରଂଜନ ସାହୁଙ୍କ ସମେତ ବହୁ କର୍ପୋରେଟର ଓ ପୂର୍ବତନ କର୍ପୋରେଟର ଉପସ୍ଥିତ ଥିଲେ। ରାଜ୍ୟସ୍ତରୀୟ ନେତୃବୃନ୍ଦ ବିକ୍ରମଙ୍କ ଅନୁପସ୍ଥିତିରେ ତାଙ୍କ ବୃଦ୍ଧ ବାପା ଓ ମାଆଙ୍କୁ ଭେଟି ଆଲୋଚନା କରିଥିଲେ। ପ୍ରକାଶ ଯୋଗ୍ୟ ଯେ ଆଇନଜୀବୀ ପିତବାସ ପଣ୍ଡା ହତ୍ୟା ମାମଲାରେ ପୂର୍ବତନ ବିଧାୟକ ବିକ୍ରମ ପଣ୍ଡା ଗତ ଅକ୍ଟୋବର ୨୨ତାରିଖରୁ ଗିରଫ ହୋଇ ବ୍ରହ୍ମପୁର ଜେଲରେ ଅଛନ୍ତି।

## ବେଆଇନ ଖଣି ଖନନ ବିରୋଧରେ ପଦକ୍ଷେପ ଜଣାଇବାକୁ ହାଇକୋର୍ଟଙ୍କ ନିର୍ଦ୍ଦେଶ

କଟକ,୬।୭(ସମିସ): ରାଜ୍ୟରେ ବେଆଇନ ଖଣି ଖନନ ରୋକିବା ଦିଗରେ କ'ଣ ପଦକ୍ଷେପ ନିଆଯାଇଛି ସେ ସମ୍ପର୍କରେ ଏକ ବିସ୍ତୃତ ସତ୍ୟପାଠ ଦାଖଲ କରିବାକୁ ରାଜ୍ୟ ସରକାରଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ହାଇକୋର୍ଟ। ମୁଖ୍ୟ ବିଚାରପତି ଜଷ୍ଟିସ ହରିଶ ଟଣ୍ଡନ ଓ ଜଷ୍ଟିସ ଏମ୍. ଏସ୍. ରମଣଙ୍କୁ ନେଇ ଗଠିତ ଖଣ୍ଡପୀଠ ପୁରୀ ଜିଲ୍ଲାର ପିପିଲି ତହସିଲ ଅନ୍ତର୍ଗତ ଗୋବର୍ଦ୍ଧନପୁର ଗ୍ରାମବାସୀଙ୍କ ତରଫରୁ ଦାଖଲ ଜନସ୍ୱାର୍ଥ ଆବେଦନର ଶୁଣାଣି କରି ଏପରି ନିର୍ଦ୍ଦେଶ ଦେଇଛନ୍ତି। ରାଜ୍ୟ ସରକାରଙ୍କ ପକ୍ଷରୁ ଅତିରିକ୍ତ ସରକାରୀ ଓକିଲ ହାଇକୋର୍ଟଙ୍କୁ ଅବଗତ କରିଥିଲେ ଯେ ବେଆଇନ ଖଣି ଖନନରେ ସମ୍ପୃକ୍ତ ବ୍ୟକ୍ତିମାନଙ୍କ ବିରୋଧରେ ପଦକ୍ଷେପ ଆରମ୍ଭ ହୋଇଛି ଏବଂ ସମଗ୍ର ରାଜ୍ୟରେ ବେଆଇନ ଖଣି ଖନନକୁ ସମ୍ପୂର୍ଣ୍ଣ ରୋକିବା ପାଇଁ ଆଇନ ଅନୁଯାୟୀ ସମସ୍ତ ଆବଶ୍ୟକ ପଦକ୍ଷେପ ଗ୍ରହଣ କରାଯାଉଛି। ଉପଯୁକ୍ତ କର୍ତ୍ତୃପକ୍ଷଙ୍କ ଅନୁମତି ବିନା କୌଣସି ବ୍ୟକ୍ତିଙ୍କୁ ବେଆଇନ ଖଣି ଖନନ କରିବାକୁ କଦାପି ଅନୁମତି ଦିଆଯାଇପାରିବ ନାହିଁ ବୋଲି ଖଣ୍ଡପୀଠ କହିବା ସହ ଓଡ଼ିଶାରେ ବେଆଇନ ଖଣି ଖନନ ରୋକିବା ପାଇଁ ଏପର୍ଯ୍ୟନ୍ତ କି ପଦକ୍ଷେପ ନିଆଯାଇଛି ଏବଂ ଆଗାମୀ ଦିନରେ କେଉଁ ସବୁ ପଦକ୍ଷେପ ଗ୍ରହଣ କରାଯିବ, ସେ ସମ୍ପର୍କରେ ତିନି ସପ୍ତାହ ମଧ୍ୟରେ ଏକ ବିସ୍ତୃତ ସତ୍ୟପାଠ ଦାଖଲ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଆବେଦନକାରୀଙ୍କୁ ପରବର୍ତ୍ତୀ ଏକ ସପ୍ତାହ ମଧ୍ୟରେ ପ୍ରତିଜବାବ ଦାଖଲ କରିବାକୁ କୁହାଯାଇଛି।

ମାମଲାରୁ ପ୍ରକାଶ ଯେ, ଗୋବର୍ଦ୍ଧନପୁର ନିକଟ ଦୟା ନଦୀରୁ କିଛି ଅସାମାଜିକ ଓ ପ୍ରଭାବଶାଳୀ ବ୍ୟକ୍ତି ବେଆଇନ ଭାବେ ବାଲି ଉତ୍ତୋଳନ ଏବଂ ପରିବହନ କରାଯାଉଥିବା ନେଇ ପ୍ରଭାବିତ ଗ୍ରାମବାସୀମାନେ ଗତ ୨୦୨୫ ଡିସେମ୍ବର୨୬ ତାରିଖରେ ପ୍ରଶାସନ ନିକଟରେ ଲିଖିତ ଅଭିଯୋଗ କରିଥିଲେ। ମାତ୍ର ଏ ନେଇ କୌଣସି ଫଳପ୍ରଦ ପଦକ୍ଷେପ ଗ୍ରହଣ କରାଯାଇନଥିଲା।


**RURAL WOMEN'S HIGHER SECONDARY SCHOOL**
At /PO.: Banpur, Dist.: Khordha, PIN-752031

**Walk-in-Interview**

Wanted Contractual Teaching Faculties for PGT ENGLISH. A walk-in-interview will be held on **21.07.2026(Tuesday)at 10.30 A.M.** in the office of the undersigned. Candidate having 55% marks in concerned subject are requested to send their resume, photo copies of original certificates and their testimonials (Having B.Ed. Preference will be given first) before **21.07.2026** through our E-mail: rwc.banpur@gmail.com. and produce all original documents at the time of Interview.

**Sd/- Principal Rural Women's Higher Secondary School, Banpur**



Office of the Principal
**KANSBAHAL HIGHER SECONDARY SCHOOL LAING, SUNDARGARH**
Mail-principalkblcollege@yahoo.in, Mobile No- 9439104355

**Walk-in-Interview**

A walk-in-interview for the selection a post of Lecturer in Odia (Management Post) will be held in the office of the undersigned on 14/07/2026 at 11:00 am. Interested candidates with 50% or above mark in the concerned subject may attend the interview with their bio-data,originals and a set of xerox copies of their educational documents. No TA/DA will be given.

Principal
Kansbahal H.S School Laing
Sundargarh



GOVERNMENT OF ODISHA 25001/659/2627
**OFFICE OF THE EXECUTIVE ENGINEER**
**RURAL WORKS DIVISION-II, SUNDARGARH**
L.I. No. 4605 Dt. 01.07.2026

**CANCELLATION OF TENDER**

The tender for the work Sl. No. 06 – Maintenance and Repair of R.I. Office-cum-Residence at Santoshpur in the Tender Call Notice Bid Identification No. Online-EERKL-15 of 2026-27 invited by the Executive Engineer, Rural Works Division-II, Sundargarh is hereby cancelled due to technical issues.

OIPR-25001/25193/1/26-27/0034

**Executive Engineer**
**R.W. Division-II, Sundargarh**



**AFFIDAVIT**

I, JASPAL SINGH, S/O SOHAN SINGH BHOGAL resident of At - Nua Sahi First Lane, PO/PS - Jeypore, Dist - Koraput - 764001, Odisha declare by this Affidavit No. 2994, Dated - 06/07/2026, that now onwards I shall be known as **JASPAL SINGH BHOGAL** for all future purposes.


## ବହୁଚର୍ଚ୍ଚିତ ପିଲାଚୋର ଭିଡ଼ହିଂସା ମାମଲା

# ମୁଖ୍ୟ ଅଭିଯୁକ୍ତଙ୍କ ସହ ୨ ଗିରଫ

ବିଷମକଟକ/କଲ୍ୟାଣସିଂହପୁର, ୬।୭(ସମିସ): ବହୁଚର୍ଚ୍ଚିତ ରାୟଗଡ଼ ଜିଲ୍ଲା କଲ୍ୟାଣସିଂହପୁର ଥାନା ଅନ୍ତର୍ଗତ ଭିଡ଼ହିଂସା ମାମଲାର ମୁଖ୍ୟ ଅଭିଯୁକ୍ତ ଭଜରାନ ନାଇକ ସହ ରାଜେଶ ଉଲ୍ଲକାଙ୍କୁ ପୁଲିସ ଗିରଫ କୋର୍ଟ ଚାଲାଣ କରିଛି। ଏଥିସହ ଗିରଫ ସଂଖ୍ୟା ୨୪କୁ ବୃଦ୍ଧି ପାଇଛି। ମୁଖ୍ୟ ଅଭିଯୁକ୍ତ ଭଜରାନଙ୍କ ଘର କଳାହାଣ୍ଡି ଜିଲ୍ଲା ଲାଞ୍ଜିଗଡ ବ୍ଲକ ବିଜେପୁର ଥାନା ଦୁରିପଦର ଗ୍ରାମରେ ଏବଂ

**ବିଷମକଟକ ଉପକାରାଗାରରେ ୨୪ ଅଭିଯୁକ୍ତଙ୍କ ଟିଆଇ ପ୍ୟାରେଡ**



ରାଜେଶଙ୍କ ଘର ଧାମୁଣିପଙ୍ଗା ପଞ୍ଚାୟତ କଟିକିନାଳ ଗ୍ରାମରେ। ସୋମବାର ବିଷମକଟକ ଉପକାରାଗାରରେ ପୀଡ଼ିତାଙ୍କ ଉପସ୍ଥିତିରେ ଏହି ଅଭିଯୁକ୍ତମାନଙ୍କର ଟେଷ୍ଟ ଆଇଡେଣ୍ଟିଫିକେସନ୍ (ଟିଆଇ) ପ୍ୟାରେଡ୍ କରାଯାଇଛି। ସୋମବାର ସନ୍ଧ୍ୟାରେ ବିଷମକଟକ ପ୍ରଥମ ଶ୍ରେଣୀ ବିଚାର ବିଭାଗୀୟ ମାଜିଷ୍ଟ୍ରେଟ୍ ପୂଜା ଜୈନଙ୍କ ଉପସ୍ଥିତିରେ ଟିଆଇ ପ୍ୟାରେଡ୍ ପ୍ରାୟ ଦୁଇ ଘଣ୍ଟା ଧରି ଚାଲିଥିଲା। ଏହି ସମୟରେ ପୀଡ଼ିତା ଘଟଣା ସମ୍ପର୍କରେ ମାଜିଷ୍ଟ୍ରେଟଙ୍କ ସମ୍ମୁଖରେ ସୂଚନା ଦେଇଥିଲେ। ଘଟଣା ଦିନ ଭିଡ଼ହିଂସାରେ ସାମିଲ ଥିବା କିଛି ଅଭିଯୁକ୍ତଙ୍କୁ ପୀଡ଼ିତା ଟିଆଇ ପ୍ୟାରେଡ୍‌ରେ ଚିହ୍ନଟ କରିଥିବା ଜଣାପଡ଼ିଛି।

ଉଲ୍ଲେଖଯୋଗ୍ୟ, ଗତ ଜୁନ୍ ୧୬ ତାରିଖ ଫେଲୋସିପ କାର୍ଯ୍ୟରେ ଯାଉଥିବା ଦିଲ୍ଲୀ ଆଜାଦପୁର ଅଞ୍ଚଳର ସୁମନ ଝାପ ଓ ଗୁଜୁରାଟ ସୁରତର ଅର୍ପିତା ସୂତାରିଆଙ୍କୁ ପିଲାଚୋର ବୋଲି ବିଭିନ୍ନ ଗ୍ରାମରେ ଭଜରାନ ଓ ରାକେଶ ଅପପ୍ରଚାର କରିଥିଲେ। ସୁମନ ଓ ଅର୍ପିତା ଦାଣ୍ଡପଦର, ସିଲେଟ୍, ବଣ୍ଡେଲି, କଲ୍ୟାଣସିଂହପୁର ବ୍ଲକ ତାଡିଝୋଲା, ଧାମୁଣିପଙ୍ଗା, କଟିକିନାଳ, ଇନ୍ତାଲିଗୁଡା ଗ୍ରାମ ଦେଇ ଆସୁଥିବା ବେଳେ ସାହିନଗର ନିକଟରେ ଯୁବକ ମାନେ ସଂଘବଦ୍ଧ ଭାବେ ଉଭୟଙ୍କୁ ଆକ୍ରମଣ କରିଥିଲେ। ଯୁବତୀଙ୍କୁ ବିବସ୍ତ୍ର କରି ମାଡ଼ ମାରିବା ସହ ଅସଦାଚରଣ କରାଯାଇଥିବା ଅଭିଯୋଗ ହୋଇଥିଲା। ଏହି ଘଟଣାକୁ ନେଇ ସମଗ୍ର ଦେଶରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଥିଲା। ସୋମବାର ସନ୍ଧ୍ୟାରେ ପୀଡ଼ିତା ବିଷମକଟକ ଥାନାରେ ପହଞ୍ଚିବା ପରେ ବିଷମକଟକ ଏସ୍‌ଡିପିଓ ସନ୍ତୋଷିନୀ ଓରାମ ଓ ଥାନା ଅଧିକାରୀ ସମର୍ପିତା ସ୍ୱାଇଁଙ୍କ ଉପସ୍ଥିତିରେ କଡ଼ା ସୁରକ୍ଷା ବଳୟ ମଧ୍ୟରେ ତାଙ୍କୁ ବିଷମକଟକ ଉପକାରାଗାରକୁ ନିଆଯାଇଥିଲା। ସେଠାରେ ମାଜିଷ୍ଟ୍ରେଟଙ୍କ ତତ୍ତ୍ୱାବଧାନରେ ଟିଆଇ ପ୍ୟାରେଡ୍ ସମ୍ପନ୍ନ ହୋଇଥିଲା। ପୁଲିସର ତଦନ୍ତ ଜାରି ରହିଥିବା ବେଳେ ଏହି ଟିଆଇ ପ୍ୟାରେଡ୍ ମାମଲାର ବିଚାର ପ୍ରକ୍ରିୟାରେ ଏକ ଗୁରୁତ୍ୱପୂର୍ଣ୍ଣ ସାକ୍ଷ୍ୟ ଭାବେ ବିବେଚନା କରାଯାଉଛି।

## ଚନ୍ଦ୍ରିକା ମୃତ୍ୟୁ ମାମଲାରେ ଜାମିନ ପାଇଁ ହାଇକୋର୍ଟରେ ଭୀମସେନ

କଟକ,୬।୭(ସମିସ): ଡାକ୍ତରୀ ଛାତ୍ରୀ ଚନ୍ଦ୍ରିକା ହେମ୍ବ୍ରମଙ୍କ ମୃତ୍ୟୁ ଘଟଣାରେ ଗିରଫ ହୋଇଥିବା ତାଙ୍କର ପୁରୁଷ ବନ୍ଧୁ ଭୀମସେନ ପ୍ରସାଦ ଟୁଡୁ ହାଇକୋର୍ଟରେ ଜାମିନ ଆବେଦନ କରିଛନ୍ତି। ଗତ ଜୁଲାଇ ୧ରେ କଟକ ଅତିରିକ୍ତ ଦୌରା ଜଜ୍ ତଥା ସ୍ୱତନ୍ତ୍ର ଭିଜିଲାନ୍ସ ଅଦାଲତ ଶ୍ରୀ ଟୁଡୁଙ୍କ ଜାମିନ ଆବେଦନକୁ ଖାରଜ କରିଥିଲେ। ଏହି ନିର୍ଦ୍ଦେଶ ବିରୋଧରେ ସେ ଜାମିନ ପାଇଁ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଛନ୍ତି। ପ୍ରକାଶଥାଉକି ଚନ୍ଦ୍ରିକାଙ୍କ ମୃତଦେହ କାଠଯୋଡ଼ି କୂଳରୁ ମିଳିବା ପରେ ଗତ ଜୁନ ୪ରେ ବାରଙ୍ଗ ଥାନାରେ ଚନ୍ଦ୍ରିକାଙ୍କ ପରିବାର ତରଫରୁ ଏତଲା ଦିଆଯାଇଥିଲା। ବାରଙ୍ଗ ଥାନା ପୁଲିସ ମାମଲା ରୁଜୁ କରିବା ସହିତ ଅଭିଯୋଗ ଆଧାରରେ ଜୁନ ୧୩ରେ ଶ୍ରୀ ଟୁଡୁଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଥିଲା। ଗିରଫ ହେବା ପରେ ଗତ ଜୁନ ୨୭ରେ ଶ୍ରୀ ଟୁଡୁଙ୍କୁ ସରକାରୀ ଚାକିରିରୁ ବହିଷ୍କାର କରାଯାଇଥିଲା। ସେ ଓଡ଼ିଶା ଟାକ୍ସେସନ ଓ ଆକାଉଣ୍ଟସ ସର୍ଭିସର ଅଧିକାରୀ ଭାବେ ନିଯୁକ୍ତି ପାଇ କାର୍ଯ୍ୟରତ ଥିଲେ।


**ODISHA MINING ADARSHA VIDYALAYA**
At- Phulbad, PO-Umuri, Jeypore, Dist-Koraput (Odisha) -764002
(An English Medium Secondary School under Ministry of S & M E, Govt. of Odisha, Sponsored by Odisha Mining Corporation)
**Phone: 7978897651 | E-mail: principalomavjeypore@gmail.com**

**SHORT TENDER CALL NOTICE No. 01/26**

Sealed tenders are invited from registered firms having GST number and Tax Clearance for the supply of Grocery Items, Daily Use Toiletries, Perishable Items, Students' TLM, School Uniforms and Sports Items. The completed tender documents must reach The Principal, Odisha Mining Adarsha Vidyalaya, AT-Phulbad, PO-Umuri, Dist-Koraput, PIN-764002 by Registered/Speed Post on or before **15 July 2026 at 5.00 P.M.** The envelope should be superscribed **"TENDER SUBMITTED FOR ___________ ITEM."** The tender paper for each item along with the terms and conditions may be downloaded from the school website: https://oav.edu.in/ OMAVRAY. The tenders will be opened in the presence of the tenderers or their duly authorised representatives at **11.00 A.M. on 17 July 2026.** The Principal, Odisha Mining Adarsha Vidyalaya, Jeypore, reserves the sole right to reject any or all tenders without assigning any reason and may also change the date of opening of the tender through notification on the above-mentioned website. Tenderers should not submit more than one item in a single envelope. Separate envelopes must be submitted for each item for which the tenderer wishes to apply.

**Sd/-Principal, OMAV, Jeypore**



**TPWODL**
**TP WESTERN ODISHA DISTRIBUTION LIMITED**
(A Joint Venture of Tata Power and Government of Odisha)
Corporate Office : Burla, Dist.-Sambalpur (Odisha)-768017

**NOTICE INVITING TENDER**

TP Western Odisha Distribution Limited, invites tender quotations (in 2part bidding) from eligible vendors for the following packages :

1. **TPWODL/SD/O/SER/ 2500001236: Rate Contract for General Civil Works.**
2. **TPWODL/AK/O/SU/ 2500001237: Rate Contract for MCCB With enclosure of various ratings.**
3. **TPWODL/VP/O/SU/2500001233: Rate Contract for supply of Earthing Coil and Earthing Pipe.**
4. **TPWODL/SA/O/SITC/2500001232: Supply, Installation, Testing and Commissioning of 11 KV & 33KV Single circuit towers at river crossing locations under ODSSP-IV**

Interested bidders to submit Tender Participation Fee and Authorization Letter through email **before 18th July 2026, 15:00 Hrs.** for **SL. NO. 1,3 &4** and on and **before 14th July 2026** for **SL. No. 2** after which link from e-Tender system shall be shared.

For detailed tender documents of the above-mentioned tender, please visit Tender section of **www.tpwesternodisha.com.** All details for participating in tender is given in the tender document.

All future correspondence regarding the tender, bid submission, date extension etc. will take place with the participating bidders only through E-Tender system.

Sd/- **Chief-TS, Contracts & Stores**



**ପଶ୍ଚିମ ରେଳବାଇ - ରତଲାମ ମଣ୍ଡଳ**

**ଇ-ଟେଣ୍ଡର ବିଜ୍ଞପ୍ତି**

ଟେଣ୍ଡର ନଂ.: SnT_RTM_W_26_15_Signal • ତାରିଖ: 02.07.2026 • କାର୍ଯ୍ୟର ନାମ: ରତଲାମ ମଣ୍ଡଳର ନାଗଦା–ଭୋପାଳ ସେକ୍ସନ୍‌ର ୯ଟି ଷ୍ଟେସନ (ଆକୋଡିଆ, ଶୁଜାଲପୁର, କାଲାପିପାଲ, କାଛି, ପରବତୀ, ବାକାଲ, ସେହୋର, ପଞ୍ଚାୱାନ ଏବଂ ବକାନିଆନ ଭାଉନ୍ରୀ) ଠାରେ ବର୍ତ୍ତମାନର PI ସିଷ୍ଟମ୍‌କୁ ନୂତନ EI ସିଷ୍ଟମ୍‌ରେ ପରିବର୍ତ୍ତନ ସହିତ ସମ୍ବନ୍ଧିତ ବାହ୍ୟ ସିଗ୍ନାଲିଂ କାର୍ଯ୍ୟ ପାଇଁ S&T ସାମଗ୍ରୀର ଯୋଗାଣ, ସ୍ଥାପନ, ପରୀକ୍ଷଣ ଏବଂ କମିଶନିଂ କାର୍ଯ୍ୟ। • ଟେଣ୍ଡରର ଆନୁମାନିକ ମୂଲ୍ୟ: ଟ.33,02,93,402.53/- • ବିଡ୍ ସିକ୍ୟୁରିଟି/ଅର୍ନେଷ୍ଟ ମନି: ଟ.66,05,900.00/- • ବିଡ୍ ଦାଖଲର ଶେଷ ତାରିଖ ଓ ସମୟ: 31.07.2026 ତାରିଖ ଅପରାହ୍ନ 3.00 ଘଣ୍ଟା • ଟେକ୍ନିକାଲ୍ ବିଡ୍ ଖୋଲିବାର ତାରିଖ ଓ ସମୟ: 31.07.2026 ତାରିଖ ଅପରାହ୍ନ 3.30 ଘଣ୍ଟା ପରେ • କମର୍ସିଆଲ୍ ବିଡ୍ ଖୋଲିବାର ତାରିଖ ଓ ସମୟ: ଟେକ୍ନିକାଲ୍ ବିଡ୍‌ର ମୂଲ୍ୟାଙ୍କନ ପରେ ପୃଥକ ଭାବେ ସୂଚିତ କରାଯିବ। • କାର୍ଯ୍ୟ ସମାପ୍ତିର ଅବଧି: 24 ମାସ। • ଟେଣ୍ଡରିଂ ବିଭାଗର ଦାୟିତ୍ୱପ୍ରାପ୍ତ ଅଧିକାରୀ ଓ ବିଡ୍ ଖୋଲିବାର ସ୍ଥାନ: ଉପ ମୁଖ୍ୟ ସିଗ୍ନାଲ ଓ ଟେଲିକମ୍ ଇଞ୍ଜିନିୟର (କାର୍ଯ୍ୟ), ଡିଆରଏମ୍ କାର୍ଯ୍ୟାଳୟ, ରତଲାମ (ମଧ୍ୟପ୍ରଦେଶ)। ଟେଣ୍ଡରଟି www.ireps.gov.in ଇ-ଟେଣ୍ଡର ପୋର୍ଟାଲରେ ଦେଖିହେବ ଏବଂ ଅଫର୍ ସେହି ଇ-ଟେଣ୍ଡର ପୋର୍ଟାଲ ମାଧ୍ୟମରେ ହିଁ ଦାଖଲ କରିବାକୁ ପଡ଼ିବ। CRY/06/126

Like us on: facebook.com/WesternRly



**କବଲା ହଜିଛି**

ଏତଦ୍ୱାରା ଏକଜିକ୍ୟୁଟିଭ୍ ମାଜିଷ୍ଟ୍ରେଟ୍, କଟକଙ୍କ ଇଜଲାସରେ ସତ୍ୟାପନ ହୋଇଥିବା ସତ୍ୟପାଠ ପ୍ରକାରେ ମୁଁ ଅମାୟିକ ଦେବାଶିଷ ପ୍ରଭୁପାଦ ସ୍ୱାଇଁ, ପିତା- ନକୁଳ ଚରଣ ସ୍ୱାଇଁ, ସା- ଜ୍ୟୋସ୍ନା ବିହାର, ପୋ- ଭାଣପୁର, ଥାନା- କଟକ ସଦର, ଜିଲ୍ଲା- କଟକ-୭୫୩୦୦୧ ଏହା ଘୋଷଣା କରେକି ମୁଁ ଅଟୋରିକ୍ସାରେ କଟକ ଯାତ୍ରା କରିବା ସମୟରେ ସୁକାନ୍ତି ଦାସଙ୍କ ନାମରେ ପଞ୍ଜୀକୃତ ପ୍ଲଟ୍ ନଂ୧୮୬୮/୪୨୭୧, ଖାତା ନଂ.୧୧୬୨/୩୫୪୦, ମୌଜା- ଭାଣପୁର, ଥାନା- କଟକ ସଦର, ଜିଲ୍ଲା- କଟକର ଅସଲ ବିକ୍ରି କବଲା ସଂ୧୦୩୯୧୮୦୩୦୩୭ କେଉଁଠାରେ ହଜାଇ ଦେଇଛି, ଯାହାର ଅଶେଷ ପ୍ରୟାସ ସତ୍ତ୍ୱେ ସନ୍ଧାନ ମିଳୁନାହିଁ। ଯଦି ସନ୍ଧାନ ମିଳେ, ତେବେ ଯୋଗାଯୋଗ କରନ୍ତୁ: ସୋମନାଥ ପଟ୍ଟନାୟକ- 8420011985



GOVT. OF ODISHA 25001/661/2627
**OFFICE OF THE SUPERINTENDING ENGINEER**
**RURAL WORKS DIVISION, ANANDAPUR**
E-Mail: eerw_anandapur@yahoo.co.in
No. 5051 Date: 03.07.2026

**2nd Corrigendum Notice**

Under unavoidable circumstances, online availability of tender for **Annual Maintenance Plan of Rural Roads under Administrative Expenditure** of the tender invited vide **e-Procurement Notice No. 3998 dated 10.06.2026** & **1st Corrigendum Notice No. 4560 dated 25.06.2026 / Bid Identification No. NCB-Online 09/EE/RW/AND/2026-27** of the Executive Engineer, Rural Works Division, Anandapur is hereby rescheduled as below.

| Procurement Officer | Bid Identification No. | Availability of Tender Online for bidding | | Last Date & Time of Seeking Tender Clarification | Date & Time of Opening of Tender in: O/o the S. E.R.W. Division, Anandapur |
|---|---|---|---|---|---|
| | | From | To | | |
| 1 | 2 | 3 | 4 | 5 | 6 |
| Superintending Engineer, R.W. Division, Anandapur | NCB-Online 09/EE/RW/AND /2026-27 | 17.07.2026 at 10.00 A.M. | 27.07.2026 up to 5.00 P.M. | 24.07.2026 up to 5.00 P.M. | 28.07.2026 at 11.30 A.M. in the |

All other contents remain unchanged.

Sd/- Superintending Engineer
R.W. Division, Anandapur

OIPR-25001/25055/1/26-27/0012



**AFFIDAVIT**

By virtue of an affidavit sworn before the Notary Public, Rayagada, No. 7147 dated 06.07.2026, I, Kamala Kanta Dandasena, S/o- Nalini Ranjan Dandasena, At-Paiko Street, Kashipur, PO/PS-Kashipur, Dist-Rayagada, Odisha-765015, declare that my father's name is wrongly recorded as Nalini Dandasena instead of Nalini Ranjan Dandasena in my Passport. Henceforth, my father shall be known as **Nalini Ranjan Dandasena** for all purposes.



GOVERNMENT OF ODISHA 25001/654/2627
**OFFICE OF THE EXECUTIVE ENGINEER**
**RURAL WORKS DIVISION-II, SUNDARGARH**
L.I. No. 4678 / Dt. 04.07.2026
1st Corrigendum to Bid Identification No. Online – EERKL-16/2026-27

Due to some unavoidable circumstances in respect of the tender for Building Works invited in Tender Call Notice **Bid Identification No. Online – EERKL-16/2026-27** by the Executive Engineer, Rural Works Division-II, Sundargarh, the date of online bidding and opening of the tender, which was scheduled from **30.06.2026 to 07.07.2026**, is hereby extended as follows:

| Availability of Tender Online for Bidding | | Last Date & Time of Seeking Tender Clarification | Date & Time of Opening of Tender (Technical Bid) |
|---|---|---|---|
| From: | To | | Online-EERKL-16/2026-27 |
| 06.07.2026 at 10.00 A.M. | 14.07.2026 up to 5.00 P.M. | 13.07.2026 up to 5.00 P.M. | 15.07.2026 at 11.00 A.M. |

Executive Engineer
R.W. Division-II, Sundargarh

OIPR-25001/25193/1/26-27/0033



**AFFIDAVIT**

I, Sandhyarani Dash, D/o. Late Umesh Chandra Dash, W/o. Manas Ranjan Mahapatra, resident of at 40/B, BDA HIG Duplex, Baramunda, Bhubaneswar, Ps- Bharatpur, Dist-Khurda, Odisha, hereby declare that, I have changed my name from **Sandhyarani Dash to Sandhyarani Mahapatra** is one and same person for all purpose, by way of vide affidavit No.20/ 18.02.2026 at Executive Magistrate Bhubaneswar.



25001/663/2627
E.Mail – rw_sundargarh@yahoo.co.in
Ph – 06622-272280 (off)

**OFFICE OF THE SUPERINTENDING ENGINEER**
**RURAL WORKS DIVISION: SUNDARGARH**

**1st Corrigendum to Bid Identification No Online-SESNG-07 of 2026-27**

In continuation to this office bid Identification No: Online-SESNG-07 of 2026-27 invited vide this office notice no. 4445 dt. 18.06.2026 is partially modified for the work TCN has been made as follows:-

| Sl No. | | Time Schedule as per original TCN | Time Schedule as per 1st Corrigendum Notice |
|---|---|---|---|
| 1 | Availability of tender online for bidding | 29.06.2026 at 11.00 A.M to 09.07.2026 up to 06.00 P.M | Extended up to 15.07.2026 up to 5.00 P.M |
| 2 | Last date of seeking clarification | 08.07.2026 at 11.00 A.M | Extended up to 14.07.2026 up to 11.00 A.M |
| 3 | Date of Opening of Tender | 10.07.2026 at 10.00 A.M | Extended up to 15.07.2026 at 05.10 P.M |

All other terms & conditions remain unchanged.
OIPR-25001/25046/1/26-27/0011

Superitending Engineer
R.W. Division, Sundargarh



ଖଣ୍ଡୀୟ ବନାଧିକାରୀଙ୍କ କାର୍ଯ୍ୟାଳୟ,ବାମରା ବନ୍ୟପ୍ରାଣୀ ବନଖଣ୍ଡ
8001/187/2627
**OFFICE OF THE DIVISIONAL FOREST OFFICER: BAMRA WILDLIFE DIVISION**
**AT/PO:** Bamra, **Dist:** Sambalpur, Odisha – 768221
**Mob. No.:** 9437960711
**E-mail ID:** dfo.bamrawl@odisha.gov.in
**EoI No. 04 Dated: 06.07.2026**

**INVITATION FOR EXPRESSION OF INTEREST (EoI)**

For engagement of scientific consultant NGO / Non-profit Organization / Agency for preparation of Zonal Master Plan of Eco Sensitive Zone (ESZ) around Khalasuni and Badrama Wildlife Sanctuaries under Bamra Wildlife Division.

The Divisional Forest Officer, Bamra Wildlife Division, Bamra, Sambalpur invites applications from NGOs / Non-profit organizations / agencies for preparation of the Zonal Master Plan of Eco Sensitive Zone (ESZ) of Khalasuni and Badrama Wildlife Sanctuaries.

NGOs / Non-profit organizations / Agencies fulfilling the eligibility requirements may submit their applications to the Divisional Forest Officer, Bamra Wildlife Division, Bamra, Sambalpur, latest by 05.00 P.M. on 30.07.2026, as per the EoI document.

The Technical Bids shall be opened on 31.07.2026 at 11.00 A.M. The detailed EoI is available on the following websites: www.sambalpur.odisha.gov.in, www.odishaforest.in

**Divisional Forest Officer**
**Bamra Wildlife Division**

OIPR-8001/8144/1/26-27/0004



**AFFIDAVIT**

By Virtue of an Affidavit before the Executive Magistrate, Bhadrak, vide Affidavit No.-7949, on dt. 03.07.2026, I Sk. Hedatulla, aged 50 years, S/o Sk. Baraktulla, At-Bankamohalla, P.O./P.S.-Purunabazar, Dist- Bhadrak, Odisha, on behalf of my minor son SK. MAHEMOOD, in his Birth Certificate but wrongly it has been mentioned as SK. MAHIUDDIN in Aadhaar Card bearing No. 3205 2157 8158. SK. MAHEMOOD & SK. MAHIUDDIN is one and same. This Affidavit is for Aadhaar Correction.



**OFFICE OF THE PRINCIPAL**
**SINDHA DEVI HIGHER SECONDARY SCHOOL, NANDAPUR**
DIST.- KORAPUT, PIN: -764037
PH. NO.: 06868-273554, MOB.: 08763240445, Email: sdm.ndp@gmail.com
Letter No. 242/SDHSS/2026 Date: 06.07.2026

**ADVERTISEMENT**

Application with Bio-Data is invited from interested candidates along with relevant certificates and a passport size recent coloured photo by registered/speed post/in person for appointment for the academic session **2026-27**. Age as per the Govt. of Odisha norms. The last date of receipt of application is **Dt. 21.07.2026**. Applications received after the last date of application shall be summarily rejected. The candidates are requested to remain present at **11.00 A.M. on 29.07.2026** at **SDHSS, Nandapur, Dist.-Koraput** along with all the original certificates for verification & interview. **No TA/DA will be paid for attending the interview.**

| Post | Essential Qualification | Consolidated Remuneration per month |
|---|---|---|
| **Guest Faculty in Odia, History and Commerce** | Master's Degree in the subject concerned with at least **55% marks** or equivalent Grade. | **Rs. 13,500/- (Thirteen Thousand Five Hundred)** |
| **Assistant Librarian (Contractual)** | Graduation in Arts/Commerce/Science with Bachelor Degree in Library and Information Science. | **Rs. 11,000/- (Eleven Thousand)** |

**Principal-cum-Secretary**
Sindha Devi Higher Secondary School
Nandapur, Dist. Koraput
Odisha, Pin - 764037



**OFFICE OF THE SUPERINTENDING ENGINEER**
**EARTH DAM DIVISION, CHITRAKONDA**
**DISTRICT: MALKANGIRI**
32001/503/2627
**E-mail ID:** executiveengineereddckd@gmail.com

**e-Procurement Notice No. SE-EDD-CKD-03/2026-27**

1. **Type of Works:** River Bank Flood Protection Work
2. **Total No. of Works:** One (01) No.
3. **Estimated Cost:** Rs. 98.63 Lakh
4. **Period of Completion:** Six (6) Calendar Months
5. **Class of Contractor:** 'B' Class

| Procurement Officer | Bid Identification No. | Availability & Submission of Bids online | |
|---|---|---|---|
| | | From | To |
| 1 | 2 | 3 | 4 |
| Superintending Engineer, Earth Dam Division, Chitrakonda | SE-EDD-CKD-03(1)/2026-27 | 10.07.2026 at 10.00 A.M. | 24.07.2026 up to 5.00 P.M. |

**Date of Opening of Tender/Bid: 27.07.2026 at 10.30 A.M.** in the office of the **Superintending Engineer, Earth Dam Division, Chitrakonda.**

**Further details can be seen from the Government Website:** www.tendersodisha.gov.in

**(Er. K. C. Sheti)**
**Superintending Engineer**
**Earth Dam Division, Chitrakonda, Malkangiri (Odisha)**

OIPR-32001/32019/1/26-27/0005



**AFFIDAVIT**

By virtue of an affidavit sworn before Notary Public: Bargarh vide no.386 dtd.04.07.2026, I, Sabnam Khatun, W/o- Mohammad Jilani, D/o- Resau Chandra Behera, resident of At- Barahaguda Canal, Po.- Barahaguda, Ps.- Rural, Dist.- Bargarh state that, my father's original name is **Resau Chandra Behera** but in my Pass Port I.D.Card bearing no. L3220083 my father's name has been wrongly mentioned as Keshab Behera, whereas in my Voter's ID no. ACU1622745 my father's name reflected as Subal Sahu. That **Resau Chandra Behera, Keshab Behera** and **Subal Sahu** belongs to same and one person.



**AFFIDAVIT**

By virtue of an affidavit CF No. 46, dtd- 02.07.2026 sworn before The Executive Magistrate, Bhubaneswar. I, **Manas Kumar Mallik,** S/o Late Bira Kishore Mallik, resident of AT/PO-Khujenpali, PS: Balangir, Odisha, PIN: 767002 have changed my name & my wife name from **(M.K. Mallik** to **Manas Kumar Mallik)** & **(Janki Mallik** to **Janaki Mallik)** in my daughter's **(Arpita Mallik)** birth certificate vide Regd. No. 137, dtd- 28.02.2009.

ସକାଳ THE SAKALA



● ପୂର୍ତ୍ତ ବିଭାଗ ଡାକବଙ୍ଗଳାରେ ଅଭାବନୀୟ ଘଟଣା

## ଚୌକିଦାରଙ୍କୁ ପିଟିଲେ ନେତା

ନୟାଗଡ଼,୬।୭(ସମିସ): ନୟାଗଡ଼ରେ ଶାସକ ଦଳ ନେତାଙ୍କ ଦୌରାତ୍ମ୍ୟ ଦିନକୁ ଦିନ ବୃଦ୍ଧି ପାଉଛି। କିଏ ପୁଲିସ ଉପରକୁ ହାତ ଉଠାଉଛି ତ ପୁଣି କିଏ ଅଫିସ ଅଫିସ ବୁଲି ଚାନ୍ଦା ଆଦାୟ କରୁଛି। ନୟାଗଡ଼ ପୂର୍ତ୍ତ ବିଭାଗ ଡାକବଙ୍ଗଳାକୁ ନିଜ ବିଳାସବ୍ୟସନ ପାଇଁ ଅପବ୍ୟବହାର କରାଯାଉଛି। ଅଧିକାଂଶ ଦିନ ରାତିରେ ଡାକବଙ୍ଗଳାରେ ଜମୁଛି ମଦ ଆସର। ରବିବାର ରାତିରେ ପୂର୍ତ୍ତ ବିଭାଗ ବଙ୍ଗଳାରେ ଏକ ଅଭାବନୀୟ ପରିସ୍ଥିତି ସୃଷ୍ଟି ହୋଇଛି। ମଦ ପିଇବାକୁ ରୁମ୍ ଦେବାକୁ ମନା କରିବାରୁ ଶାସକ ଦଳର ଜଣେ ନେତା ଚୌକିଦାରଙ୍କୁ ମରଣାନ୍ତକ ଆକ୍ରମଣ କରିଥିବା ଖୋଦ୍ ପୂର୍ତ୍ତ ବିଭାଗ ଅଧିକାରୀମାନେ ସ୍ୱୀକାର କରିଛନ୍ତି। ଶାସକ ଦଳ ନେତା ହୋଇଥିବାରୁ ଏହି ଘଟଣାରେ କେହି ଥାନାରେ ଏତଲା ମଧ ଦେଇନାହାନ୍ତି। ନୟାଗଡ଼ରେ ଏଭଳି ପରିସ୍ଥିତି ଓ ସରକାରୀ କର୍ମଚାରୀଙ୍କ ଉପରେ ପାଦର୍ଭାବ ବିସ୍ତାରକୁ ନେଇ ଲୋକଙ୍କ ମନରେ ତୀବ୍ର ଅସନ୍ତୋଷ ସୃଷ୍ଟି ହେଉଛି। ଏହାସହ ଶାସକ ଦଳ ପ୍ରତି ମନୋଭାବ ମଧ ଧୀରେ ଧୀରେ ବଦଳିବାକୁ ଲାଗିଛି। ପୂର୍ତ୍ତ ବିଭାଗ ପକ୍ଷରୁ ଏହି ଘଟଣାରେ ଏତଲା ଦିଆଯିବା ଆବଶ୍ୟକ ବୋଲି ମତ ପ୍ରକାଶ ପାଇଛି।

ପ୍ରତ୍ୟୁଷାଙ୍କ ଚିଠି ରହସ୍ୟ

# ତଦନ୍ତ ଆଗେଇବ ନା ଆଣ୍ଠେଇବ

ଭୁବନେଶ୍ୱର/ନୟାଗଡ଼,୬।୭(ସମିସ)

ନୟାଗଡ଼ର ବିଜେପି ନେତ୍ରୀ ପ୍ରତ୍ୟୁଷା ରାଜେଶ୍ୱରୀ ସିଂଙ୍କ ଚିଠି ରହସ୍ୟକୁ ନେଇ ଏବେ ସବୁଠି ଚର୍ଚ୍ଚା। ପ୍ରତ୍ୟୁଷାଙ୍କ ଚିଠି ପୁଲିସ ବିଭାଗକୁ ବଦନାମ କରିଥିବା ବେଳେ ପରୋକ୍ଷରେ ଏହା ମୁଖ୍ୟମନ୍ତ୍ରୀ ଓ ପ୍ରତ୍ୟୁଷାଙ୍କୁ ମଧ ବଦନାମ କରିଛି। ପ୍ରତ୍ୟୁଷାଙ୍କ ପ୍ୟାଡ୍, ଦସ୍ତଖତ ଓ ଷ୍ଟାମ୍ପକୁ ନକଲ କରି କିଏ ଏହି ଚିଠି ଲେଖିଲା ଓ ସୋସିଆଲ ମିଡିଆରେ ଛାଡ଼ିଲା ତାକୁ ନେଇ ପ୍ରଶ୍ନ ଉଠିଛି। ଏ ସମ୍ପର୍କରେ ପ୍ରତ୍ୟୁଷା ନୟାଗଡ଼ ଟାଉନ ଥାନାରେ ଲିଖିତ ଅଭିଯୋଗ କରିଥିବା ବେଳେ ତଦନ୍ତ ଆଗେଇବ ନା ଆଣ୍ଠେଇବ ବୋଲି ଚର୍ଚ୍ଚା ଜୋର ଧରିଛି। ପ୍ରତ୍ୟୁଷାଙ୍କର କେହି ନିକଟତମ ବ୍ୟକ୍ତି ଏହା କରିଥାଇ ପାରନ୍ତି ବୋଲି ପୁଲିସ ଅନୁମାନ କରୁଥିବା ବେଳେ ଏହାର ସଠିକ ତଦନ୍ତ କରିବାକୁ ଦାବି ହେଉଛି।

ସୂଚନାନୁସାରେ, ପୂର୍ବତନ କନ୍ଧମାଳ ସାଂସଦ ପ୍ରତ୍ୟୁଷା ରାଜେଶ୍ୱରୀ ସିଂଙ୍କ ପ୍ୟାଡ୍‌ରେ ଦୁଇ ଦୁଇଟି ଚିଠି ସାମ୍ନାକୁ ଆସିଥିଲା। ନୟାଗଡ଼ ଅତିରିକ୍ତ ଏସ୍‌ପି ଜ୍ୟୋତିରଞ୍ଜନ ସାମନ୍ତରାୟଙ୍କ ବିରୋଧରେ ମୁଖ୍ୟମନ୍ତ୍ରୀ ଓ ଗୃହ ବିଭାଗକୁ ପ୍ରତ୍ୟୁଷାଙ୍କ ଲେଟର ପ୍ୟାଡ୍‌ରେ ଅଭିଯୋଗ କରାଯାଇଥିବା ଚିଠି ସୋସିଆଲ ମିଡିଆରେ ଘୂରି ବୁଲିଲା। ପ୍ରଥମ ଚିଠି ମେ ୨୫ରେ ହୋଇଥିବା ବେଳେ ଦ୍ୱିତୀୟ ଚିଠିରେ ଜୁନ ୩ ତାରିଖ ଉଲ୍ଲେଖ ରହିଛି। ଚିଠିକୁ ନେଇ ଦଳଠାରୁ ଆରମ୍ଭ କରି ସରକାରଙ୍କ ପର୍ଯ୍ୟନ୍ତ ତମ୍ବିତୋଫାନ ଆରମ୍ଭ ହୋଇଥିବା ବେଳେ ପୁଲିସ କାର୍ଯ୍ୟଦକ୍ଷତା ପ୍ରତି ମଧ ପ୍ରଶ୍ନ ଉଠିଥିଲା। ଅତିରିକ୍ତ ଏସ୍‌ପି ସାମନ୍ତରାୟ ଜଣେ ଦୁର୍ନୀତିଗ୍ରସ୍ତ ବ୍ୟକ୍ତି ବୋଲି ଚିଠିରେ ଉଲ୍ଲେଖ କରାଯାଇଥିଲା। ତାଙ୍କୁ ନୟାଗଡ଼ ଜିଲ୍ଲାରୁ ବଦଳି କରିବା ପାଇଁ ଚିଠିରେ ଦାବି କରାଯାଇଥିଲା। ଏହି ଚିଠି ପଛରେ କିଛି ଖଳ ପ୍ରକୃତିର ଲୋକଙ୍କ ମନ୍ଦବୁଦ୍ଧି ଥିବା ଏବଂ କିଏ ଏହି ଚିଠି ପ୍ରସ୍ତୁତ କରି ଉଭୟ ପୁଲିସ ଓ ଶାସକ ଦଳକୁ ବଦନାମ କରୁଛି, ତାକୁ ନେଇ ପ୍ରଶ୍ନ ଉଠିଛି। ପ୍ରତ୍ୟୁଷା ତଥା ଶାସକ ଦଳର କିଛି କର୍ମୀ ନୟାଗଡ଼ ପୁଲିସକୁ ନିଜ ଇଚ୍ଛାରେ ପରିଚାଳନା କରିବାକୁ ଚେଷ୍ଟା କରୁଛନ୍ତି। ହେଲେ ପୁଲିସ

### ଉଚ୍ଚସ୍ତରୀୟ ତଦନ୍ତ ଦାବିକଲା କଂଗ୍ରେସ

ବୋଲ ନ ମାନିବାରୁ ଶେଷରେ ବିଭାଗକୁ ବଦନାମ କରିବାକୁ ଷଡ଼ଯନ୍ତ୍ର ରଚାଗଲା। ଏଥିରେ ପ୍ରତ୍ୟୁଷାଙ୍କ ଲେଟର ପ୍ୟାଡ୍‌କୁ ମୋହରା ଭାବେ ବ୍ୟବହାର କରାଗଲା। ଏହି ଲେଟର ପ୍ୟାଡ୍‌ରେ ଜଣେ ଅତିରିକ୍ତ ଏସ୍‌ପିଙ୍କୁ ଜାଣିଶୁଣି ଟାର୍ଗେଟ କରାଗଲା। ଏହି ଷଡ଼ଯନ୍ତ୍ରରେ କିଛି ସୂଚନା ଅଧିକାରୀ କର୍ମୀ ହାତ ମିଳାଇଥିଲେ ବୋଲି ବର୍ତ୍ତମାନ ପୁଲିସ ଅନୁମାନ କରୁଛି। ମିଳିମିଶି ସମସ୍ତେ ସୋସିଆଲ ମିଡିଆରେ ଏହାକୁ ଭାଇରାଲ କରାଇଲେ ବୋଲି ପୁଲିସ ଜାଣିବାକୁ ପାଇଛି।

ଏହା ପଛରେ ନୟାଗଡ଼ ଟାଉନ ଥାନାରେ ଘଟିଥିବା ଗତ ମେ ୧୮ ତାରିଖର ଘଟଣା ବୋଲି ପୁଲିସ ସୂତ୍ରରୁ ଜଣାପଡ଼ିଛି। ଦୁଇ ଅଭିଯୁକ୍ତଙ୍କ ଗିରଫକୁ ନେଇ ପ୍ରତ୍ୟୁଷାଙ୍କ ସମର୍ଥିତ ଅନେକ ବିଜେପି ନେତା ଥାନା ଘେରଉ କରିବା ସହ ପୁଲିସ ଉପରକୁ ହାତ ଉଠାଇଥିଲେ। ଏହାକୁ ନେଇ ପୁଲିସ ୭୦ ଜଣଙ୍କ ନାଁରେ ମାମଲା ରୁଜୁ କରିଥିଲା। ଏହି ଘଟଣାକୁ ନେଇ ପ୍ରତ୍ୟୁଷାଙ୍କ ସମର୍ଥକମାନେ ପୁଲିସ ବିଶେଷ କରି ଅତିରିକ୍ତ ଏସ୍‌ପି ଜ୍ୟୋତିରଞ୍ଜନ ସାମନ୍ତରାୟଙ୍କ ଉପରେ ରକ୍ତ ଚାଉଳ ଚୋବାଉଥିଲେ। ଏବେ ଜ୍ୟୋତିଙ୍କ ବଦଳି ଦାବି କରି ନକଲି ଚିଠି ଭାଇରାଲ ପଛରେ ଉକ୍ତ ଘଟଣାର ଲିଙ୍କ ଥିବା ମଧ ଆଲୋଚନା ହେଉଛି। ପ୍ରତ୍ୟୁଷାଙ୍କ ପାଖ ଲୋକ ହିଁ ଏଥିରେ ସାମିଲ ବୋଲି ଚର୍ଚ୍ଚା ହେଉଛି। ପୁଲିସ ଏହି ଘଟଣାର ସଠିକ ତଦନ୍ତ କରିବ, ନା ଖାଲି ମାମଲା ରୁଜୁକରି ଚୁପ ବସିବ ତାକୁ ନେଇ ଏବେ ଆଲୋଚନା ଜୋର ଧରିଛି। ଏହି ଘଟଣାକୁ ଜିଲ୍ଲା କଂଗ୍ରେସ ସଭାପତି ଆଇନଜୀବୀ ରଣଜିତ ଦାଶ ନିନ୍ଦା କରିଛନ୍ତି। ସେ ଏକ ପ୍ରେସ ବାର୍ତ୍ତାରେ ଘଟଣାର ଉଚ୍ଚସ୍ତରୀୟ ତଦନ୍ତ ଦାବି କରିଛନ୍ତି। ବିଜେପି ନେତ୍ରୀଙ୍କ ଦସ୍ତଖତ ଜାଲ୍ ହୋଇଥିଲେ ତାହାର ସତ୍ୟତା ଅନୁଧ୍ୟାନ ପାଇଁ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ହୋଇଥିବା ଚିଠି ଏବଂ ଥାନାରେ ଦିଆଯାଇଥିବା ଲିଖିତ ଅଭିଯୋଗରେ ବିଜେପି ନେତ୍ରୀଙ୍କ ଦସ୍ତଖତ ଏବଂ ତାଙ୍କର ଆଇନ ଅନୁସାରେ ଦଶଟି ସ୍ପେସିମେନ ଦସ୍ତଖତ ସହ ମାନ୍ୟବର ଏସଡିଜେଏମଙ୍କ ଅନୁମୋଦନ କ୍ରମେ ରାଜ୍ୟ ପୁଲିସ ହାଣ୍ଡ ରାଇଟିଂ ଏକ୍ସପର୍ଟ ସଂସ୍ଥା ପରୀକ୍ଷାଗାରକୁ ସତ୍ୟତା ଯାଞ୍ଚ ପାଇଁ ତୁରନ୍ତ ପ୍ରେରଣ କରିବା ପାଇଁ କଂଗ୍ରେସ ନେତା ଦାଶ ନୟାଗଡ଼ ଏସପିଙ୍କୁ ଟୁଇଟ ଯୋଗେ ଦାବି କରିଛନ୍ତି। ଏଭଳି ସମ୍ବେଦନଶୀଳ ପ୍ରସଙ୍ଗରେ ପୁଲିସ ଉପଯୁକ୍ତ ତଦନ୍ତ କରି ସମ୍ପୃକ୍ତ ବିଭୀଷଣଙ୍କୁ ଚିହ୍ନଟ କରାଯାଇ ଦୃଢ଼ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ବୋଲି ସେ କହିଛନ୍ତି।

# ଜଳ ନିଷ୍କାସନ ପଥ ଅବରୋଧ; ଚାଷଜମି ନଷ୍ଟ

ଖଣ୍ଡପଡ଼ା,୬।୭(ସମିସ): ଖଣ୍ଡପଡ଼ାରୁ ଖଳିସାହି ଦେଇ କଣ୍ଟିଲୋକୁ ସଂଯୋଗ କରୁଥିବା ମୁଖ୍ୟ ରାସ୍ତାର ଚାଉପଲ୍ଲୀ ଗ୍ରାମ ନିକଟରେ ସ୍ଥାନୀୟ ଅଞ୍ଚଳର ଗୋବିନ୍ଦ ବିଶୋଇ ରାସ୍ତା ପାଶ୍ୱର୍ ଜଳ ନିଷ୍କାସନ ପଥକୁ ଅବରୋଧ କରି ଏକ ସ୍ଥାୟୀ ପକ୍କା ଗୃହ ନିର୍ମାଣ କରିଛନ୍ତି। ଫଳରେ ବର୍ଷାଜଳ ନିଷ୍କାସନ ହୋଇ ନ ପାରି ରାସ୍ତାର ଗୋଟିଏ ପାଶ୍ୱର୍ରେ ପାଣି ଜମା ହୋଇ ରହିଛି। ଫଳରେ ଏକର ଏକର ଚାଷଜମି ଜଳମଗ୍ନ ହେବା ସହ ତଳିଆ ଅଞ୍ଚଳରେ ବାସ କରୁଥିବା ଲୋକଙ୍କ ଘରେ ପାଣି ପଶିବା ଯୋଗୁଁ ଅସ୍ୱାସ୍ଥ୍ୟକର ପରିବେଶ ସୃଷ୍ଟି ହେଉଛି। ଏ ନେଇ ଚାଉପଲ୍ଲୀ ଓ ଖଳିସାହି ଗ୍ରାମବାସୀ ଅସନ୍ତୋଷ ପ୍ରକାଶ କରିଛନ୍ତି। ପାଣି ନିଷ୍କାସନ ପଥରୁ ଅବରୋଧ ହଟାଇବା ନିମନ୍ତେ ଗ୍ରାମବାସୀ ଖଣ୍ଡପଡ଼ା ତହସିଲ, ପୁଲିସ ଓ ପୂର୍ତ୍ତବିଭାଗ କର୍ତ୍ତୃପକ୍ଷଙ୍କ ଦୃଷ୍ଟି ଆକର୍ଷଣ କରିବା ସହ ଏ ସମ୍ପର୍କରେ ସୋମବାର ଲିଖିତ ଭାବେ ଜଣାଇଥିବା ଗ୍ରାମବାସୀଙ୍କ ସୂତ୍ରରୁ ଜଣାପଡ଼ିଛି।



ପ୍ରକାଶଥାଉକି ଗତବର୍ଷ ଜୁଲାଇ ମାସରେ ସମ୍ପୃକ୍ତ ବ୍ୟକ୍ତି ଜଣକ ପାଣି ନିଷ୍କାସନ ପଥକୁ ଅବରୋଧ କରିବା ଯୋଗୁଁ ସ୍ଥାନୀୟ ଅଞ୍ଚଳରେ ଆଇନଶୃଙ୍ଖଳା ପରିସ୍ଥିତି ସୃଷ୍ଟି ହୋଇଥିଲା। ଖଳିସାହି ଓ ଚାଉପଲ୍ଲୀ ଗ୍ରାମବାସୀ ମିଳିତ ହୋଇ ରାସ୍ତାରୋକ କରିବା ପରେ ପୁଲିସ ଓ ପୂର୍ତ୍ତବିଭାଗ କର୍ତ୍ତୃପକ୍ଷଙ୍କ ଉପସ୍ଥିତିରେ ପ୍ରଶାସନ ପାଣି ନିଷ୍କାସନ ପଥରୁ ଜେସିବି ମେସିନ ଯୋଗେ ଅବରୋଧ ହଟାଇବା ପରେ ରାସ୍ତା ପାଶ୍ୱର୍ରୁ ପାଣି ନିଷ୍କାସିତ ହେଉଥିଲା। ଚଳିତ ବର୍ଷ ବର୍ଷାଦିନ ପୂର୍ବରୁ ବ୍ୟକ୍ତି ଜଣକ ଉଦ୍ଦେଶ୍ୟମୂଳକ ଭାବେ ପୁନର୍ବାର ଉକ୍ତ ଜଳ ନିଷ୍କାସନ ପଥକୁ ଅବରୋଧ କରିଥିବାରୁ ଏଭଳି ସମସ୍ୟା ସୃଷ୍ଟି ହୋଇଥିବା ଉଭୟ ଗ୍ରାମବାସୀ ଅଭିଯୋଗ କରିଛନ୍ତି। ଏ ଦିଗରେ ପ୍ରଶାସନ ଦୃଷ୍ଟି ଦେଇ ପାଣି ନିଷ୍କାସନ ପଥରୁ ତୁରନ୍ତ ଅବରୋଧ ହଟାଇବା ସହ ବାରମ୍ବାର ପାଣି ନିଷ୍କାସନ ପଥ ଅବରୋଧ କରି ଆଇନଶୃଙ୍ଖଳା ପରିସ୍ଥିତି ସୃଷ୍ଟି କରୁଥିବା ସମ୍ପୃକ୍ତ ବ୍ୟକ୍ତିଙ୍କ ବିରୋଧରେ ଆଇନ ଅନୁଯାୟୀ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଉଭୟ ଗ୍ରାମବାସୀ ଦାବି କରିଛନ୍ତି। ନୟାଗଡ଼ ଜିଲ୍ଲାପାଳ ଏଥିପ୍ରତି ଦୃଷ୍ଟି ଦେବାକୁ ଦାବି ହେଉଛି। ଏ ନେଇ ଖଣ୍ଡପଡ଼ା ତହସିଲଦାର ବିଶ୍ୱବିଶୃତ ତ୍ରିପାଠୀଙ୍କୁ ପଚାରିବାରେ ତୁରନ୍ତ ପାଣି ନିଷ୍କାସନ ପଥରୁ ଅବରୋଧ ହଟାଯିବ ବୋଲି କହିଛନ୍ତି।

# ଓଡ଼ଗାଁ ବନାଞ୍ଚଳରେ ୭ ଶହ ଚାରାରୋପଣ

ଓଡ଼ଗାଁ,୬।୭(ସମିସ): ନୟାଗଡ଼ ବନଖଣ୍ଡ ଅଧୀନ ଓଡ଼ଗାଁ ବନାଞ୍ଚଳ କାର୍ଯ୍ୟାଳୟ ପକ୍ଷରୁ ୭୭ତମ ବନମହୋତ୍ସବ ଅବସରରେ ମା' ପାଇଁ ଗଛଟିଏ ଅଭିଯାନ ଅନ୍ତର୍ଗତ ସହରାଞ୍ଚଳ ଚାରାରୋପଣ କାର୍ଯ୍ୟକ୍ରମ ସୋମବାର କୁମ୍ପିଆପଲ୍ଲୀରେ ଆୟୋଜିତ ହୋଇଛି। ଏହି ଅବସରରେ ପ୍ରାୟ ୭ ଶହ ଚାରାରୋପଣ କରାଯାଇଛି। ଓଡ଼ଗାଁ ସେକ୍ସନ ଅନ୍ତର୍ଗତ କୁମ୍ପିଆପଲ୍ଲୀର ୩.୨୭ ହେକ୍ଟର ରାଜସ୍ୱ ଜମିରେ ମୋଟ ୩ ହଜାର ଚାରାରୋପଣ କରାଯିବାକୁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଛି। ପ୍ରଥମ ପର୍ଯ୍ୟାୟରେ ୭ ଶହ ଚାରାରୋପଣ କରାଯାଇଥିବା ବନ ବିଭାଗ ପକ୍ଷରୁ ସୂଚନା ମିଳିଛି। କାର୍ଯ୍ୟକ୍ରମରେ ଓଡ଼ଗାଁ ବ୍ଲକ ଅଧ୍ୟକ୍ଷ ଲୋକନାଥ ସାହୁ, ଜିଲ୍ଲା ପରିଷଦ ସଭ୍ୟା ବିରଜାଲକ୍ଷ୍ମୀ ସାହୁ, ତହସିଲଦାର ଡ. ମାନସ ରଞ୍ଜନ ଭୋଇ, ବିଡିଓ ପ୍ରୀତିବାଳା ରଣା, ଆଇଆଇସି ସତ୍ୟନାରାୟଣ ବାରିକ, ପ୍ରକୃତିବନ୍ଧୁ ପ୍ରଫୁଲ୍ଲ ମାଝୀ, ଭାବଗ୍ରାହୀ ମହାପାତ୍ର ଓ ରଙ୍ଗଣୀପାଟଣା ସରପଞ୍ଚ ସସ୍ମିତା ପାତ୍ର ପ୍ରମୁଖ ଅତିଥି ଭାବେ ଯୋଗଦେଇ ଚାରାରୋପଣ କରିଥିଲେ। ପ୍ରଥମେ ପୂଜକଙ୍କ ଦ୍ୱାରା ଧରିତ୍ରୀ ପୂଜନ ଓ ବୃକ୍ଷ ଦେବତାଙ୍କ ପୂଜା କରାଯାଇଥିଲା। ପରେ ଅତିଥିମାନେ ଚାରାରୋପଣ କରି ପରିବେଶ ସୁରକ୍ଷା ଓ ସବୁଜିମା ବୃଦ୍ଧି ପାଇଁ ସମସ୍ତଙ୍କୁ ବୃକ୍ଷରୋପଣ କରିବା ସହ ଲଗାଇଥିବା ଗଛର ଯତ୍ନ ନେବାକୁ ଆହ୍ୱାନ କରିଥିଲେ। ଓଡ଼ଗାଁ ବନାଞ୍ଚଳ ଅଧିକାରୀ ଅଭିମନ୍ୟୁ ମଲ୍ଲିକଙ୍କ ପରିଚାଳନାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ବନପାଳ ସରିତା ବରାଳଙ୍କ ସମେତ ବନରକ୍ଷୀ ଓ ସ୍କ୍ୱାଡ୍ ଦଳର ସଦସ୍ୟମାନେ ସହଯୋଗ କରିଥିଲେ।



ଏହାବ୍ୟତୀତ, ଓଡ଼ଗାଁ ଅଦାଲତ ପକ୍ଷରୁ ଅପରାହ୍ନରେ ସ୍ଥାନୀୟ ପିଏମଶ୍ରୀ ରାଧାକାନ୍ତ ବାଳିକା ଉଚ୍ଚ ବିଦ୍ୟାଳୟ ପରିସରରେ ମଧ ଚାରାରୋପଣ କାର୍ଯ୍ୟକ୍ରମ ଆୟୋଜନ କରାଯାଇ ପରିବେଶ ସୁରକ୍ଷା ପ୍ରତି ସଚେତନତା ବାର୍ତ୍ତା ଦିଆଯାଇଛି।

## ଧାନବିଲରେ ଶହ ଶହ କୁଇଣ୍ଟାଲ ମାଛ

ଭାପୁର,୬।୭(ସମିସ): ଲଗାଣ ବର୍ଷା ଯୋଗୁଁ ଚାଷକାର୍ଯ୍ୟ ଦ୍ରୁତଗତିରେ ଆଗେଇବା ସହ କେତେକ ତଳିବିଲ ବନ୍ୟା ଜଳରେ ବୁଡ଼ିଯିବା ହେତୁ ଏହା ନଷ୍ଟ ହୋଇଯିବା ଆଶଙ୍କା ସୃଷ୍ଟି ହୋଇଛି। ମାତ୍ର ଏସବୁ ସତ୍ତ୍ୱେ ଶନିବାର ରାତିରେ ଭାପୁର ବ୍ଲକ କାଳିଗିରି ନଦୀର ବନ୍ୟାଜଳ ଗହିର ଭିତରେ ପଶିଯିବାରୁ ଗହିର ସାରା ଖାଲି ଭାକୁର ଓ ରୋହି ମାଛ ବୁଲିଥିଲେ। ପାଞ୍ଚ ଖଣ୍ଡ ଗାଁର ଶହ ଶହ ଲୋକ ପ୍ରତ୍ୟେକେ କୁଇଣ୍ଟାଲ କୁଇଣ୍ଟାଲ ମାଛ ଧରି ମାଲେମାଲ ହୋଇଛନ୍ତି। ଶନିବାର ରାତି ଓ ରବିବାର ସକାଳେ ଭାପୁର ବ୍ଲକ ମଣିପୁର ଗ୍ରାମର ଶତାଧିକ ଲୋକ ଜାଲ ଓ ମାଛଧରା ଯନ୍ତ୍ର ସାହାଯ୍ୟରେ ଗହିର ବିଲରୁ ତିନି କିଲୋରୁ ପାଞ୍ଚ କିଲୋ ଲେଖାଏଁ ଭାକୁର, ରୋହି, ମିରକାଳି, କଳାବଇଁଶି ମାଛ ଧରିଥିଲେ। ଏହି ମାଛକୁ କେଜି ପିଛା ୭୦/୮୦ ଟଙ୍କାରେ ବିକ୍ରି କରିଥିଲେ। ମଣିପୁର ଗ୍ରାମବାସୀ କୁହନ୍ତି ଯେ କାଳିଗିରି ନଦୀର ପ୍ରଥମ ବନ୍ୟାଜଳ ମହାନଦୀରେ ପଶିଲେ ପ୍ରତିବର୍ଷ ବଡ଼ ବଡ଼ ବାଲିଆ ମାଛ ଆସିଥାନ୍ତି। ମାତ୍ର ଏତେ ଦାମୀ କାତି ମାଛ ପୂର୍ବରୁ କେବେ ଆସି ନ ଥିଲେ। ସେହିପରି ମଣିପୁର ଗହିରକୁ ଲାଗିଥିବା କଟକ ବୈଦ୍ୟେଶ୍ୱର ଥାନା ଜଗନ୍ନାଥପୁର ପଞ୍ଚାୟତ ଖଳିପଲ୍ଲୀ, ବଘେଇଟାଙ୍ଗି, କେନ୍ଦୁପଲ୍ଲୀ ପଞ୍ଚାୟତ କେନ୍ଦୁପଲ୍ଲୀ ଗ୍ରାମର ଶତାଧିକ ବ୍ୟକ୍ତି ପ୍ରବଳ ମାଛ ଧରିଛନ୍ତି। ମାତ୍ର ଏହି ମାଛଧରା ସମୟରେ ଖଳିପଲ୍ଲୀ ଗ୍ରାମର ଦୁଃଶାସନ ନାୟକଙ୍କର ସାପ କାମୁଡ଼ାରେ ମୃତ୍ୟୁ ହୋଇଛି।

## ଗଣିଆରେ ବଢ଼ିଲା ବୁଥ୍ ସଂଖ୍ୟା

ଗଣିଆ,୬।୭(ସମିସ): ମେ ୩୦ରୁ ଆରମ୍ଭ ହୋଇଥିବା ସ୍ୱତନ୍ତ୍ର ସଘନ ସଂଶୋଧନ ପ୍ରକ୍ରିୟାର ପ୍ରାଥମିକ କାର୍ଯ୍ୟ ଶେଷ ହୋଇଛି। ଜିଲ୍ଲାପାଳ ମଧୁମିତା ରଥଙ୍କ ଅଧ୍ୟକ୍ଷତାରେ ଚିଠା ଭୋଟର ତାଲିକା ପ୍ରକାଶିତ ହୋଇଛି। ଜିଲ୍ଲାପାଳ ଏକ ସାମ୍ବାଦିକ ସମ୍ମିଳନୀରେ ଏ ସମ୍ପର୍କରେ ତଥ୍ୟ ପ୍ରଦାନ କରିଛନ୍ତି। ଗଣିଆ ବ୍ଲକର ୮ ପଞ୍ଚାୟତରେ ପୂର୍ବରୁ ୪୧ ବୁଥ୍ ରହିଥିଲା। ତେବେ ଏହି ବୁଥ୍ ସଂଖ୍ୟାରେ ବୃଦ୍ଧି ଘଟିଛି। ଗଣିଆରେ ବୁଥ୍ ସଂଖ୍ୟା ଏବେ ୪୪ରେ ପହଞ୍ଚିଛି। ବ୍ଲକରେ ୩ ବୁଥ୍ ବୃଦ୍ଧି ପାଇଥିବା ଜଣାପଡ଼ିଛି। ସେଥିମଧ୍ୟରୁ ବେଲପଡ଼ାପାଟଣା ପଞ୍ଚାୟତ ବିଜୟନଗରରେ ଗୋଟିଏ, ଗଣିଆରେ ଗୋଟିଏ ଏବଂ କରଡ଼ାପଡ଼ାରେ ଗୋଟିଏ ବୁଥ୍ ଅଧିକ ହୋଇଛି। ଉପରୋକ୍ତ ସ୍ଥାନଗୁଡ଼ିକରେ ବୁଥ୍ ହେବା ପାଇଁ ବାରମ୍ବାର ଦାବି ହୋଇ ଆସୁଥିଲା।

## ଶିକ୍ଷାକେନ୍ଦ୍ରର ୩୭ତମ ପ୍ରତିଷ୍ଠା ଦିବସ

ଗଣିଆ,୬।୭(ସମିସ): ଗଣିଆରେ ଥିବା ଶ୍ରୀଅରବିନ୍ଦ ପୂର୍ଣ୍ଣାଙ୍ଗ ଶିକ୍ଷାକେନ୍ଦ୍ରର ୩୭ତମ ପ୍ରତିଷ୍ଠା ଦିବସ ବିଦ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇଛି। ବିଦ୍ୟାଳୟଅଧ୍ୟକ୍ଷ ରତ୍ନାକର ମହାପାତ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ସଭାପତି ଆନନ୍ଦ ଚନ୍ଦ୍ର ବେହେରା, ସମ୍ପାଦକ ଗୋକୁଳାନନ୍ଦ ଜେନା, ଅବସରପ୍ରାପ୍ତ ଶିକ୍ଷକ ଶ୍ୟାମସୁନ୍ଦର ପୃଷ୍ଟି, ନନ୍ଦିନୀ ଗୁରୁ, ଗଣେଶ ମହାନ୍ତି, ସ୍ୱପ୍ନାଦୀପା ମହାରଣା, ବିଚିତ୍ର ମହାକୁଡ଼ ପ୍ରମୁଖ ଅତିଥି ଭାବେ ମଞ୍ଚାସୀନ ଥିଲେ। ଗଣିଆର ସର୍ବପୁରାତନ ଏହି ବେସରକାରୀ ଶିକ୍ଷାନୁଷ୍ଠାନରେ ଅନେକ ଛାତ୍ରଛାତ୍ରୀ ଶିକ୍ଷାଲାଭ କରି ବଡ଼ ଚାକିରିରେ ଅବସ୍ଥାପିତ ଅଛନ୍ତି। ଛାତ୍ରଛାତ୍ରୀମାନେ ଶୃଙ୍ଖଳା ସହ ପାଠପଢ଼ାକୁ ଗୁରୁତ୍ୱ ଦେବା ଆବଶ୍ୟକ ବୋଲି ସଭାପତି ପ୍ରକାଶ କରିଥିଲେ। ପ୍ରତିଷ୍ଠା ଉତ୍ସବ ଅବସରରେ ଛାତ୍ରଛାତ୍ରୀମାନେ ସମାଧି ପୀଠରେ ସମବେତ ଧ୍ୟାନ କରିଥିଲେ। ବିଦ୍ୟାଳୟ ପରିସରରେ କେକ୍ କାଟି ଉତ୍ସବ ପାଳନ କରାଯାଇଥିଲା। ଏହାକୁ ଆହୁରି ସରସସୁନ୍ଦର କରିବାକୁ ବିଦ୍ୟାଳୟ ପରିସରରେ ଚାରାରୋପଣ କରାଯାଇଥିଲା। ଛାତ୍ରଛାତ୍ରୀମାନଙ୍କ ଦ୍ୱାରା ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା। ବିଦ୍ୟାଳୟର ମମି ମହାରଣା, ସଂଯୁକ୍ତା ମହାପାତ୍ର, ମାମି ମହାରଣା ପ୍ରମୁଖ ସହଯୋଗ କରିଥିଲେ।

## ଅଙ୍ଗନବାଡ଼ି ସଂଘ ଜିଲ୍ଲା ସଭାନେତ୍ରୀଙ୍କ ପରଲୋକ

ନୟାଗଡ଼,୬।୭(ସମିସ): ନୟାଗଡ଼ ଜିଲ୍ଲା ଅଙ୍ଗନବାଡ଼ି ସଂଘ ସଭାନେତ୍ରୀ ଜ୍ୟୋତ୍ସ୍ନାମୟୀ ପଣ୍ଡାଙ୍କର ସୋମବାର ସନ୍ଧ୍ୟାରେ ପରଲୋକ ଘଟିଛି। ସେ ନୟାଗଡ଼ ସଦର ବ୍ଲକ କ୍ରିଦାଶପୁର ଗ୍ରାମର ଅଙ୍ଗନବାଡ଼ି କର୍ମୀ ଭାବେ କାର୍ଯ୍ୟ କରୁଥିଲେ। ନୟାଗଡ଼ର ପ୍ରମୁଖ କୃଷକ ନେତା ଜଗନ୍ନାଥ ପଣ୍ଡାଙ୍କ ଝିଅ ତଥା ପୂର୍ବତନ ଛାତ୍ର ବିଜେଡି ସଭାପତି ନୀଳମାଧବ ପଣ୍ଡାଙ୍କ ଭଉଣୀ ହେଉଛନ୍ତି ଜ୍ୟୋତ୍ସ୍ନାମୟୀ। ସକାଳେ ସେ କ୍ରିଦାଶପୁରସ୍ଥିତ ବାସଭବନରୁ ତାଙ୍କ ସ୍ୱାମୀ ମାନସ କୁମାର ପଣ୍ଡାଙ୍କ ସହ ବାଇକରେ ଆସୁଥିଲେ। ଅସାବଧାନତା କାରଣରୁ ବାଇକରୁ ଖସି ପଡ଼ିଥିଲେ। ଗୁରୁତର ଅବସ୍ଥାରେ ତାଙ୍କୁ ନୟାଗଡ଼ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଥିଲା। ପରେ ଭୁବନେଶ୍ୱର ଏମ୍‌ସ ସ୍ଥାନାନ୍ତର କରାଯାଇଥିଲା। ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ତାଙ୍କ ମୃତ୍ୟୁ ଘଟିଛି। ନୟାଗଡ଼ ବିଧାୟକ ଡ. ଅରୁଣ କୁମାର ସାହୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ଓ ଏମ୍‌ସରେ ପହଞ୍ଚି ପରିବାର ସଦସ୍ୟଙ୍କୁ ସମବେଦନା ଜଣାଇଛନ୍ତି।



## ବିଶିଷ୍ଟ ବ୍ୟବସାୟୀଙ୍କ ପରଲୋକ

ଖଣ୍ଡପଡ଼ା,୬।୭(ସମିସ): ଖଣ୍ଡପଡ଼ା ବ୍ଲକ ଯୋଗିଆପଲ୍ଲୀ ପଞ୍ଚାୟତ ଲକ୍ଷ୍ମୀପ୍ରସାଦ ଗ୍ରାମର ବିଶିଷ୍ଟ ବ୍ୟବସାୟୀ ବାସୁଦେବ ସାହୁଙ୍କର ରବିବାର ସନ୍ଧ୍ୟାରେ ପରଲୋକ ହୋଇଛି। ବାସୁଦେବ ହଠାତ ଅସୁସ୍ଥତା ଅନୁଭବ କରିବାରୁ ପରିବାର ଲୋକେ ତାଙ୍କୁ ନୟାଗଡ଼ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରିଥିଲେ। ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ତାଙ୍କ ମୃତ୍ୟୁ ହୋଇଛି। ଖଣ୍ଡପଡ଼ା ସହରର ସୁନାମଧନ୍ୟ ବ୍ୟବସାୟୀ ଭାବେ ଜଣାଶୁଣା ସ୍ୱର୍ଗତ ସାହୁଙ୍କ ଅକାଳ ବିୟୋଗରେ ଖଣ୍ଡପଡ଼ା ବଜାର ବଣିକ ସଂଘ ସଦସ୍ୟମାନେ ଗଭୀର ଦୁଃଖ ପ୍ରକାଶ କରିବା ସହ ଶୋକସନ୍ତପ୍ତ ପରିବାରକୁ ସମବେଦନା ଜଣାଇଛନ୍ତି। ସ୍ୱର୍ଗତ ସାହୁ ନବନିର୍ମାଣ କୃଷକ ସଂଗଠନର ନୟାଗଡ଼ ଜିଲ୍ଲା ସଂଯୋଜକ ଭାବେ ଦୀର୍ଘବର୍ଷ ଧରି ଦାୟିତ୍ୱ ତୁଲାଇଥିଲେ। ପୁରୀ ସ୍ୱର୍ଗଦ୍ୱାରରେ ତାଙ୍କ ଶେଷକୃତ୍ୟ ସମ୍ପନ୍ନ ହୋଇଛି। ଏକମାତ୍ର ପୁଅ ବିକାଶ ରଞ୍ଜନ ସାହୁ ମୁଖାଗ୍ନି ଦେଇଥିଲେ।



## ଶିକ୍ଷକ ଗୌରାଙ୍ଗ ଚରଣ ଶ୍ରୀଚନ୍ଦନଙ୍କୁ ସମ୍ବର୍ଦ୍ଧନା

ନିରାକାରପୁର, ୬।୭ (ସମିସ) : ଖୋର୍ଦ୍ଧା ଜିଲ୍ଲା ଟାଙ୍ଗି ଶିକ୍ଷା ମଣ୍ଡଳ ଅନ୍ତର୍ଗତ ରାମେଶ୍ୱର ଆଞ୍ଚଳିକ ସାଧନ କେନ୍ଦ୍ର ଅଧୀନ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ, ବଡପୋଖରିଆ ନୀଳଗିରି ପାଟଣାର ସହକାରୀ ଶିକ୍ଷକ ଗୌରାଙ୍ଗ ଚରଣ ଶ୍ରୀଚନ୍ଦନ ନିଜ ବୃତ୍ତିଗତ ଜୀବନରୁ ସେବା ଅବସର ଗ୍ରହଣ କରିଛନ୍ତି। ଏହି ଉପଲକ୍ଷେ ତାଙ୍କର ସ୍ଥାନୀୟ ବାସଭବନଠାରେ ଏକ ଭାବପୂର୍ଣ୍ଣ ପାରିବାରିକ ଅବସରକାଳୀନ ସମ୍ବର୍ଦ୍ଧନା ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ଜଣେ ଆଦର୍ଶ ଏବଂ କର୍ତ୍ତବ୍ୟନିଷ୍ଠ ଶିକ୍ଷକ ଭାବେ ନିଜର ସୁଦୀର୍ଘ ବୃତ୍ତିଗତ ଜୀବନ ମଧ୍ୟରେ ସେ ଅନେକ ଛାତ୍ରଛାତ୍ରୀଙ୍କ ଭବିଷ୍ୟତ ଗଢ଼ିବାରେ ପ୍ରମୁଖ ଭୂମିକା ଗ୍ରହଣ କରିଛନ୍ତି ବୋଲି ମତପ୍ରକାଶ ପାଇଥିଲା। ଶେଷରେ ଉପସ୍ଥିତ ସମସ୍ତ ସଦସ୍ୟ ବିଦାୟୀ ଶିକ୍ଷକ ଶ୍ରୀ ଶ୍ରୀଚନ୍ଦନଙ୍କ ଉତ୍ତରୋତ୍ତର ଉନ୍ନତି ଓ ସୁସ୍ଥ ନିରାମୟ ଅବସର ଜୀବନ କାମନା କରିଥିଲେ।



ଶିଳାନ୍ୟାସରେ ସୀମିତ ଗୋଦାବରୀଶ ମିଶ୍ର ଆଦର୍ଶ ବିଦ୍ୟାଳୟ

# ମାଟି ମୁଠାଏ ବି ପକାଇପାରିନି ପ୍ରଶାସନ

ଖଣ୍ଡପଡ଼ା,୬।୭(ସମିସ)

୨୦୨୬ ଜାନୁଆରୀରେ ଗୋଦାବରୀଶ ମିଶ୍ର ଆଦର୍ଶ ପ୍ରାଥମିକ ବିଦ୍ୟାଳୟ ଯୋଜନା ପାଇଁ ବହୁ ଆଡ଼ମ୍ବର ସହକାରେ ବିଦ୍ୟାଳୟ ପାଣ୍ଠିରୁ ଲକ୍ଷାଧିକ ଟଙ୍କା ଖର୍ଚ୍ଚ କରାଯାଇ ଖଣ୍ଡପଡ଼ାର ୩ ବିଦ୍ୟାଳୟରେ ଶିଳାନ୍ୟାସ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଇତିମଧ୍ୟରେ ପ୍ରାୟ ୬ ମାସ ବିତିଥିବା ବେଳେ ମାଟି ମୁଠାଏ ମଧ ପକାଇପାରିନି ଜିଲ୍ଲା ପ୍ରଶାସନ। ଫଳରେ ଶିକ୍ଷା ଭିତ୍ତିଭୂମି ବିକାଶ ନିମନ୍ତେ ସରକାରଙ୍କ ପ୍ରୟାସ ବାଟ ହୁଡ଼ିଥିବା ମତପ୍ରକାଶ ପାଇଛି।



୨୦୨୪ ନଭେମ୍ବର ୧୪ରେ ରାଜ୍ୟରେ ପ୍ରତି ପଞ୍ଚାୟତରେ ଗୋଦାବରୀଶ ମିଶ୍ର ଆଦର୍ଶ ପ୍ରାଥମିକ ବିଦ୍ୟାଳୟ ଯୋଜନା କାର୍ଯ୍ୟକାରୀ କରିବା ନିମନ୍ତେ ସରକାର ଘୋଷଣା କରିଥିଲେ। ଏହି ଯୋଜନା ଅନୁଯାୟୀ, ରାଜ୍ୟର ପ୍ରତ୍ୟେକ ପଞ୍ଚାୟତରେ ଗୋଟିଏ ଲେଖାଏଁ ଅତ୍ୟାଧୁନିକ ପ୍ରାଥମିକ ବିଦ୍ୟାଳୟ ନିର୍ମାଣ କରାଯିବାକୁ ଲକ୍ଷ୍ୟ ଧାର୍ଯ୍ୟ ହୋଇଥିଲା। ଖଣ୍ଡପଡ଼ା ବ୍ଲକ ଶିଖରପୁର ନୋଡାଲ ଉଚ୍ଚ ବିଦ୍ୟାଳୟ, ବନମାଳୀପୁର ଉଚ୍ଚ ବିଦ୍ୟାଳୟ ଏବଂ ସିଧାମୂଳା ଗୋକୁଳାନନ୍ଦଜୀଉ ବିଦ୍ୟାମନ୍ଦିର ଆଦି ୩ ସ୍କୁଲରେ ଶିଳାନ୍ୟାସ କାର୍ଯ୍ୟକ୍ରମ ହୋଇଥିଲା। ତେବେ ପ୍ରାଥମିକ ଶିକ୍ଷା ବ୍ୟବସ୍ଥାର ବାସ୍ତବ ସ୍ଥିତି ପରଖିବା ପରେ ଏବେ ବିଚିତ୍ର ଦୃଶ୍ୟ ସାମ୍ନାକୁ ଆସିଛି। ପ୍ରାରମ୍ଭିକ ପର୍ଯ୍ୟାୟରେ ଶିଳାନ୍ୟାସ ହୋଇଥିବା ୩ ବିଦ୍ୟାଳୟରେ ମାଟି ମୁଠାଏ ପକାଯାଇନି କି ରଙ୍ଗ ଟୋପାଏ ମଧ ବୋଳିନି ଜିଲ୍ଲା ପ୍ରଶାସନ। ଫଳରେ ଯୋଜନା କେବଳ ଭେଳିକି ବୋଲି ଅଭିଯୋଗ କରିଛନ୍ତି ସମ୍ପୃକ୍ତ ଅଞ୍ଚଳବାସିନ୍ଦା। ଏ ନେଇ ବିଡିଓ ଅଙ୍କୁର ଅଭିଳାଷଙ୍କ ସହ ଯୋଗାଯୋଗ କରିବାରେ ଜିଲ୍ଲା ପ୍ରଶାସନ ତତ୍ତ୍ୱାବଧାନରେ କାମ ହେବାନେଇ ସୂଚନା ଥିବା ଏବଂ ବ୍ଲକ ପ୍ରଶାସନ ନିକଟରେ ଏ ବାବଦ କୌଣସି ସୂଚନା ନ ଥିବା କହିଛନ୍ତି।

ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଏ ବର୍ଷ ଖରାଛୁଟିରେ କ୍ୟାମ୍ପସ କାମ ଆରମ୍ଭ କରିଥିଲେ ସ୍କୁଲ ଖୋଲିବା ପରେ ପିଲାଏ ପରିବର୍ତ୍ତିତ କ୍ୟାମ୍ପସରେ ପାଠ ପଢ଼ିପାରିଥାନ୍ତେ। ମାତ୍ର ବିଦ୍ୟାଳୟ ଚାଲିଥିବା ବେଳେ ଯଦି କାର୍ଯ୍ୟ ଆରମ୍ଭ ହେବ ତେବେ ଏହାଦ୍ୱାରା ଛାତ୍ରଛାତ୍ରୀ ଓ ଶିକ୍ଷକମାନେ ପ୍ରଭାବିତ ହେବେ ବୋଲି ବୁଦ୍ଧିଜୀବୀ ମହଲରେ ଅଭିଯୋଗ ହୋଇଛି। ଶିକ୍ଷା ବିଭାଗ ବିଶ୍ୱସ୍ତ ସୂତ୍ରରୁ ସୂଚନା ଅନୁଯାୟୀ ଯୋଜନାର ରୂପରେଖ, ଆର୍ଥିକ ଅନୁଦାନ ବାବଦରେ କୌଣସି ସୂଚନା ନ ଥିବା ବେଳେ ଚଳିତ ଶିକ୍ଷାବର୍ଷରେ ଏହା ସମ୍ଭବ ହୋଇପାରିବ କି ନାହିଁ ତାକୁ ନେଇ ଆଶଙ୍କା ରହିଛି। ଫଳରେ କ୍ୟାମ୍ପସକୁ ନୂଆରୂପ ସହ ଗୁଣାତ୍ମକ ଶିକ୍ଷା ପାଇଁ ଏହି ଯୋଜନା ଏବେ ବାଟ ହୁଡ଼ିଥିବା ଜଣାପଡ଼ିଛି। ସେହିପରି ପ୍ରାରମ୍ଭିକ ଭାବେ ଚୟନ କରାଯାଇଥିବା ଜଗନ୍ନାଥପ୍ରସାଦ ଲାବଣ୍ୟଦେବୀ ପ୍ରାଥମିକ ବିଦ୍ୟାଳୟ ଏବଂ ଖଳିସାହି ଲିଙ୍ଗରାଜ ଉଚ୍ଚ ବିଦ୍ୟାଳୟକୁ ବାଦ ଦିଆଯାଇଥିବାରୁ ସ୍ଥାନୀୟ ଅଞ୍ଚଳରେ ଅସନ୍ତୋଷ ପ୍ରକାଶ ପାଇଛି। ଜିଲ୍ଲା ପ୍ରଶାସନ ଏ ଦିଗରେ ପଦକ୍ଷେପ ନେବାକୁ ଶିକ୍ଷକ ଓ ଅଭିଭାବକ ମହଲରେ ଦାବି ହୋଇଛି।

# ବନ ବିଭାଗର ସ୍ପଷ୍ଟୀକରଣ; ବାଘ ନୁହେଁ ମାଛରଙ୍କା ବିଲେଇ

ବାଣପୁର,୬।୭(ସମିସ) : ଚିଲିକା ବନ୍ୟପ୍ରାଣୀ ବନଖଣ୍ଡ ଅନ୍ତର୍ଗତ ବାଲୁଗାଁ କୁମ୍ଭୀରପଡ଼ା ନିକଟ କଂସାରୀ ନଈକୁ ରବିବାର ସକାଳେ ଗ୍ରାମର କିଛି ମହିଳା ଗାଧୋଇବାକୁ ଯାଇ ଥିବା ବେଳେ କଂସାରୀ ନଈ କୂଳ ସ୍ଥିତ ବନାଞ୍ଚଳର ଏକ ବାଉଁଶ ବୁଦା ମୂଳରେ ବାଘ ଭଳି ଦିଶୁଥିବା ଏକ ବନ୍ୟଜନ୍ତୁ ତାର ଦୁଇ ଶାବକଙ୍କ ସହିତ ଦେଖିବାକୁ ପାଇ ଥିଲେ। ଗ୍ରାମର କିଛି ଯୁବକ ଦେଖି ବାଘ ବୋଲି ସନ୍ଦେହ କରି ଏକ ବାଘ ସହ ଦୁଇଟି ଛୁଆ ବାଘ ଥିବା କହି ତାହାର ଭିଡିଓ ଉତ୍ତୋଳନ କରି ସୋସିଆଲ ମିଡିଆରେ ଭାଇରାଲ କରିଥିଲେ। ଏ ଘଟଣା ସମ୍ପର୍କରେ ସୂଚନା ପାଇ ଚିଲିକା ବନ୍ୟପ୍ରାଣୀ



ବନଖଣ୍ଡ ଡିଏଫଓ ଅମ୍ଲାନ କୁମାର ନାୟକ ଓ ବାଲୁଗାଁ ବନାଞ୍ଚଳ ରେଞ୍ଜର ପ୍ରମୋଦ କୁମାର ପଣ୍ଡା ଓ ଚିଲିକା ବନ୍ୟପ୍ରାଣୀ ରେଞ୍ଜର ରଶ୍ମିତା ଜେନା କର୍ମଚାରୀଙ୍କ ସହ ଘଟଣା ସ୍ଥଳକୁ ଯାଇ ସ୍ଥାନୀୟ ଲୋକଙ୍କୁ ପଚରାଉଚୁରା କରିବା ସହ ସ୍ଥିତି ଅନୁଧ୍ୟାନ କରିଥିଲେ। ଅନ୍ୟପକ୍ଷେ କୁମ୍ଭୀରପଡ଼ା ଗ୍ରାମଟି ଚିଲିକାର ନିକଟବର୍ତ୍ତୀ ଏବଂ ନଈକୂଳରେ ଥିବା ଯୋଗୁଁ ଦେଖା ଯାଇଥିବା ଜନ୍ତୁଟି ଫିସିଙ୍ଗ କ୍ୟାଟ ତଥା ମାଛରଙ୍କା ବିଲେଇ ବୋଲି ଅନୁମାନ କରା ଯାଇଥିବା ବେଳେ ଅନେକ ସମୟରେ ଚିଲିକାରେ ଏଭଳି ଜନ୍ତୁ ଦେଖିବାକୁ ମିଳିଥାଏ। ଯେହେତୁ ଜନ୍ତୁଟି ଏକ ଜନବସତି ଅଞ୍ଚଳରେ ଦେଖା ଯାଇଛି ତେଣୁ ଉଭୟ ଜଙ୍ଗଲ ଓ ବନ୍ୟପ୍ରାଣୀ ବିଭାଗ ଏହାକୁ ଗୁରୁତର ସହ ନେଇ ଅଧିକ ତଦନ୍ତ ଚଲାଇ ଥିଲେ। ତଦନ୍ତ ବେଳେ ଘଟଣା ସ୍ଥଳରୁ ପାଦଚିହ୍ନକୁ ଠାବ କରି ତାର ଯାଞ୍ଚ କରି ଭାଇରାଲ ଭିଡିଓକୁ ଏକ୍ସପର୍ଟଙ୍କ ଦ୍ୱାରା ପରୀକ୍ଷା ନିରୀକ୍ଷା ପରେ ଏହା ବାଘ ନୁହେଁ ଫିସିଙ୍ଗ କ୍ୟାଟ ତଥା ମାଛରଙ୍କା ବିଲେଇ ବୋଲି ବିଭାଗ ପକ୍ଷରୁ ସ୍ପଷ୍ଟ କରାଯାଇଛି। ତତସହିତ ବିଭାଗ ପକ୍ଷରୁ ପାଟ୍ରୋଲିଂ କରା ଯାଉଥିବା ବେଳେ ଉକ୍ତ ଜନ୍ତୁକୁ ପୁନର୍ବାର କେହି ଦେଖିଲେ ସଙ୍ଗେ ସଙ୍ଗେ ବିଭାଗକୁ ଖବର ଦେବା ପାଇଁ ବିଭାଗ ପକ୍ଷରୁ ଗ୍ରାମବାସୀଙ୍କୁ କୁହାଯାଇଛି।

# କୁହୁଡ଼ି ଜନତା ଉଚ୍ଚ ବିଦ୍ୟାଳୟର ପ୍ରତିଷ୍ଠା ଦିବସ



ଟାଙ୍ଗୀ, ୬।୭ (ସମିସ): ଟାଙ୍ଗୀ ବ୍ଲକ ଅଧୀନ କୁହୁଡି ଜନତା ଉଚ୍ଚ ବିଦ୍ୟାଳୟର ୭୧ତମ ପ୍ରତିଷ୍ଠା ଦିବସ ପାଳିତ ହୋଇଯାଇଛି । ପୁରାତନ ଛାତ୍ର ସଂସଦ ତରଫରୁ ଆୟୋଜିତ ଏହି କାର୍ଯ୍ୟକ୍ରମରେ ପୁରାତନ ଛାତ୍ର ସଂସଦର ସଭାପତି ମନୋଜ କୁମାର ମାନସିଂହଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ବରିଷ୍ଠ କବି ପ୍ରଫେସର ଶଶାଙ୍କ ଶେଖର ଚୂଡ଼ାମଣି, ମୁଖ୍ୟ ବକ୍ତା ପୂର୍ବତନ ସାଂସଦ ପ୍ରସନ୍ନ କୁମାର ପାଟଶାଣୀ, ସମ୍ମାନିତ ଅତିଥି ପୂର୍ବତନ ଚିଲିକା ପଞ୍ଚାୟତସମିତି ଅଧକ୍ଷ ଲଳିତ ମୋହନ ପଟ୍ଟନାୟକ, ସମ୍ପାଦକ ପ୍ରଶାନ୍ତ କୁମାର ଭୁଜବଳ, ବରିଷ୍ଠ ଆଇନଜୀବୀ ହୃଷୀକେଶ ପ୍ରଧାନ, ପୂର୍ବତନ ପ୍ରଧାନ ଶିକ୍ଷକ ପବିତ୍ର ସ୍ୱାଇଁ, ଗୌରାଙ୍ଗ ପାତ୍ର, ପବିତ୍ର ମୋହନ ଭୁଜବଳ, ସାମ୍ବାଦିକ ରମେଶ ନାଇଡୁ, ନିଶିକାନ୍ତ ବଳବନ୍ତରାୟ, ରତ୍ନାକର ସାମନ୍ତରାୟ, ହରିବନ୍ଧୁ ସାମନ୍ତରାୟ, ଶରତ କୁମାର ମହାପାତ୍ର, ହେମନ୍ତ ଜେନା, ବସନ୍ତ ଜେନା ଓ କିଶୋର ନାୟକ ପ୍ରମୁଖ ଯୋଗଦେଇ ଥିଲେ। ଶ୍ରେଷ୍ଠ କ୍ରୀଡାବିତ୍ ଚିନ୍ମୟ ବେହେରା, ଶ୍ରେଷ୍ଠ ଛାତ୍ର ଭାବେ ଦଶମ ଶ୍ରେଣୀର ଲକ୍ଷ୍ମୀପ୍ରିୟା ଜେନା, ନବମ ଶ୍ରେଣୀର ଦେବାଶିଷ ନାୟକ , ଅଷ୍ଟମ ଶ୍ରେଣୀର ଏଲିନା ଭୁଜବଳ, ସପ୍ତମ ଶ୍ରେଣୀରେ ସ୍ୱାଧୀନ ବେହେରା ଓ ଷଷ୍ଠ ଶ୍ରେଣୀରେ ଦେବୀପ୍ରସାଦ ନାଇଡୁଙ୍କୁ ତଥା ବିଦ୍ୟାଳୟର ଛାତ୍ରଛାତ୍ରୀଙ୍କୁ ପୁରସ୍କାର ବିତରଣ କରାଯାଇଥିଲା । ପୁରାତନ ଛାତ୍ର ସଂସଦ ସଭାପତି ମନୋଜ କୁମାର ମାନସିଂହ ସଭା ପରିଚାଳନା କରିଥିବା ବେଳେ ସହ ସମ୍ପାଦକ ନିଶିରଞ୍ଜନ ବଳବନ୍ତରାୟ ଧନ୍ୟବାଦ ଅର୍ପଣ କରିଥିଲେ।

# ତାଲୁକ ଆଇନ ସେବା ସମିତି ପକ୍ଷରୁ ବନ ମହୋତ୍ସବ ସପ୍ତାହ




ବାଣପୁର, ୬।୭(ସମିସ): ବାଣପୁର ତାଲୁକ ଆଇନ ସେବା ସମିତି ପକ୍ଷରୁ ବନ ମହୋତ୍ସବ ସପ୍ତାହ ପାଳନ ଅବସର ରେ ସୋମବାର ବାଣପୁର ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର ପରିସରରେ ବୃକ୍ଷରୋପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇ ଯାଇଛି। ତାଲୁକ ଆଇନ ସେବା ସମିତିର ଅଧକ୍ଷ ତଥା ବାଣପୁର ବିଚାର ବିଭାଗୀୟ ଅଦାଲତର ବରିଷ୍ଠ ଦେଓାନୀ ବିଚାରପତି ଅମରେଶ ମହାପାତ୍ରଙ୍କ ତତ୍ତ୍ୱାବଧାନ ଆୟୋଜିତ କାର୍ଯ୍ୟକ୍ରମରେ ବାଣପୁର ଜେଏମଏଫସି ର ବିଚାରପତି ଇପ୍ସିତା ପ୍ରିୟା ଏକ୍କା, ବିଦ୍ୟାଳୟ ପରିଚାଳନା ସମିତି ସମ୍ପାଦକ ଆଇନଜୀବୀ ଶ୍ୟାମସୁନ୍ଦର ମିଶ୍ର, ବାଣପୁର ଓକିଲ ସଂଘ ସଭାପତି ଜଗନ୍ନାଥ ଭୋଳଙ୍କ ସମେତ ବିଦ୍ୟାଳୟର ଗୁରୁଜୀ, ଗୁରୁମା, କର୍ମଚାରୀ, ବନ ବିଭାଗ ଅଧିକାରୀ, କୋର୍ଟ କର୍ମଚାରୀ ଓ ଛାତ୍ରଛାତ୍ରୀ ସାମିଲ ହୋଇ ବିଦ୍ୟାଳୟ ପରିସରରେ ବିଭିନ୍ନ ପ୍ରକାରର ଔଷଧୀୟ ତଥା ଉପକାରୀ ଚାରା ରୋପଣ କରି ଚାରା ଗୁଡିକୁ ପୂଜନ କରା ଯାଇଥିଲା।

## ବନ ମହୋତ୍ସବ ସପ୍ତାହ ପାଳନ ଭେଳିକି

# ଉଜୁଡୁଛି ଜଙ୍ଗଲ; ଅସୁରକ୍ଷିତ ବନ୍ୟପ୍ରାଣୀ

ଖୋର୍ଦ୍ଧା, ୬।୭(ସମିସ): ପ୍ରତିବର୍ଷ ଜୁଲାଇ ୧ରୁ ୭ତାରିଖ ପର୍ଯ୍ୟନ୍ତ ପରିବେଶ ଏବଂ ଜଙ୍ଗଲ ପ୍ରତି ଲୋକଙ୍କ ଦାୟିତ୍ୱବୋଧ ପାଇଁ ସଚେତନତା ନିମନ୍ତେ ବିଭାଗ ପକ୍ଷରୁ ବନ ମହୋତ୍ସବ ସପ୍ତାହ ପାଳନ କରାଯାଉଛି। ମାତ୍ର ବେଳକୁ ବେଳ ଜଙ୍ଗଲ ଅବକ୍ଷୟ ଏବେ ଚିନ୍ତାର ବିଷୟ ପାଲଟିଛି। ଏହି ସପ୍ତାହ ପାଳନର ମୁଖ୍ୟ ଉଦ୍ଦେଶ୍ୟ ହେଉଛି ବନ ସଂରକ୍ଷଣ ସାଙ୍ଗକୁ ବନ୍ୟ ଜୀବଜନ୍ତୁଙ୍କ ସୁରକ୍ଷା ଲାଗି ଅଧିକ ଦାୟିତ୍ୱବାନ ହୋଇ ବ୍ୟାପକ ବୃକ୍ଷରୋପଣ କରି ସବୁଜବଳୟ ସୃଷ୍ଟି ପାଇଁ ଜନସମାଜକୁ ବାର୍ତ୍ତାଦେବା। କିନ୍ତୁ ଯାହା ଦେଖାଯାଉଛି, ବନବିଭାଗ ଏହି ଦିବସକୁ କେବଳ ଉପରଠାଉରିଆ ଭାବେ ପାଳନ କରୁଛି। ଜଙ୍ଗଲ ଅବକ୍ଷୟମୁଖୀ ହୋଇପଡିଛି। କିଛି ଅନୁଷ୍ଠାନ ଓ ବିଭାଗୀୟ ଅଧିକାରୀମାନେ କେବଳ ବନମହୋତ୍ସବ ଆସିଲେ ଚାରା ରୋପଣ କରି ବସିଯାଉଛନ୍ତି। ଯାହା କିଛିଦିନ ପରେ ଆପେ ଆପେ ମରିଯାଉଛି।

ବନଖଣ୍ଡ କାର୍ଯ୍ୟାଳୟ ସୂଚନା ଅନୁସାରେ, ଚଳିତ ବର୍ଷରେ ଖୋର୍ଦ୍ଧା ବନଖଣ୍ଡ ତରଫରୁ ୬ମାସିଆ ଦେଢ ଲକ୍ଷ ଚାରାରୋପଣ କରାଯିବ। ସେହିପରି ପ୍ରାୟ ୮ଲକ୍ଷ ଚାରା ଜନସାଧାରଣଙ୍କୁ ବଂଟନ କରାଯିବ ବୋଲି କୁହାଯାଇଛି। ଚାରା ବଣ୍ଟନ ପ୍ରକ୍ରିୟା ବନବିଭାଗ ପକ୍ଷରୁ ଆରମ୍ଭ କରାଯାଇଛି। ପ୍ରତିବର୍ଷ ଏତେ ସଂଖ୍ୟକ ଚାରାରୋପଣ କରାଯାଉଥିଲେ ମଧ ଏହାର ଉଚିତ ରକ୍ଷଣାବେକ୍ଷଣ ନ ହେବାରୁ ଜଙ୍ଗଲ ବଢିବା ପରିବର୍ତ୍ତେ ନଷ୍ଟ ହେଉଛି। ଦୃତ ଜଙ୍ଗଲ ଅବକ୍ଷୟ ଯୋଗୁ ବନ୍ୟପ୍ରାଣୀ ନିଜକୁ ସୁରକ୍ଷିତ ମଣୁନାହାନ୍ତି। ସେମାନଙ୍କ ପାଇଁ ବନବିଭାଗ ସେଭଳି ଦାୟିତ୍ୱବାନ ଥିବାଭଳି ମନେ ହେଉନାହିଁ। ଯେଉଁମାନେ ଜଙ୍ଗଲର ସୁରକ୍ଷା ଆବଶ୍ୟକ ବୋଲି ଜାଣନ୍ତି, ସେମାନେ ଏଥିପ୍ରତି ଦାୟିତ୍ୱବାନ ନଥିବା ଅଭିଯୋଗ ହେଉଛି। ନିଜର ବିଳାସପୂର୍ଣ୍ଣ ଜୀବନ ଅତିବାହିତ କରିବାଲାଗି ବହୁ ମୂଲ୍ୟବାନ ଏବଂ ବିରାଟକାୟ ଗଛମାନ କାଟିନେଉଛନ୍ତି। ଅସାଧୁ ବନ କର୍ମଚାରୀ ଓ ଜଙ୍ଗଲ ମାଫିଆଙ୍କ



ସଲାସୁତରାରେ ପ୍ରତ୍ୟେହ ଜଙ୍ଗଲରୁ କଟାଯାଇ ବୃକ୍ଷ ଚୋରା ଚାଲାଣ ହେଉଥିବା ଅଭିଯୋଗ ହେଉଛି। ଅନ୍ୟପକ୍ଷରେ ସଚେତନତା ଚାଲିଥିଲେ ସୁଦ୍ଧା ତାହା ପର୍ଯ୍ୟାପ୍ତ ହେଉନି। ଖୋର୍ଦ୍ଧା ଜିଲ୍ଲାରେ ଏଇ ପ୍ରାୟ ୧୦ବର୍ଷ ମଧ୍ୟରେ ବ୍ୟାପକ ଜଙ୍ଗଲ ଅବକ୍ଷୟ ହେବା ସାଙ୍ଗକୁ ବନ୍ୟଜନ୍ତୁଙ୍କ ସଂଖ୍ୟା ଯଥେଷ୍ଟ ହ୍ରାସ ପାଇଥିବା ବିଶେଷ ସୂତ୍ରରୁ ଜଣାଯାଇଛି।

ଖୋର୍ଦ୍ଧା ବନଖଣ୍ଡ ଅଧିନରେ ଖୋର୍ଦ୍ଧା, ରଣପୁର, ବାଲୁଗାଁ, ଟାଙ୍ଗୀ, ଡ଼େଲାଙ୍ଗ, ବାଲିପାଟଣା ପ୍ରମୁଖ ୬ଟି ବନାଞ୍ଚଳ ରହିଛି। ମାତ୍ର କର୍ମଚାରୀ ଅଭାବରୁ ଏଠାରେ ଏବେ କାଠ ଓ ଖଣିମାଫିଆଙ୍କ ଉପଦ୍ରବ ଦେଖାଯାଇଛି। ଫଳରେ ବେଳକୁ ବେଳ ବ୍ରିଟିଶ ଅମଳ ଜଙ୍ଗଲଭାବେ ପରିଚିତ ଏହି ବନଖଣ୍ଡରେ ଗଛ ଓ ଜୀବଜନ୍ତୁଙ୍କ ସଂଖ୍ୟା ଧିରେ ଧିରେ ଲୋପ ପାଇବାରେ ଲାଗିଛି। ବନକର୍ମଚାରୀଙ୍କ ଦୂରଦୃଷ୍ଟି ଅଭାବରୁ ବନ୍ୟଜନ୍ତୁ ଶିକାର ଏବଂ କାଠ ଚୋରି ସଂଖ୍ୟା ମଧ ବୃଦ୍ଧି ପାଉଛି। ଓଡ଼ିଶାର ପ୍ରଥମ କୃତିମ ସାଗୁଆନ ଜଙ୍ଗଲ ଭାବେ ପରିଚିତ ବରବରା ଜଙ୍ଗଲରେ ବର୍ତ୍ତମାନ ପରିସ୍ଥିତିରେ ସାଗୁଆନ ବଗିଚା ଦେଖିବା ବିରଳ ହୋଇଥିବା କୁହାଯାଉଛି।

ସେହିପରି ଚନ୍ଦକା ଜଙ୍ଗଲ ହାତୀ ଏବେ ଖୋର୍ଦ୍ଧା ବନଖଣ୍ଡରେ ଉପଦ୍ରବ ଜାରି ରଖିଥିବାବେଳେ ଖୋର୍ଦ୍ଧା ବନଖଣ୍ଡରେ ଦେଖାଯାଉଥିବା କଲରାପତରିଆ ବାଘ, ଗୟଳ, ସମ୍ବର, ବେଲରାମୂଷା, କୃଷ୍ଣସାର ମୃଗ ଏବଂ ବ୍ରଜକାପ୍ତା ଭଳି ବିରଳ ଜୀବଜନ୍ତୁ ସଂଖ୍ୟା ମଧ ଲୋପ ପାଇବାକୁ ବସିଲାଣି। ପ୍ରତିଦିନ ବିଭିନ୍ନ ଜଙ୍ଗଲ ଜମିରୁ ଖଣି ମାଫିଆମାନେ ମାଙ୍କଡ଼ା ଓ ମୋରମ ଭଳି ମୂଲ୍ୟବାନ ଜିନିଷ ଜିଲ୍ଲା ତଥା ଜିଲ୍ଲା ବାହାରେ ବିକ୍ରି କରୁଥିବାବେଳେ କର୍ମଚାରୀ ଅଭାବ ଆଳରେ ବନବିଭାଗ ସବୁ ଜାଣି ଅଜଣା ଅଭିନୟ କରୁଛି। ଆଗକୁ ବନ୍ୟଜନ୍ତୁ ଓ ପରିବେଶ ସୁରକ୍ଷା ଦିଗରେ ଜଙ୍ଗଲ ରକ୍ଷା କରିବା କ୍ଷେତ୍ରରେ ସରକାର ପଦକ୍ଷେପ ଗ୍ରହଣ ନ କଲେ ଆଗାମୀ ଦିନରେ ଧିରେ ଧିରେ ଜଙ୍ଗଲ ନଷ୍ଟ ହେବା ସାର ବୋଲି ପରିବେଶବିତ୍‌ମାନେ ମତପ୍ରକାଶ କରିଛନ୍ତି।

# ଶଙ୍ଖଯୋଡି ଜଙ୍ଗଲରେ ହାତୀମୃତ୍ୟୁ!

ଟାଙ୍ଗୀ,୬।୭ (ସମିସ): ଖୋର୍ଦ୍ଧା ବନଖଣ୍ଡ ଅଧୀନସ୍ଥ ରଣପୁର ବନାଞ୍ଚଳର ଶଙ୍ଖଯୋଡି ଜଙ୍ଗଲରେ ଏକ ଦନ୍ତା ହାତୀର ମୃତ୍ୟୁ ଘଟିଥିବା ସନ୍ଦେହ କରାଯାଉଛି। ଅତି ଗୋପନୀୟ ଭାବେ ପଚି ସଢି ଯାଇଥିବା ହାତୀର ଶବକୁ ଗତ ୩ତାରିଖରେ ଜାମୁଗଣ୍ଡ ଜଙ୍ଗଲରେ ପୋତି ଦିଆଯାଇଥିବା ଚର୍ଚ୍ଚା ହେଉଛି। ଏ ବାବଦରେ ରଣପୁର ବନାଞ୍ଚଳ ଅଧିକାରୀ ସିଧୁସିଂହଙ୍କୁ ପଚାରିବାରୁ ବ୍ୟସ୍ତ ଅଛି କହି ଫୋନ କାଟି ଦେଇଥିଲେ। ଏହାର ତଦନ୍ତ କରାଯିବାକୁ ସ୍ଥାନୀୟ ଲୋକେ ଦାବି କରିଛନ୍ତି।

# ପୋଖରୀରେ ବୁଡ଼ି ବୃଦ୍ଧ ମୃତ

ନିରାକାରପୁର, ୬।୭ (ସମିସ) : ଜଂକିଆ ଥାନା ଅନ୍ତର୍ଗତ ଛଣଗିରି ପଂଚାୟତ ରମାବିଲି ମଝି ସାହିରେ ପୋଖରୀରେ ବୁଡ଼ି ଜଣେ ବୃଦ୍ଧଙ୍କର ମୃତ୍ୟୁ ହୋଇଛି। ମୃତ ବୃଦ୍ଧ ଜଣକ ହେଉଛନ୍ତି ସ୍ଥାନୀୟ ଗ୍ରାମର ବିଶ୍ୱନାଥ ବାରିକ (୬୮)। ଆଜି ଦିପହର ସମୟରେ ବିଶ୍ୱନାଥ ମଧାହ୍ନ ଭୋଜନ ସାରି ଶୌଚ ହେବା ପାଇଁ ସ୍ଥାନୀୟ ନୂଆ ପୋଖରୀକୁ ଯାଇ ବୁଡ଼ି ଯାଇଥିଲେ। ବିଶ୍ୱନାଥ ଦୀର୍ଘ ସମୟ ଧରି ଘରକୁ ନଫେରିବାରୁ ପରିବାର ଲୋକେ ବ୍ୟାକୁଳ ହୋଇ ଚାରିଆଡ଼େ ଖୋଜାଖୋଜି କରିଥିଲେ। ପରିବାର ପକ୍ଷରୁ ତୁରନ୍ତ ଟାଙ୍ଗୀ ଦମକଳ ବାହିନୀକୁ ଖବର ଦିଆଯାଇଥିଲା। ଦମକଳ ବାହିନୀ ଘଟଣାସ୍ଥଳରେ ପହଞ୍ଚି ପୋଖରୀ ଭିତରୁ ବୃଦ୍ଧଙ୍କୁ ଅଚେତ ଅବସ୍ଥାରେ ଅପରାହ୍ନରେ ଉଦ୍ଧାର କରିଥିଲେ। ତାଙ୍କୁ ସଙ୍ଗେ ସଙ୍ଗେ ଚିକିତ୍ସା ପାଇଁ ଖୋର୍ଦ୍ଧା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ନିଆଯାଇଥିଲା। ତେବେ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ପୁଲିସ ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏକ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଚଳାଇଛି।

# ଯୁବମୋର୍ଚ୍ଚାର ଛାତ୍ର ସମ୍ମିଳନୀ



ଖୋର୍ଦ୍ଧା,୬।୭(ସମିସ): ଡ. ଶ୍ୟାମା ପ୍ରସାଦ ମୁଖାର୍ଜୀଙ୍କ ୧୨୫ତମ ଜୟନ୍ତୀ ଅବସରରେ ଭାରତୀୟ ଜନତା ଯୁବମୋର୍ଚ୍ଚା ଖୋର୍ଦ୍ଧା ପକ୍ଷରୁ ଜିଲ୍ଲା ସମ୍ପାଦକ ଗୋପବନ୍ଧୁ ଜେନାଙ୍କ ନେତୃତ୍ୱରେ ପଲ୍ଲା ବାଇପାସ୍ ସ୍ଥିତ କାର୍ଯ୍ୟାଳୟଠାରେ ଛାତ୍ର ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଅତିଥିଭାବେ ଶିକ୍ଷ, ଦକ୍ଷତା ବିକାଶ ଓ ବୈଷୟିକ ଶିକ୍ଷାମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ ଯୋଗଦେଇଥିଲେ। ଜିଲ୍ଲା ଯୋଜନା ବୋର୍ଡ ଅଧକ୍ଷ ତଥା ସ୍ଥାନୀୟ ବିଧାୟକ ପ୍ରଶାନ୍ତ କୁମାର ଜଗଦେବ, ଜିଲ୍ଲା ସଭାପତି ବିଶ୍ୱରଞ୍ଜନ ବଡଜେନା, ଜିଲ୍ଲାପ୍ରଭାରୀ ପବିତ୍ର ମୋହନ ଦାସ, ରାଜ୍ୟ ଯୁବମୋର୍ଚ୍ଚା ଉପ-ସଭାପତି ସୁବ୍ରତ ବିଶ୍ୱାଳଙ୍କ ସହ ଯୁବମୋର୍ଚ୍ଚାର ସମସ୍ତ ନେତୃବୃନ୍ଦ ଉପସ୍ଥିତ ଥିଲେ। ଏହି କାର୍ଯ୍ୟକ୍ରମରେ ରାଜ୍ୟ ଯୁବମୋର୍ଚ୍ଚାର ସ୍ୱତନ୍ତ୍ର ନିମନ୍ତ୍ରିତ ସଦସ୍ୟ ବିଶ୍ୱଦୀପ ପ୍ରଧାନ ସଭା ସଂଚାଳନ କରିଥିଲେ। ଯୁବମୋର୍ଚ୍ଚା ଜିଲ୍ଲା ସମ୍ପାଦକ ସବ୍ୟସାଚୀ ଦାସ ଧନ୍ୟବାଦ ଅର୍ପଣ କରିଥିଲେ।

# ଭାରତ ଭୂଷଣଙ୍କୁ ଡିଭାଇନ ଆଇକନିକ ସମ୍ମାନ



ଟାଙ୍ଗୀ, ୬।୭ (ସମିସ): ଶ୍ରୀ ଜଗନ୍ନାଥଧାମ ପୁରୀର ହୋଟେଲ ଭାଇବ୍ରାଣ୍ଟ ସମ୍ମିଳନୀ କକ୍ଷରେ ୧୬ ତମ ଆନ୍ତର୍ଜାତିକ ସମ୍ମିଳନୀ ୨୦୨୬ ଭାରତୀୟ ବେଦ ସଂସ୍କୃତି ଓ ଜ୍ୟୋତିର୍ବିଦ୍ୟା ଉପରେ ଆଧାରିତ ଏକ ବିଶେଷ କାର୍ଯ୍ୟକ୍ରମରେ ଖୋର୍ଦ୍ଧା ଜିଲ୍ଲା ଟାଙ୍ଗୀର ବିଶିଷ୍ଟ ଜ୍ୟୋତିର୍ବିଦ ତଥା ଅବସରପ୍ରାପ୍ତ ପ୍ରଶାସନିକ ଅଧିକାରୀ ଭାରତ ଭୂଷଣ ଜଗଦେବଙ୍କୁ ଡିଭାଇନ ଆଇକନିକ ସମ୍ମାନ ରେ ଆଭୁଷିତ କରାଯିବା ସହିତ ପ୍ରମାଣପତ୍ର,ମେଡାଲ ଓପଢୌକନ ଦେଇ ସମ୍ମାନିତ କରାଯାଇଛି। କାର୍ଯ୍ୟକ୍ରମରେ ଭାରତର ବିଭିନ୍ନ ପ୍ରାନ୍ତରୁ ଶତାଧିକ ବିଶିଷ୍ଟ ବ୍ୟକ୍ତି ଯୋଗଦେଇଥିଲେ।

# ଜିଲ୍ଲାପାଳଙ୍କ ଅଭିଯୋଗ ଶୁଣାଣି



ଖୋର୍ଦ୍ଧା,୬।୭(ସମିସ): ଜିଲ୍ଲାପରିଷଦ ସମ୍ମିଳନୀ କକ୍ଷରେ ଜିଲ୍ଲାପାଳଙ୍କ ଅଭିଯୋଗ ଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି। ଏଥିରେ ଜିଲ୍ଲାପାଳ ଅମ୍ରିତ୍ ଋତୁରାଜ, ଆରକ୍ଷୀ ଅଧିକ୍ଷକ ପରମାର ସ୍ମିଥ ପର୍ଷୋତମ୍ ଦାସ, ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟନିର୍ବାହୀ ଅଧିକାରୀ ଜ୍ୟୋତିଶଙ୍କର ସାହୁ, ଉପ ଜିଲ୍ଲାପାଳ ସଂକଳ୍ପ ସ୍ୱସ୍ତିକ ସାହୁ, ତହସିଲଦାର ବିଭାସ ପାଣିଗ୍ରାହୀ, ମୁଖ୍ୟ ଜିଲ୍ଲା ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ, ଡା. ସଞ୍ଜୟ ଚନ୍ଦ୍ର ରାୟ, ଅବକାରୀ ଅଧିକ୍ଷକ ସୁମିତ୍ରା ତ୍ରିପାଠୀ ପ୍ରମୁଖ ଉପସ୍ଥିତ ରହି ଅଭିଯୋଗ ଶୁଣିଥିଲେ। ଶିବିରକୁ ମୋଟ ୭୪ଟି ଅଭିଯୋଗ ଆସିଥିବାବେଳେ ତନ୍ମଧ୍ୟରୁ ୫୩ଟି ଅଭିଯୋଗ ବ୍ୟକ୍ତିଗତ, ୨୧ଟି ସାମୁହିକ ସମସ୍ୟା ଥିଲା। ଜିଲ୍ଲାପାଳ ୧୦ଟି ଅଭିଯୋଗର ତତ୍କାଳ ସମାଧାନ କରିଥିଲେ।ଅନ୍ୟ ସମସ୍ତ ଅଭିଯୋଗ ଗୁଡ଼ିକୁ ବିଭାଗୀୟ ଅଧିକାରୀ ମାନେ ଯତ୍ନବାନ ହୋଇ ତୁରନ୍ତ ପଦକ୍ଷେପ ନେବାକୁ ନିର୍ଦ୍ଦେଶ ଦେଇଥିଲେ।ଶିବିରରେ ସମସ୍ତ ଜିଲ୍ଲାସ୍ତରୀୟ ଅଧିକାରୀ ଉପସ୍ଥିତଥିଲେ।

# ମା' ତାରା ମନ୍ଦିର ଓ ହିତେଶ୍ୱର ମହାଦେବଙ୍କ ରତ୍ନମୁଦ ଉତ୍ସବ

ଟାଙ୍ଗୀ, ୬।୭ (ସମିସ) : ଚାନ୍ଦପୁର ରାଧାମୋହନ ପୁର ସାହିରେ ମା ତାରା ଏବଂ ହିତେଶ୍ୱର ମହାଦେବଙ୍କ ମନ୍ଦିରର ରତ୍ନମୁଦ କାର୍ଯ୍ୟ ନୀତିକାନ୍ତି ଅନୁଷ୍ଠିତ ହୋଇଯାଇଛି। ପୀଠର ମୁଖ୍ୟପୁରୋଧା ପଣ୍ଡିତ ଆଚାର୍ଯ୍ୟ ମାନଙ୍କ ଗହଣରେ ବନଗମନ କରି ବୀଣାପାଣି ଶିଶୁ ମନ୍ଦିର ଠାରୁ ବୃକ୍ଷରାଜୀକୁ ନିମନ୍ତ୍ରଣ କରାଯାଇଥିଲା। ପରେ ଉଭୟ ମନ୍ଦିରରେ ରତ୍ନମୁଦ କରାଯାଇଥିଲା। ଆଜି ଅଙ୍କୁରୋପଣ, ଆସନ୍ତା କାଲି ଠାରୁ ପୂଜାବିଧି ସହିତ ମା ତାରା ମନ୍ଦିର ପ୍ରତିଷ୍ଠା,ଓ ହିତେଶ୍ୱର ମହାଦେବଙ୍କ ମନ୍ଦିର ପ୍ରତିଷ୍ଠା ଶିବ ଲିଙ୍ଗ ସ୍ଥାପନା କରାଯିବାର କାର୍ଯ୍ୟକ୍ରମ ରହିଛି। ମଙ୍ଗଳବାର ସନ୍ଧ୍ୟାରେ ଡ଼. ଆଶୁତୋଷ ମିଶ୍ର ଙ୍କ ପ୍ରବଚନ, ବୁଧବାର ଓଡିଶୀ ନୃତ୍ୟ ସହିତ ମହିଳା ପାଲାପରିବେଷଣଏବଂ ଗୁରୁବାର ପୂର୍ଣ୍ଣାହୁତି, ଦିବା ବାର ଘଟିକାଠାରୁ ପ୍ରସାଦସେବନ ସହିତ ସନ୍ଧ୍ୟାରେ ଭଜନ ସମାରୋହ କାର୍ଯ୍ୟକ୍ରମ ରହିଅଛି।

# ଧର୍ମପରାୟଣା ମହିଳାଙ୍କ ପରଲୋକ

ଟାଙ୍ଗୀ,୬।୭ (ସମିସ): କନ୍ଦନୟାଗଡର ନାରାୟଣ ଆଚାର୍ଯ୍ୟଙ୍କ ଧର୍ମପତ୍ନୀ ଶଶିମଣି ଆଚାର୍ଯ୍ୟ(୮୬)ଙ୍କ ପରଲୋକ ଘଟିଛି। ସେ ପୁରୀଠାରେ ନିଜ ଜ୍ୟେଷ୍ଠପୁତ୍ର ଅଖିଳ କୁମାର ଆଚାର୍ଯ୍ୟ ପାଖରେ ରହୁଥିଲେ। ପୁରୀ ସ୍ୱର୍ଗଦ୍ୱାରଠାରେ ତାଙ୍କର ଶେଷକୃତ୍ୟ ସମ୍ପନ୍ନ ହୋଇଥିବା ଜଣାପଡିଛି। ଶେଷକୃତ୍ୟ ସମୟରେ ପୁତ୍ରବଧୂ, ପରିବାର ବର୍ଗ ତଥା ବିଶିଷ୍ଟ ବ୍ୟକ୍ତି ଉପସ୍ଥିତ ଥିଲେ।

# ବକେୟା ଦରମା ନ ପାଇ ଶ୍ରମିକଙ୍କ ଧାରଣା




ବେଗୁନିଆ, ୬।୭ (ସମିସ): ବେଗୁନିଆ ଥାନା ଅନ୍ତର୍ଗତ ଗେଡିଆପଲୀ ପଞ୍ଚାୟତ ସାହାସପୁର ଗ୍ରାମସ୍ଥିତ ଶ୍ରୀ ବଜରଙ୍ଗ ଷ୍ଟିଲ ଆଣ୍ଡ ମେଟାଲିକ କମ୍ପାନୀ ଲିମିଟେଡ଼ କମ୍ପାନୀରେ ଶ୍ରମିକ ମାନେ କାର୍ଯ୍ୟ କରୁଛନ୍ତି। ସୋମବାର ଦିନ ପୂର୍ବାହ୍ନରେ କାର୍ଯ୍ୟରତ ଶ୍ରମିକଙ୍କୁ ଦୁଇ ମାସର ବକେୟା ଦରମା ମିଳିବାରେ ବିଳମ୍ବ ହୋଇଛି। ଏଥିରେ ଉତକ୍ଷିପ୍ତ ହୋଇ ଶାନ୍ତି ଶୃଙ୍ଖଳା ସହ କମ୍ପାନୀର ମୁଖ୍ୟ ଗେଟ ସମ୍ମୁଖରେ ଶ୍ରମିକ ମାନେ ଧାରଣାରେ ବସିଥିଲେ। ଏହି ଘଟଣା ସମ୍ପର୍କରେ ଧଳାପଥର ଫାଣ୍ଡି ଅଧିକାରୀ ଉପସ୍ଥିତିରେ କମ୍ପାନୀର କର୍ତ୍ତୃପକ୍ଷସହ ଦରମା ମିଳିବାକୁ ନେଇ ଆଲୋଚନା ହୋଇଥିଲା। ପରେ ଦୁଇଦିନ ମଧ୍ୟରେ ବକେୟା ଦରମା ପ୍ରଦାନ କରିବା ପାଇଁ ପ୍ରତିଶ୍ରୁତି ପାଇବାରୁ ଧାରଣା ପ୍ରତ୍ୟାହୃତ ହୋଇ ସ୍ୱାଭାବିକ ପରିସ୍ଥିତିକୁ ଆସିଥିଲା।

# ସ୍ଥାୟୀ ଡ୍ରେନ୍ ନିର୍ମାଣ ଦାବିରେ ଜିଲ୍ଲାପାଳଙ୍କୁ ଭେଟିଲେ ଗ୍ରାମବାସୀ



ଖୋର୍ଦ୍ଧା,୬।୭(ସମିସ): ବର୍ଷା ହେଲେ ଗାଁ ଦାଣ୍ଡରେ ବର୍ଷାଜଳ ଓ ଆବର୍ଜନା ଜଳ ଲହଡ଼ି ଭାଙ୍ଗୁଛି। ଫଳରେ ଯାତାୟତ ଲାଗି ଲୋକେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ତେଣୁ ଗାଁ ରାସ୍ତା ପାଶ୍ୱର୍ରେ ସ୍ଥାୟୀ ଡ୍ରେନ୍ ନିର୍ମାଣ ଲାଗି ଆଜି ଖୋର୍ଦ୍ଧା ବ୍ଲକ ଟାଙ୍ଗିଆପଡା ପଞ୍ଚାୟତ ଅନ୍ତର୍ଗତ ଉଇଲକିଶନ ନଗର ଗ୍ରାମର ଗ୍ରାମବାସୀ ଜିଲ୍ଲାପାଳଙ୍କୁ ଭେଟି ଅଭିଯୋଗ କରିଛନ୍ତି।

ଅଭିଯୋଗ ଅନୁସାରେ, ଉଇଲକିଶନ ନଗର ଗ୍ରାମ ଖାଲୁଆ ଅଞ୍ଚଳ ହୋଇଥିବାରୁ ଅସରାଏ ବର୍ଷା ହେଲେ ବର୍ଷା ଜଳ ବାହାରକୁ ଯିବା କଷ୍ଟକର ହୋଇପଡୁଛି, ଯେହେତୁ ଗ୍ରାମର ଜଳ ନିଷ୍କାସନ ପାଇଁ ମୁଖ୍ୟ ଡ୍ରେନ ନାହିଁ ତେଣୁ ବର୍ଷା ହେଲେ ବର୍ଷା ଜଳ ଓ ବିଭିନ୍ନ ଲୋକଙ୍କ ଘରୁ ବାହାରୁଥିବା ଅବ୍ୟବହୃତ ଜଳ ବିଭିନ୍ନ ସ୍ଥାନରେ ଜମି ରହି ମଶା ମାଛିଙ୍କ ସଂଖ୍ୟା ବୃଦ୍ଧି ପାଉଛି। ବିଗତ ଦିନ ରେ ଝାଡାବାନ୍ତି ଭଳି ରୋଗ ଦେଖା ଯାଇଥିଲା। ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ କ୍ୟାମ୍ପ କରି ଏହି ରୋଗକୁ ଆୟତ କରିଥିଲା। ସେହିପରି ଗ୍ରାମର ଦେଉଳ ସାହି ବାରିତଳ ରାସ୍ତାରେ ପୂର୍ବରୁ ଡ୍ରେନ ଥିବା ବେଳେ ତାହା ରକ୍ଷଣାବେକ୍ଷଣ ଅଭାବରୁ ପୋତି ହୋଇଯାଇଥିବାରୁ ସାହିର ଲୋକଙ୍କ ଘରୁ ବାହାରୁଥିବା ଆବର୍ଜନା ଜଳ ଓ ବର୍ଷା ଜଳ ଏକ ହୋଇ ଏକ ପ୍ରକାର ଦୁର୍ଗନ୍ଧ ଓ ଅସ୍ୱାସ୍ଥ୍ୟକର ପରିବେଶ ସୃଷ୍ଟି ହେଉଛି। ଏମିତିକି ସେହି ପରିତ୍ୟକ୍ତ ଡ୍ରେନ ରେ କିଛି ଛୋଟ ପିଲା ପଡି ଆହତ ମଧ ହେଉଛନ୍ତି। ଏ ନେଇ ଗ୍ରାମବାସୀ ପୂର୍ବରୁ ସ୍ଥାନୀୟ ପ୍ରଶାସନ କୁ ଜଣାଇଲେ ମଧ ଏଯାବତ୍ ସମାଧାନ ଲାଗି କୌଣସି ପଦକ୍ଷେପ ନିଆଯାଇନଥିବା ଅଭିଯୋଗ ହୋଇଛି।

ତେଣୁ ଦେଉଳସାହି ରାସ୍ତାକଡ଼ ଡ୍ରେନ ନିର୍ମାଣସହିତ ଗ୍ରାମର ସାମୁହିକ ଜଳ ନିଷ୍କାସନ ପାଇଁ ଦୀର୍ଘସ୍ଥାୟୀ ଡ୍ରେନ ନିର୍ମାଣ କରାଯିବାକୁ ଗ୍ରାମ ର ଗ୍ରାମବାସୀ ଆଜି ଜିଲ୍ଲାପାଳଙ୍କୁ ଅଭିଯୋଗ ଶୁଣାଣି ଶିବିର ରେ ଦାବିପତ୍ର ଦେଇଛନ୍ତି। ଅଭିଯୋଗକୁ ଜିଲ୍ଲାପାଳ ଗୁରୁତର ସହ ଗ୍ରହଣ କରି ସମସ୍ୟାର ସମାଧାନ ଲାଗି ଜିଲ୍ଲାପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟ ନିର୍ବାହୀ ଅଧିକାରୀ ଜ୍ୟୋତି ଶଙ୍କର ସାହୁଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ଏହାର ସ୍ଥାୟୀ ସମାଧାନ ନିମନ୍ତେ ପ୍ରଶାସନ ଗ୍ରାମବାସୀଙ୍କୁ ପ୍ରତିଶୃତି ଦେଇଛନ୍ତି।

ଆଜିର ଏହି ଦାବିପତ୍ର ଅବସରେ ଗ୍ରାମର ଆକାଶ କୁମାର ବିଶ୍ୱାଳ, ମମତା ସାହୁ, ଶରତ ବଳିୟାରସିଂ, ବିଚିତ୍ରାନନ୍ଦ ବିଶ୍ୱାଳ,ନିର୍ମଳ ବିଶ୍ୱାଳ, ତପନ ସାହୁ,, ଗୌରାଙ୍ଗ ବିଶ୍ୱାଳ, ମନୋରଞ୍ଜନ ପ୍ରଧାନ, ମନ୍ମଥ ବିଶ୍ୱାଳ, ସତ୍ୟବାନ ବିଶ୍ୱାଳ, ପପୁନି ବିଶ୍ୱାଳ ପ୍ରମୁଖଙ୍କ ସମେତ ଗ୍ରାମର ଶତାଧିକ ପୁରୁଷ ମହିଳା ଉପସ୍ଥିତ ଥିଲେ।

# ରାମଚନ୍ଦ୍ର କଳ୍ପନା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ବନ ମହୋତ୍ସବ



ନିରାକାରପୁର,୬।୭ (ସମିସ): ଖୋର୍ଦ୍ଧା ଜିଲ୍ଲା କମାଗୁରୁସ୍ଥିତ ରାମଚନ୍ଦ୍ର କଳ୍ପନା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ପରିସରରେ ଆଜି ବନ ମହୋତ୍ସବ ସପ୍ତାହ ଅନୁଷ୍ଠିତ ହୋଇଯାଇଛି। ସଭାରେ ଅଧ୍ୟାପକ ଜମ୍ବେଶ୍ୱର ଜୁହାର ସିଂହ ସଭାପତିତ୍ୱ କରିଥିବା ବେଳେ ଅତିଥି ଭାବେ ବିଦ୍ୟାଳୟର ଅଧକ୍ଷା ଡ. ରେଣୁବାଳା ସାମନ୍ତରାୟ, ଅବସରପ୍ରାପ୍ତ ଅଧକ୍ଷ ସୁଧାଂଶୁ ଶେଖର ମହାନ୍ତି, ଅଧ୍ୟାପକ ସତ୍ୟ ନାରାୟଣ ମହାପାତ୍ର, ଅଭିରାମ ପଣ୍ଡା ଏବଂ ଦିଲ୍ଲୀପ ବେହେରା ପ୍ରମୁଖ ମଞ୍ଚାସୀନ ରହିଥିଲେ। ସାମ୍ପ୍ରତିକ ସମୟରେ ଜଳବାୟୁ ପରିବର୍ତ୍ତନ ଓ ବିଶ୍ୱତାପନର ମୁକାବିଲା ପାଇଁ ବୃକ୍ଷରୋପଣର ଆବଶ୍ୟକତା ସମ୍ପର୍କରେ ଅତିଥିମାନେ ନିଜ ନିଜର ବକ୍ତବ୍ୟ ରଖିବା ସହ ଛାତ୍ରଛାତ୍ରୀ ଓ ସ୍ଥାନୀୟ ଅଞ୍ଚଳବାସୀଙ୍କୁ ପରିବେଶ ସୁରକ୍ଷା ନେଇ ସଚେତନ କରାଇଥିଲେ।

# ବିସ୍ଫୋରକ ସାମଗ୍ରୀ ଚୋରା କାରବାର ବେଳେ ମାଡ଼ି ବସିଲା ପୁଲିସ, ୩ ଗିରଫ

■ ୬.୮୦ ଲକ୍ଷ ଟଙ୍କା ସହ ଜିଲାଟିନ ଷ୍ଟିକ୍ ଓ ଡିଟୋନେଟର ଜବତ
■ ପୁଣି ପାହାଡ ବିସ୍ଫୋରଣ ପାଇଁ ହେଉଥିଲା ଡିଲ୍

ଖୋର୍ଦ୍ଧା,୬।୭ (ସମିସ): ଖୋର୍ଦ୍ଧାରେ ଦୀର୍ଘ ବର୍ଷ ବ୍ୟବଧାନ ପରେ ପୁଣି ଆରମ୍ଭ ହୋଇଛି ପାହାଡ ବିସ୍ଫୋରଣ ପାଇଁ ଯୋଜନା। ସମସ୍ତ ପାହାଡ, କ୍ରସର ବନ୍ଦ ଥିବା ବେଳେ ବେଆଇନ ଭାବେ ଜିଲୋଟିନ୍ ଏବଂ ଡିଟନେଟର ଆଣି ମୁଣ୍ଡିଆ ଫଟାଇବାକୁ ମସୁଧା ଚାଲୁଥିଲା। ସଦର ଥାନା ପୁଲିସ ବିଶ୍ୱସ୍ତ ସୂତ୍ରରୁ ଖବର ପାଇ ଏକ ବଡ଼ ଧରଣର ଚଢ଼ଉ କରି ବେଆଇନ ବିସ୍ଫୋରକ ସାମଗ୍ରୀ କାରବାରରେ ସମ୍ପୃକ୍ତ ଥିବା ୩ ଜଣଙ୍କୁ ଗିରଫ କରିଛି। ଗିରଫ ଅଭିଯୁକ୍ତମାନେ ହେଲେ ଢେଙ୍କାନାଳ ଜିଲ୍ଲା ଭୁବନ ଥାନା ପଳାଶପିଠିଆ ଗ୍ରାମର ବିଶ୍ୱନାଥ କଅଁର ଓରଫ୍ ବିଶୁ, ଗଞ୍ଜାମ ଜିଲ୍ଲା ଜକରାର ଫିଂଟୁ ପ୍ରଧାନ (୩୩) ଏବଂ ଖୋର୍ଦ୍ଧା ଶିଳ୍ପାଞ୍ଚଳ ଥାନା ଗଡନିଆଳ ର ରବିନାରାୟଣ ଖଟେଇ ଓରଫ୍ ରବି (୩୪)। ଚଢଉ ସମୟରେ ସେମାନଙ୍କ ନିକଟରୁ ୧୦୦ଟି ଡିଟୋନେଟର, ୨୦୦ଟି ଜିଲାଟିନ ଷ୍ଟିକ୍, ନଗଦ ୬ ଲକ୍ଷ ୮୦ ହଜାର ଟଙ୍କା, ୩ଟି ସ୍ମାର୍ଟ ଫୋନ୍, ୨ଟି ମୋଟରସାଇକେଲ ଏବଂ ଗୋଟିଏ ଅଶୋକ ଲେଲାଣ୍ଡ ଗାଡ଼ି ଜବତ କରାଯାଇଛି ବୋଲି ଆଜି ସନ୍ଧ୍ୟାରେ ଜିଲ୍ଲା ପୁଲିସ ମୁଖ୍ୟାଳୟରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଏସ୍‌ପି ପରମାର ସ୍ମିଥ୍ ପରଷୋତ୍ତମ ଦାସ କହିଛନ୍ତି।



ଏସ୍‌ପିଙ୍କ କହିବା ଅନୁସାରେ, ସଦର ଥାନା ଅନ୍ତର୍ଗତ ତାପଙ୍ଗ ସବୁଜ କୃତ୍ରିମ ହ୍ରଦ ନିକଟ ପାହାଡ ଅଞ୍ଚଳରେ କିଛି ବ୍ୟକ୍ତି ବେଆଇନ ଭାବେ ବିସ୍ଫୋରକ ସାମଗ୍ରୀ କାରବାର କରୁଥିବା ନେଇ ଗୁପ୍ତ ସୂଚନା ମିଳିଥିଲା। ସେମାନଙ୍କୁ ଧରିବା ଲାଗି ପରମାର ସ୍ମିଥ ପରଷୋତ୍ତମ ଦାସଙ୍କ ନିର୍ଦ୍ଦେଶକ୍ରମେ ଏସ.ଡି.ପି.ଓ ପଙ୍କଜ କୁମାର ମାଝୀ ଓ ସଦର ଥାନା ଆଇ.ଆଇ.ସି ବାସୁଦେବ ଜୟସିଂହଙ୍କ ତତ୍ତ୍ୱାବଧାନରେ ଏକ ଟିମ୍ ଗଠନ କରାଯାଇଥିଲା। ଏହି ଟିମ୍ ଏ.ଏସ.ଆଇ ପ୍ରଦୀପ ପ୍ରଧାନଙ୍କ ନେତୃତ୍ୱରେ ଗୁପ୍ତ ସୂଚନା ଆଧାରରେ ଗତ ରବିବାର ସନ୍ଧ୍ୟା ପ୍ରାୟ ୬.୧୫ଟାରେ ଏହି ଚଢ଼ଉ କରିଥିଲେ। ଚଢଉ ବେଳେ ବିଶୁ ଠାରୁ ଗୋଟିଏ ମୋଟରସାଇକେଲ୍ ଓ ଗୋଟିଏ ମୋବାଇଲ୍, ଫିଂଟୁ ନିକଟରୁ ନଗଦ ୬ ଲକ୍ଷ ୮୦ ହଜାର ଟଙ୍କା, ଗୋଟିଏ ମୋବାଇଲ୍ ଓ ଅଶୋକ ଲେଲାଣ୍ଡ ଗାଡ଼ି, ଏବଂ ରବି ନିକଟରୁ ଗୋଟିଏ ମୋବାଇଲ୍ ଓ ଏକ ମୋଟରସାଇକେଲ୍ ଜବତ କରିଥିଲା ପୁଲିସ। ଢେଙ୍କାନାଳ ଅଞ୍ଚଳରୁ ଏହି ବିସ୍ଫୋରକ ସାମଗ୍ରୀ ସବୁ ଅଣାଯାଇ ଏଠାରେ ବିଭିନ୍ନ ପାହାଡ ବିସ୍ଫୋରଣ ପାଇଁ ଯୋଗାଇ ଦେବାକୁ ବଡ ଧରଣର ଡିଲ୍ ଚାଲୁଥିଲା ବୋଲି ପ୍ରାରମ୍ଭିକ ପଚରାଉଚରା ବେଳେ ଅଭିଯୁକ୍ତମାନେ ସ୍ୱୀକାର କରିଥିବା ଏସ୍‌ପି କହିଥିଲେ। ଅଧିକ ଲାଭ ଆଶାରେ ବେଆଇନ ଭାବେ ବିସ୍ଫୋରକ ସାମଗ୍ରୀ ବିକ୍ରି ପାଇଁ ଯୋଜନା କରିଥିବା ସ୍ୱୀକାର କରିଥିବା ପୁଲିସ କହିଛି। ଏହି ଘଟଣାରେ ଖୋର୍ଦ୍ଧା ସଦର ଥାନା କେସ୍ ନଂ-୩୦୯/୨୬ ଅନୁଯାୟୀ ଭାରତୀୟ ନ୍ୟାୟ ସଂହିତା ଧାରା ୨୮୮/୬୧(୨) ଏବଂ ବିସ୍ଫୋରକ ପଦାର୍ଥ ଆଇନ, ୧୯୦୮ ର ଧାରା ୫ ଅନୁଯାୟୀ ମାମଲା ରୁଜୁ କରାଯାଇଛି। ଏତେ ପରିମାଣର ଡେଟୋନେଟର ଓ ଜେଲାଟିନ ଷ୍ଟିକ୍ କେଉଁଠାରୁ ଆସିଥିଲା, କାହାକୁ ବିକ୍ରି କରିବା ପାଇଁ ଚୁକ୍ତି ହୋଇଥିଲା, ଏବଂ ଏହି କାରବାର ପଛରେ ଆଉ କେଉଁମାନେ ସମ୍ପୃକ୍ତ ଅଛନ୍ତି ସେ ଦିଗରେ ପୁଲିସ ତଦନ୍ତ ଚଳାଇଛି। ସେହିପରି ଏତେ ପରିମାଣ ର ଟଙ୍କା ଜବତ ପରେ ବେଆଇନ ବିସ୍ଫୋରଣ ସାମଗ୍ରୀ କାରବାର ପାଇଁ ଅର୍ଥ ଯୋଗାଉଥିବା କିଙ୍ଗ ପିନ କିଏ ସେ ସମ୍ପର୍କରେ ପୁଲିସ ତଦନ୍ତ କରି ମୁଖ୍ୟ ଆସାମୀକୁ ଗିରଫ କରିବା ପାଇଁ ସାଧାରଣରେ ଦାବି ହେଉଛି। ଏହି ବେଆଇନ୍ ବିସ୍ଫୋରଣ ପରେ କେବଳ ପାହାଡ ନୁହେଁ, ଆଖପାଖରେ ଥିବା ଅନେକ କୋଠାଘର ମଧ୍ୟ ଫାଟି କ୍ଷତିଗ୍ରସ୍ତ ହୁଏ। ପୁଲିସ ଏହି ଘଟଣାର ତଦନ୍ତ କରି ଖୁବ୍ ଶୀଘ୍ର ରାକେଟ୍‌କୁ ଧରିବାରେ ସଫଳ ହେବ ବୋଲି ଏସ୍‌ପି ଶ୍ରୀ ଦାସ ଏହି ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି। ମାମଲାର ତଦନ୍ତ ଉପନିରୀକ୍ଷକ ସୁଜାତା ପଲେଇ କରୁଛନ୍ତି।

## ବୈତରଣୀରେ ବନ୍ୟା ସ୍ଥିତି

# ସମୀକ୍ଷା କଲେ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ



ଚାଷଜମିର କ୍ଷୟକ୍ଷତି ଆକଳନ କରି କ୍ଷତିପୂରଣ ଦେବାକୁ ନିର୍ଦ୍ଦେଶ

ଭୁବନେଶ୍ୱର,୬।୭ (ସମିସ): ବୈତରଣୀ ନଦୀ ଅବବାହିକାରେ ଲଗାଣ ବର୍ଷାଜନିତ ଉଚ୍ଚ ଜଳସ୍ତର ଏବଂ ସେ ପ୍ରଭାବରୁ ଆଶଙ୍କା କରାଯାଉଥିବା ବନ୍ୟା ପରିସ୍ଥିତିକୁ ଦୃଷ୍ଟିରେ ରଖି ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ ବନ୍ୟା ସ୍ଥିତି ସମୀକ୍ଷା କରିଛନ୍ତି। ରାଜୀବ ଭବନଠାରେ ସ୍ୱତନ୍ତ୍ର ରିଲିଫ କମିଶନରଙ୍କ କାର୍ଯ୍ୟାଳୟରେ ଅନୁଷ୍ଠିତ ଏହି ଉଚ୍ଚସ୍ତରୀୟ ସମୀକ୍ଷା ବୈଠକରେ ବୈତରଣୀ ନଦୀର ବର୍ତ୍ତମାନ ଜଳସ୍ତର, ଆଶଙ୍କା କରାଯାଉଥିବା ବନ୍ୟା ପରିସ୍ଥିତି, ସମ୍ଭାବ୍ୟ ପ୍ରଭାବିତ ଅଞ୍ଚଳ ଓ ଜନସଂଖ୍ୟା, ଜିଲ୍ଲା ପ୍ରଶାସନ ପକ୍ଷରୁ ଗ୍ରହଣ କରାଯାଇଥିବା ପ୍ରସ୍ତୁତି, ଉଦ୍ଧାର ଓ ସ୍ଥାନାନ୍ତରଣ ବ୍ୟବସ୍ଥା, ଆଶ୍ରୟସ୍ଥଳ ପରିଚାଳନା, ରିଲିଫ ସାମଗ୍ରୀର ମହଜୁଦ ଏବଂ ଉଦ୍ଧାରକାରୀ ଦଳର ନିୟୋଜନ ସମ୍ପର୍କରେ ସବିଶେଷ ସମୀକ୍ଷା କରାଯାଇଥିଲା।

ସମୀକ୍ଷା ପରେ ମନ୍ତ୍ରୀ ଶ୍ରୀ ପୂଜାରୀ କହିଛନ୍ତି, ଓଡ଼ିଶାରେ ସମ୍ଭାବ୍ୟ ବନ୍ୟା ପରିସ୍ଥିତି ସମ୍ପୂର୍ଣ୍ଣ ଭାବେ ନିୟନ୍ତ୍ରଣାଧୀନ ଅଛି। କୌଣସି ପ୍ରକାର ବିପଦ ନିମନ୍ତେ ରାଜ୍ୟ ସରକାର ସମ୍ପୂର୍ଣ୍ଣ ପ୍ରସ୍ତୁତ ଅଛନ୍ତି। କୌଣସି ଜଣେ ଲୋକକୁ ମଧ୍ୟ ସ୍ଥାନାନ୍ତରଣ କିମ୍ବା ସହାୟତା ଆବଶ୍ୟକ ଥିଲେ ତାହାକୁ ଗୁରୁତ୍ୱର ସହିତ ଦୃଷ୍ଟିରେ ରଖି ସହଯୋଗ ଯୋଗାଇ ଦେବାକୁ ପ୍ରଶାସନକୁ ଦୃଢ଼ ନିର୍ଦ୍ଦେଶ ଦିଆଯାଇଛି। ଅନ୍ୟପଟେ ଲଗାଣ ବର୍ଷା ପ୍ରଭାବରେ କିଛି ଅଞ୍ଚଳରେ ଚାଷଜମି କ୍ଷତିଗ୍ରସ୍ତ ହେବାର ସୂଚନା ମିଳିଛି ବୋଲି ମନ୍ତ୍ରୀ କହିଥିବା ବେଳେ ଜିଲ୍ଲାପ୍ରଶାସନକୁ ତାହାର ସର୍ଭେ ଏବଂ କ୍ଷତି ଆକଳନ କରି ରିପୋର୍ଟ ଦେବା ପାଇଁ ନିର୍ଦ୍ଦେଶ ଦିଆଯାଇଛି। ଏଥିସହିତ କ୍ଷୟକ୍ଷତିର ୨୪ ଘଣ୍ଟା ପୂରଣ ହେବା ପୂର୍ବରୁ ହିଁ କ୍ଷତିପୂରଣ ପ୍ରଦାନ କରିବାକୁ ମନ୍ତ୍ରୀ ଶ୍ରୀ ପୂଜାରୀ ସ୍ପଷ୍ଟ ନିର୍ଦ୍ଦେଶ ଦେଇଛନ୍ତି।

## ଭଦ୍ରକ ସହରରେ ବୁଲିଲା ବୁଲ୍‌ଡୋଜର

# ମାଟିରେ ମିଶିଲା ୫୦ରୁ ଅଧିକ କୋଠା ଓ ଅସ୍ଥାୟୀ ଘର

ଭଦ୍ରକ,୬।୭ (ସମିସ): ଭଦ୍ରକ ସହରରେ ପୁଣି ବୁଲିଲା ବୁଲ୍‌ଡୋଜର। ସହରାଞ୍ଚଳର



୭ ନମ୍ବର ୱାର୍ଡ ଅଧୀନ ମାଠସାହି ହନୁମାନ ମନ୍ଦିର ନିକଟରେ ଦୀର୍ଘ ବର୍ଷ ହେବ ସରକାରୀ ଜମିରେ ରହିଥିବା କୋଠାଘର, ଆଜ୍‌ବେଷ୍ଟସ ଘର ଓ ଦୋକାନ ଘର ସହ ଅସ୍ଥାୟୀ ଘରଗୁଡ଼ିକୁ ସୋମବାର ପ୍ରଶାସନ ଓ ପୁଲିସ ମିଳିତଭାବେ ଜେସିବି ଲଗାଇ ଭାଙ୍ଗି ମାଟିରେ ମିଶାଇ ଦେଇଛନ୍ତି। ସୂଚନାଯୋଗ୍ୟ, ଭଦ୍ରକ ସହର ପଞ୍ଚମୁଖୀ ହନୁମାନ ମନ୍ଦିର ନିକଟରେ ମଠସାହି ମୌଜାର ଖାତା ନମ୍ବର-୮୯୭ରେ ୧୬୨୨ ପ୍ଲଟ୍‌ରେ ଥିବା ପ୍ରାୟ ୧ଏକର ପତିତ କିସମ ସରାକରୀ ଜମିରେ ଦୀର୍ଘ ବର୍ଷ ହେବ ଜବରଦଖଲ କରି ୫୦ରୁ ଅଧିକ ବ୍ୟକ୍ତି କୋଠାଘର, ଦୋକାନ ଘର ଓ ଅସ୍ଥାୟୀ ଘର କରି ରହୁଥିଲେ। ତେବେ ଜବରଦଖଲ ଯୋଗୁଁ ବିଭିନ୍ନ ସମସ୍ୟା ଉପୁଜିବା ସହ ସମ୍ପୃକ୍ତ ଅଞ୍ଚଳରେ ଡ୍ରଗ୍ସ କାରବାରଠାରୁ ଆରମ୍ଭ କରି ବିଭିନ୍ନ ଅନୈତିକ କାର୍ଯ୍ୟ ହେଉଥିବା ଅଭିଯୋଗ ହେଉଥିଲା। ପରେ ପ୍ରଶାସନ ପକ୍ଷରୁ ଏହାର ଉଚ୍ଛେଦ ଲାଗି ପୂର୍ବରୁ ଘୋଷଣା କରାଯାଇଥିଲା। ଏହି ଉଚ୍ଛେଦ ବେଳେ ଉପ ଜିଲ୍ଲାପାଳ ସୌରଭ ଚକ୍ରବର୍ତ୍ତୀ, ତହସିଲ୍‌ଦାର ପ୍ରିୟଦର୍ଶୀ ସଂଗ୍ରାମ କେଶରୀ ଖୁଣ୍ଟିଆ, ଆଡିସ୍‌ନାଲ ଏସ୍‌ପି ଅଂଶୁମାନ ଦ୍ୱିବେଦୀ, ତହସିଲ୍ ସୁପରଭାଇଜର ଜ୍ୟୋତିରଞ୍ଜନ ପଣ୍ଡା, ବିକାଶ ଦାସ, ଡିଏସ୍‌ପି ଅନିରୁଦ୍ଧ ମୁଦୁଲି, ଟାଉନ ଥାନା ଆଇଆଇସି ପ୍ରଭାଂଶୁ ଶେଖର ମିଶ୍ର, ଇନ୍ସପେକ୍ଟର ଦୟାନିଧି ଦାସ, ଭଦ୍ରକ ସଦର ଆର୍‌ଆଇ ଭଦ୍ରକ ସୌମ୍ୟ ସାମନ୍ତ, ଚରମ୍ପା ଆର୍‌ଆଇ ମନୋରମା ଧଳ, ବେଜା ଆର୍‌ଆଇ ମଧୁସ୍ମିତା ସାହୁ, ସାତଭଉଣୀ ଆର୍‌ଆଇ ଗୌତମ ମଲ୍ଲିକ ଓ ସର୍ଭେୟର ସୁବାସ ପଲେଇ ପ୍ରମୁଖ ପୁଲିସ ଅଧିକାରୀ ତଥା ଫୋର୍ସ ସହ ପୌର କର୍ମଚାରୀମାନେ ସାମିଲ୍ ଥିଲେ।

# ଶିଶୁ ବାଟିକାରେ ନିଯୁକ୍ତ ହେବେ ୭,୨୩୪ ଶିକ୍ଷକ

ଭୁବନେଶ୍ୱର, ୬।୭ (ସମିସ) : ରାଜ୍ୟର ପ୍ରାୟ ୪୫ ହଜାର ପ୍ରାଥମିକ ବିଦ୍ୟାଳୟରେ ଶିଶୁ ବାଟିକା ଖୋଲିଛି। ଏସବୁ ଶ୍ରେଣୀରେ ଶିଶୁଙ୍କ ଯତ୍ନ ନେବା ପାଇଁ ପୂର୍ବରୁ ଶିଶୁ ସେବିକା ନିଯୁକ୍ତ ହୋଇଥିବା ବେଳେ ଏବେ ସେମାନଙ୍କୁ ଶିକ୍ଷାଦାନ ପାଇଁ ୭ହଜାର ୨୩୪ଜଣ ଶିକ୍ଷକ ନିଯୁକ୍ତି ହେବେ। ଏହାକୁ ଅର୍ଥ ବିଭାଗ ପକ୍ଷ୍ୟରୁ ଅନୁମୋଦନ ମିଳିଥିବା ବେଳେ ଖୁବ୍ ଶୀଘ୍ର ନିଯୁକ୍ତି ନେଇ ଆଶା ପ୍ରକାଶ ପାଇଛି। ସୂଚନା ଅନୁଯାୟୀ, ମୋଟ ୭ ହଜାର ୨୩୪ଟି ଶିକ୍ଷକ ପଦ ପାଇଁ ଅର୍ଥ ବିଭାଗ ପକ୍ଷରୁ ଅନୁମୋଦନ ଦିଆଯାଇଥିବା ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶକଙ୍କୁ ଅବଗତ କରାଯାଇଛି। ପ୍ରତି ଶିକ୍ଷକଙ୍କୁ ମାସିକ ୨୬ ହଜାର ୨୦୦ ଟଙ୍କା ଲେଖାଏଁ ପାରିଶ୍ରମିକ ଦିଆଯିବ। ଏଥିପାଇଁ ସମଗ୍ର ଶିକ୍ଷା ପାଣ୍ଠିରୁ ବାର୍ଷିକ ୨୨୭ କୋଟି ୪୩ ଲକ୍ଷ ୬୯ ହଜାର ୬୦୦ ଟଙ୍କା ଖର୍ଚ୍ଚ ହେବ। ଜାତୀୟ ଶିକ୍ଷା ନୀତି ୨୦୨୦ ଅନୁଯାୟୀ ଶିଶୁମାନଙ୍କ ବୌଦ୍ଧିକ ବିକାଶ ସହିତ ସେମାନଙ୍କ ପାଠପଢ଼ାକୁ ସରକାର ଗୁରୁତ୍ୱ ଦେଇଛନ୍ତି। ପ୍ରାରମ୍ଭିକ ଶିଶୁ ଯତ୍ନ ଓ ଶିକ୍ଷାକୁ ସୁଦୃଢ଼ କରିବା ପାଇଁ ଏହି ନୂତନ ପଦ ସୃଷ୍ଟି କରିଛନ୍ତି। ଖୁବଶୀଘ୍ର ଏହି ନିଯୁକ୍ତି ପ୍ରକ୍ରିୟା ଆରମ୍ଭ ହୋଇପାରେ ବୋଲି ମଧ୍ୟ ଆଶା ପ୍ରକାଶ ପାଇଛି

# ଶିକ୍ଷୟିତ୍ରୀଙ୍କୁ ଅସଦାଚରଣ; ପ୍ରଧାନଶିକ୍ଷକ ଥାନାରେ ଅଟକ

ବାରିକପୁର,୬।୭ (ସମିସ): ଭଣ୍ଡାରିପୋଖରୀ ଥାନା ଅନ୍ତର୍ଗତ ବାଲିପୋଖରୀ ପଞ୍ଚାୟତ ଶୁକଦେବ ଜେନା ହାଇସ୍କୁଲର ପ୍ରଧାନଶିକ୍ଷକଙ୍କ ନାମରେ ଗୁରୁତର ଅଭିଯୋଗ ଆସିଛି। ପ୍ରଧାନଶିକ୍ଷକ ଭଗବାନ ପ୍ରଧାନ ଜନୈକ ଶିକ୍ଷୟିତ୍ରୀଙ୍କୁ ଶାରୀରିକ ଓ ମାନସିକ ନିର୍ଯାତନା ସହିତ ବିଭିନ୍ନ ସମୟରେ ଅସଦାଚରଣ କରୁଥିଲେ। ପ୍ରଧାନଶିକ୍ଷକ ଯୌନ ଶୋଷଣ ଭଳି ବ୍ୟବହାର ପ୍ରଦର୍ଶନ କରୁଥିବାରୁ ଶିକ୍ଷୟିତ୍ରୀ ଜଣକ ବାରମ୍ବାର ଏହାକୁ ପ୍ରତିରୋଧ କରିଥିଲେ। ଏହାସତ୍ତ୍ୱେ ପ୍ରଧାନଶିକ୍ଷକ ନିଜ ବ୍ୟବହାରରେ ପରିବର୍ତ୍ତନ ଆଣୁ ନ ଥିଲେ। ପରିଶେଷରେ ଶିକ୍ଷୟିତ୍ରୀ ଜଣକ ଅତିଷ୍ଠ ହୋଇ ବିଭାଗୀୟ ଉଚ୍ଚ ପଦାଧିକାରୀଙ୍କ ସମେତ ସ୍ଥାନୀୟ ଥାନାରେ ଗତ ୩୦ ତାରିଖ ଦିନ ଲିଖିତ ଅଭିଯୋଗ କରିଥିଲେ। ଅଭିଯୋଗର ୫ଦିନ ପରେ ପୁଲିସ ବିଦ୍ୟାଳୟରେ ପହଞ୍ଚି ତଦନ୍ତ ଆରମ୍ଭ କରିଥିବାବେଳେ ଖବର ପାଇ ସ୍ଥାନୀୟ ୨୦୦ରୁ ଅଧିକ ମହିଳା ସ୍କୁଲ ପ୍ରାଙ୍ଗଣରେ ପହଞ୍ଚିଥିଲେ। ସମ୍ପୃକ୍ତ ପ୍ରଧାନଶିକ୍ଷକଙ୍କ ବିରୋଧରେ ମହିଳାମାନେ ବିଭିନ୍ନ ନାରାବାଜି ଦେଇଥିଲେ। ପରିସ୍ଥିତିକୁ ଆୟତ କରିବା ପାଇଁ ପୁଲିସ ନାକେଦମ୍ ହୋଇଥିଲା। କିଛି ସମୟ ପରେ ପୁଲିସ ସମ୍ପୃକ୍ତ ପ୍ରଧାନଶିକ୍ଷକଙ୍କୁ ଥାନାକୁ ଆଣି ଅଟକ ରଖିଥିବା ଜଣାପଡ଼ିଛି। ଏନେଇ ପୁଲିସ ଉପଖଣ୍ଡ ଅଧିକାରୀଙ୍କ ମତାମତ ନେବାରୁ ଅଭିଯୋଗକୁ ନେଇ ସମ୍ପୃକ୍ତ ଶିକ୍ଷକ ଏବେ ପୁଲିସ ହେପାଜତରେ ଥିବାବେଳେ ଏନେଇ ଅଧିକ ତଦନ୍ତ ଜାରି ରହିଥିବା କହିଛନ୍ତି।

## ବାଲିଅନ୍ତା ଭିଡ଼ ହତ୍ୟା

# ଆଜି ହୋଇପାରେ ଅସଦାଚରଣ ମାମଲାର ଚାର୍ଜସିଟ୍ ଦାଖଲ

କୋର୍ଟଙ୍କୁ କ୍ରାଇମ୍‌ବ୍ରାଞ୍ଚ ଜଣାଇବ ଅସଦାଚରଣର ସତ୍ୟାସତ୍ୟ

ଭୁବନେଶ୍ୱର, ୬।୭ (ସମିସ): ରାଜ୍ୟରେ ବହୁଚର୍ଚ୍ଚିତ ଜିଆର୍‌ପି କନ୍‌ଷ୍ଟେବଲ୍ ସୌମ୍ୟ ରଞ୍ଜନ ସ୍ୱାଇଁ ହତ୍ୟା ମାମଲାରେ କ୍ରାଇମ୍‌ବ୍ରାଞ୍ଚ ଦୁଇଟି ମାମଲା ରୁଜୁ କରିଥିଲା। ଗୋଟିଏ ମାମଲା ଭିଡ ହତ୍ୟା ସମ୍ପର୍କରେ ଥିଲା ବେଳେ ଅନ୍ୟଟି ଦୁଇ ଯୁବତୀଙ୍କୁ ଅସଦାଚରଣ ସମ୍ପର୍କିତ ରହିଥିଲା। ଏହି ଦୁଇ ମାମଲା ମଧ୍ୟରୁ ଦୁଇ ଯୁବତୀଙ୍କ ଅସଦାରଣ ସମ୍ପର୍କିତ ମାମଲାର ଚାର୍ଜସିଟ୍ ଦାଖଲ ମଙ୍ଗଳବାର କ୍ରାଇମ୍‌ବ୍ରାଞ୍ଚ ଦାଖଲ କରିପାରେ। ଅସଦାଚରଣ ଘଟଣା ସତ ନା ଆ ମିଛ। ଏହି ମାମଲାରେ କଣ ତଦନ୍ତ କରାଯାଇଛି ସେ ସମ୍ପର୍କରେ କ୍ରାଇମ୍‌ବ୍ରାଞ୍ଚ କୋର୍ଟଙ୍କୁ ଜଣାଇବ ବୋଲି ଜଣାପଡ଼ିଛି। ଅନ୍ୟପକ୍ଷରେ ଅସଦାଚରଣକୁ ନେଇ ସୌମ୍ୟଙ୍କ ସହଯୋଗୀ ଓମ୍ କହୁଥିଲା ବେଳେ ଦୁଇ ଯୁବତୀ ବାଲିଅନ୍ତା ଥାନାରେ ଲିଖିତ ଅଭିଯୋଗ କରିଥିଲେ। ଏବେ ଓମ୍‌ଙ୍କ କଥାରେ ତାଳମେଳ ରହୁ ନାହିଁ। ସେ ମିଛ କହୁଛନ୍ତି ବୋଲି କ୍ରାଇମ୍‌ବ୍ରାଞ୍ଚ ସନ୍ଦେହ କରି ଓମ୍‌ଙ୍କ ଲାଏ ଡିଟେକ୍ସନ୍ ପରୀକ୍ଷା କରାଇଛି। ଦୁଇ ଯୁବତୀ କହିଥିଲେ ଓମ୍ ପଛରୁ ଧକ୍କା ଦେଇଥିଲା। ହେଲେ ଓମ୍ କ୍ରାଇମ୍‌ବ୍ରାଞ୍ଚକୁ ବୟାନ ଦେଇଥିଲା ସୌମ୍ୟ ପଛରୁ ଫେରିକି ଆସି ଯୁବତୀମାନଙ୍କୁ ଆକ୍ରମଣ କରିଥିଲେ। ଏହାକୁ ନେଇ ଲାଏ ଡିଟେକ୍ସନ୍ ଟେଷ୍ଟ ହୋଇଥିଲା। ଓମ୍‌ଙ୍କ ବାତ ମରା ବୟାନ ନେଇ ମଧ୍ୟ କ୍ରାମଇବ୍ରାଞ୍ଚର ସନ୍ଦେହ ଆହୁରୀ ବଢ଼ିଥିଲା।

# ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଆବେଦନ ଖାରଜ...

ଡିଭିଜନ ହାଇକୋର୍ଟ ସଞ୍ଜୟ ଭଣ୍ଡାରୀ ମାମଲାର ଉଦାହରଣ ଦେଇ ନୀରବ ମୋଦୀ କରିଥିବା ପୁନଃ ଶୁଣାଣି ଆବେଦନକୁ ଖାରଜ କରିଦେଇଥିଲେ। ଭାରତ ଗଲେ ତାଙ୍କୁ ନିର୍ଯାତନା ଦିଆଯିବ ବୋଲି ନୀରବ ଯୁକ୍ତି ବାଢ଼ିଥିଲେ, କିନ୍ତୁ ସିବିଆଇ ଅଧିକାରୀମାନେ କୋର୍ଟରେ ଏହି ଦାବିକୁ ଭୁଲ୍ ପ୍ରମାଣିତ କରିଥିଲେ। ବର୍ତ୍ତମାନ ସମସ୍ତ ଆଇନଗତ ବାଧା ଦୂର ହୋଇଥିବାରୁ ବ୍ରିଟେନ କର୍ତ୍ତୃପକ୍ଷ ତାଙ୍କୁ ଭାରତ ସରକାରଙ୍କୁ ହସ୍ତାନ୍ତର କରିବା ପ୍ରକ୍ରିୟା ଆରମ୍ଭ କରିଦେଇଛନ୍ତି ଏବଂ ଯେକୌଣସି ସମୟରେ ତାଙ୍କୁ ଭାରତ ଅଣାଯାଇପାରେ ବୋଲି କୁହାଯାଉଛି।

### ବଢୁଛି ଏସ୍‌ଆଇଆର୍...

କରୁନାହାନ୍ତି। ଏହା ବଦଳରେ ସେମାନେ ବିଭିନ୍ନ କମ୍ୟୁନିଟି ହଲ୍, ଧର୍ମାନୁଷ୍ଠାନ ଏବଂ ନିଜ ବାସଭବନରେ ବସି ଭୋଟର ଫର୍ମ ପୂରଣ କରୁଛନ୍ତି। ଏଥିପାଇଁ ବିଭିନ୍ନ ହ୍ୱାଟସ୍‌ଆପ୍ ଗ୍ରୁପ୍ ମଧ୍ୟ ଖୋଲାଯାଇଛି। ଅନୁପ୍ରବେଶକାରୀଙ୍କ ନାମ ଭୋଟର ତାଲିକାରେ ସାମିଲ କରିବାକୁ କଂଗ୍ରେସ ପକ୍ଷରୁ ଶିବିରମାନ ଆୟୋଜନ କରୁଥିବା ବିରୋଧୀ ଦଳ ଦାବି କରିଛନ୍ତି। ଅପରପକ୍ଷରେ, ଉପମୁଖ୍ୟମନ୍ତ୍ରୀ ଡିକେ. ଶିବକୁମାର ଏହି ଅଭିଯୋଗକୁ ସମ୍ପୂର୍ଣ୍ଣ ପ୍ରତ୍ୟାଖ୍ୟାନ କରିଛନ୍ତି। ସେ କହିଛନ୍ତି ଯେ, ସରକାର ଏହି ନିର୍ବାଚନ ପ୍ରକ୍ରିୟାରେ କୌଣସି ହସ୍ତକ୍ଷେପ କରୁନାହାନ୍ତି। ସରକାରୀ ସ୍ତରରେ ଭୋଟର ସଚେତନତା ବ୍ୟାପକ କରାଯାଉଥିବାରୁ ବିରୋଧୀ ଦଳ ଭୟଭୀତ ହୋଇପଡ଼ିଛନ୍ତି।

### ଓଡ଼ିଶାରେ ନିର୍ବାଚନମଣ୍ଡଳୀ...

ଯାଜପୁରରେ ୧୦୫୦୧୪, ବଲାଙ୍ଗୀରରେ ୯୯୨୫୮, ବାଲେଶ୍ୱରରେ ୯୩୬୪୯, ପୁରୀରେ ୮୫୧୬୨, ସୁନ୍ଦରଗଡ଼ରେ ୮୪୬୯୨, ବରଗଡ଼ରେ ୭୪୪୦୫ ଜଣ ଲୋକଙ୍କ ନାମ ଭୋଟର ତାଲିକାରୁ ବାଦ୍ ଦିଆଯାଇଛି। କଳାହାଣ୍ଡିରେ ୭୪୫୪୬ ଜଣଙ୍କ ନାମ ବାଦ ଦିଆଯାଇଥିବା ବେଳେ ଭଦ୍ରକରେ ୬୮୩୩୭, ଖୋର୍ଦ୍ଧାରେ ୬୬୬୬୯, ଜଗତସିଂହପୁରରେ ୬୪୯୫୬, କେନ୍ଦୁଝରରେ ୬୪୪୦୯, କୋରାପୁଟରେ ୬୨୨୯୦, କେନ୍ଦ୍ରାପଡାରେ ୬୦୨୪୦, ଢେଙ୍କାନାଳରେ ୫୮୫୫୪, ନୟାଗଡରେ ୫୬୭୦୫, ସମ୍ବଲପୁରରେ ୫୬୮୦୧, ରାୟଗଡାରେ ୪୫୪୯୩, ନବରଙ୍ଗପୁରରେ ୪୫୭୫୭, ଅନୁଗୋଳରେ ୪୪୮୮୨, କନ୍ଧମାଳରେ ୩୮୯୯୯ ଓ ଗଜପତିରେ ୩୧୩୫୬ ଜଣଙ୍କର ନାମ ଭୋଟର ତାଲିକାରୁ ବାଦ୍ ଦିଆଯାଇଛି।

ଭୋଟର ତାଲିକାରେ ନାମ ବାଦ୍ ଯିବାକୁ ନେଇ ଅନେକ ଲୋକଙ୍କ ମନରେ ଛନକା ପଶିଛି। ବିଭିନ୍ନ ଜିଲ୍ଲାରେ ଏ ନେଇ ଅଭିଯୋଗ ମଧ୍ୟ ସାମ୍ନାକୁ ଆସିଛି। ଢେଙ୍କାନାଳରେ ଜଣେ ଭୋଟର କହିଛନ୍ତି ଯେ ମୋର ଦୁଇଜଣ ପିଲା ତଥା ସ୍ତ୍ରୀଙ୍କର ଚିଠା ଭୋଟର ତାଲିକାରେ ନାମ ଆସିଛି। ମାତ୍ର ମୋର ନାମ ନାହିଁ। ସେହିପରି ଅନ୍ୟଜଣେ ବ୍ୟକ୍ତିବିଶେଷ କହିଛନ୍ତି ଯେ ୧୯୭୪ ମସିହାରୁ ମୁଁ ଭୋଟ୍ ଦେଇ ଆସୁଛି। ମୋତେ ଆବାସ ଯୋଜନାରେ ଘର ସହ ଭତ୍ତା ମଧ୍ୟ ମିଳିଛି। ଏହାସତ୍ତ୍ୱେ ଭୋଟର ତାଲିକାରୁ ନାମ କଟିଛି। ଅପରପକ୍ଷେ କୌଣସି କାରଣରୁ ଯୋଗ୍ୟ ଭୋଟରଙ୍କ ନାମ କଟିଥିଲେ ଆପତ୍ତି, ଅଭିଯୋଗ କରାଗଲେ ସେମାନଙ୍କ ନାମ ପୁନର୍ବାର ନାମ ଭୋଟର ତାଲିକାରେ ସଂଯୋଗ କରାଯିବ ବୋଲି ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟରୁ କୁହାଯାଇଛି। ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀ କହିଛନ୍ତି ଯେ ୩୦ ଜିଲ୍ଲାରେ ୩୧ ଜିଲ୍ଲା ନିର୍ବାଚନ ଅଧିକାରୀ, ୧୪୭ ଜଣ ଇଆରଓ, ୯୯୪ ଜଣ ଏଇଆରଓ, ୪୫୪୦ ଜଣ ବିଏଲଓ ସୁପରଭାଇଜର ଏବଂ ୪୫୨୫୦ ଜଣ ବିଏଲଓ ନିୟୋଜିତ ହୋଇଥିଲେ। ୧୯ ତାରିଖ ସୁଦ୍ଧା ଭୋଟର ତାଲିକାରେ ନାମ ଥିବା ସମସ୍ତ ଭୋଟରଙ୍କୁ ପରିଗଣନା ଫର୍ମ ବଣ୍ଟନ ପାଇଁ ବିଏଲଓମାନେ ଘରକୁ ଘର ପରିଦର୍ଶନ କରିଥିଲେ। ଏପରିକି ପରିଗଣନା ଫର୍ମ ହାସଲ ପାଇଁ ବିଏଲଓମାନେ ଅତି କମରେ ପ୍ରତ୍ୟେକ ବ୍ୟକ୍ତିବିଶେଷଙ୍କ ଘରକୁ ୩ ଥର ଯାଇଛନ୍ତି। ଏହାସତ୍ତ୍ୱେ ରାଜ୍ୟରେ ୨୦ ଲକ୍ଷ ୧୨ ହଜାରରୁ ଅଧିକ ପରିଗଣନା ଫର୍ମ ଫେରିନାହିଁ ବୋଲି ସେ କହିଛନ୍ତି।

### ହଟିଲେ ଚମ୍ପତ...

ପରିପ୍ରେକ୍ଷୀରେ ସେମାନଙ୍କ ବିରୋଧରେ ଏବେ ଏଫ୍‌ଆଇଆର ହୋଇପାରେ ବୋଲି କୁହାଯାଉଛି। ଟ୍ରଷ୍ଟ ସେମାନଙ୍କ ଉପରେ ଏତେ କ୍ଷୁବ୍ଧ ଯେ ଆଜିର ବୈଠକକୁ ଆସିବା ଲାଗି ସେମାନଙ୍କୁ ଅନୁମତି ଦିଆଯାଇ ନଥିଲା।

ବୈଠକ ପରେ ଟ୍ରଷ୍ଟର କୋଷାଧ୍ୟକ୍ଷ ସ୍ୱାମୀ ଗୋବିନ୍ଦ ଦେବ ଗିରି ସାମ୍ବାଦିକମାନଙ୍କୁ କହିଲେ ଯେ ଚାନ୍ଦା ଚୋରି କୋଟି କୋଟି ରାମଭକ୍ତଙ୍କୁ ଆଘାତ ଦେଇଛି। ଏହି ଘଟଣା ଟ୍ରଷ୍ଟ ପାଇଁ ଅପ୍ରୀତିକର ପରିସ୍ଥିତି ସୃଷ୍ଟି କରିଛି। ଏହାର ସମ୍ମାନ କ୍ଷୁଣ୍ଣ ହୋଇଛି। ତେଣୁ ଏଥିରେ ଯେଉଁଯେଉଁମାନେ ସଂପୃକ୍ତ ଅଛନ୍ତି ସେମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ହେବ। କାହାକୁ ଛଡ଼ାଯିବ ନାହିଁ। ଏସଂପର୍କରେ ଗଠିତ ଏସ୍‌ଆଇଟିକୁ ଟ୍ରଷ୍ଟ ସବୁପ୍ରକାର ସହାୟତା ଓ ସହଯୋଗ ଦେବ। ଆସନ୍ତା ୨୨ ତାରିଖରେ ଟ୍ରଷ୍ଟର ଆଉ ଏକ ବୈଠକ ବସିବ ଏବଂ ଏଥିରେ ଏସଆଇଟିର ଚୂଡ଼ାନ୍ତ ରିପୋର୍ଟର ସମୀକ୍ଷା କରାଯିବ। ସେ ଆହୁରି କହିଲେ ଯେ ଭକ୍ତମାନେ ଦାନ କରିଥିବା ସମସ୍ତ ୨୮୦୦ ମୁଲ୍ୟବାନ ଉପହାର ସୁରକ୍ଷିତ ରହିଛି। ସେଥିମଧ୍ୟରୁ କିଛି ଉପହାର ସାମଗ୍ରୀକୁ ସାମ୍ବାଦିକମାନଙ୍କ ପାଇଁ ପ୍ରଦର୍ଶିତ ରାଯାଇଥିଲା। ଏଥିରେ ସୁନାର ରାମଚରିତ ମାନସ ଓ କିଛି ସୁନା ହାର ମଧ୍ୟ ରହିଛି।

### କେବଳ ଅଧିକୃତ...

ସେବକ ଓ କର୍ମଚାରୀଙ୍କ ବ୍ୟତୀତ ଆଉ କାହାକୁ ପାସ୍ ଦିଆଯିବ ନାହିଁ। ରଥଯାତ୍ରାର ସୁପରିଚାଳନା ପାଇଁ ସୋମବାର ଆୟୋଜିତ ସ୍ୱତନ୍ତ୍ର ସମୀକ୍ଷା ବୈଠକରେ ଅଧକ୍ଷତା କରି ମୁଖ୍ୟମନ୍ତ୍ରୀ ସ୍ପଷ୍ଟ କରିଛନ୍ତି ଯେ, ବେନିୟମ ଭାବେ କର୍ଡନ ଅଞ୍ଚଳକୁ ପ୍ରବେଶ କରିବାକୁ ଚେଷ୍ଟା କରୁଥିବା ଲୋକଙ୍କୁ ଶାଳୀନତାର ସହ ବୁଝାଇ ବାରଣ କରିବାକୁ ଦାୟିତ୍ୱରେ ଥିବା ପୁଲିସ କର୍ମଚାରୀଙ୍କ ଉଦ୍ଦେଶ୍ୟରେ କହିଛନ୍ତି। ରଥଯାତ୍ରା ପାଇଁ ସ୍ୱତନ୍ତ୍ର ସମୀକ୍ଷା ବୈଠକରେ ସମର୍ପଣ ଓ ସମନ୍ୱୟର ମନ୍ତ୍ର ଦେଇଛନ୍ତି ମୁଖ୍ୟମନ୍ତ୍ରୀ। ସମର୍ପଣ ଭାବ ନେଇ ସବୁ ବିଭାଗକୁ କାର୍ଯ୍ୟ କରିବାକୁ ମୁଖ୍ୟମନ୍ତ୍ରୀ ପରାମର୍ଶ ଦେଇଛନ୍ତି।

ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ, ମହାପ୍ରଭୁ ହେଉଛନ୍ତି ଆମ ସମସ୍ତଙ୍କ ହୃଦୟର ଠାକୁର। ରଥଯାତ୍ରା କେବଳ ପୁରୀ ନୁହେଁ, ସାରା ଓଡ଼ିଶା ତଥା ସମଗ୍ର ଦେଶ ଓ ବିଶ୍ୱର ଜଗନ୍ନାଥ ଭକ୍ତଙ୍କ ପାଇଁ ସବୁଠାରୁ ପବିତ୍ର ଦିନ। ଏହି ପର୍ବ ଉପରେ ସମଗ୍ର ବିଶ୍ୱର ନଜର ରହିଛି। ଏକ ସୁରକ୍ଷିତ ରଥଯାତ୍ରା କେବଳ ଏକ ସରକାରୀ କର୍ତ୍ତବ୍ୟ ନୁହେଁ, ଏହା ଆମ ସମସ୍ତଙ୍କ ନୈତିକ ଦାୟିତ୍ୱ। ସମସ୍ତ ଅଧିକାରୀ ନିଜ ନିଜ କର୍ତ୍ତବ୍ୟକୁ ନିଷ୍ଠାର ସହିତ ମହାପ୍ରଭୁଙ୍କ ଆଦେଶ ମନେ କରି ସେବା ପ୍ରଦାନ କରିବେ ବୋଲି ମୁଖ୍ୟମନ୍ତ୍ରୀ ଆଶା ପ୍ରକାଶ କରିଛନ୍ତି। ସୁରକ୍ଷା ଓ ଭିଡ଼ ପରିଚାଳନା ପାଇଁ ବ୍ୟାପକ ପୁଲିସ ମୁତୟନ କରାଯାଇଛି। ସେହିପରି ସ୍ୱାସ୍ଥ୍ୟ, ପରିମଳ, ପାନୀୟ ଜଳ, ଗମନାଗମନ, ଟ୍ରାଫିକ୍ ନିୟନ୍ତ୍ରଣ ଆଦି ସମସ୍ତ ବ୍ୟବସ୍ଥା ହୋଇଛି। ଗତ ଦୁଇ ବର୍ଷରେ ଯେଉଁ ଅଭିଜ୍ଞତା ମିଳିଛି ସେସବୁକୁ ଦୃଷ୍ଟିରେ ରଖି ଉପଯୁକ୍ତ ସମନ୍ୱୟ ରକ୍ଷା କରିବାକୁ ମୁଖ୍ୟମନ୍ତ୍ରୀ ପରାମର୍ଶ ଦେଇଥିଲେ। ସମସ୍ତ କାର୍ଯ୍ୟର ଉପଯୁକ୍ତ ମନିଟରିଙ୍ଗ୍ ଉପରେ ମୁଖ୍ୟମନ୍ତ୍ରୀ ଗୁରୁତ୍ୱାରୋପ କରିଛନ୍ତି। ମହାପ୍ରଭୁଙ୍କ ସେବକମାନେ ସମୟାନୁବର୍ତ୍ତିତାର ସହ ସମସ୍ତ ନୀତିକାନ୍ତି ସମ୍ପନ୍ନ କରୁଥିବାରୁ ମୁଖ୍ୟମନ୍ତ୍ରୀ ସେମାନଙ୍କର ପ୍ରଶଂସା କରିଥିଲେ। ସଚେତନତା ପାଇଁ ବିଭିନ୍ନ ଗଣମାଧ୍ୟମ, ଡାକବାଜି ଯନ୍ତ୍ର ଓ ସାମାଜିକ ଗଣମାଧ୍ୟମ ବ୍ୟବହାର କରିବାକୁ ମୁଖ୍ୟମନ୍ତ୍ରୀ ପରାମର୍ଶ ଦେଇଥିଲେ। ମହାପ୍ରଭୁଙ୍କ ନୀତିକାନ୍ତି, ଅନ୍ୟାନ୍ୟ ସେବା, ଟ୍ରାଫିକ୍ ଚଳାଚଳର ସଦ୍ୟତମ ସ୍ଥିତି ଏବଂ ଅନ୍ୟାନ୍ୟ ଜରୁରୀ ସୂଚନା ଏଫ୍‌ଏମ୍ ରେଡିଓ, ସାମାଜିକ ଗଣମାଧ୍ୟମ, ବିଭାଗୀୟ ୱେବ୍‌ସାଇଟ୍ ତଥା ଟେଲିଭିଜନ ମାଧ୍ୟମରେ ପ୍ରଦାନ କରାଗଲେ ଅନେକ ସମସ୍ୟାକୁ ଏଡ଼ାଇ ହେବ ବୋଲି ସେ କହିଥିଲେ। ଗୁଜବ ସୃଷ୍ଟିକାରୀଙ୍କ ଉପରେ କଡ଼ା ନଜର ରଖି ସେମାନଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ନେବା ପାଇଁ ମୁଖ୍ୟମନ୍ତ୍ରୀ କହିଥିଲେ।

ଶେଷରେ ମୁଖ୍ୟମନ୍ତ୍ରୀ କହିଥିଲେ ଯେ, ମହାପ୍ରଭୁ ହେଉଛନ୍ତି ଭାବର ଠାକୁର। ସେହି ଭାବର ସମ୍ପର୍କକୁ ସମ୍ମାନ ଦେଇ ସମସ୍ତେ ନିଜର କର୍ତ୍ତବ୍ୟ ସୁଚାରୁ ରୂପେ ପାଳନ କଲେ ରଥଯାତ୍ରା ଠିକ୍ ଭାବରେ ସମ୍ପନ୍ନ ହୋଇପାରିବ। ସେ କହିଥିଲେ ଯେ, ସମସ୍ତ ଭକ୍ତ ଯେପରି ଏକ ସୁଖଦ ଆଧ୍ୟାତ୍ମିକ ଅନୁଭବ ନେଇ ମହାପ୍ରଭୁଙ୍କ ଦର୍ଶନ କରି ଫେରିବେ, ସେଥିରେ ଆମ ସମସ୍ତଙ୍କର ସଫଳତା ଓ ଆମ ସମସ୍ତଙ୍କର ପୁଣ୍ୟ। ଏହି ଅବସରରେ ମୁଖ୍ୟମନ୍ତ୍ରୀ ପୁରୀ ଜିଲ୍ଲା ପ୍ରଶାସନ ପକ୍ଷରୁ ପ୍ରକାଶିତ 'ରୂପରେଖ-ରଥଯାତ୍ରା ୨୦୨୬' ପୁସ୍ତିକାର ଉନ୍ମୋଚନ କରିଥିଲେ। ଏହି କାର୍ଯ୍ୟକ୍ରମରେ ଉପ ମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ, ଉପ ମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଏବଂ ଅନ୍ୟ ବରିଷ୍ଠ ମନ୍ତ୍ରୀଗଣ, ସାଂସଦ ଓ ବିଧାୟକଗଣ ଉପସ୍ଥିତ ଥିଲେ। ମୁଖ୍ୟ ଶାସନ ସଚିବ ଅନୁ ଗର୍ଗ ସାମଗ୍ରିକ ପ୍ରସ୍ତୁତିର ବିବରଣୀ ପ୍ରଦାନ କରିଥିଲେ ଏବଂ ପୁଲିସ ମହାନିର୍ଦ୍ଦେଶକ ୱାଇ.ବି. ଖୁରାନିଆ ସୁରକ୍ଷା ସମ୍ପର୍କିତ ସମସ୍ତ ପ୍ରସ୍ତୁତି ସମ୍ପର୍କରେ ସୂଚନା ଦେଇଥିଲେ। ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଡ. ଅରବିନ୍ଦ ପାଢ଼ୀ ସମସ୍ତଙ୍କୁ ସ୍ୱାଗତ ସହ ରଥଯାତ୍ରା ପାଇଁ ଶ୍ରୀମନ୍ଦିର ପ୍ରଶାସନର ପ୍ରସ୍ତୁତି ସମ୍ପର୍କରେ ସୂଚନା ଦେଇଥିଲେ। ଶେଷରେ ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ା ଧନ୍ୟବାଦ ଅର୍ପଣ କରିଥିଲେ। କାର୍ଯ୍ୟକ୍ରମରେ ରାଜ୍ୟର ବରିଷ୍ଠ ଅଧିକାରୀ ବୃନ୍ଦ, ଶ୍ରୀମନ୍ଦିର ପରିଚାଳନା କମିଟି ସଦସ୍ୟ, ମଠାଧୀଶ, ସେବାୟତ, ବୁଦ୍ଧିଜୀବୀ, ବରିଷ୍ଠ ନାଗରିକ, ଗଣମାଧ୍ୟମ ପ୍ରତିନିଧି ଓ ବିଭିନ୍ନ ବିଭାଗର ଅଧିକାରୀ ଯୋଗଦେଇଥିଲେ।

### ପାଣ୍ଡିଆନଙ୍କ ସହଯୋଗ...

ମୁକାବିଲା ସମ୍ପର୍କରେ ଓଡ଼ିଶାର ଅଭିଜ୍ଞତାରୁ ଶିକ୍ଷା ଗ୍ରହଣ କରିବା ନିମନ୍ତେ ଭେନେଜୁଏଲା ଆଗ୍ରହ ପ୍ରକାଶ କରିଛି।

୧୯୯୯ ମହାବାତ୍ୟାରୁ ଶିକ୍ଷା ନେଇ ନବୀନଙ୍କ ନେତୃତ୍ୱରେ ଓଡ଼ିଶା ବିପର୍ଯ୍ୟୟ ପରିଚାଳନା କ୍ଷେତ୍ରରେ ଏକ ସର୍ବଶ୍ରେଷ୍ଠ ମଡେଲ ପ୍ରସ୍ତୁତ କରି ପାରିଥିଲା। ନବୀନଙ୍କ ମାର୍ଗଦର୍ଶନରେ ୫-ଟି ସଚିବ ଭି. କାର୍ତ୍ତିକ ପାଣ୍ଡିଆନଙ୍କ ନେତୃତ୍ୱରେ ଓଡ଼ିଶା ବିପର୍ଯ୍ୟୟ ମୁକାବିଲାରେ ଅକଳ୍ପନୀୟ ସଫଳତା ପାଇଥିଲେ। ବିପର୍ଯ୍ୟୟ ସମୟରେ ଓଡ଼ିଶା ସରକାରଙ୍କ ଦ୍ୱରିତ ପଦକ୍ଷେପ ଏବଂ 'ଶୂନ୍ୟ ଜୀବନ ହାନି' ନୀତିକୁ ସାରା ବିଶ୍ୱ ଗ୍ରହଣ କରିଛି। ବିଶେଷକରି ଫାଇଲିନଠାରୁ ଆରମ୍ଭ କରି ଫନି, ହୁଡ଼ହୁଡ଼, ଅମ୍ଫନ, ଗୁଲାବ, ୟସ୍ ପରି ବାତ୍ୟା ସମୟରେ ତତ୍କାଳୀନ ରାଜ୍ୟ ସରକାରଙ୍କ ବିପର୍ଯ୍ୟୟ ମୁକାବିଲା ପାରଦର୍ଶିତାକୁ ଦେଶବିଦେଶରେ ଉଚ୍ଚ ପ୍ରଶଂସା ମିଳିଥିଲା। କେବଳ ବାତ୍ୟା ଭଳି ପ୍ରାକୃତିକ ବିପର୍ଯ୍ୟୟ ନୁହେଁ; ଅତି ଭୟଙ୍କର ରେଳ ଦୁର୍ଘଟଣା ସମୟରେ ସରକାରଙ୍କ ଦ୍ୱରିତ ପଦକ୍ଷେପ ଅନେକ ଜୀବନ ବଞ୍ଚାଇବାକୁ ସକ୍ଷମ ହୋଇଥିଲଶ। ତେଣୁ ବିପର୍ଯ୍ୟୟ ମୁକାବିଲାର ପ୍ରସ୍ତୁତି ଓ ବିପର୍ଯ୍ୟୟ ପରେ ଏହାର ପରିଚାଳନାର ଅନୁଭବ ଓ ଅଭିଜ୍ଞତାକୁ ଶ୍ରୀ ପାଣ୍ଡିଆନ ଭେନେଜୁଏଲାର ରାଷ୍ଟ୍ରପତି ଓ ଅନ୍ୟ ବରିଷ୍ଠ ଅଧିକାରୀଙ୍କ ସହ ଆଲୋଚନା କରିଛନ୍ତି। ଏହାପୂର୍ବରୁ ଶ୍ରୀ ପାଣ୍ଡିଆନ ଭୂକମ୍ପ ପ୍ରଭାବିତ ଅଞ୍ଚଳ ପରିଦର୍ଶନ କରି ପୀଡ଼ିତ ଏବଂ ଉଦ୍ଧାର କାର୍ଯ୍ୟରେ ନିୟୋଜିତ ଦଳ ସହିତ ଆଲୋଚନା କରିଥିଲେ। ଏଭଳି ଏକ ଆହ୍ୱାନପୂର୍ଣ୍ଣ ସମୟରେ ସେଠାରେ ସେବା ଯୋଗାଇ ଦେଉଥିବା ଭାରତୀୟ ସେନାର ଅତୁଳନୀୟ କାର୍ଯ୍ୟକୁ ସେ ଉଚ୍ଚ ପ୍ରଶଂସା କରିଥିଲେ। ଏଥିସହିତ ଦିନରାତି ଏକ କରି ଲୋକଙ୍କ ଜୀବନ ବଞ୍ଚାଉଥିବା ଡାକ୍ତରୀ ଦଳ ଏବଂ ସ୍ୱାସ୍ଥ୍ୟକର୍ମୀଙ୍କ ତ୍ୟାଗକୁ ମଧ୍ୟ ସେ ପ୍ରଶଂସା ଜଣାଇଛନ୍ତି।

ଶ୍ରୀ ପାଣ୍ଡିଆନ ତାଙ୍କ ସାମାଜିକ ଗଣମାଧ୍ୟମରେ ମଧ୍ୟ ଏ ସମ୍ପର୍କରେ ଉଲ୍ଲେଖ କରିଛନ୍ତି। ଭେନେଜୁଏଲାର ଭୂକମ୍ପ ପ୍ରଭାବିତ ଅଞ୍ଚଳ ପରିଦର୍ଶନ ସହ ଉଦ୍ଧାର ଓ ପୁନରୁଦ୍ଧାର କାର୍ଯ୍ୟରେ ନିୟୋଜିତ ବ୍ୟକ୍ତିବିଶେଷଙ୍କ ଭେଟିଥିବା ସେ କହିଛନ୍ତି। ଏହି ଭୟଙ୍କର ଆହ୍ୱାନପୂର୍ଣ୍ଣ ସମୟରେ ଲୋକଙ୍କ ସହ ଛିଡ଼ା ହୋଇଥିବାରୁ ସେମାନଙ୍କ ମଧ୍ୟରୁ ପ୍ରତ୍ୟେକଙ୍କୁ ଆନ୍ତରିକତାର ସହ ପ୍ରଶଂସା ସହ ପ୍ରଭାବିତ ଲୋକଙ୍କ ପାଇଁ ସେବା ଯୋଗାଇ ଦେଉଥିବା ଭାରତୀୟ ସେନା ଏବଂ ମେଡିକାଲ ଟିମ୍‌କୁ ମଧ୍ୟ ସେ ଆନ୍ତରିକ ଶୁଭେଚ୍ଛା ଜଣାଇଛନ୍ତି। ଏହା ସହିତ ଭେନେଜୁଏଲାର ରାଷ୍ଟ୍ରପତି ସତ୍ୟସାଇ ବାବାଙ୍କ ଜଣେ ଅନୁଗାମୀ ବୋଲି ଉଲ୍ଲେଖ କରି ଭାରତ ସହ ତାଙ୍କର ନିବିଡ଼ ସମ୍ପର୍କକୁ ଶ୍ରୀ ପାଣ୍ଡିଆନ ଉନ୍ମୋଚିତ କରିଛନ୍ତି। ତେବେ ଭେନଜୁଆଲା ପରି ଦେଶ ବିପର୍ଯ୍ୟୟ ପରିଚାଳନାର ଜ୍ଞାନ ସଂଗ୍ରହ ନିମନ୍ତେ ପାଣ୍ଡିଆନଙ୍କ ଅଭିଜ୍ଞତାକୁ ବ୍ୟବହାର କରିବା ସାମାଜିକ ଗଣମାଧ୍ୟମରେ ବେଶ୍ ଚର୍ଚ୍ଚା ଆଲୋଚନା ଆରମ୍ଭ ହୋଇଛି। ସଫଳତା, ନିଷ୍ଠାପର ଉଦ୍ୟମ ତଥା ଅଧ୍ୟବସାୟ କେବେ ନିରର୍ଥକ ଯାଏ ନାହିଁ ବୋଲି ଅନେକ ମତ ପ୍ରକାଶ କରିଛନ୍ତି।

### ମାନଦଣ୍ଡ କୋହଳ...

ରଖିଥିଲେ। ଶକ୍ତିବିଭାଗ ପରିଚାଳନା କ୍ଷେତ୍ରରେ ଅଭିଜ୍ଞତା ଥିବାରୁ ଓଇଆରସିରେ ନିୟାମକ ପ୍ରସ୍ତୁତି ତଥା ପ୍ରଣୟନ କ୍ଷେତ୍ରରେ ଏହା ବେଶ୍ ସହାୟକ ହେଉଥିଲା। ତେବେ ପ୍ରଦୀପ କୁମାର ଜେନାଙ୍କ ଇସ୍ତଫା ପରେ ଏହି ଗୁରୁତ୍ୱପୂର୍ଣ୍ଣ ପଦବୀରେ ନିଜ ପସନ୍ଦ ତଥା କୋଟେରୀ ଲୋକଙ୍କୁ ନିଯୁକ୍ତି ଦେବାକୁ ପ୍ରଶାସନର କିଛି ପ୍ରଭାବଶାଳୀ ବ୍ୟକ୍ତି ଉଦ୍ୟମ ଆରମ୍ଭ କରିଥିବା ଜଣାପଡ଼ିଛି। ଏଥିପାଇଁ ନିୟମରେ ଆବଶ୍ୟକୀୟ ସଂଶୋଧନ କରିବାକୁ ମଧ୍ୟ ନୀତିଗତ ନିଷ୍ପତ୍ତି ନିଆଯାଇଥିବା ସୂଚନା ମିଳିଛି।

ଉପଭୋକ୍ତାଙ୍କୁ ସୁଲଭ ତଥା ଗୁଣବତ୍ତା ସମ୍ପନ୍ନ ବିଜୁଳି ଯୋଗାଣ ଓ ସେମାନଙ୍କ ସ୍ୱାର୍ଥ ରକ୍ଷାରେ ଓଇଆରସିର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି। ଏପରିସ୍ଥଳେ ଶକ୍ତି କ୍ଷେତ୍ରରେ ଅଭିଜ୍ଞତା ନ ଥିବା ଅଧିକାରୀଙ୍କୁ ଏହି ପଦରେ ଆସୀନ କରିବା ବୁଦ୍ଧିମତାର କାର୍ଯ୍ୟ ନୁହେଁ। ତେଣୁ ମୁଖ୍ୟମନ୍ତ୍ରୀ ଏଥିରେ ହସ୍ତକ୍ଷେପ କରି ପୁରୁଣା ମାନଦଣ୍ଡକୁ କାର୍ଯ୍ୟକାରୀ କରିବା ସହ ଶକ୍ତି କ୍ଷେତ୍ରରେ ଅଭିଜ୍ଞତା ଥିବା ଜଣେ ବ୍ୟକ୍ତିବିଶେଷଙ୍କୁ ତୁରନ୍ତ ଆସୀନ କରାଇବାକୁ ଶକ୍ତି ବିଶେଷଜ୍ଞ ଓ ସମୀକ୍ଷକମାନେ ଦାବି କରିଛନ୍ତି।

### ଭୁବନେଶ୍ୱର ଡିସିପିଙ୍କ...

ସେ ନିଜର ବୃତ୍ତିଗତ ଜୀବନ ଆରମ୍ଭ କରି ପରବର୍ତ୍ତି ସମୟରେ କଳାହାଣ୍ଡି ଏସ୍‌ଡିପିଓ, ଅନୁଗୁଳ ଓ ଗଞ୍ଜାମ ଏସ୍‌ପି ଭାବେ କାମ କରିଛନ୍ତି। ପରେ କଟକ ଯୁପିଡି ଡିସିପି ଓ ଗତବର୍ଷ ମାର୍ଚ୍ଚ ୫ରୁ ଭୁବନେଶ୍ୱର ଡ଼ିସିପି ଭାବରେ କାର୍ଯ୍ୟ କରୁଥିଲେ। ଯଦିଓ ସେ ଇସ୍ତଫାର କାରଣ ସେ ସମ୍ପୂର୍ଣ୍ଣ ବ୍ୟକ୍ତିଗତ ଭାବେ ଦର୍ଶାଇଛନ୍ତି; ତଥାପି ଏହି ନିଷ୍ପତ୍ତି ଖୋଦ୍ ପୁଲିସ ବିଭାଗକୁ ବି ସନ୍ଦେହରେ ପକାଇଛି। ବୈଷୟିକ ଜ୍ଞାନକୌଶଳରେ ସେ ତାଙ୍କ ସମୟର ଅନ୍ୟତମ ଶ୍ରେଷ୍ଠ ଅଧିକାରୀ ରୂପେ ପରିଚିତ। ୨୦୨୫ରେ ଭୁବନେଶ୍ୱର ପୁଲିସ ଜିଲ୍ଲାରେ ରୁଜୁ ହୋଇଥିବା ୧୫୬୬୪ ମାମଲା ମଧ୍ୟରୁ ୧୪୪୯୭ ମାମଲାର ତଦନ୍ତ ଶେଷ ପଛରେ ତାଙ୍କର ବେଶ୍ ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଥିଲା। ସିସିଟିଏନ୍‌ରେ ମଧ୍ୟ ଫାଇନାଲ ଫର୍ମ ଅପଲୋଡ଼୍ କ୍ଷେତ୍ରରେ ମଧ୍ୟ ଉଲ୍ଲେଖନୀୟ ଅଗ୍ରଗତି ଘଟିଥିଲା ତାଙ୍କ ସମୟରେ ପ୍ରଗତି ଡ଼୍ୟାସବୋଡ଼୍‌ରେ ରାଜ୍ୟରେ ଭୁବନେଶ୍ୱର ପୁଲିସ ଜିଲ୍ଲା ଶ୍ରେଷ୍ଠସ୍ଥାନ ଅଧିକାର କରିଥିଲା। ମାତ୍ର ଉଚ୍ଚ ପ୍ରଶାସନିକ ଚାପ, ସରକାରୀସ୍ତରରେ ଦୁର୍ବ୍ୟବହାର ଓ ସାଧାରଣରେ ସମାଲୋଚନା ଯୋଗୁଁ ସେ ଚାକିରି ଛାଡ଼ିଥିବା କୁହାଯାଉଛି।

## ଆଜିର ରାଶିଫଳ

**ମେଷ:** ଦୀର୍ଘଦିନରୁ ଚାଲିଥିବା ପାରିବାରିକ ମତଭେଦ ଦୂର ହେବ। କର୍ମଚଞ୍ଚଳ ରହିବେ। ବିଦ୍ୟାର୍ଥୀ ପ୍ରତିଯୋଗିତା ପରୀକ୍ଷାରେ କୃତକାର୍ଯ୍ୟ ହେବେ। ଅଫିସ୍ ସହକର୍ମୀଙ୍କ ସହଯୋଗ ମିଳିବ।

**ବୃଷ:** ପାରିବାରିକ ଜୀବନ ସୁଖମୟ ହେବ। ତରବରିଆ ଭାବେ କୌଣସି ନିଷ୍ପତ୍ତି ନିଅନ୍ତୁନି। ବ୍ୟବସାୟକୁ ନେଇ ଦୂର ସ୍ଥାନକୁ ଯାତ୍ରା କରିବେ। ମାନ ସମ୍ମାନ ବୃଦ୍ଧି ପାଇବ। କଣ୍ଠଶିଳ୍ପୀଙ୍କ ପାଇଁ ଦିନଟି ଭଲ।

**ମିଥୁନ:** କ୍ୟାରିୟରକୁ ନେଇ ଚିନ୍ତାରେ ରହିପାରନ୍ତି। ଅବିବାହିତଙ୍କ ପାଇଁ ବିବାହ ପ୍ରସ୍ତାବ ଆସିପାରେ। ପୈତୃକ ସମ୍ପତ୍ତିକୁ ନେଇ ଭାଇ-ଭାଇଙ୍କ ମଧ୍ୟରେ ବିବାଦ ହୋଇପାରେ।

**କର୍କଟ:** ଅଫିସ୍‌ରେ ପଦୋନ୍ନତି ସମ୍ଭାବନା ଅଛି। ଧାର୍ମିକ ସ୍ଥାନକୁ ଯାତ୍ରାଯୋଗ ଅଛି। ନୂଆ କାମ ଆରମ୍ଭ କରିବା ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ। ଲୋକ ସମ୍ପର୍କ ବୃଦ୍ଧି ପାଇବ।

**ସିଂହ:** ବ୍ୟବସାୟ ପାଇଁ ଚିନ୍ତାରେ ରହିପାରନ୍ତି। କୋର୍ଟ କଚେରୀ ମାମଲାରେ ବିଜୟ ଲାଭ କରିବେ। ଅତିଥି ସତ୍କାର କରିପାରନ୍ତି। ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେବ। ନିଜ ଲୋକ ଶତ୍ରୁ ସାଜିପାରନ୍ତି।

**କନ୍ୟା:** ଆର୍ଥିକ ସମସ୍ୟା ଦେଖା ଦେବ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଭୁଲ୍ ବୁଝାମଣା ହୋଇପାରେ। ଧୈର୍ଯ୍ୟ ରଖି ଚାଲନ୍ତୁ। ଗୁରୁଜନଙ୍କ ସ୍ୱାସ୍ଥ୍ୟାବସ୍ଥାକୁ ନେଇ ଚିନ୍ତା ବଢ଼ିପାରେ। ଦାନ ଧର୍ମ କରିବେ।

**ତୁଳା:** ମନ ପ୍ରସନ୍ନ ରହିବ। ଦିନଟି ଶୁଭଫଳ ପ୍ରଦାନ କରିବ। ବ୍ୟବହାରରେ ସଂଯମତା ରକ୍ଷା କରିବେ। ମନରୁ ନକାରାତ୍ମକ ଚିନ୍ତାଧାରା ଦୂର ହେବ। ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିପାରନ୍ତି।

**ବିଛା:** ଜମିବାଡ଼ିକୁ ନେଇ ବିବାଦ ଦେଖା ଦେଇପାରେ। ଅଯଥା ଖର୍ଚ୍ଚରୁ ଦୂରେଇ ରହିବେ। ଉଚ୍ଚଶିକ୍ଷା ପାଇଁ ବିଦେଶ ଯାତ୍ରା ଯୋଗ ଅଛି। ମହିଳାମାନେ ଘର କାର୍ଯ୍ୟରେ ବ୍ୟସ୍ତ ରହିପାରନ୍ତି।

**ଧନୁ:** ମହିଳାମାନେ ଘର ପାଇଁ ନୂଆ ଜିନିଷ କିଣିବେ। ସନ୍ତାନଙ୍କ ଭବିଷ୍ୟତ ପାଇଁ ନୂଆ ଯୋଜନା କରିପାରନ୍ତି। ଜୀବନସାଥୀଙ୍କ ସହ ଦୂର ସ୍ଥାନକୁ ଯାତ୍ରା କରିବେ। ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ।

**ମକର:** ବିବାଦୀୟ କାର୍ଯ୍ୟରୁ ଦୂରେଇ ରହିବେ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। ପରିବାର ସଦସ୍ୟଙ୍କ ସହ ହସଖୁସିରେ ସମୟ ଅତିବାହିତ କରିବେ। ଯୋଜନା ମୁତାବକ କାର୍ଯ୍ୟ କରିବେ।

**କୁମ୍ଭ:** ନୂଆ କାର୍ଯ୍ୟ ଆରମ୍ଭରୁ ଦୂରେଇ ରହିବେ। ଅଫିସ୍‌ରେ ସହକର୍ମୀଙ୍କ ସାହାଯ୍ୟ ମିଳିପାରେ। ପଡ଼ୋଶୀଙ୍କ ସହ ମତାନ୍ତର ଦୂର ହେବ। ଚକ୍ଷୁ ସମସ୍ୟା ଭୋଗିପାରନ୍ତି।

**ମୀନ:** ଦିନଟି ମିଶ୍ରିତ ଫଳ ପ୍ରଦାନ କରିବ। ବ୍ୟବସାୟରେ ବାଧା ଆସିପାରେ । ଗୀତ, ନାଚରେ ସମୟ ଅତିବାହିତ କରିବେ। ସ୍ୱାସ୍ଥ୍ୟ ସମସ୍ୟା ଦୂର ହେବ। କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ।

## ଆଜିର ଐତିହ୍ୟ

- ୧୬୫୬- ଅଷ୍ଟମ ଶିଖ୍ ଗୁରୁ ହରକିଶନ୍‌ଙ୍କ ଜନ୍ମ।
- ୧୭୯୯- ମହାରାଜା ରଣଜିତ୍ ସିଂହ ଲାହୋର ଉପରେ କବ୍‌ଜା କଲେ।
- ୧୯୧୬- ନ୍ୟୁଜିଲ୍ୟାଣ୍ଡରେ ଲେବର ପାର୍ଟିର ଗଠନ।
- ୧୯୭୮- ସୋଲୋମୋନ ଦ୍ୱୀପ ସଂଯୁକ୍ତ ରାଷ୍ଟ୍ରରୁ ସ୍ୱାଧୀନ ହେଲା।
- ୧୯୮୦- ଇରାନ୍‌ରେ ସିରିଆ ଆଇନ ଲାଗୁ ହେଲା।
- ୧୯୯୬- ନେଲସନ୍ ମଣ୍ଡେଲା ଦକ୍ଷିଣ ଆଫ୍ରିକାର ରାଷ୍ଟ୍ରପତି ପଦରୁ ଇସ୍ତଫା ଦେଲେ।

## ଭଉଣୀ ଖୋଲିଲେ ଗୁମର

### ସୁଜେନ ନେଇ ନାହାନ୍ତି ୪୦୦ କୋଟି

ବଲିଉଡ୍ ସୁପରଷ୍ଟାର୍ ହ୍ରିତିକ୍ ରୋଶନ ନିଜର ବୃତ୍ତିଗତ ଜୀବନ ସହ ବ୍ୟକ୍ତିଗତ ଜୀବନକୁ ନେଇ ମଧ୍ୟ ଚର୍ଚ୍ଚାରେ ରହିଥାନ୍ତି। ସେ ସୁଜେନ ଖାନ୍‌ଙ୍କଠାରୁ ଅଲଗା ହେବା ପରେ ଏବେ ସବା ଆଜାଦଙ୍କୁ ଡେଟ୍ କରୁଛନ୍ତି। ଏବେ ହ୍ରିତିକ୍‌ଙ୍କ ଏକ ବ୍ୟକ୍ତିଗତ କଥା ସାମ୍ନାକୁ ଆସିଛି। ସେ ସୁଜେନଙ୍କୁ ବିବାହ କରିବାର ୧୪ ବର୍ଷ ପରେ ଏହି ସମ୍ପର୍କ ଭାଙ୍ଗିଯାଇଥିଲା। ଏହା ପରଠାରୁ ଅନେକ ଥର ଖବର ଆସିଛି ଯେ, ହ୍ରିତିକ୍ ସୁଜେନଙ୍କୁ ଛାଡ଼ପତ୍ର ପରେ ୪୦୦ କୋଟି ଟଙ୍କା ଭରଣପୋଷଣ ବାବଦରେ ଦେଇଥିଲେ। ହେଲେ ଏନେଇ ହ୍ରିତିକ୍ ଓ ସୁଜେନ କେବେବି କିଛି କହି ନାହାନ୍ତି। ଏବେ ବହୁ ବର୍ଷ ପରେ ସୁଜେନଙ୍କ ଭଉଣୀ ତଥା ଜୁଏଲାରୀ ଡିଜାଇନର୍ ଫରାହ ଅଲ୍ଲୀ ଖାନ୍ ଗଣମାଧ୍ୟମକୁ ଦେଇଥିବା ଏକ ସାକ୍ଷାତକାର ସମୟରେ ଏସମ୍ପର୍କରେ ବଡ଼ ଖୁଲାସା କରିଛନ୍ତି। ସେ କହିଛନ୍ତି ଯେ, 'ଏହି ଛାଡ଼ପତ୍ର ଆପୋଷ ବୁଝାମଣାରେ ହୋଇଥିଲା।



ଏକଥା ଶୁଣି ସେତେବେଳେ ସମସ୍ତେ ଆଶ୍ଚର୍ଯ୍ୟ ହୋଇଯାଇଥିଲେ। ବହୁତ ହଙ୍ଗାମା ମଧ୍ୟ ହୋଇଥିଲା। ସେମାନଙ୍କ ବ୍ୟକ୍ତିଗତ ଜୀବନକୁ ନେଇ ଲୋକଙ୍କର ଭିନ୍ନ ଭିନ୍ନ ମତ ଥିଲା, କିନ୍ତୁ ମୋତେ ଲାଗୁଛି ଯେ, ସେ ଦୁହେଁ ଏହାକୁ ବହୁତ ଭଲ ଭାବରେ ସମ୍ଭାଳିଥିଲେ।' ଏହାବାଦ୍ ସେ ସୁଜେନଙ୍କୁ ୪୦୦ କୋଟି ଭରଣପୋଷଣ ରାଶି ମିଳିବା ଉପରେ କହିଥିଲେ, 'ଗୋଟିଏ କଥା, ମୁଁ ଆଜି ବି ସ୍ପଷ୍ଟ ଭାବରେ କହିବାକୁ ଚାହୁଁଛି, ସେମାନଙ୍କ ମଧ୍ୟରେ କେବେ ବି ୪୦୦ କୋଟି ଟଙ୍କା ନେଇ କୌଣସି ପ୍ରକାରର ଆଲୋଚନା ହୋଇ ନ ଥିଲା। ଯେତେବେଳେ ବି ମୁଁ ଇଣ୍ଟରନେଟ୍‌ରେ ଲୋକମାନଙ୍କୁ କହୁଥିବାର ଦେଖେ ଯେ, ସୁଜେନଙ୍କୁ ୪୦୦ କୋଟି ଟଙ୍କା ମିଳିବାରୁ ସେ ଧନୀ ହୋଇଗଲେ, ସେତେବେଳେ ମୁଁ ବହୁତ ଦୁଃଖୀ ହୋଇଯାଏ।' ଫରାହ ତାଙ୍କ ଭଉଣୀଙ୍କ ବିଷୟରେ କହିଛନ୍ତି ଯେ, ସେ କୌଣସି ଅର୍ଥ ନେଇନାହାଁନ୍ତି ଏବଂ ଟଙ୍କା ଅପେକ୍ଷା ସମ୍ପର୍କ ଅଧିକ ଗୁରୁତ୍ୱପୂର୍ଣ୍ଣ ବୋଲି ସେମାନଙ୍କୁ ଶିକ୍ଷା ଦିଆଯାଇଛି। ଏହି କାରଣରୁ ଏବେବି ହ୍ରିତିକ୍‌ଙ୍କ ପରିବାର ସହ ସୁଜେନଙ୍କର ଭଲ ସମ୍ପର୍କ ରହିଛି। , "ମୋ ଭଉଣୀ ଭଦ୍ର ଏବଂ ସେ ସମ୍ଭ୍ରାନ୍ତ ପରିବାରର। ହ୍ରିତିକ୍ ମଧ୍ୟ ଜଣେ ଭଲ ମଣିଷ। ସେମାନଙ୍କ ମଧ୍ୟରେ ସମ୍ପର୍କ ଠିକ୍ ଭାବେ ଚାଲିପାରିଲାନି, ତେଣୁ ସେମାନେ ଅଲଗା ହୋଇଗଲେ। ଏହି ଛାଡ଼ପତ୍ରରେ କୌଣସି ଭରଣପୋଷଣ ଭତ୍ତା ସାମିଲ ନଥିଲା। ଏଭଳି ଖବର ସମ୍ପୂର୍ଣ୍ଣ ମନଗଢ଼ା କାହାଣୀ।' ଏଠାରେ ପ୍ରକାଶ ଥାଉ କି, ହ୍ରିତିକ୍ ଏବଂ ସୁଜେନ ୨୦୦୦ ମସିହାରେ ବିବାହ କରିଥିଲେ। ୨୦୧୪ରେ ଆଇନଗତ ଭାବେ ଛାଡ଼ପତ୍ର ନେଇଥିଲେ। ସେମାନେ ଅଲଗା ହେବା ପରେ ମଧ୍ୟ ନିଜ ଦୁଇ ପୁଅଙ୍କ ପାଇଁ ଭଲ ସମ୍ପର୍କ ବଜାୟ ରଖିଛନ୍ତି।

## ଗିନିଜ୍ ବିଶ୍ୱ ରେକର୍ଡରେ ଭାରତୀୟ ବ୍ୟଞ୍ଜନ



ଭାରତରେ ଏମିତି ଅନେକ ସ୍ୱାଦିଷ୍ଟ ବ୍ୟଞ୍ଜନ ଅଛି, ଯାହା ତାହାର ଅନନ୍ୟ ସ୍ୱାଦ ଯୋଗୁଁ ସାରା ବିଶ୍ୱରେ ପ୍ରସିଦ୍ଧି ଅର୍ଜନ କରିଛି। କିଛି ବ୍ୟଞ୍ଜନ ତ ଏତେ ବଡ଼ ଆକାରରେ ପ୍ରସ୍ତୁତ କରାଯାଏ ଯେ, ତାହା ଗିନିଜ୍ ୱାର୍ଲ୍ଡ ରେକର୍ଡରେ ମଧ୍ୟ ସାମିଲ ହୋଇଛି। ଏହି କ୍ରମରେ ୨୦୦୮ ମସିହାରେ ବିରିୟାନିକୁ ନେଇ ଏକ ରେକର୍ଡ ହୋଇଥିଲା। ନୂଆଦିଲ୍ଲୀର ଜଣେ ସେଫ୍ ୧୪,୦୬୦ କେଜିର ବିରିୟାନି ପ୍ରସ୍ତୁତ କରି ରେକର୍ଡ କରିଥିଲେ। ଏଥିରେ ହଜାର ହଜାର କିଲୋର ଚାଉଳ, ଘିଅ ଏବଂ ମସଲା ଇତ୍ୟାଦି ବ୍ୟବହାର କରାଯାଇଥିଲା। ଖେଚୁଡ଼ିଠାରୁ ଅଧିକ ସରଳ ଖାଦ୍ୟ ଭାରତରେ ବୋଧହୁଏ ଆଉ କିଛି ନାହିଁ। ଏହା ମଧ୍ୟ ଗିନିଜ୍ ବିଶ୍ୱ ରେକର୍ଡରେ ସ୍ଥାନ ପାଇଛି। ୨୦୧୭ ମସିହାରେ ଦିଲ୍ଲୀରେ ଆୟୋଜିତ 'ୱାର୍ଲ୍ଡ ଫୁଡ୍ ଇଣ୍ଡିଆ' କାର୍ଯ୍ୟକ୍ରମରେ ସେଫ୍ ସଞ୍ଜୀବ କପୁର ଅନ୍ୟ ୫୦ ଜଣ ରୋଷେୟାଙ୍କ ଦଳ ସହ ମିଶି ୯୧୮ କେଜିର ଖେଚୁଡ଼ି ପ୍ରସ୍ତୁତ କରି ରେକର୍ଡ କରିଥିଲେ। ଦକ୍ଷିଣ ଭାରତର ଲୋକପ୍ରିୟ ଖାଦ୍ୟ ଦୋସା ମଧ୍ୟ ଗିନିଜ୍ ରେକର୍ଡରେ ସାମିଲ ହୋଇଛି। ୨୦୧୪ ମସିହାରେ ହାଇଦ୍ରାବାଦରେ ୨୯ ଜଣ ସେଫ୍‌ଙ୍କର ଏକ ଦଳ ବିଶ୍ୱର ସବୁଠାରୁ ଲମ୍ବା ଦୋସା ପ୍ରସ୍ତୁତ କରିଥିଲେ। ଏହାର ଲମ୍ବ ୧୬.୬୮ ମିଟର ଅର୍ଥାତ୍ ୫୪ ଫୁଟ ଏବଂ ୮.୬୯ ଇଞ୍ଚ ଥିଲା। ସେହିଭଳି ୨୦୧୨ ମସିହା ସେପ୍ଟେମ୍ବର ମାସରେ ଗୁଜରାଟର ଜାମନଗରଠାରେ 'ଦଗଡୁ ସେଠ୍ ଗଣପତି ସାର୍ବଜନୀନ ମହୋତ୍ସବ' ସମୟରେ ବିଶ୍ୱର ସବୁଠାରୁ ବଡ଼ ରୁଟି ପ୍ରସ୍ତୁତ କରାଯାଇଥିଲା। ଏହାର ଓଜନ ୧୪୫ କେଜି ଥିଲା। ଏହାକୁ ଏକ ବିଶାଳକାୟ ତାୱାରେ ପ୍ରସ୍ତୁତ କରାଯାଇଥିଲା।

## ସ୍ମାର୍ଟ ଟଏଲେଟ୍

ପରିଣତ ବୟସ ଏବଂ ସ୍ୱାସ୍ଥ୍ୟଗତ ସମସ୍ୟା ଯୋଗୁଁ ଶୌଚାଳୟ ଯିବାରେ ଅସୁବିଧା ହୋଇଥାଏ। ହେଲେ ଏବେ ଏହି ସମସ୍ୟାକୁ ଆଖି ଆଗରେ ରଖି ଚୀନ୍ ଏକ ସ୍ମାର୍ଟ ଶୌଚାଳୟ ପ୍ରସ୍ତୁତ କରିଛି। ଏହି ସ୍ମାର୍ଟ ଶୌଚାଳୟକୁ ସ୍ଥାନୀୟ କମ୍ପାନି ୟୁଏବାନ୍ ନିର୍ମାଣ କରିଛି। ଏହାର ନାଁ ରହିଛି ସାଓବାନ୍। ଏହା ଏକ ଏଆଇ ଚାଳିତ



ରୋବଟ୍ ଟଏଲେଟ୍। ସ୍ମାର୍ଟ ଶୌଚାଳୟଟିକୁ ଏମିତି ଟେକ୍ନିକ୍‌ରେ ତିଆରି କରାଯାଇଛି ଯଦ୍ୱାରା ଲୋକଙ୍କୁ ଏହା ନିକଟକୁ ଯିବାକୁ ପଡ଼ିବନି। ବରଂ ଲୋକଙ୍କ ସୁବିଧାକୁ ଦୃଷ୍ଟି ଦେଇ ଶୌଚାଳୟଟି ଆପେ ଆପେ ବିଛଣା ପାଖରେ ପହଞ୍ଚିବ। ବିଶେଷକରି ଏହି ରୋବଟ୍ ଘରର ଦୁଆର ବନ୍ଧକୁ ଏଡ଼ାଇ ସ୍ୱତଃପ୍ରବୃତ୍ତ ଭାବେ ରୋଗୀଙ୍କ ନିକଟରେ ପହଞ୍ଚିଯିବ। ଗୁରୁତ୍ୱପୂର୍ଣ୍ଣ କଥାଟି ହେଲା, ଏହାକୁ ବ୍ୟବହାର କରାଯାଇ ସାରିବା ପରେ ଆପେଆପେ ସଫା ମଧ୍ୟ ହୋଇଯିବ। ଏହି ସ୍ମାର୍ଟ ଟେକ୍ନିକ୍ ଆସିବା ପରେ ବିଶେଷକରି ଚାଲିବା ବୁଲିବା ପାଇଁ ଅସମର୍ଥ ଲୋକ ଓ ରୋଗୀଙ୍କ ପାଇଁ ଏହା ଏକ ବରଦାନ ସାବ୍ୟସ୍ତ ହେବ। ଏହା ଏଆଇ ଦ୍ୱାରା ପରିଚାଳିତ ହେଉଥିବାରୁ ଘରର ଭିତରର ମାହୋଲ୍‌କୁ ବେଶ୍ ସହଜରେ ଜାଣିପାରେ। ଖାସ୍ ସେଥିପାଇଁ ଏହା ଘରର କୌଣସି ଆସବାବପତ୍ର ସହ ବାଡ଼େଇ ନହୋଇ ସିଧା ଲୋକଙ୍କ ପାଖରେ ପହଞ୍ଚିଯାଏ। ରୋବୋଟିକ୍ ଟଏଲେଟ୍‌ର ସବୁଠାରୁ ବଡ଼ ବିଶେଷତ୍ୱ ହେଉଛି, ଏହାର ଅଟୋମେଟିକ୍ ଡିସପୋଜାଲ୍ ସିଷ୍ଟମ୍। ଏହାକୁ ବ୍ୟବହାର କରିସାରିବା ପରେ, ଏହି ରୋବୋଟ୍ ଏହାର ଲିଡାର୍ ନେଭିଗେସନ୍ ସିଷ୍ଟମ୍ କୁ ପୁଣିଥରେ ଚାଲୁ କରିଥାଏ ଏବଂ ଘରେ ଥିବା ଏହାର ନିର୍ଦ୍ଦିଷ୍ଟ ଡକିଂ ଷ୍ଟେସନ୍‌କୁ ଯାଇ ଜମା ହୋଇଥିବା ମଇଳାକୁ ବାହାର କରିଦେଇଥାଏ। ରୋବୋଟିକ୍ ଟଏଲେଟର ଡକିଂ ଷ୍ଟେସନ୍ ସିଧାସଳଖ ଘରର ମଇଳା ପାଣି ପାଇପ୍ ଲାଇନ ସହିତ ସଂଯୁକ୍ତ ହୋଇଥାଏ। ଏହା ଟଏଲେଟ୍ ଭିତରର ମଇଳାକୁ ସିଧାସଳଖ ସିୱେଜ୍ ସିଷ୍ଟମ୍‌ରେ ଫ୍ଲଶ୍ କରିଦିଏ। ଏହାଦ୍ୱାରା ଘରର ପାଇପ୍ ଲାଇନରେ କୌଣସି ପ୍ରକାରର ଜାମ୍ ହେବାର ଆଶଙ୍କା ରହି ନ ଥାଏ। ଟଏଲେଟ୍‌ଟି ଖାଲି ହୋଇଯିବା ପରେ, ଏହା ନିଜକୁ ନିଜେ ସଫା କରିବା ଆରମ୍ଭ କରେ। ଘର ଭିତରେ ବ୍ୟବହାର ସମୟରେ ଦୁର୍ଗନ୍ଧ ନ ହେବା ପାଇଁ 'ଶାଓବାନ୍' ସ୍ମାର୍ଟ ଶୌଚାଳୟରେ ଏକ ଅତ୍ୟନ୍ତ ଶକ୍ତିଶାଳୀ ଦୁର୍ଗନ୍ଧରୋଧକ ପ୍ରଣାଳୀର ବ୍ୟବହାର କରାଯାଇଛି। ଏଥିରେ ଏକ ବିଶେଷ ଫୋମ୍ ସିଲ୍ଡ ଏବଂ ଚାରକୋଲ୍ ଫିଲ୍ଟର୍ ଲାଗିଥାଏ, ଯାହା କୌଣସି ବି ପ୍ରକାରର ଦୁର୍ଗନ୍ଧକୁ ବାହାରକୁ ବ୍ୟାପିବାରୁ ସମ୍ପୂର୍ଣ୍ଣ ରୂପେ ରୋକିଥାଏ। ବର୍ତ୍ତମାନ ଚୀନ୍ ବଜାରରେ ଏହି ଶୌଚାଳୟ ବିକ୍ରି ପାଇଁ ଉପଲବ୍ଧ ରହିଛି। ଏହାର ମୂଲ୍ୟ ଭାରତୀୟ ମୁଦ୍ରାରେ ୧୩ ଲକ୍ଷ ଟଙ୍କା ରଖାଯାଇଛି। ତେବେ ଚୀନ୍‌କୁ ଛାଡି ଅନ୍ୟ ଦେଶରେ ଏହି ଶୌଚାଳୟ କେବେ ଲଞ୍ଚ୍ କରାଯିବ ସେ ବିଷୟରେ କମ୍ପାନି ପକ୍ଷରୁ ସ୍ପଷ୍ଟ କିଛି କୁହାଯାଇ ନାହିଁ।

## ବର୍ଷାଦିନେ ପନିପରିବା ତଳିଘରାର ଯତ୍ନ



**ଆମ ରାଜ୍ୟର ଅଧିକାଂଶ ଚାଷୀ କୃଷିକାର୍ଯ୍ୟ ଉପରେ ନିର୍ଭରଶୀଳ। ଚାଷୀମାନେ ବର୍ଷାଦିନେ ପାଣିର ଉପଯୋଗ କରି ବିଭିନ୍ନ ପ୍ରକାରର ପନିପରିବା ଚାଷ କରିଥାନ୍ତି। ଏହି ଦିନେ ପନିପରିବା ତଳିଘରାର ସଠିକ୍ ଯତ୍ନ ନେବା ଆବଶ୍ୟକ।**

ଅନ୍ୟଋତୁ ତୁଳନାରେ ବର୍ଷାଦିନେ ପନିପରିବା ତଳିଘରାର ଅଧିକ ଯତ୍ନ ନେବାକୁ ପଡ଼ିଥାଏ। ଏହି ସମୟରେ ତଳିଘରା ଲଗାଇବାକୁ ପ୍ରଥମେ ବିହନକୁ ଭଲ ଭାବେ ବିଶୋଧନ କରିବା ଉଚିତ। ତଳିଘରାର ଉଚ୍ଚତା ୬ ଇଞ୍ଚ ରଖିବା ଆବଶ୍ୟକ। ଅଧିକ ବର୍ଷାରୁ ପନିପରିବା ତଳିଘରାକୁ ସୁରକ୍ଷା ଦେବା ପାଇଁ ଜଳ ନିଷ୍କାସନର ବ୍ୟବସ୍ଥା ସହିତ ତଳିଘରା ଉପରେ ପଲିଥିନ୍ ଢାଙ୍କି ପାରିବେ। ତଳିଘରାରେ ମୂଳସଢ଼ା ରୋଗ ଲାଗିବାର ଆଶଙ୍କା ଅଧିକ ରହିଥାଏ। ଏହାର ନିରାକରଣ ପାଇଁ କାର୍ବେଣ୍ଡାଜିମ୍ କିମ୍ବା ମାଙ୍କୋଜେବ ପ୍ରୟୋଗ କରିପାରିବେ। ତଳିଘରାରେ ଅନ୍ୟାନ୍ୟ ରୋଗ ପୋକ ଦେଖିଲେ କୃଷି ବିଶେଷଜ୍ଞଙ୍କ ପରାମର୍ଶ ନେବା ଉଚିତ। ସେହିପରି ତଳିଘରାରୁ ଅନାବନା ଘାସ ବାଛିବା ସହ ମାଟି ଯେପରି ଅଧିକ ଓଦା ବା କାଦୁଆ ନ ରହିବ ସେଥିପ୍ରତି ଧ୍ୟାନ ଦେବା ଆବଶ୍ୟକ। ପାଣିପାଗର ପୂର୍ବାନୁମାନ କରି ତଳିଘରାରେ ହାଲୁକା ଜଳସେଚନ କରିପାରିବେ।




## ସଫଳ ଗେଣ୍ଡୁଫୁଲ ଚାଷୀ



ବର୍ତ୍ତମାନର ଚାକଚକ୍ୟ ସମାଜ ଓ ଡିଜିଟାଲ ଯୁଗରେ 'ଚାଷ କାମ ଯାହାର କେଡ଼େ ସୁଖ ତାହାର..', ଉକ୍ତିଟିକୁ ଖୁବ କମ୍ ପିଲା ଗ୍ରହଣ କରୁଛନ୍ତି। ହେଲେ ଏହାକୁ କାର୍ଯ୍ୟକାରୀ କରିଛନ୍ତି ଉତ୍ତରପ୍ରଦେଶ, ଗୋଣ୍ଡା ଜିଲ୍ଲାର ବିଜୟ କୁମାର। ସେ ଚାକିରି ପଛରେ ନ ଗୋଡ଼ାଇ, ନିଜ ଜମିରେ ଗେଣ୍ଡୁଫୁଲ ଚାଷ କରି ଲକ୍ଷାଧିକ ଟଙ୍କା ରୋଜଗାର କରୁଛନ୍ତି। ଯୁକ୍ତଦୁଇ ପଢ଼ା ସାରି ବିଜୟ ତାଙ୍କ ବନ୍ଧୁଙ୍କ ପାଖରୁ ଗେଣ୍ଡୁଫୁଲ ଚାଷ ସମ୍ପର୍କରେ ବୁଝିଥିଲେ। ପ୍ରଥମେ ଅଳ୍ପ ଜମିରେ ଏହି ଚାଷ ଆରମ୍ଭ କଲେ। ଗେଣ୍ଡୁଫୁଲ ଚାଷରୁ ଭଲ ଅମଳ ପାଇଁ ସେ ମାଟି ପରୀକ୍ଷା, ଉନ୍ନତ ବିହନ ଚୟନ, ସାର ପ୍ରୟୋଗ ଏବଂ ରୋଗପୋକ ନିୟନ୍ତ୍ରଣ ପ୍ରତି ଧ୍ୟାନ ଦେଇଥିଲେ। ଫସଲର ଉପଯୁକ୍ତ ଦେଖାଶୁଣା ଯୋଗୁଁ ଅଧିକ ଫୁଲ ଫୁଟିଥିଲା। ଏହାପରେ ବିଜୟ ଏକର ଜମିରେ ଗେଣ୍ଡୁଫୁଲ ଚାଷ ଆରମ୍ଭ କଲେ। ବର୍ତ୍ତମାନ ଏହି ଚାଷରୁ ସେ ଲକ୍ଷାଧିକ ଟଙ୍କା ରୋଜଗାର କରୁଛନ୍ତି। ବିଜୟ କୁହନ୍ତି, ବଜାରରେ ଗେଣ୍ଡୁଫୁଲ ଚାହିଦା ସବୁବେଳେ ରହିଥାଏ। ପୂଜାପାଠ, ବିବାହ, ଧାର୍ମିକ କାର୍ଯ୍ୟକ୍ରମ ଏବଂ ସାଜସଜ୍ଜା ପାଇଁ ଗେଣ୍ଡୁ ଫୁଲର ଆବଶ୍ୟକତା ଅଧିକ। ପର୍ବପର୍ବାଣୀ ଏବଂ ବିବାହ ଋତୁରେ ଫୁଲର ମୂଲ୍ୟ ଅଧିକ ରହୁଥିବାରୁ ଚାଷୀମାନଙ୍କୁ ଏହା ଭଲ ଲାଭ ଦେଇଥାଏ। ବିଜୟ ଅମଳ ଗେଣ୍ଡୁ ଫୁଲକୁ ଅଯୋଧ୍ୟାକୁ ଯୋଗାଇଥାନ୍ତି। ତେଣୁ ଯୁବପିଢ଼ି ଚାକିରି ପଛରେ ନ ଗୋଡ଼ାଇ ଚାଷ କାର୍ଯ୍ୟରେ ମନୋନିବେଶ କରିଲେ ନିଶ୍ଚୟ ସଫଳ ପାଇପାରିବେ ବୋଲି ବିଜୟ କୁହନ୍ତି।

## ଛେଳିଙ୍କୁ ସବୁଜ ଚାରା ଦେଉଥିଲେ...

**ଛେଳି ପାଳନ ଏକ ଭଲ ବ୍ୟବସାୟ। ଏଥିପାଇଁ କମ୍ ଖର୍ଚ୍ଚ ହୋଇଥାଏ। ଛେଳିର ଓଜନ ଓ ମାଂସବୃଦ୍ଧି ପାଇଁ ସବୁଜ ଚାରାର ଗୁରୁତ୍ୱପୂର୍ଣ୍ଣ ଭୂମିକା ଥାଏ। ହେଲେ ବର୍ଷାଦିନେ ଛେଳିଙ୍କୁ ସବୁଜ ଚାରା ଦେଉଥିଲେ ସତର୍କ ରହିବା ଜରୁରି।**



ବର୍ଷାଦିନେ ସବୁଜ ଚାରାରେ ଆର୍ଦ୍ରତା ଅଧିକ ରହୁଥିବାରୁ ଏହାକୁ ଖାଇବା ଦ୍ୱାରା ଛେଳିଙ୍କ ପେଟଜନିତ ସମସ୍ୟା ହୁଏ। ସେଥିପାଇଁ ଛେଳିଙ୍କୁ ବର୍ଷାଦିନେ ପିଜୁଳି, ନିମ୍ବ ଏବଂ ସଜନା ପତ୍ର ଖାଇବାକୁ ଦେଇପାରିବେ। ଏହି ପତ୍ରଗୁଡ଼ିକରେ ଭିଟାମିନ୍ ଏ, ସି, ବି୬, ବି କମ୍ପ୍ଲେକ୍ସ, ଇ, ଭିଟାମିନ୍ କେ ଆଦି ଥାଏ। ଏହି ପତ୍ରରୁ ପେଲେଟ୍‌ସ (ଗୋଲି) କୁ ଛେଳିଙ୍କୁ ଖାଇବାକୁ ଦିଆଯାଇ ପାରିବ। ଏହା ଛେଳିଙ୍କ ସ୍ୱାସ୍ଥ୍ୟବୃଦ୍ଧି ପାଇଁ ଲାଭଦାୟକ। ସେହିପରି ସଜନା, ପିଜୁଳିର କଞ୍ଚା ପତ୍ରକୁ ଶୁଖାଇ ଏହାକୁ ଗୁଣ୍ଡ କରି ବଟିକା ବନାଯାଏ। କଅଁଳିଆ ଡାଳକୁ ଛେଳିଙ୍କୁ ଖାଇବାକୁ ଦିଆଯାଏ। ସଜନା ପତ୍ରରୁ ତିଆରି ବଟିକା ଖାଇବା ଦ୍ୱାରା ଛେଳିଙ୍କ ପାଚନ ଶକ୍ତିରେ ସୁଧାର ଆସିବା ସହ ରୋଗପ୍ରତିରୋଧକ ଶକ୍ତି ବୃଦ୍ଧି ପାଏ। ଛେଳିଙ୍କୁ ଏହି ପତ୍ରର ବଟିକା ଖୁଆଇବା ପୂର୍ବରୁ ସେମାନଙ୍କ ଖାଦ୍ୟ ତାଲିକାରେ ଧୀରେ ଧୀରେ କରି ଏହାକୁ ଅତିବେଶୀରେ ୩୦% ସାମିଲ କରିବା ଜରୁରି।

## କୃଷି ପାଣିପାଗ

**ଏ ସପ୍ତାହ ପାଇଁ କେତେକ ପରାମର୍ଶ**

- ଆଗାମୀ ପାଞ୍ଚଦିନ ପର୍ଯ୍ୟନ୍ତ ସ୍ୱଳ୍ପରୁ ମଧ୍ୟମ ଧରଣର ବର୍ଷା ହେବାର ସମ୍ଭାବନା ରହିଛି। ତେଣୁ ଚାଷୀଭାଇମାନଙ୍କୁ ସାର ଓ କୀଟନାଶକ ପ୍ରୟୋଗ କିଛିଦିନ ପାଇଁ ସ୍ଥଗିତ ରଖିବାକୁ ପରାମର୍ଶ ଦିଆଯାଇଛି।
- ପରିପକ୍ୱ ପନିପରିବା ଓ ଫଳ ଯେପରି ଆମ୍ବ, ପଣସ, ଡାଳିମ୍ବ, ଲେମ୍ବୁ ଇତ୍ୟାଦିକୁ ଅମଳ କରିନିଅନ୍ତୁ।
- ଖରିଫ ମକା/ ଡାଲିଜାତୀୟ ଫସଲ ଲଗାଯାଇଥିବା ସ୍ଥାନରେ ଜଳ ନିଷ୍କାସନର ବ୍ୟବସ୍ଥା କରନ୍ତୁ।
- ଧାନ ତଳିଘରାରେ ଠିଆ ପାଣି କିପରି ନ ରହିବ ସେଥିପ୍ରତି ଧ୍ୟାନ ଦିଅନ୍ତୁ।
- ଆଖୁଗଛ ୪ରୁ ୫ ମାସର ହୋଇଗଲେ ବିଳମ୍ବରେ ଆସିଥିବା ପିଲଗୁଡ଼ିକୁ ବାହାର କରି ତଳ ଶୁଖିଲା ପତ୍ରକୁ କାଢି ୨ରୁ ୩ଟି ଆଖୁ ଏକାଠି ବାନ୍ଧି ଦିଅନ୍ତୁ।
- ଗାଈଗୋରୁମାନଙ୍କୁ ଶୁଖିଲା ଓ ସଫା ଗୁହାଳ ମଧ୍ୟରେ ରଖନ୍ତୁ। ପର୍ଯ୍ୟାପ୍ତ ପରିମାଣର ଖାଦ୍ୟ ଓ ପାଣି ପିଇବାକୁ ଦିଅନ୍ତୁ।
- ବର୍ତ୍ତମାନ ଅମୃତଭଣ୍ଡା, କାଜୁ, ସେବତୀ ଫୁଲ ଲଗାଇବାର ଉତ୍କୃଷ୍ଟ ସମୟ।

## ବାଇଗଣ ଚାଷ ପାଇଁ ଉନ୍ନତ କିସମ

ବାଇଗଣ ଚାଷକରି ଅଧିକାଂଶ ଚାଷୀ ଲାଭବାନ ହୋଇପାରିଛନ୍ତି। କେଉଁ କିସମର ବାଇଗଣ ଚାଷ କଲେ ଲାଭ ମିଳିପାରିବ ସେନେଇ ଅନେକଙ୍କ ଦ୍ୱନ୍ଦ୍ୱ ଥାଏ। ତେବେ ବର୍ତ୍ତମାନ ବାଇଗଣ ଚାଷରେ ସଙ୍କର କିସମକୁ ଅଧିକ ଗୁରୁତ୍ୱ ଦିଆଯାଉଥିବାବେଳେ ଏନେଇ ନିକଟସ୍ଥ କୃଷି ଭଣ୍ଡାରରୁ ସଙ୍କର କିମ୍ବା ଅଧିକ ଅମଳକ୍ଷମ ବାଇଗଣ ବିହନ ପାଇପାରିବେ। ଏହାକୁ ଦୃଷ୍ଟି ଦେଲେ ସଙ୍କର କିସମର ଭିଏନ୍‌ଆର୍-୨୧୨ ମଞ୍ଜି ୧୦ ଗ୍ରାମ୍‌କୁ ୧୮୦ ଟଙ୍କା, ଅର୍କା ଆନନ୍ଦ ୩୦ ଗ୍ରାମ୍‌କୁ ୩୫୦ରୁ ୪୮୦ ଟଙ୍କା, ଭିଏନ୍‌ଆର୍ ଉତ୍କଳ ୧୦ ଗ୍ରାମ୍‌କୁ ୧୫୦ଟଙ୍କା, ଅକ୍ଷିତା ୧୦ଗ୍ରାମ୍‌କୁ ୨୨୦ ଟଙ୍କା ରହିଛି। ସେହିପରି ବାଇଗଣର ଅଧିକ ଅମଳକ୍ଷମ ବିହନ ଗ୍ରୀନ୍ ଲଙ୍ଗ ୧୦ଗ୍ରାମକୁ ୮୦ଟଙ୍କା, ବ୍ଲୁଷ୍ଟାର ୧୦ ଗ୍ରାମ୍ ବିହନକୁ ୮୦ ଟଙ୍କା ମୂଲ୍ୟ ରହିଛି।

## କାକୁଡ଼ି ଚାଷ



ଆମ ରାଜ୍ୟରେ କାକୁଡ଼ି ଚାଷ ମୁଖ୍ୟତଃ ବର୍ଷା ଓ ଖରାଦିନେ ହୋଇଥାଏ। ତେବେ ଜୁଲାଇ ମାସ କାକୁଡ଼ି ଚାଷ ପାଇଁ ଉପଯୁକ୍ତ ସମୟ। ଏହି ଚାଷ ପାଇଁ ଉର୍ବର, ନିଗିଡ଼ା, ବାଲି ଦୋରସା ମୃତ୍ତିକା ସର୍ବୋତ୍ତମ। ଚାଷ ପାଇଁ ସର୍ବଦା ଉନ୍ନତ ରୋଗସହଣି କିସମ ଚୟନ କରାଯାଏ। ବର୍ଷାଦିନେ ଜମିରେ ଜଳ ନିଷ୍କାସନର ଉଚିତ ବ୍ୟବସ୍ଥା କରିବା ସହ ମନ୍ଦାରେ ଚାଷ କରିବା ଭଲ। ଏହି ଚାଷ ପାଇଁ ଏକର ପ୍ରତି ୧ରୁ ୧.୫ କି.ଗ୍ରା. ବିହନ ଦରକାର ହୁଏ। ଏକ କି.ଗ୍ରା. ବିହନକୁ ୨ଗ୍ରାମ୍ ଥିରାମ ଏବଂ ୧ ଗ୍ରାମ କାର୍ବେଣ୍ଡାଜିମ୍ (ବାଭିଷ୍ଟିନ୍) ପ୍ରୟୋଗ କରି ବିଶୋଧନ କରାଯାଇଥାଏ। ବିହନକୁ ଲଗାଇବା ପୂର୍ବରୁ ୬ରୁ ୧୨ଘଣ୍ଟା ଯାଏଁ ପାଣିରେ ବତୁରାଇ ଲଗାଇଲେ ଗଜା ଶୀଘ୍ର ହୋଇଥାଏ। ୧-୧.୫ ମିଟର ବ୍ୟବଧାନରେ ମନ୍ଦା କରି ଲଗାଯାଏ। ଏଥିପାଇଁ ନାଳୀ ଗୁଡ଼ିକୁ ୧-୧.୫ ବ୍ୟବଧାନରେ ରଖି ଗଛକୁ ଗଛ ୫୦ରୁ ୭୫ ସେମି ବ୍ୟବଧାନରେ ରଖି ମାଟିରେ ମାଡ଼ିବାକୁ ଦିଆଯାଏ। ମନ୍ଦା ପ୍ରଣାଳୀରେ ଗଭୀର ଗାତ ଖୋଳି ଏକରପ୍ରତି ୬ରୁ ୮ ଟନ୍ କମ୍ପୋଷ୍ଟ ଓ ମୂଳସାର ପ୍ରୟୋଗ କରି ବିହନ ଲଗାଯାଏ। ବର୍ଷା ଋତୁ ପାଇଁ ମନ୍ଦାଗୁଡ଼ିକୁ ମାଟି ଉପରେ ଲଗାଯାଇଥାଏ ଏବଂ ଲତା ଭାଡ଼ିରେ ମାଡ଼େ। ବିହନ ଲଗାଇବା ସମୟରେ ଏକର ପ୍ରତି ୧୦ କି.ଗ୍ରା. ଯବକ୍ଷାରଜାନ, ୧୦ କି.ଗ୍ରା. ଫସ୍‌ଫରସ୍ ଏବଂ ୩୦ କି.ଗ୍ରା. ପୋଟାସିୟମ ସାର ପ୍ରୟୋଗ କରାଯାଇଥାଏ। ସେହିପରି କାକୁଡ଼ି ଗଛ ବୃଦ୍ଧି ପାଇଁ ମଞ୍ଚାର ବନ୍ଦୋବସ୍ତ କରି ପାଣିପାଗର ପୂର୍ବାନୁମାନ କରି ଜଳସେଚନ କରାଯାଏ। ତେବେ ବିହନ ଲଗାଇବାର ୪୫-୫୦ ଦିନରେ କାକୁଡ଼ି ଅମଳ ଆରମ୍ଭ ହୁଏ।






# ପାଞ୍ଚ ଥର ଚାମ୍ପିଅନ ବ୍ରାଜିଲ ଓ ମେକ୍ସିକୋ ବିଦା

ମେକ୍ସିକୋ ସିଟି/ନ୍ୟୁୟର୍କ,୬।୭ (ଏଜେନ୍ସି)

୫ଥରର ଚାମ୍ପିଅନ ବ୍ରାଜିଲ ଓ ଯୁଗ୍ମ ଆୟୋଜକ ମେକ୍ସିକୋ ଏଠାରେ ଚାଲିଥିବା ୨୦୨୬ ଫିଫା ବିଶ୍ୱକପ୍ ପ୍ରତିଯୋଗିତାର ପ୍ରି-କ୍ୱାର୍ଟର ଫାଇନାଲରୁ ବିଦା ହୋଇଛନ୍ତି । ସୋମବାର ସକାଳେ ଖେଳାଯାଇଥିବା ଚତୁର୍ଥ ପ୍ରି-କ୍ୱାର୍ଟର ଫାଇନାଲରେ ୧୯୬୬ର ଚାମ୍ପିଅନ ଇଂଲଣ୍ଡ ୩-୨ ଗୋଲରେ ଯୁଗ୍ମ ଆୟୋଜକ ମେକ୍ସିକୋକୁ ପରାସ୍ତ କରିଛି । ସେହିପରି ରବିବାର ରାତିରେ ଖେଳାଯାଇଥିବା ମୁକାବିଲାରେ ନରୱେ ୨-୧ ଗୋଲରେ କଳାତ୍ମକ ଫୁଟବଲ ଖେଳ ଲାଗି ଖ୍ୟାତି ଲାଭ କରିଥିବା ବ୍ରାଜିଲକୁ ହରାଇ କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛି । ଆସନ୍ତା ୧୧ ତାରିଖ ରାତି ୨ଟା ୩୦ ମିନିଟ୍‌ରେ ଖେଳାଯିବାକୁ ଥିବା ତୃତୀୟ କ୍ୱାର୍ଟର ଫାଇନାଲରେ ୟୁରୋପ ମହାଦେଶର ଦୁଇ ଦଳ ଇଂଲଣ୍ଡ ଏବଂ ନରୱେ ମଧ୍ୟରେ ମୁକାବିଲା ହେବ ।

| ଫିଫା ବିଶ୍ୱକପ୍ 26 |
|---|
| ରାଉଣ୍ଡ ୧୬ ବିଶ୍ୱକପ୍ ମୁକାବିଲା |
| ମଙ୍ଗଳବାର ରାତି |
| ଆର୍ଜେଣ୍ଟିନା- ଇଜିପ୍ଟ |
| ଆଟଲାଣ୍ଟା, ରାତି ୯ଟା ୩୦ |
| ମଙ୍ଗଳବାର ସକାଳ |
| ସ୍ୱିଜରଲାଣ୍ଡ-କଲମ୍ବିଆ |
| ଭାଙ୍କୋଭର, ରାତି ୧ଟା ୩୦ |
| ପ୍ରସାରଣ: ଜୀ ଟିଭି ନେଟ୍‌ୱର୍କ, ଜୀ-୫ |

## ଦ୍ୱିତୀୟ କ୍ୱାର୍ଟରରେ ଇଂଲଣ୍ଡ-ନରୱେ ମୁକାବିଲା



ମେକ୍ସିକୋ ସିଟିର ଆଜଟେକା ଷ୍ଟାଡିୟମ୍‌ରେ ସୋମବାର ମେକ୍ସିକୋ ଓ ଇଂଲଣ୍ଡ ମଧ୍ୟରେ ଖେଳାଯାଇଥିବା ଚତୁର୍ଥ ପ୍ରି-କ୍ୱାର୍ଟର ଫାଇନାଲକୁ ଏଯାଏ ଖେଳାଯାଇଥିବା ବିଶ୍ୱକପ୍‌ରେ ସର୍ବଶ୍ରେଷ୍ଠ ମୁକାବିଲା ଭାବେ ବିବେଚନା କରାଯାଉଛି । ସମୁଦ୍ର ପତ୍ତନଠାରୁ ୭,୦୦୦ ଫୁଟରୁ ଉଚ୍ଚରେ ଏବଂ ଆୟୋଜକ ମେକ୍ସିକୋର ଘରୋଇ ମାଟିରେ ଖେଳାଯାଉଥିବା ଏହି ମ୍ୟାଚ୍‌ରେ ପ୍ରତିଦ୍ୱନ୍ଦ୍ୱୀ ଇଂଲଣ୍ଡକୁ ଅସୁବିଧାର ସମ୍ମୁଖୀନ ହେବ ବୋଲି ଆଶଙ୍କା କରାଯାଉଥିଲା । କିନ୍ତୁ ଏହି ମୁକାବିଲାରେ ଉଭୟ ଦଳ ଏପରି ଖେଳିଥିଲେ ଯେ ସମର୍ଥକ ଓ ଦର୍ଶକ ଗୋଟିଏ ମୁହୂର୍ତ୍ତ ମ୍ୟାଚ୍ ଛାଡି ପାରି ନ ଥିଲେ । ଖେଳାଳିଙ୍କ ସମନ୍ୱୟ, ନିଖୁଣ ପାସ୍, ଯୋଜନାବଦ୍ଧ ଆକ୍ରମଣ, ଚତୁର ଡ୍ରିବଲିଂ ଏବଂ କାଉଣ୍ଟର ଆଟାକ୍ ଏହି ମ୍ୟାଚ୍‌ର ଗୁରୁତ୍ୱକୁ ବଢ଼ାଇଦେଇଥିଲା । ଖେଳର ପ୍ରଥମାର୍ଦ୍ଧର ୩୬ ଓ ୩୮ତମ ମିନିଟ୍‌ରେ ଜୁଡ୍ ବେଲିଂହାମ ମାତ୍ର ୯୬ ସେକେଣ୍ଡ ମଧ୍ୟରେ ୨ଟି ଗୋଲ ସ୍କୋର କରି ଇଂଲଣ୍ଡକୁ ୨-୦ ଗୋଲରେ ଅଗ୍ରଣୀ କରାଇଥିଲେ । ୨ଟି ଗୋଲ ପଛରେ ଥିଲେ ମଧ୍ୟ ମେକ୍ସିକୋ ଚାପରେ ପଡ଼ି ନ ଥିଲା ଓ କାଉଣ୍ଟର ଆଟାକ୍ କରି ୪୨ତମ ମିନିଟ୍‌ରେ ଜୁଲିଆନ୍ କ୍ୱିନୋନ୍ସଙ୍କ ମାଧ୍ୟମରେ ଗୋଟିଏ ଗୋଲ ଶୁଝାଇଦେଇଥିଲା । ଦ୍ୱିତୀୟାର୍ଦ୍ଧ ଖେଳ ଇଂଲଣ୍ଡ ଲାଗି ବିପଦକୁ ନିମନ୍ତ୍ରଣ କରିଥିଲା । ୫୪ତମ ମିନିଟ୍‌ରେ ବିପଜ୍ଜନକ ଫାଉଲ ମାରିଥିବାରୁ ଇଂଲଣ୍ଡର ଜାରେଲ କ୍ୱାନ୍‌ଶାଙ୍କୁ ରେଫରି ରେଡ୍‌କାର୍ଡ ଦେଖାଇଥିଲେ । ଫଳରେ ଅବଶିଷ୍ଟ ସମୟ ଇଂଲଣ୍ଡ ୧୦ଜଣ ଖେଳାଳିଙ୍କୁ ନେଇ ଖେଳିଥିଲା । ସେହିପରି ୬୦ତମ ମିନିଟ୍‌ରେ ସମ୍ଭାବ୍ୟ ଆକ୍ରମଣକୁ ପ୍ରତିହତ କରିବାକୁ ଯାଇ ମେକ୍ସିକୋର ଜଣେ ଖେଳାଳି ନିଜ ଗୋଲପୋଷ୍ଟ ଏରିଆରେ ଇଂଲଣ୍ଡ ଖେଳାଳିଙ୍କୁ ଫାଉଲ ମାରିଥିଲେ । ଏଥିଲାଗି ଇଂଲଣ୍ଡକୁ ପେନାଲ୍ଟି ମିଳିଥିଲା ଓ ଏହାକୁ ହ୍ୟାରୀ କେନ୍ ଗୋଲରେ ପରିଣତ କରି ଦଳକୁ ୩-୧ରେ ଅଗ୍ରଣୀ କରାଇବା ସହ ଖେଳାଳି ଓ ସମର୍ଥକଙ୍କୁ ଆଶ୍ୱସ୍ତ କରିଥିଲେ । ଖେଳର ୬୯ତମ ମିନିଟ୍‌ରେ ଆଉ ଏକ ପେନାଲ୍ଟିରୁ ମେକ୍ସିକୋର ରଲ ଜିମିନେଜ୍ ଗୋଲ ସ୍କୋର କରିବା ପରେ ଇଂଲଣ୍ଡର ଉତ୍ତେଜନା ବଢ଼ିଯାଇଥିଲା । କିନ୍ତୁ ଖେଳାଳିମାନେ ଧୈର୍ଯ୍ୟର ସହ ଅବଶିଷ୍ଟ ସମୟ ମେକ୍ସିକୋର ଆକ୍ରମଣକୁ ପ୍ରତିହତ କରିବା ସହ ଇଂଲଣ୍ଡ ଏହି ମ୍ୟାଚ୍‌କୁ ଜିତି କ୍ୱାର୍ଟର ଫାଇନାଲରେ ସ୍ଥାନ ସୁରକ୍ଷିତ କରିଥିଲେ ।

## ୩୬ ବର୍ଷ ପରେ ପ୍ରି-କ୍ୱାର୍ଟରରୁ ବିଦା



ନ୍ୟୁୟର୍କର ନ୍ୟୁ ଜର୍ସି ଷ୍ଟାଡିୟମ୍‌ରେ ରବିବାର ରାତିରେ ଖେଳାଯାଇଥିବା ପ୍ରି-କ୍ୱାର୍ଟର ଫାଇନାଲରେ ନରୱେ ନିକଟରୁ ବ୍ରାଜିଲ ୨-୧ ଗୋଲରେ ହାରିଯାଇଥିଲା । ଏହି ପରାଜୟ ଯୋଗୁଁ ୧୯୯୦ ପରେ ପ୍ରଥମଥର ବ୍ରାଜିଲ କ୍ୱାର୍ଟର ଫାଇନାଲରେ ପ୍ରବେଶ କରିବା ପୂର୍ବରୁ ବିଦା ହୋଇଥିଲା । ଏହି ମ୍ୟାଚ୍ ଜିତିବା ସହ ବ୍ରାଜିଲ ବିପକ୍ଷରେ ନରୱେର ଅପରାଜେୟ ରେକର୍ଡ ବଜାୟ ରହିଛି । ଅନ୍ତର୍ଜାତୀୟସ୍ତରରେ ଏହାକୁ ମିଶାଇ ଉଭୟଙ୍କ ମଧ୍ୟରେ ୫ଥର ମୁକାବିଲା ହୋଇଥିଲା । ଏହା ମଧ୍ୟରୁ ନରୱେ ୩ଟି ମ୍ୟାଚ୍ ଜିତିଥିଲାବେଳେ ୨ଟି ମ୍ୟାଚ୍ ଡ୍ର ରହିଥିଲା । ବିଜୟୀ ନରୱେ ପକ୍ଷରୁ ଏର୍ଲିଙ୍ଗ ହଲାଣ୍ଡ ୨ଟି ଯାକ ଗୋଲ ସ୍କୋର କରିଥିଲେ । ବ୍ରାଜିଲର ଷ୍ଟାର ଖେଳାଳି ନେମାର ପେନାଲ୍ଟିରୁ ଗୋଟିଏ ଗୋଲ ଶୁଝାଇଥିଲେ ।

ଏହି ମୁକାବିଲାରେ ଉଭୟ ଦଳ ଆରମ୍ଭରୁ ଆକ୍ରମଣାତ୍ମକ ଖେଳିଥିଲେ । ଏପରିକି ଖେଳ ପ୍ରଥମ ୧୫ ମିନିଟ୍‌ରେ ଉଭୟ ଦଳକୁ ମିଳିଥିବା ସୁଯୋଗ ହାତଛଡ଼ା ହୋଇଯାଇଥିଲା । ପ୍ରଥମେ ନରୱେ ବ୍ରାଜିଲ ପୋଷ୍ଟ ମଧ୍ୟରେ ଗୋଲ ସ୍କୋର କରିଥିଲା । ଏହା କିନ୍ତୁ ଅଫ୍‌ସାଇଡ ହୋଇଯାଇଥିଲା । ସେହିପରି ଏହା ପରେ ବ୍ରାଜିଲ ପାଇଥିବା ପେନାଲ୍ଟିକୁ ବ୍ରୁନୋ ଗୁଇମାରେସ ଗୋଲ ପୋଷ୍ଟକୁ ପଠାଇ ପାରି ନ ଥିଲେ । ସେ ମାରିଥିବା ସଟ୍‌କୁ ନରୱେ ଗୋଲରକ୍ଷକ ଅର୍ଜାନ ନାଇଲାଣ୍ଡ ଅଟକାଇ ଦେଇଥିଲେ । ପ୍ରଥମାର୍ଦ୍ଧ ଗୋଲଶୂନ୍ୟ ରହିବା ପରେ ଦ୍ୱିତୀୟାର୍ଦ୍ଧରେ ଉଭୟ ଦଳ ଯୋଜନାବଦ୍ଧ ଖେଳିଥିଲେ । ଯାହା ଫଳରେ ଖେଳ ଉପଭୋଗ୍ୟ ହୋଇଥିଲା । କିନ୍ତୁ ପ୍ରଥମ ଗୋଲ ସ୍କୋର ହେବାକୁ ୭୯ତମ ମିନିଟ୍ ଲାଗିଯାଇଥିଲା । ଏହି ସମୟରେ ପାଇଥିବା ସୁଯୋଗକୁ ଏର୍ଲିଙ୍ଗ ହଲାଣ୍ଡ ବ୍ରାଜିଲ ପୋଷ୍ଟକୁ ପଠାଇ ପ୍ରଥମ ଗୋଲ ସ୍କୋର କରିଥିଲେ । ଗୋଲ ଖାଇବା ପରେ ବ୍ରାଜିଲ ଗୋଲ ଶୁଝାଇବାକୁ ପ୍ରବଳ ଉଦ୍ୟମ କରି ୯୦ତମ ମିନିଟରେ ଦ୍ୱିତୀୟ ଗୋଲ ବରଣ କରିଥିଲା । ନରୱେର ହଲାଣ୍ଡ ମଧ୍ୟ ଏହି ଗୋଲ ସ୍କୋର କରିଥିଲେ । ବ୍ରାଜିଲ ଅନ୍ୟ ଉପାୟ ନ ପାଇ ତାହାର ଆହତ ତାରକା ଖେଳାଳି ନେମାରଙ୍କୁ ପଡ଼ିଆକୁ ଓହ୍ଲାଇଥିଲା । ଷ୍ଟପେଜ୍ ଟାଇମ୍‌ର ଶେଷ ମୁହୂର୍ତ୍ତରେ ପାଇଥିବା ପେନାଲ୍ଟିରୁ ଗୋଲ ଦେଇ ସେ ଗୋଟିଏ ଗୋଲ ଶୁଝାଇଥିଲେ । କିନ୍ତୁ ନେମାର ବ୍ରାଜିଲକୁ ପରାଜୟରୁ ରକ୍ଷା କରି ନ ପାରି ପଡ଼ିଆରେ କାନ୍ଦିଥିଲେ ।

## ଗୋଲ୍ଡେନ ବୁଟ୍ ରେସ୍‌ରେ ହଲାଣ୍ଡ

**ନ୍ୟୁୟର୍କ,୬।୭ (ଏଜେନ୍ସି):** ବ୍ରାଜିଲ ବିପକ୍ଷରେ ଡବଲ ଗୋଲ ସ୍କୋର କରି ନରୱେର ସୁପରଷ୍ଟାର ଫରୱାର୍ଡ ଖେଳାଳି ଏର୍ଲିଙ୍ଗ ହଲାଣ୍ଡ ଚଳିତ ବିଶ୍ୱକପ୍‌ରେ ଗୋଲ୍ଡେନ ବୁଟ୍ ରେସ୍‌ରେ ସାମିଲ ହୋଇଛନ୍ତି । ଫ୍ରାନ୍ସ ଓ ଆର୍ଜେଣ୍ଟିନାର ଅଧିନାୟକ କିଲିଆନ୍ ଏମ୍‌ବାପେ ଓ ଲିଓନେଲ ମେସି ମଧ୍ୟ ଏହି ବିଶ୍ୱକପ୍‌ରେ ୭ଟି ଲେଖାଏଁ ଗୋଲ ସ୍କୋର କରିଛନ୍ତି । ୩ଜଣ ଖେଳାଳି ୭ଟି ଲେଖାଏଁ ଗୋଲ କରିଥିଲାବେଳେ ଦୁଇଟି ଗୋଲ ଦେବାରେ ଆସିଷ୍ଟ କରିଥିବାରୁ ଏମ୍‌ବାପେ ଏହି ପୁରସ୍କାର ଦୌଡ଼ରେ ପ୍ରଥମ ସ୍ଥାନରେ ରହିଛି । ସେହିପରି ମେକ୍ସିକୋ ବିପକ୍ଷରେ ଗୋଲ ଦେଇଥିବା ଇଂଲଣ୍ଡ ଅଧିନାୟକ ହ୍ୟାରୀ କେନ୍‌ଙ୍କ ଏହି ବିଶ୍ୱକପ୍‌ରେ ଗୋଲ ସଂଖ୍ୟା ୬ରେ ପହଞ୍ଚାଇଛନ୍ତି । ଏମାନଙ୍କ ପଛକୁ ଫ୍ରାନ୍ସର ଓଉସମାନେ ଡେମ୍ବେଲେ, ଇଜିପ୍ଟର ମିକେଲ ଓୟାରଜାବଲ, ବ୍ରାଜିଲର ଭିନିସିଅସ ଜୁନିଅର, ସେନେଗାଲର ଇସ୍‌ମାଇଲା ସର ୪ଟି ଲେଖାଏଁ ଗୋଲ ସ୍କୋର କରିଛନ୍ତି ।

## ନେମାର, ଓଚୋଆଙ୍କ ଅବସର



ନ୍ୟୁୟର୍କ, ୬।୭ (ଏଜେନ୍ସି): ନରୱେଠାରୁ ପରାଜିତ ହୋଇ ବିଶ୍ୱକପ୍ ପ୍ରି-କ୍ୱାର୍ଟର ଫାଇନାଲରୁ ବିଦା ହେବା ପରେ ଏହାର ସୁପରଷ୍ଟାର ନେମାର ଅନ୍ତର୍ଜାତୀୟ ଫୁଟବଲ ଖେଳରୁ ଅବସର ଘୋଷଣା କରିଛନ୍ତି । ଜଣେ ଦକ୍ଷ ଫରୱାର୍ଡ ଖେଳାଳି ଭାବେ ଖ୍ୟାତି ଅର୍ଜନ କରିଥିଲେ ମଧ୍ୟ ସେ ବିଶ୍ୱକପ୍‌ରେ ବ୍ରାଜିଲର ଆବଶ୍ୟକ ବେଳେ କାମରେ ଆସି ନ ଥିଲେ । ସେ ନିଜ ଦେଶ ଲାଗି ୧୩୦ଟି ମ୍ୟାଚ୍ ଖେଳି ରେକର୍ଡ ୮୦ଟି ଗୋଲ ସ୍କୋର କରିଛନ୍ତି । ସେ ଥରେ ହେଲେ ସବୁଠାରୁ ବଡ଼ ଟୁର୍ଣ୍ଣାମେଣ୍ଟ ଫିଫା ବିଶ୍ୱକପ୍ ଟାଇଟଲ ଜିତିବାରେ ସଫଳ ହୋଇ ନ ଥିଲେ । କନ୍‌ଫେଡେରେସନ କପ୍ ଓ ଅଲିମ୍ପିକ୍ସରେ ସ୍ୱର୍ଣ୍ଣ ପଦକ ଜିତିଥିଲେ ମଧ୍ୟ ଏହା ତାଙ୍କୁ ଖୁସି କରି ପାରି ନ ଥିଲା । ଅନ୍ୟ ପକ୍ଷରେ ଇଂଲଣ୍ଡ ନିକଟରୁ ହାରିଯିବା ପରେ ମେକ୍ସିକୋର ଦୀର୍ଘ ଦିନ ଧରି ଶ୍ରେଷ୍ଠ ଖେଳ ପ୍ରଦର୍ଶନ କରିଆସିଥିବା ଗୋଲରକ୍ଷକ ଗୁଇଲେରମୋ ଓଚୋଆ ମଧ୍ୟ ଅନ୍ତର୍ଜାତୀୟ ଫୁଟବଲରୁ ଅବସର ଘୋଷଣା କରିଛନ୍ତି । ସେ ୨୩ ବର୍ଷ ଧରି ଜାତୀୟ ଦଳ ଓ କ୍ଲବ୍ ଫୁଟବଲ ଖେଳିଥିଲେ । ମେକ୍ସିକୋ ଗୋଲ ପୋଷ୍ଟରେ ସେ ପାହାଡ ପରି ଛିଡ଼ା ହୋଇଥିଲେ । ୪୦ ବର୍ଷୀୟ ଏହି କିଂବଦନ୍ତୀ ଫୁଟବଲ ତାରକା କ୍ରିଷ୍ଟିଆନୋ ରୋନାଲ୍ଡୋ ଓ ଲିଓନେଲ ମେସିଙ୍କ ପରେ ବିଶ୍ୱର ମାତ୍ର ତୃତୀୟ ଖେଳାଳି ଭାବେ ୬ଟି ବିଶ୍ୱକପ୍‌ରେ ଭାଗନେବାର ରେକର୍ଡ କରିଛନ୍ତି ।

ୱିମ୍ବଲଡନରୁ ସାବାଲେଙ୍କା ବିଦା

## କ୍ୱାର୍ଟରରେ ପାଓଲିନ୍, ଗଫ୍



ଲଣ୍ଡନ, ୬।୭ (ଏଜେନ୍ସି): ବିଶ୍ୱର ଏକ ନମ୍ବର ଖେଳାଳି ଆରିନା ସାବାଲେଙ୍କାଙ୍କୁ ହରାଇ ନାଓମି ଓସାକା ଏଠାରେ ଚାଲିଥିବା ୱିମ୍ବଲଡନ ଗ୍ରାଣ୍ଡସ୍ଲାମ ଟେନିସ ଟୁର୍ଣ୍ଣାମେଣ୍ଟର କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛନ୍ତି । ମହିଳା ସିଙ୍ଗଲ୍ସ ରାଉଣ୍ଡ-୧୬ର ଏକ ମ୍ୟାଚରେ ୭ମ ସିଡ୍ ଜାପାନ ତାରକା ଓସାକା ୬-୨, ୭-୬ (୭/୨) ସେଟରେ ଚାରିଥରର ଗ୍ରାଣ୍ଡସ୍ଲାମ ବିଜୟିନୀ ସାବାଲେଙ୍କାଙ୍କୁ ହରାଇଥିଲେ । ବିଜୟ ସହ ଓସାକା ତାଙ୍କ କ୍ୟାରିୟରରେ ପ୍ରଥମଥର ୱିମ୍ବଲଡନ କ୍ୱାର୍ଟର ଫାଇନାଲରେ ପହଞ୍ଚିଛନ୍ତି । ସେହିଭଳି ମହିଳା ବିଭାଗର ଅନ୍ୟ ମ୍ୟାଚରେ କୋକୋ ଗଫ୍ ଓ ଯସ୍ମିନ ପାଓଲିନ ବିଜୟୀ ହୋଇ ଅନ୍ତିମ-୮ରେ ସ୍ଥାନ ପକ୍କା କରିଛନ୍ତି । ଗଫ୍ ୪-୬, ୬-୩, ୬-୪ ସେଟରେ ବେଲିଣ୍ଡା ବେନସିକଙ୍କୁ ଏବଂ ୧୩ତମ ସିଡ୍ ପାଓଲିନ ୬-୪, ୪-୬ ଓ ୬-୩ ସେଟରେ ଫିଲିପାଇନ୍ସର ଆଲେକ୍ସଜାଣ୍ଡ୍ରା ଇଲାଙ୍କୁ ହରାଇଥିଲେ । ଅପରପକ୍ଷରେ ପୁରୁଷ ବିଭାଗରେ ଡିଫେଣ୍ଡିଂ ଚାମ୍ପିଅନ ଜାନିକ ସିନ୍ନର,ନୋଭାକ ଜୋକୋଭିଚ୍ ଓ ଇଟାଲୀର ଫ୍ଲାବିଓ କୋବୋଲି ମଧ୍ୟ କ୍ୱାର୍ଟର ଫାଇନାଲକୁ ଯୋଗ୍ୟତା ଅର୍ଜନ କରିଛନ୍ତି । ଟପ୍ ସିଡ୍ ସିନ୍ନର ୬-୩, ୭-୬ (୭/୦), ୬-୩ ସେଟରେ ଜାପାନର ସିନ୍ତାରୋ ମୋଚିଜୁକିଙ୍କୁ ହରାଇଥିଲେ ।

## ଅଷ୍ଟ୍ରେଲିଆକୁ ୨୪ତମ ଆଇସିସି ଟ୍ରଫି

**ଲଣ୍ଡନ, ୬।୭ (ଏଜେନ୍ସି):** ଘରୋଇ ଇଂଲଣ୍ଡକୁ ୭ ୱିକେଟରେ ହରାଇ ଆଇସିସି ମହିଳା ଟି-୨୦ ବିଶ୍ୱକପ୍‌ର ୧୦ମ ସଂସ୍କରଣରେ ଅଷ୍ଟ୍ରେଲିଆ ଚାମ୍ପିଅନ ହୋଇଛି । ଏଥିସହ ଅଷ୍ଟ୍ରେଲିଆ ମହିଳା ଦଳ ରେକର୍ଡ ୭ମଥର ଲାଗି ଟି-୨୦ ବିଶ୍ୱକପ ଟାଇଟଲ୍ ଜିତିଛି । ଅଷ୍ଟ୍ରେଲିଆ ପୁରୁଷ ଓ ମହିଳା ଦଳର ଏହା ଓଭରଅଲ୍ ୨୪ତମ ଆଇସିସି ଟ୍ରଫି ରହିଛି । ଯେଉଁଥିରେ ମହିଳା ଦଳ ୭ଥର ଲେଖାଏ ଟି-୨୦ ଓ ଦିନିକିଆ ବିଶ୍ୱକପ ଜିତିଛି । ସେହିଭଳି ପୁରୁଷ ଦଳ ୬ଥର ଦିନିକିଆ ବିଶ୍ୱକପ୍ ଓ ଥରେ ଟି-୨୦ ବିଶ୍ୱକପରେ ଚାମ୍ପିଅନ ହୋଇଛି । ଏହାବାଦ୍ ଅଷ୍ଟ୍ରେଲିଆ ପୁରୁଷ ଦଳ ଦୁଇଥର ଚାମ୍ପିଅନ୍ସ ଟ୍ରଫି ଓ ଥରେ ଆଇସିସି ବିଶ୍ୱ ଟେଷ୍ଟ ଚାମ୍ପିଅନସିପ୍ ଟ୍ରଫି ବିଜୟୀ ହୋଇଛି ।

ଆଜି ୩ୟ ଟି-୨୦

## ବିଜୟ ଲକ୍ଷ୍ୟରେ ଭାରତ

**ନଟିଂହାମ, ୬।୭ (ଏଜେନ୍ସି):** ଭ୍ରମଣକାରୀ ଭାରତ ଓ ଇଂଲଣ୍ଡ ମଧ୍ୟରେ ଚାଲିଥିବା ଟି-୨୦ ସିରିଜର ୩ୟ ମ୍ୟାଚ୍ ମଙ୍ଗଳବାର ଖେଳାଯିବ । ସ୍ଥାନୀୟ ଟ୍ରେଣ୍ଟବ୍ରିଜ ଗ୍ରାଉଣ୍ଡରେ ରାତି ୧୦ଟାରେ ଏହି ମୁକାବିଲା ଆରମ୍ଭ ହେବ । ପୂର୍ବରୁ ସିରିଜର ପ୍ରଥମ ମ୍ୟାଚ୍ ବର୍ଷା ଲାଗି ବାତିଲ ହୋଇଥିଲା । ସେହିଭଳି ଶନିବାର ମାଞ୍ଚେଷ୍ଟରରେ ଖେଳାଯାଇଥିବା ଦ୍ୱିତୀୟ ଟି-୨୦କୁ ଘରୋଇ ଇଂଲଣ୍ଡ ୪ ୱିକେଟରେ ଜିତିଥିଲା । ଫଳରେ ପାଞ୍ଚ ମ୍ୟାଚ୍‌ବିଶିଷ୍ଟ ସିରିଜରେ ଇଂଲଣ୍ଡ ଏବେ ୧-୦ରେ ଅଗ୍ରଣୀ ରହିଛି । ମଙ୍ଗଳବାର ମ୍ୟାଚକୁ ଜିତି ହ୍ୟାରୀ ବ୍ରୁକ୍‌ଙ୍କ ଦଳ ସିରିଜ ଜିତିବା ଦିଗରେ ଆଉ ପାଦେ ଅଗ୍ରସର ହେବାକୁ ଲକ୍ଷ୍ୟ ରଖିଛି । ତୃତୀୟ ଟି-୨୦ ଲାଗି ଇଂଲଣ୍ଡ ଦଳ କୌଣସି ପରିବର୍ତ୍ତନ କରିନାହିଁ । ଅପରପକ୍ଷରେ ନୂଆ ଅଧିନାୟକ ଶ୍ରେୟାସ ଆୟରଙ୍କ ନେତୃତ୍ୱାଧୀନ ଟିମ୍ ଇଣ୍ଡିଆ ପାଇଁ ଚଳିତ ୟୁକେ ଗସ୍ତ ନୈରାଶ୍ୟଜନକ ରହିଛି । ଏହି ୟୁକେ ଗସ୍ତରେ ଭାରତ ପ୍ରଥମେ ୨-୦ରେ ଆୟର୍ଲାଣ୍ଡ ନିକଟରୁ ଲଜ୍ଜାଜନକ ଭାବେ ଟି-୨୦ ସିରିଜ ହାରିଥିଲା । ଏହାପରେ ଇଂଲଣ୍ଡରେ ମଧ୍ୟ ଦଳ ଏହି ପରାଜୟଧାରାକୁ ବଜାୟ ରଖିଛି । ଫଳରେ ଏହି ଗସ୍ତରେ ଭାରତୀୟ ଦଳ ୪ଟି ମ୍ୟାଚ ଖେଳିସାରିଥିଲେ ମଧ୍ୟ ବିଜୟ ସ୍ୱାଦ ଚାଖିପାରିନାହିଁ । ଯାହା ଅଧିନାୟକ ଆୟରଙ୍କ ନେତୃତ୍ୱ ଉପରେ ବଡ଼ ପ୍ରଶ୍ନବାଚୀ ଛିଡ଼ା କରାଇଛି । ସିରିଜ ଉଜ୍ଜୀବିତ ରଖିବାକୁ ହେଲେ ତୃତୀୟ ଟି-୨୦ ମ୍ୟାଚରେ ଭାରତ ନିଶ୍ଚିତ ବିଜୟ ଆବଶ୍ୟକ କରୁଛି । ପ୍ରତୀକ୍ଷିତ ଅନ୍ତର୍ଜାତୀୟ ପଦାର୍ପଣ କରିଥିବା ବୈଭବ ସୂର୍ଯ୍ୟବଂଶୀ ମାଞ୍ଚେଷ୍ଟରରେ ଅନୁଷ୍ଠିତ ଦ୍ୱିତୀୟ ଟି-୨୦ରେ ବିଫଳ ହୋଇଥିଲେ ।

ମ୍ୟାଚ୍ ଆରମ୍ଭ: ରାତି ୧୦ଟା
ପ୍ରସାରଣ: ଷ୍ଟାର ସ୍ପୋର୍ଟ୍ସ ନେଟୱର୍କ/ହଟଷ୍ଟାର

## ଓଡ଼ିଶା ମହିଳା କାୟାକିଂ ଓ କାନୋଇଂ ଦଳ ରନର୍ସଅପ୍

**ଭୁବନେଶ୍ୱର, ୬।୭ (ସମିସ):** ବିଶାଖାପାଟନମରେ ଶେଷ ହୋଇଥିବା ଅସ୍ମିତା ଖେଲୋ ଇଣ୍ଡିଆ ଜୋନାଲ କାୟାକିଂ ଓ କାନୋଇଂ ଚାମ୍ପିଅନସିପ୍‌ରେ ଓଡ଼ିଶା ମହିଳା ଦଳ ଦମ୍‌ଦାର ପ୍ରଦର୍ଶନ କରି ୩୩ଟି ପଦକ ବିଜୟୀ ହୋଇଛି । ଯେଉଁଥିରେ ୧୫ଟି ସ୍ୱର୍ଣ୍ଣ, ୧୧ ରୌପ୍ୟ ଓ ୭ଟି କାଂସ୍ୟ ପଦକ ସାମିଲ ରହିଛି । ଏଥିସହ ଓଡ଼ିଶା ମହିଳା ଦଳ ରନର୍ସଅପ୍ ହୋଇଛି । ସେହିଭଳି ଏହି ଦୁଇଦିବସୀୟ ପ୍ରତିଯୋଗିତାରେ ମଧ୍ୟପ୍ରଦେଶ ଦଳ ଚାମ୍ପିଅନ ଓ କେରଳ ତୃତୀୟ ସ୍ଥାନ ହାସଲ କରିଛି ।




## ଜିମ୍ବାୱେ ସିରିଜ୍‌ରୁ ସାମସନ ବାଦ୍



**ନୂଆଦିଲ୍ଲୀ, ୬।୭ (ଏଜେନ୍ସି):** ଜିମ୍ବାୱେ ବିପକ୍ଷ ଆଗାମୀ ଟି-୨୦ ସିରିଜ ଲାଗି ସୋମବାର ଭ୍ରମଣକାରୀ ଭାରତୀୟ ଦଳ ଘୋଷଣା କରାଯାଇଛି । ଚଳିତ ଇଂଲଣ୍ଡ ଗସ୍ତରେ ଯାଇଥିବା ଭାରତୀୟ ଦଳରେ ସାମାନ୍ୟ ପରିବର୍ତ୍ତନ କରାଯାଇଛି । ବିଶେଷ କରି ବରିଷ୍ଠ ବ୍ୟାଟର୍ ସଞ୍ଜୁ ସାମସନଙ୍କୁ ଜିମ୍ବାୱେ ଗସ୍ତରୁ ବାଦ୍ ଦିଆଯାଇଛି । ଟି-୨୦ ବିଶ୍ୱକପରେ 'ପ୍ଲେୟର ଅଫ୍ ଦି ଟୁର୍ଣ୍ଣାମେଣ୍ଟ' ହୋଇଥିବା ସାମସନ ଚଳିତ ୟୁକେ ଗସ୍ତରେ ବେଶ୍ ନୈରାଶ୍ୟଜନକ ପ୍ରଦର୍ଶନ କରିଛନ୍ତି । ତିନୋଟି ଟି-୨୦ ମ୍ୟାଚରୁ ସେ ମୋଟ୍ ୬ ରନ କରିଛନ୍ତି । ଯେଉଁଥି ପାଇଁ ତାଙ୍କୁ ଜିମ୍ବାୱେ ସିରିଜରୁ ବାଦ୍ ଦିଆଯାଇଛି । ସେହିଭଳି ଇଂଲଣ୍ଡ ଗସ୍ତରେ ସାମିଲ ଥିବା ଅକ୍ଷର ପଟେଲ, ୱାଶିଂଟନ ସୁନ୍ଦର, ରବି ବିଷ୍ଣୋଇ, ହର୍ଷିତ ରାଣା, ଅର୍ଶଦୀପ୍ ସିଂହ ଓ ପ୍ରସିଦ୍ଧ କ୍ରିଷ୍ଣାଙ୍କୁ ମଧ୍ୟ ଜିମ୍ବାୱେ ସିରିଜରେ ସ୍ଥାନ ମିଳିନି । ଅପରପକ୍ଷରେ ଯଶ ଠାକୁର ଓ ଅଶୋକ ଶର୍ମାଙ୍କୁ ପ୍ରଥମଥର ଲାଗି ଜାତୀୟ ଦଳରେ ସୁଯୋଗ ମିଳିଛି । ସେହିଭଳି ଅଭିଜ୍ଞ ରିଙ୍କୁ ସିଂ ମଧ୍ୟ ଦଳକୁ ଫେରିଛନ୍ତି । ପ୍ରଭସିମରନ ସିଂହ, ମୟଙ୍କ ଯାଦବ ଦୀର୍ଘ ବର୍ଷ ପରେ ଦଳକୁ ଫେରିଛନ୍ତି । ଜୁଲାଇ ୨୩, ୨୫ ଓ ୨୬ ତାରିଖରେ ଘରୋଇ ଜିମ୍ବାୱେ ବିପକ୍ଷରେ ଭାରତ ୩ଟି ଯାକ ଟି-୨୦ ମ୍ୟାଚ୍ ଖେଳିବ ।

**ଘୋଷିତ ଭାରତୀୟ ଦଳ:** ଶ୍ରେୟସ ଆୟର (ଅଧିନାୟକ), ବୈଭବ ସୂର୍ଯ୍ୟବଂଶୀ, ଅଭିଷେକ ଶର୍ମା, ତିଲକ ବର୍ମା (ଉପ-ଅଧିନାୟକ), ଇଶାନ କିଶାନ ଓ ପ୍ରଭସିମରନ ସିଂହ (ଉଭୟ ୱିକେଟକିପର), ଶିଭମ ଦୁବେ, ସୂର୍ଯ୍ୟାଂଶ ହେଡଗେ, ରିଙ୍କୁ ସିଂ, ହର୍ଷ ଦୁବେ, ବରୁଣ ଚକ୍ରବର୍ତ୍ତୀ, ପ୍ରିନ୍ସ ଯାଦବ, ଯଶ ଠାକୁର, ଅଶୋକ ଶର୍ମା ଓ ମୟଙ୍କ ଯାଦବ ।

ଫିଫାକୁ ତୀବ୍ର ସମାଲୋଚନା

## ଟ୍ରମ୍ପଙ୍କ ଫୋନ୍ ପରେ ବାସନ୍ଦ ପ୍ରତ୍ୟାହାର

ନ୍ୟୁୟର୍କ,୬।୭ (ଏଜେନ୍ସି)

ଆମେରିକାର ଫରୱାର୍ଡ ଖେଳାଳି ଫୋଲାରିନ୍ ବାଲୋଗୁନ୍‌ଙ୍କ ଉପରୁ ଫିଫା ରେଡ୍‌କାର୍ଡ ବାସନ୍ଦ ପ୍ରତ୍ୟାହାର କରିନେଇଛି । ଏହା ଫଳରେ ସେ ବେଲଜିୟମ ସହ ସିଆଟଲରେ ହେବାକୁ ଥିବା ପ୍ରି-କ୍ୱାର୍ଟରଫାଇନାଲ ମୁକାବିଲାରେ ଭାଗ ନେଇପାରିବେ । କିନ୍ତୁ ରେଡ୍‌କାର୍ଡ ପାଇଥିବାରୁ ବର୍ଷକ ମଧ୍ୟରେ ଗୋଟିଏ ମ୍ୟାଚ୍‌ରୁ ବାସନ୍ଦ ହେବେ । ବୋସନିଆ ବିପକ୍ଷରେ ତାରିକ୍‌ଙ୍କୁ ଫାଉଲ ମାରିଥିବାରୁ ତାଙ୍କୁ ରେଫରି ରେଡକାର୍ଡ ଦେଖାଇଥିଲେ । କିନ୍ତୁ ଟିଭି ରିପ୍ଲେରେ ତାଙ୍କ ଫାଉଲ ମାରିବା ସ୍ପଷ୍ଟ ହୋଇ ନ ଥିବାରୁ ଏହାକୁ ନେଇ ବିବାଦ ସୃଷ୍ଟି ହୋଇଥିଲା । ଫିଫା ସଭାପତି ଜିଆନି ଇନ୍‌ଫାଣ୍ଟିନୋଙ୍କୁ ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଫୋନ୍ କରିବା ପରେ ଫୋଲାରିନ୍‌ଙ୍କ ଉପରୁ ଏହି ବାସନ୍ଦ ପ୍ରତ୍ୟାହାର କରିନିଆଯାଇଛି ବୋଲି ସମାଲୋଚକମାନେ ଅଭିଯୋଗ କରିଛନ୍ତି । ଫୋଲାରିନ୍‌ଙ୍କ ପ୍ରତି ଯେଉଁ ଅନ୍ୟାୟ ହୋଇଥିଲା ତାହା ଫିଫା ପ୍ରତ୍ୟାହାର କରିନେଇଥିବାରୁ ରାଷ୍ଟ୍ରପତି ଟ୍ରମ୍ପ ଧନ୍ୟବାଦ ଦେବା ପରେ ଏହି ସମାଲୋଚନା ହୋଇଛି ।

### କ'ଣ ଏହି ବିବାଦ

ଏହି ଘଟଣାର ପ୍ରଥମ ବିବାଦଟି ହେଲା, ରେଡ୍‌କାର୍ଡକୁ ନେଇ । ବୋସନିଆର ତାରିକ୍‌ଙ୍କ ଡ୍ରିବଲ କରିବାବେଳେ ଆମେରିକାର ତାରକା ଖେଳାଳି ଫୋଲାରିନ୍‌ଙ୍କ ଗୋଡ ତାଙ୍କ ପାଦ ଉପରେ ରହିଥିଲା । ଫଳରେ ରେଫରି ତାଙ୍କୁ ରେଡ୍‌କାର୍ଡ ଦେଇଥିଲେ । ଦ୍ୱିତୀୟ ବିବାଦଟି ହେଲା, ଫିଫା ଖେଳ ନିୟମର ଧାରା ୨୭ ଅନୁଯାୟୀ ଫୋଲାରିନ୍‌ଙ୍କ ଉପରୁ ଏହି ବାସନ୍ଦ ପ୍ରତ୍ୟାହାର କରିବା । ଏହାକୁ ତୀବ୍ର ବିରୋଧ କରିଛି ରୟାଲ ବେଲଜିୟମ ଫୁଟବଲ ଆସୋସିଏସନ ଓ ୟୁଏଫା । ଏମାନଙ୍କ ମତରେ ଫିଫାର ଧାରା ୬୬.୪ରେ ଜଣେ ଖେଳାଳିଙ୍କୁ ରେଡ୍‌କାର୍ଡ ମିଳିଲେ ସେ ପରବର୍ତ୍ତୀ ମ୍ୟାଚ୍‌ରେ ଖେଳିପାରିବେ ନାହିଁ ବୋଲି ସ୍ପଷ୍ଟ ଉଲ୍ଲେଖ ରହିଛି । ଚଳିତବର୍ଷର ଫିଫା ୱାର୍ଲ୍ଡକପ୍ କମ୍ପିଟିସନ ରେଗୁଲେସନରେ ମଧ୍ୟ ସମାନ କଥା ରହିଛି ।

ଫିଫା ଖେଳ ନିୟମର ଧାରା ୨୭ରେ ମଧ୍ୟ ଫିଫାର ନିୟମ ରହିଛି । କିନ୍ତୁ ଟ୍ରମ୍ପ ଫୋନ୍ କରିଥିବାରୁ ଏଭଳି ବିବାଦ ଅଧିକ ହୋଇଛି । ଅନ୍ତର୍ଜାତୀୟ ମ୍ୟାଚ୍‌ରେ ରେଡ୍‌କାର୍ଡ ପରେ ପରବର୍ତ୍ତୀ ମ୍ୟାଚ୍ ଖେଳିବାକୁ ଫିଫା ଅନୁମତି ଦେବା ଏହା ପ୍ରଥମ ଘଟଣା ନୁହେଁ । ୧୯୬୨ ଫିଫା ବିଶ୍ୱକପ୍‌ରେ ବ୍ରାଜିଲର ସେମିଫାଇନାଲ ବିଜୟରେ ଷ୍ଟାର ଖେଳାଳି ଗାରିଞ୍ଚାଙ୍କୁ ରେଡ୍‌କାର୍ଡ ମିଳିଥିଲା । କିନ୍ତୁ ଟୁର୍ଣ୍ଣାମେଣ୍ଟ ଶୃଙ୍ଖଳାଗତ କମିଟି ଏହାକୁ ବିଚାର କରି ବାସନ୍ଦ ପ୍ରତ୍ୟାହାର କରିଥିଲେ । ଗାରିଞ୍ଚା ଫାଇନାଲ ମ୍ୟାଚ୍ ଖେଳିଥିଲେ ଓ ବ୍ରାଜିଲ ଚାମ୍ପିଅନ ହୋଇଥିଲା ।

ସକାଳ THE SAKALA
www.thesakala.in
The Sakala require the following post for Head Office urgently.
ADVERTISEMENT EXECUTIVE
Qualification: MBA with 5 yrs. experience.
Send your CV by 10.07.2026 to
Asst. Manager HR
Email: hr@thesakala.com
Mob.: 8249526803
THE SAKALA
(A unit of Nandighosha Network Pvt. Ltd.)
Plot No.: 90 & 91, Bhagabanpur I/E, Bhubaneswar

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS